# ଧରିତ୍ରୀ
DHARITRI

ଧରିତ୍ରୀ 51 Years

ଭୁବନେଶ୍ୱର, ରବିବାର, ସେପ୍ଟେମ୍ବର ୧୪/୨୦୨୫ (୧୬ ପୃଷ୍ଠା+ଛୁଟିଦିନ) | Bhubaneswar, Sunday, September 14/2025 | Page 16 | ₹ 7.00 | BERHAMPUR

୫୧ଶ ଭାଗ ୨୯୦ ସଂଖ୍ୟା | www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul | VOLUME 51 ISSUE 290 | ମୂଲ୍ୟ ₹୭/-






Celebrating
60
Years of
Anokha Swad
DIAMOND JUBILEE
KP GROUP
KAMLA PASAND
Celebrating
60
YEARS
अनोखा स्वाद
No Tobacco, No Nicotine
• Not recommended for minors
• Chewing of pan masala is injurious to health

ଧରିତ୍ରୀ 51 Years
DHARITRI
ଭୁବନେଶ୍ୱର, ରବିବାର, ସେପ୍ଟେମ୍ବର ୧୪/୨୦୨୫ | Bhubaneswar, Sunday, September 14/2025 | ପୃଷ୍ଠା-୧







**ସୁରକ୍ଷିତ ଘରକୁ ଫେରନ୍ତୁ:** କେନ୍ଦୁଝରରେ ଶନିବାର 'ଶୂନ ଦୁର୍ଘଟଣା ଦିବସ' କାର୍ଯ୍ୟକ୍ରମ ପାଳନ ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ 'ସୁରକ୍ଷିତ ଗାଡ଼ି ଚଳାଇବା, ସୁରକ୍ଷିତ ଘରକୁ ଫେରିବା' ବାର୍ତ୍ତା ନେଇ ଆୟୋଜିତ ସଚେତନତା ଅଭିଯାନକୁ ଶୁଭାରମ୍ଭ କରିଛନ୍ତି।

# ଏସିଆ କପ୍: ଆଜି ଭାରତ-ପାକିସ୍ତାନ ମ୍ୟାଚ

ଦୁବାଇ,୧୩।୯

ଏସିଆ କପ୍ ଟି୨୦ କ୍ରିକେଟ୍ ଟୁର୍ନାମେଣ୍ଟର ଗ୍ରୁପ୍-ଏ'ରେ ରବିବାର ଦୁବାଇ ଅନ୍ତର୍ଜାତୀୟ କ୍ରିକେଟ୍ ଷ୍ଟାଡିୟମରେ ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ଏହି ହାଇ ଭୋଲ୍‌ଟେଜ୍ ମ୍ୟାଚ୍‌କୁ ନେଇ ଦୁଇ ଦେଶ ମଧ୍ୟରେ ରାଜନୈତିକ ଉଷ୍ମତା ବୃଦ୍ଧି ପାଇଛି। ଗତ ଏପ୍ରିଲ ୨୨ ତାରିଖରେ ଜମ୍ମୁ-କଶ୍ମୀରର ☞ପୃଷ୍ଠା-୨

**ଆଜିର ସମ୍ପାଦକୀୟ**
ଦୋଷ ଦେବା କାହାକୁ

## ୨୭ରେ ଓଡ଼ିଶା ଆସିବେ ପ୍ରଧାନମନ୍ତ୍ରୀ

ଭୁବନେଶ୍ୱର, ୧୩।୯(ସୁନିତ୍ ମିଶ୍ର)

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆସନ୍ତା ୨୭ ତାରିଖରେ ଓଡ଼ିଶା ଗସ୍ତରେ ଆସିବେ। ବ୍ରହ୍ମପୁର ଲୋକ ସଭା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଗୋପାଳପୁର ବିଧାନସଭା କ୍ଷେତ୍ରକୁ ଏହି ଅବସରରେ ପ୍ରଧାନମନ୍ତ୍ରୀ ଗସ୍ତ କରିବା କାର୍ଯ୍ୟକ୍ରମ ରହିଥିବା ଜଣାପଡ଼ିଛି। ମୋଦି ସେଠାରେ ଆୟୋଜିତ ଏକ ଜନସଭାକୁ ସମ୍ବୋଧନ କରିବେ। ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟକ୍ରମ ଗୋପାଳପୁରସ୍ଥିତ ହଳଦିଆପଦର ନିକଟରେ ଥିବା ପଡ଼ିଆରେ ହୋଇପାରେ। ସେହି ସ୍ଥାନକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ଅନ୍ୟ ମନ୍ତ୍ରୀମାନେ ମଧ୍ୟ ପରିଦର୍ଶନ କରିସାରିଲେଣି। ହେଲେ ଚୂଡ଼ାନ୍ତ ନିଷ୍ପତ୍ତି ୨ ଦିନ ଭିତରେ ହେବ ବୋଲି ଜଣାପଡ଼ିଛି। ଆସନ୍ତା ୧୭ରେ ପ୍ରଧାନମନ୍ତ୍ରୀଙ୍କ ୭୫ତମ ଜନ୍ମଦିବସ ପାଳନ ହେବ। ସେହିଦିନଠାରୁ ଭାଜପା ରାଜ୍ୟରେ ସେବା ପକ୍ଷ ପାଳନ କରିବ। ତେଣୁ ଏହାରି ଭିତରେ ☞ପୃଷ୍ଠା-୨




**ଓଡ଼ିଶା ସରକାର**
**ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ**
**ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ**
**ଜନସାଧାରଣଙ୍କ ନିମନ୍ତେ ବିଶେଷ ସୂଚନା**

No. T:- ଏତଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ସୋମବାର, ଇଂରାଜୀ ତା15/09/2025ରିଖ ଦିନ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଅନ୍ୟାନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ଥିବାରୁ ଅଭିଯୋଗ ଶୁଣାଣି ବନ୍ଦ ରହିବ । ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଜନସାଧାରଣଙ୍କୁ ସମ୍ବାଦପତ୍ର ମାଧ୍ୟମରେ ଜଣାଇ ଦିଆଯିବ ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ
ସାଧାରଣ ପ୍ରଶାସନ ଓ
ସାଧାରଣ ଅଭିଯୋଗ ବିଭାଗ

OIPR-09014/11/0192/2526

# ନୂଆପଡ଼ା ଉପନିର୍ବାଚନ ପୂର୍ବରୁ ଏସ୍ଏସ୍ଆର୍

ବିହାର ବିଧାନସଭା ଭୋଟ ପୂର୍ବରୁ ଭୋଟର ତାଲିକାର ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍ଆଇଆର୍)କୁ ନେଇ ବିବାଦ ଲାଗିରହିଥିବାବେଳେ ଭାରତର ନିର୍ବାଚନ କମିଶନ (ଇସିଆଇ) ଓଡ଼ିଶାର ନୂଆପଡ଼ା ବିଧାନସଭା ନିର୍ବାଚନମଣ୍ଡଳୀରେ ହେବାକୁ ଥିବା ଉପନିର୍ବାଚନ ପାଇଁ ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ (ଏସ୍ଏସ୍ଆର୍) ପ୍ରକ୍ରିୟା ଆରମ୍ଭ କରିବାକୁ ଯାଉଛନ୍ତି। ସେପ୍ଟେମ୍ବର ୮ରେ ନୂଆପଡ଼ା ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ପରଲୋକ ପରେ ଏହି ଆସନ ଖାଲିପଡ଼ିଛି। ଉପନିର୍ବାଚନ ତାରିଖ ଘୋଷଣା ହୋଇ ନ ଥିବାବେଳେ ଜନ ପ୍ରତିନିଧି ଆଇନ, ୧୯୫୦ର ଧାରା ୨୧ ଅଧୀନରେ ଏସ୍ଏସ୍ଆର୍ କରାଇବାକୁ ନିଷ୍ପତ୍ତି ନିଆଯାଇଛି। କମିଶନ ଦେଶବ୍ୟାପୀ ଏସ୍ଆଇଆର୍ କରାଇବା ସକାଶେ ପ୍ରସ୍ତୁତି ଚଳାଇଥିବାବେଳେ ନୂଆପଡ଼ା ନିର୍ବାଚନ ପୂର୍ବରୁ ଏସ୍ଏସ୍ଆର୍ ଓଡ଼ିଶାରେ ଏସ୍ଆଇଆର୍ ପାଇଁ ମୂଳଦୁଆ ପକାଇପାରେ ବୋଲି କୁହାଯାଉଛି।

- **ଆଜି ମତଦାନ କେନ୍ଦ୍ରଗୁଡ଼ିକର ପରିବର୍ତ୍ତନ**
- **୧୫ରୁ ୨୯ ତାରିଖ ଭିତରେ ଦାବି ଓ ଆପତ୍ତି ଜଣାଇହେବ**
- **ଅକ୍ଟୋବର ୯ରେ ପ୍ରକାଶ ପାଇବ ଚୂଡ଼ାନ୍ତ ଭୋଟର ତାଲିକା**

ଭୁବନେଶ୍ୱର, ୧୩।୯(ସୁନିତ୍ ମିଶ୍ର)

ନୂଆପଡା ବିଧାନସଭା ଆସନରେ ସ୍ୱତନ୍ତ୍ର ସଂକ୍ଷିପ୍ତ ସଂଶୋଧନ(ଏସ୍ଏସ୍ଆର୍) କରାଯିବ। ଆଗକୁ ଏହି ବିଧାନସଭା ଆସନ ଲାଗି ହେବାକୁ ଥିବା ଉପନିର୍ବାଚନ ପୂର୍ବରୁ ହିଁ ଏସ୍ଏସ୍ଆର୍ କରାଯିବ। ନୂଆପଡ଼ା ଆସନରେ ଅନୁଷ୍ଠିତ ହେବାକୁ ଥିବା ଉପନିର୍ବାଚନ ପାଇଁ ଜନପ୍ରତିନିଧିତ୍ୱ ଆଇନ, ୧୯୫୦ର ଧାରା ୨୧ ଅନୁଯାୟୀ ଏସ୍ଏସ୍ଆର୍ କରିବାକୁ ଭାରତର ନିର୍ବାଚନ ଆୟୋଗ ୧ ଜୁଲାଇ ୨୦୨୫କୁ ଯୋଗ୍ୟତା ତାରିଖ ଧାର୍ଯ୍ୟ କରିଛନ୍ତି।

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ (ସିଇଓ)ଙ୍କ କାର୍ଯ୍ୟାଳୟ ପକ୍ଷରୁ ଶନିବାର ଜାରି କରାଯାଇଥିବା ବିଜ୍ଞପ୍ତି ଅନୁଯାୟୀ, ଏସ୍ଏସ୍ଆର ପାଇଁ କେତେଗୁଡ଼ିଏ କାର୍ଯ୍ୟସୂଚୀ ନିର୍ଦ୍ଧାରିତ କରାଯାଇଛି। ରବିବାର ଏହି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ମତଦାନ କେନ୍ଦ୍ରଗୁଡ଼ିକର ପୁନଃ ବ୍ୟବସ୍ଥାପନ ବା ପରିବର୍ତ୍ତନ କରାଯିବ। ସୋମବାର ସମନ୍ୱିତ ଚିଠା ଭୋଟର ତାଲିକା ପ୍ରକାଶ କରାଯିବ। ଆସନ୍ତା ୧୫ରୁ ୨୯ ତାରିଖ ମଧ୍ୟରେ ଭୋଟରମାନେ ସେମାନଙ୍କ ଦାବି ଓ ଆପତ୍ତି ଜଣାଇପାରିବେ। ☞ପୃଷ୍ଠା-୨

## ଏସ୍ଆଇଆର୍, ଏସ୍ଏସ୍ଆର୍ ମଧ୍ୟରେ ପାର୍ଥକ୍ୟ

ସ୍ୱତନ୍ତ୍ର ସଘନ ସଂଶୋଧନ (ଏସ୍ଆଇଆର୍) ହେଉଛି ଘରକୁ ଘର ଯାଇ ଭୋଟରମାନଙ୍କ ଗଣନା କରି ନୂଆ ଭୋଟର ତାଲିକା ପ୍ରସ୍ତୁତ କରିବା। ପ୍ରଚଳିତ ତାଲିକାକୁ ବିଚାରକୁ ନ ନେଇ ଗଣନାକାରୀମାନେ ପ୍ରତି ଘରକୁ ଯାଇ ଧାର୍ଯ୍ୟ ତାରିଖ ସୁଦ୍ଧା ଯୋଗ୍ୟ ଭୋଟରମାନଙ୍କ ତାଲିକା ପ୍ରସ୍ତୁତ କରିଥାନ୍ତି। ବର୍ତ୍ତମାନର ଭୋଟର ତାଲିକା ତ୍ରୁଟିଯୁକ୍ତ ଏବଂ ସମ୍ପୂର୍ଣ୍ଣ ନୂଆ ତାଲିକା ପ୍ରସ୍ତୁତ ଆବଶ୍ୟକ ବୋଲି ନିର୍ବାଚନ କମିଶନ ଯେତେବେଳେ ସିଦ୍ଧାନ୍ତରେ ପହଞ୍ଚନ୍ତି, ସେତେବେଳେ ସ୍ୱତନ୍ତ୍ର ସଘନ ସଂଶୋଧନ କରାଯାଇଥାଏ। ସାଧାରଣତଃ ନିର୍ବାଚନ ପୂର୍ବରୁ କିମ୍ବା ନିର୍ବାଚନମଣ୍ଡଳୀ ସୀମା ପୁନଃ ନିର୍ଦ୍ଧାରଣ ଭଳି ପ୍ରଶାସନିକ ପ୍ରକ୍ରିୟା ପରେ ଏସ୍ଆଇଆର୍ ହୋଇଥାଏ। ଅନ୍ୟପକ୍ଷରେ ସ୍ୱତନ୍ତ୍ର ସାରାଂଶ ସଂଶୋଧନ (ଏସ୍ଏସ୍ଆର୍) ନିର୍ବାଚନ ପୂର୍ବରୁ ହୋଇଥାଏ। ଏଥିରେ ଭୋଟର ତାଲିକାର ସମୀକ୍ଷା କରାଯିବା ସହ ୧୮ ବର୍ଷ ବୟସରେ ପହଞ୍ଚିଥିବା ନୂଆ ଭୋଟରଙ୍କୁ ଯୋଡ଼ାଯାଇଥାଏ। ଯେଉଁମାନେ ନିର୍ବାଚନମଣ୍ଡଳୀ ବଦଳାଇଥାନ୍ତି, ତଦନୁଯାୟୀ ପୂର୍ବ ନିର୍ବାଚନମଣ୍ଡଳୀରୁ ସେମାନଙ୍କ ନାଁ କଟାଯାଇ ନୂଆ ନିର୍ବାଚନମଣ୍ଡଳୀ ଭୋଟର ତାଲିକାରେ ସାମିଲ କରାଯାଇଥାଏ। ସେହିପରି ଡୁପ୍ଲିକେଟ୍ ଓ ମୃତ ଭୋଟରଙ୍କୁ ତାଲିକାରୁ ବାଦ୍ ଦିଆଯାଇଥାଏ।




## ଭୁଶୁଡ଼ିଲା ମାର୍କେଟ କମ୍ପ୍ଲେକ୍ସ

**ଚାପିହୋଇ ଦୋକାନୀ ମୃତ**

କୋରାପୁଟ,୧୩।୯ (ଅମିତାଭ ବେହେରା)

କୋରାପୁଟ ସହରର ବସ୍‌ଷ୍ଟାଣ୍ଡ ନିକଟରେ ତଥା ଜିଲା ପୋଲିସ କାର୍ଯ୍ୟାଳୟ ସମ୍ମୁଖରେ ଥିବା ଏକ ମାର୍କେଟ କମ୍ପ୍ଲେକ୍ସର ୨ ଦୋକାନ ଘର ଭୁଶୁଡ଼ି ଶନିବାର ଜଣଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ ଦୋକାନ ମାଲିକ ଲୋକନାଥ ପାତ୍ର(୬୨)। ଅନ୍ୟ ୩ ଜଣ ଘଟଣାରୁ ବର୍ତ୍ତିଯାଇଛନ୍ତି। ପ୍ରାୟ ୫ ଘଣ୍ଟା ଉଦ୍ଧାର କାର୍ଯ୍ୟ ଚାଲିଥିଲା ବେଳେ ୨୬ ନମ୍ବର ଜାତୀୟ ☞ପୃଷ୍ଠା-୨

# ପରକୀୟା ପ୍ରୀତି ସନ୍ଦେହରେ କଙ୍ଗାରୁକୋର୍ଟ

**୨ ଯୁବକଙ୍କ ସହ ମହିଳାଙ୍କୁ ଖୁଣ୍ଟରେ ବାନ୍ଧି ମାଡ଼**

ବାରିପଦା, ୧୩।୯ (ନୀଳାଦ୍ରି ବିହାରୀ ଦଣ୍ଡପାଟ)

ମୟୂରଭଞ୍ଜ ଜିଲା ଯଶୀପୁର ଥାନା ଅଞ୍ଚଳରେ ପରକୀୟା ପ୍ରୀତି ସନ୍ଦେହ କରି ଏକ ଅମାନବୀୟ ଘଟଣା ଘଟିଛି। ଗ୍ରାମବାସୀ ୨ ଯୁବକଙ୍କ ସହ ମହିଳାଙ୍କୁ ବିଦ୍ୟୁତ ଖୁଣ୍ଟରେ ବାନ୍ଧି କଙ୍ଗାରୁକୋର୍ଟରେ ନିସ୍ତୁକ ମାଡ଼ ମାରିଛନ୍ତି। ଏହାର ଫଟୋ ଓ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହେବା ପରେ ପୋଲିସ ଘଟଣାକୁ ଗୁରୁତ୍ୱର ସହ ନେଇ ୭ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛି। ଅଭିଯୁକ୍ତମାନେ ହେଲେ ବେଗୁନିଆ ପଞ୍ଚାୟତ ଅଧୀନ





ଦୁରଦୁରା ଗ୍ରାମର ଜାଙ୍ଗେ ହୋ(୨୨), ଘନଶ୍ୟାମ ହୋ(୨୫), ଅନିଲ ହୋ(୨୫), ପଦ୍ମାବତୀ ହୋ(୩୪), ସୁରୁବାଲି ହୋ(୫୨), ବୁଦ୍ଧୁନୀ ହୋ(୪୮) ଓ ମାତା ହୋ(୪୫)।

ଶୁକ୍ରବାର ଅପରାହ୍ନରେ ଜଣେ ବିଧବା ନିକଟସ୍ଥ ହାଟକୁ ଯାଇ ଘରକୁ ଫେରୁଥିଲେ। ସନ୍ଧ୍ୟା ସମୟରେ ୨ଯୁବକଙ୍କ ସହ କଥା ହୋଇ ଆସୁଥିବାରୁ ଗ୍ରାମର ଲୋକମାନେ ଦେଖି ସନ୍ଦେହ କରିଥିଲେ, ଯାହାକୁ ନେଇ ଗ୍ରାମରେ ଉତ୍ତେଜନା ପ୍ରକାଶ ପାଇବାରୁ ଗ୍ରାମବାସୀ ମହିଳାଙ୍କ ସହ ☞ପୃଷ୍ଠା-୨

# ଆଜି କ'ଣ କେଉଁଠି

## ଭୁବନେଶ୍ୱର

- ଭାଦ୍ର ସତ୍‌ସଙ୍ଗ ମହୋତ୍ସବ, ସ୍ଥାନ: ସୂଚନା ଭବନ, ସମୟ: ପୂର୍ବାହ୍ନ ୧୦ଟା।
- ଅଲ୍ ଓଡ଼ିଶା ଗୋଷ୍ଠୀ ସମ୍ବଳ କର୍ମୀ ସଂଘ ପକ୍ଷରୁ ସାଙ୍ଗଠନିକ ଆଲୋଚନା, ସ୍ଥାନ: ହୋଟେଲ୍ ଲୁମ୍ବିନୀ କନଭେନ୍‌ଶନ୍, ନିଳାଦ୍ରି ବିହାର, ସମୟ: ମଧ୍ୟାହ୍ନ ୧୨ଟା।
- ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘ ପକ୍ଷରୁ ଖବରଦାତା ସମ୍ମିଳନୀ, ସ୍ଥାନ: ଶ୍ରମିକ ଭବନ, ସମୟ: ଅପରାହ୍ନ ୩ଟା ୩୦।
- ଗଙ୍ଗାଧର ମେହେର ପ୍ରତିଷ୍ଠାନ ପକ୍ଷରୁ ପୁଅ ଜିଉଁତିଆ (ଦୂତୀବାହନ ଓଷା), ସ୍ଥାନ: ହାଉସିଂବୋର୍ଡ କଲୋନି, ଚନ୍ଦ୍ରଶେଖରପୁର, ସମୟ: ସନ୍ଧ୍ୟା ୬ଟା।

## କଟକ

- ଓଡ଼ିଶା ସେଲସ୍ ଏକଜିକ୍ୟୁଟିଭ ଆସୋସିଏଶନ ପକ୍ଷରୁ ରକ୍ତଦାନ ଓ ସ୍ୱାସ୍ଥ୍ୟସେବା ଶିବିର, ସ୍ଥାନ: ଶ୍ରୀନିବାସ, ତେଲେଙ୍ଗାବଜାର, ସମୟ: ସକାଳ ୯ଟା ୩୦।
- ବିଦ୍ୟାଳୟସ୍ତରୀୟ ଗୀତା ଆବୃତ୍ତି ପ୍ରତିଯୋଗିତା, ସ୍ଥାନ: ପିଏମ୍‌ଶ୍ରୀ ଅର୍ଜୁନ ସୁବୁଦ୍ଧି ଉଚ୍ଚ ବିଦ୍ୟାଳୟ, ନୂଆପାଟଣା, ତିଗିରିଆ,ସମୟ: ସକାଳ ୯ ଟା୩୦।
- ସାହିତ୍ୟ ଓ ସଂସ୍କୃତି ମହୋତ୍ସବ, ୪୯ତମ ରାଜ୍ୟସ୍ତରୀୟ କବି ସମ୍ମିଳନୀ ଓ ପୁସ୍ତକ ଉନ୍ମୋଚନ-୨୦୨୫, ସ୍ଥାନ: ଚୌଦ୍ୱାର ଗାନ୍ଧି ଛକସ୍ଥିତ ପୌର ଟାଉନହଲ, ସମୟ: ପୂର୍ବାହ୍ନ ୧୦ଟା।
- ସବୁଜ କବି ବୈକୁଣ୍ଠନାଥ ପଟ୍ଟନାୟକଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ ଉତ୍ସବ, ସ୍ଥାନ: ବଡ଼ମ୍ବା ଟେନିସ ପଡ଼ିଆସ୍ଥିତ ବୈକୁଣ୍ଠ ସ୍ମୃତି ସଦନ, ସମୟ: ପୂର୍ବାହ୍ନ ୧୦ ଟା୩୦।
- କଟକ ସତସଙ୍ଗ ବିହାର ଆନୁକୂଲ୍ୟରେ ଶ୍ରୀଶ୍ରୀଠାକୁର ଅନୁକୂଳଚନ୍ଦ୍ରଙ୍କ ଭାଦ୍ର ପରିକ୍ରମା ସତସଙ୍ଗ, ସ୍ଥାନ: ବିଡ଼ାନାସୀ, ସମୟ: ପୂର୍ବାହ୍ନ ୧୧ଟା ୩୦।
- ଅଖିଳ ଭାରତୀୟ ସାହିତ୍ୟ ପରିଷଦ କଟକ ଶାଖା ପକ୍ଷରୁ ମହାପୁରୁଷ ଅଚ୍ୟୁତାନନ୍ଦ ଜୟନ୍ତୀ, ସ୍ଥାନ: ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ଚହଟା, ସମୟ: ଅପରାହ୍ନ ୩ଟା।
- ଶ୍ରୀ ଅରବିନ୍ଦ ମେଡିକାଲ ଆସୋସିଏଶନ୍‌ର ୩୬ତମ ବାର୍ଷିକ ସମ୍ମିଳନୀର ଉଦ୍‌ଯାପନୀ, ସ୍ଥାନ: ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ସମୟ: ଅପରାହ୍ନ ୩ଟା।
- ବଡ଼ମ୍ବାର ଅଧିଷ୍ଠାତ୍ରୀ ଦେବୀ ମା'ଭଟ୍ଟାରିକାଙ୍କ ଶୋଡ଼ଶ ଉପଚାର ପୂଜା ଆରମ୍ଭ, ସ୍ଥାନ: ମା' ଭଟ୍ଟାରିକା ମନ୍ଦିର ପରିସର, ସମୟ: ଅପରାହ୍ନ ୩ଟା।
- ଇଣ୍ଡିଆନ ଆସୋସିଏଶନ୍ ଅଫ୍ ମେଡିକାଲ ମାଇକ୍ରୋ ବାୟୋଲୋଜିଷ୍ଟସ୍ ଓଡ଼ିଶା ଚାପ୍ଟର ପକ୍ଷରୁ ୧୬ତମ ବାର୍ଷିକ ସମ୍ମିଳନୀର ଉଦ୍‌ଯାପନୀ, ସ୍ଥାନ: ନୂତନ ସମ୍ମିଳନୀ କକ୍ଷ, ଏସ୍‌ସିବି ମେଡିକାଲ, ସମୟ: ଅପରାହ୍ନ ୫ଟା।
- ଶ୍ରୀଜଗନ୍ନାଥ ସଂସ୍କୃତି ପ୍ରଚାରିଣୀ ସଂଘ ଭକ୍ତିପସରାର ସପ୍ତବିଂଶତମ ବାର୍ଷିକ ଉତ୍ସବ ପ୍ରବଚନର ଦ୍ୱିତୀୟ ଦିବସ, ସ୍ଥାନ: ଶ୍ରୀବଳଦେବଜୀଉ ମନ୍ଦିର ପରିସର, ରାଣୀହାଟ, ସମୟ: ସନ୍ଧ୍ୟା ୭ଟା।

## ଖୋର୍ଦ୍ଧା

- ସର୍ବଭାରତୀୟ ଅବସରପ୍ରାପ୍ତ କେନ୍ଦ୍ର ସରକାରୀ କର୍ମଚାରୀ ସଂଘ ପକ୍ଷରୁ ହିନ୍ଦୀ ଦିବସ ପାଳନ ଏବଂ ନିଃଶୁଳ୍କ ସ୍ୱାସ୍ଥ୍ୟସେବା ଶିବିର, ସ୍ଥାନ: ଟ୍ରାଫିକ କଲୋନୀ କାର୍ଯ୍ୟାଳୟ ପରିସର, ଜଟଣୀ, ସମୟ: ପୂର୍ବାହ୍ନ ୧୧ଟା।
- କର୍ମ ମନ୍ଦିର ପରିବାର ପକ୍ଷରୁ 'ଆମ ନୂଆଁଖାଇ ଭେଟଘାଟ-୨୦୨୫' ଏବଂ ସମ୍ବର୍ଦ୍ଧନା ଉତ୍ସବ, ସ୍ଥାନ: ଉତ୍ତରାୟଣୀ କ୍ଲବ୍, ଜଟଣୀ, ସମୟ: ଅପରାହ୍ନ ୪ଟା।

## ବାଲେଶ୍ୱର

- ପୂର୍ବତନ ବିଧାୟକ ଗୋପନାରାୟଣ ଦାସଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ, ସ୍ଥାନ: ଷ୍ଟେଶନ ଛକ, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା।
- ଶ୍ରଦ୍ଧାଞ୍ଜଳି ସଭା, ସ୍ଥାନ: ହୋଟେଲ ହରିପ୍ଲାଜା, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୧ଟା ୩୦।

## ଭଦ୍ରକ

- ଦିବଂଗତ ରାଜନେତା ଦେବେନ୍ଦ୍ର ତ୍ରିପାଠୀଙ୍କ ସ୍ମୃତିସଭା, ସ୍ଥାନ: ରାଜନଗର ମଙ୍ଗଳପୁର, ଆଗରପଡ଼ା, ସମୟ: ମଧ୍ୟାହ୍ନ ୧୨ଟା।

## ମୟୂରଭଞ୍ଜ

- ଆମେ ବାରିପଦା ପକ୍ଷରୁ ନାଟକ, ସ୍ଥାନ: ଶହୀଦ ସ୍ମୃତି ଭବନ, ବାରିପଦା, ସମୟ: ସନ୍ଧ୍ୟା ୬ଟା ୩୦।

## ବ୍ରହ୍ମପୁର

- କେସି ହାଇସ୍କୁଲ ପୁରାତନ ଛାତ୍ରଙ୍କ ବନ୍ଧୁମିଳନ, ସ୍ଥାନ: ହିଲପାଟଣା, ସମୟ: ପୂର୍ବାହ୍ନ ୧୦ଟା।
- ଜାତୀୟ ନିର୍ମାଣ ସମ୍ମାନ, ସ୍ଥାନ: ରୋଟାରୀ କ୍ଲବ, ବ୍ରହ୍ମପୁର, ସମୟ: ପୂର୍ବାହ୍ନ ୧୦ଟା।
- କିନ୍ନରଙ୍କ ମାତା ପୂଜା, ସ୍ଥାନ: ବଡ଼ଖେମୁଣ୍ଡି ସାହି, ବ୍ରହ୍ମପୁର, ସମୟ: ମଧ୍ୟାହ୍ନ ୧୨.୪୫।

## ଗଞ୍ଜାମ

- ବିଶ୍ୱ ହିନ୍ଦୁ ପରିଷଦ (ଗଞ୍ଜାମ ପୂର୍ବ ପ୍ରଖଣ୍ଡ )ପକ୍ଷରୁ ପ୍ରଥମ ରକ୍ତଦାନ ଶିବିର, ସ୍ଥାନ: ଭାରତୀ ବିଦ୍ୟାପୀଠ ଗଞ୍ଜାମ, ସମୟ: ସକାଳ ୧୦ଟାରୁ ଅପରାହ୍ନ ୪ଟା ପର୍ଯ୍ୟନ୍ତ।

## ଢେଙ୍କାନାଳ

- ସନ୍ଧ୍ୟାତାରା ସାହିତ୍ୟ ସଂସଦ ପକ୍ଷରୁ ଆଲୋଚନାଚକ୍ର, ସ୍ଥାନ: ବାଣିଜ୍ୟ ଓ ଶିଳ୍ପ ପ୍ରତିଷ୍ଠାନ ସଭାଗୃହ, ଢେଙ୍କାନାଳ, ସମୟ: ଅପରାହ୍ନ ୪ଟା ୪୫ ମିନିଟ।
- ଶ୍ରୀଜଗନ୍ନାଥଙ୍କ ଦିବ୍ୟଲିଳା ସମ୍ପର୍କିତ ଆଲୋଚନାଚକ୍ର, ସ୍ଥାନ: ଗୋପବନ୍ଧୁ ଟାଉନ ହଲ, ସମୟ: ପୂର୍ବାହ୍ନ ସାଢେ ୧୦ଟା।

## ଜଗତ୍‌ସିଂହପୁର

- ରଜ ମହୋତ୍ସବ କମିଟି ତରଫରୁ ପରିବେଶ ସଚେତନତା ଓ ଚାରାରୋପଣ କାର୍ଯ୍ୟକ୍ରମ, ସ୍ଥାନ: ସିଳନ୍ଦୀ-ଖନ୍ଦୋଳ ରଜ ମହୋତ୍ସବ ପଡ଼ିଆ, ତିର୍ତ୍ତୋଲ, ସମୟ: ସକାଳ ୮ଟା।
- ମା' ଶାରଳା ଫାଉଣ୍ଡେଶନ ପକ୍ଷରୁ ପ୍ରଥମ ବାର୍ଷିକ ଉତ୍ସବ, ସ୍ଥାନ: କୁମାର ଉତ୍ସବ ପଡ଼ିଆ, ତିର୍ତ୍ତୋଲ, ସମୟ: ସକାଳ ୯ ଟା୩୦।
- ପାରାଦୀପ ପୋର୍ଟ ଲେଡିଜ କ୍ଲବ ପକ୍ଷରୁ ଘାଣ୍ଟ ରୋଷେଇ ପ୍ରତିଯୋଗିତା, ସ୍ଥାନ: ପୋର୍ଟ କ୍ଲବ, ନୁଆବଜାର, ପାରାଦୀପ, ସମୟ: ସନ୍ଧ୍ୟା ୬ଟା।

## କେନ୍ଦ୍ରାପଡ଼ା

- କେନ୍ଦ୍ରାପଡ଼ା ସାଇକେଲ କ୍ଲବ ପକ୍ଷରୁ ସ୍ୱାସ୍ଥ୍ୟ ସଚେତନତା କାର୍ଯ୍ୟକ୍ରମ, ସ୍ଥାନ: ପୁରୁଣା ବସଷ୍ଟାଣ୍ଡ, ସମୟ: ସକାଳ ୬ଟା।
- ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମ, ସ୍ଥାନ: ମଦନା ଜରା ନିବାସ, ନୈନ୍ଦିପୁର, ଗରଦପୁର, ସମୟ: ସକାଳ ୧୦ଟା।

## ଯାଜପୁର

- ବ୍ୟାସ ପ୍ରିଣ୍ଟ ମିଡିଆ ଆସୋସିଏଶନର ୭ମ ବାର୍ଷିକ ଉତ୍ସବ, ସ୍ଥାନ: ଯାଜପୁର ରୋଡ୍ ବ୍ୟାସଦେବ ଟାଉନ୍ ହଲ୍, ସମୟ: ପୂର୍ବାହ୍ନ ୧୧ଟା।

## ନୟାଗଡ଼

- ଦୁର୍ଗାଦେବୀଙ୍କ ଉତ୍‌ଥାନ ପର୍ବ, ସ୍ଥାନ: ନୟାଗଡ଼ ପୁରୁଣା ରାଜବାଟୀ ନିକଟସ୍ଥ ଦୁର୍ଗାଦେବୀ ମନ୍ଦିର, ସମୟ: ସକାଳ ୫ଟା।
- ଘଞ୍ଚ ଜଙ୍ଗଲରୁ ରାଆଁଳା ଖିଲାମୁଣ୍ଡା ରଣପୁର ରାଜବାଟୀକୁ ଆଗମନ ପର୍ବ, ସ୍ଥାନ: ରଣପୁର ରାଜବାଟୀ, ସମୟ: ସକାଳ ୬ଟା
- ବିମଳାଙ୍କ ଷୋଡଶ ପୂଜା ଆରମ୍ଭ, ସ୍ଥାନ: କଣ୍ଟିଲୋ ନୀଳମାଧବ ପୀଠ, ସମୟ: ସକାଳ ୭ଟା।
- ହନୁମାନଙ୍କ କାଠି ପୂଜା ପର୍ବ, ସ୍ଥାନ: ଖଣ୍ଡପଡ଼ା ରାଜବାଟୀ, ସମୟ: ରାତ୍ର ୧୦ଟା।
- ନିଖିଳ ଉତ୍କଳ କଂସାରୀ ସମାଜର ବୈଠକ, ସ୍ଥାନ: କଣ୍ଟିଲୋ ବାପୁଜୀ ନଗର କଂସାରୀ କଲ୍ୟାଣ ସଦନ, ସମୟ: ପୂର୍ବାହ୍ନ ୧୧ଟା।
- ଦ୍ୱୀତି ବାହନ ପର୍ବ, ସ୍ଥାନ: କଣ୍ଟିଲୋ ଫକିର ଅତବୁଦ୍ଧିପାଟଣା, ସମୟ: ସନ୍ଧ୍ୟା ୭ଟା।

## ରାୟଗଡ଼ା

- ସୁରକ୍ଷା ଏବଂ ସାଇବର ଆଇନ ଉପରେ ସଚେତନତା କାର୍ଯ୍ୟକ୍ରମ, ସ୍ଥାନ: ଆରଜି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ପଦ୍ମପୁର, ସମୟ: ପୂର୍ବାହ୍ନ ୧୦ଟା ୩୦।
- ୧୦୮ ପ୍ରହର ନାମ ସଙ୍କୀର୍ତ୍ତନ ଓ ଗୋଶାଳା ପ୍ରତିଷ୍ଠା ଉତ୍ସବର ପ୍ରସ୍ତୁତି ବୈଠକ, ସ୍ଥାନ: ବାଘୁଆ ମନ୍ଦିର, ଗୁଣୁପୁର, ସମୟ: ଅପରାହ୍ନ ୫ଟା।
- ମା' ମାଣିକେଶ୍ୱରୀଙ୍କ ବାଲିଯାତ୍ରା, ସ୍ଥାନ: ବାଲିଯାତ୍ରା ପଡିଆ, ଗୁଡାରି, ସମୟ: ଅପରାହ୍ନ ୫ଟା।
- ମା' ମାଣିକେଶରୀଙ୍କ ଝାମୁ ଯାତ୍ରା ଉଦ୍‌ଯାପନୀ ଉତ୍ସବ, ସ୍ଥାନ: ଡାଙ୍ଗସୋରଡ଼ା, ଚନ୍ଦ୍ରପୁର, ସମୟ: ରାତି ୯ ଟା।

## କୋରାପୁଟ

- ଆରକ୍ଷୀ ଉପଖଣ୍ଡସ୍ତରୀୟ ସାଧାରଣ ବୈଠକ, ସ୍ଥାନ: ସିମାଦ୍ରୀ ମଣ୍ଡପ, ସମୟ: ପୂର୍ବାହ୍ନ ୧୧ଟା।
- ଦଶହରା ପାଇଁ ଆଜ୍ଞାମାଳ, ସ୍ଥାନ: ଭଗବତୀ ମନ୍ଦିର, ଜୟପୁର, ସମୟ: ରାତି ୮ଟା।

## ସମ୍ବଲପୁର

- ସମଗ୍ର ଶିକ୍ଷା ଆନୁକୂଲ୍ୟରେ ଆସ ସ୍କୁଲ ଯିବା ପଦଯାତ୍ରା ଶୁଭାରମ୍ଭ, ସ୍ଥାନ: ରିଜର୍ଭ ପୋଲିସ ଲାଇନ, ସମୟ : ସକାଳ ୭ଟା।
- ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ, ସ୍ଥାନ : ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟ ସ୍ଥିତ ପ୍ରେକ୍ଷାଳୟ, ସମୟ : ସକାଳ ୮ଟା।
- ସମ୍ବଲପୁର ମହାନଗର ନିଗମ ପକ୍ଷରୁ ସ୍ୱଚ୍ଛ ସୁନ୍ଦର ସବୁଜ ସମ୍ବଲପୁର କାର୍ଯ୍ୟକ୍ରମ, ସ୍ଥାନ : କ୍ଷେତରାଜପୁର, ସମୟ : ସକାଳ ୮ଟା ୩୦।
- ବନ୍ଦନା ଆର୍ଟ କର୍ନର ଓ ଆରକେ ଟ୍ୟୁଟୋରିଆଲ ପକ୍ଷରୁ ଚିତ୍ରକଳା ଓ ହସ୍ତକଳା ପ୍ରତିଯୋଗୀତା, ସ୍ଥାନ : ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟ ପରିସରସ୍ଥ ଆର୍ଟ ଗ୍ୟାଲେରି, ସମୟ : ସକାଳ ୮ଟା ୩୦।
- ରାଷ୍ଟ୍ର ନିର୍ମାଣରେ ଯୁବ ପ୍ରସ୍ତୁତି ପ୍ରଶିକ୍ଷଣ ଶିବିର, ସ୍ଥାନ: ପବ୍ଲିକ ଲାଇବ୍ରେରି ପ୍ରେକ୍ଷାଳୟ, ସମୟ : ସକାଳ ୯ଟା।
- ଶ୍ରୀମଦ୍ ଭାଗବତ ଗୀତା ଶ୍ଳୋକ ଆବୃତ୍ତି ପ୍ରତିଯୋଗିତା, ସ୍ଥାନ : ପବ୍ଲିକ ଲାଇବ୍ରେରି ସଭାକକ୍ଷ, ସମୟ : ପୂର୍ବାହ୍ନ ୧୦ଟା।
- ବିବେକାନନ୍ଦ କନ୍ୟାକୁମାରୀ ସମ୍ବଲପୁର ଶାଖା ପକ୍ଷରୁ ବିଶ୍ୱ ଭାତୃତ୍ୱ ଦିବସ କାର୍ଯ୍ୟକ୍ରମ, ସ୍ଥାନ : ଓଡ଼ିଶା ସାଂସ୍କୃତିକ ସମାଜ ଭବନ, ସମୟ : ସନ୍ଧ୍ୟା ୬ଟା୧୫।

## ବଲାଙ୍ଗୀର

- ସନ୍ତରଣ ପ୍ରଶିକ୍ଷଣ, ସ୍ଥାନ: ଆରଏନ୍ ସିଂଦେଓ ସ୍ପୋର୍ଟସ୍ କମ୍ପ୍ଲେକ୍ସ, ବଲାଙ୍ଗୀର, ସମୟ: ସକାଳ ୬ଟା

## ରାଉରକେଲା

- ଅହୋରାତ୍ର ୮ମ ଜାତୀୟ ସ୍ତରୀୟ ଶାସ୍ତ୍ରୀୟ ସଙ୍ଗୀତ ସମାରୋହ ଉଦ୍‌ଯାପନୀ ସମାରୋହ, ସ୍ଥାନ: ଜଗଦା ବାଟମା ମଙ୍ଗଳା ଶକ୍ତିପୀଠ, ସମୟ: ସକାଳ ୬ଟା।
- ପାନୀୟ ଜଳ ପ୍ରକଳ୍ପ ମୈତ୍ରୀ ଧାରା ଉଦଘାଟନ, ସ୍ଥାନ: ସେକ୍ଟର-୧୭ , ସମୟ: ପୂର୍ବାହ୍ନ ୧୨ଟା।
- ପୁତ୍ରଜୀବିତ୍ସା ପର୍ବ ପାଳନ, ସ୍ଥାନ: ସେକ୍ଟର-୨୧, ସମୟ: ପୂର୍ବାହ୍ନ ୧୧ଟା।
- ଇସ୍ପାତ ସାହିତ୍ୟ ସଂସଦ ସାହିତ୍ୟ ସମ୍ମିଳନୀ, ସ୍ଥାନ:ସେକ୍ଟର-୭, ଅନୁଷ୍ଠାନ ସଭାଗୃହ, ସମୟ:ପୂର୍ବାହ୍ନ ୧୦ଟା।
- ପାତଞ୍ଜଳୀ ଯୋଗ କେନ୍ଦ୍ର ପକ୍ଷରୁ ଭାଗବତ ଉପରେ ଆଲୋଚନା ଚକ୍ର, ସ୍ଥାନ:ସେକ୍ଟର-୨୦,ସମୟ: ପୂର୍ବାହ୍ନ ୧୦ଟା ୩୦।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ** ଆଜିର ପ୍ରତ୍ୟୁଷଯାତ୍ରାରେ ସଫଳତା ସାଙ୍ଗକୁ ପ୍ରତିଯୋଗିତାମୂଳକ କାର୍ଯ୍ୟ ଓ ଆନୁଷ୍ଠାନିକ କାମରେ ପ୍ରତିବନ୍ଧକ ଦୂରହେବ। ଭଲ ସମ୍ପର୍କ ଥିବା ବନ୍ଧୁଙ୍କ ସାନ୍ନିଧ୍ୟରୁ ଉପକୃତ ହେବେ। ନୂଆ ଯୋଜନାଟିଏ କରିବା ସକାଶେ ମନ ବଳାଇ କାମରେ ଲାଗିପାରନ୍ତି। ଆକସ୍ମିକ ସମସ୍ୟା ଉପୁଜିବାରୁ ନିର୍ମାଣାଧୀନ କାର୍ଯ୍ୟ ସ୍ଥଗିତ ରହିପାରେ।

**ବୃଷ** ସନ୍ଦେହ ଏବଂ ଭୁଲ୍ ବୁଝାମଣାରୁ ଘର ସଦସ୍ୟ ବିରକ୍ତି ପ୍ରକାଶ କରିପାରନ୍ତି। ପ୍ରତ୍ୟେକ କ୍ଷେତ୍ରରେ ପ୍ରତିବନ୍ଧକକୁ ଦୃଢ଼ତାର ସହ ସମ୍ମୁଖୀନ ହୋଇ କାମ କରିବାକୁ ପଡ଼ିପାରେ। ଆନୁଷ୍ଠାନିକ କାର୍ଯ୍ୟରେ ଯୋଗଦେଇ ବନ୍ଧୁଙ୍କ ପ୍ରଶଂସାଭାଜନ ହେବେ। ସଙ୍ଗୀତ, କଳା, ସାହିତ୍ୟ, କ୍ରୀଡ଼ା, ଚଳଚ୍ଚିତ୍ର କ୍ଷେତ୍ରରେ ଉନ୍ନତି କରିବାର ସୂଚନା ରହିଛି।

**ମିଥୁନ** ଆଜି ଅର୍ଥ, ସମ୍ମାନ ଓ କଳା, ସଙ୍ଗୀତାଦିରୁ ପ୍ରଶଂସା ପାଇବେ। କର୍ମକ୍ଷେତ୍ରରେ ପ୍ରତିଯୋଗୀ କିମ୍ବା ପ୍ରତିଦ୍ୱନ୍ଦ୍ୱୀ ଦୋଷାରୋପ କରି ସମସ୍ୟା ବଢ଼ାଇଦେବେ। ପୂର୍ବ ଯୋଜନା ଅନୁଯାୟୀ କର୍ମ କଲେ ସଫଳତା ପାଇବା ଆଶା କରାଯାଇପାରେ। ଶିଳ୍ପ, ପରିବହନ, ବାଣିଜ୍ୟ, ବ୍ୟବସାୟ ଓ ପରିବହନ ସକାଶେ ଦିନଟି ବହୁତ ଭଲ।

**କର୍କଟ** ବନ୍ଧୁଙ୍କ ଅସହଯୋଗରୁ କର୍ମକ୍ଷେତ୍ରରେ କଷ୍ଟ ସ୍ୱୀକାର କରିବାକୁ ପଡ଼ିପାରେ। ନିଜେ ଅସୁବିଧା ଭିତରେ ଚଳୁଥିଲେ ମଧ୍ୟ ପଡ଼ୋଶୀଙ୍କ କାମରେ ଯଥାସାଧ୍ୟ ସାହାଯ୍ୟ କରିବେ। ବାଣିଜ୍ୟ, ବ୍ୟବସାୟ ଓ ପରିବହନ କ୍ଷେତ୍ରରେ ସମସ୍ୟା ସମାଧାନ ହେବ। ପ୍ରିୟବନ୍ଧୁଟି ନିଜର ପାରିବାରିକ କ୍ଷେତ୍ରର ଅଭିମାନଭରା କଥା କହି ଦୁଃଖ କରିପାରନ୍ତି ।

**ସିଂହ** ଆଜିର ଆବଶ୍ୟକତା ପୂରଣ ସକାଶେ ବନ୍ଧୁଙ୍କ ସାକ୍ଷାତ୍ କାମକୁ ଆସିବ। ପଦସ୍ଥ ବ୍ୟକ୍ତିଙ୍କ କିଛି ଆଶ୍ୱସ୍ତିସୂଚକ କଥା ଶୁଣି ମନ ହାଲୁକା ହୋଇଯାଇପାରେ। ଅନ୍ୟକୁ ସାହାଯ୍ୟ କରିବାକୁ ଯାଇ ନିଜର କାମଟି ଅଟକି ରହିଯିବାର ସୂଚନା ପୂର୍ଣ୍ଣମାତ୍ରାରେ ରହିଛି। ପ୍ରଶାସନିକ କିମ୍ବା ରାଜନୀତିରେ ସଙ୍ଗଠନ ଓ ପରିଚାଳନାଗତ ସମସ୍ୟା ବୃଦ୍ଧି ପାଇବ।

**କନ୍ୟା** ମତାନ୍ତରଜନିତ ପାରିବାରିକ ଅଶାନ୍ତିରୁ ମନ ଅସ୍ଥିର ରହିବ। ଆଜିର ଯାତ୍ରାରେ ହଇରାଣ ହରକତ ହେବାକୁ ପଡ଼ିପାରେ। ଘରର ବରାଦ ଅନୁଯାୟୀ କୌଣସି ଗୃହୋପକରଣ କିଣିବା ସକାଶେ ଯୋଜନା କରିପାରନ୍ତି। କୌଣସି କର୍ମଚାରୀ ଅନ୍ୟ ଦ୍ୱାରା ପ୍ରଭାବିତ ହୋଇ ତାହାର ଆପଣଙ୍କ ପ୍ରତି ଥିବା ଭଲ ମନୋଭାବକୁ ବଦଳାଇ ଦେଇପାରେ।

**ତୁଳା** ସୁବିଧା ଓ ସହଯୋଗ ଅଭାବରୁ ଆରମ୍ଭ କରିଥିବା କାମ ସମ୍ପନ୍ନରେ ସମସ୍ୟାର ସମ୍ମୁଖୀନ ହେବେ। କେତେକ ଦୀର୍ଘ ମିଆଦୀ ଯୋଜନା ଫସର ଫାଟିଯିବାରୁ ମନ ଭଲ ରହିବ ନାହିଁ। ଭଲ ସମ୍ପର୍କ ରହିଥିବା ବନ୍ଧୁ ଅନ୍ୟର କାନକୁହା କଥା ଶୁଣି ଦୂରେଇ ରହିପାରନ୍ତି। ବାଣିଜ୍ୟ ଓ ପରିବହନରେ ସମସ୍ୟା ସମାଧାନ ହେବାର ଆଶା ରହିଛି।

**ବିଛା** ସ୍ୱାସ୍ଥ୍ୟ ସମସ୍ୟା ସୁଧୁରି ଯାଇଥିବାରୁ ଆଶ୍ୱସ୍ତି ଅନୁଭବ କରିବେ। ନୂତନ ବସ୍ତ୍ର ଓ ଆଭୂଷଣ ଲାଭ ସହ ବନ୍ଧୁଙ୍କ ସାନ୍ନିଧ୍ୟରୁ ଖୁସି ରହିବେ। କର୍ମକ୍ଷେତ୍ରରେ ବିଭିନ୍ନ ପ୍ରକାରର କୌଶଳ ଅବଲମ୍ବନ କରି ଆଶା ପୂରଣ ଦିଗରେ ଚେଷ୍ଟା କରିପାରନ୍ତି। ସାମାଜିକ ସ୍ତରରେ ସାହିତ୍ୟ, ସଙ୍ଗୀତ, କଳା, କ୍ରୀଡ଼ା ଓ ଚଳଚ୍ଚିତ୍ରରେ ସୁନାମ ଅର୍ଜନ କରିବେ।

**ଧନୁ** ଆନୁଷ୍ଠାନିକ କ୍ଷେତ୍ରରେ ବନ୍ଧୁଙ୍କ ପ୍ରଶଂସା ଓ ପ୍ରୋତ୍ସାହନ ପାଇ ମନୋବଳ ବୃଦ୍ଧି ପାଇବ। ଆଲୋଚନା ପରିସରରେ ପ୍ରତିଦ୍ୱନ୍ଦ୍ୱୀଙ୍କ ଯୁକ୍ତିକୁ ଗ୍ରହଣ କରିବାକୁ ବାଧ୍ୟ ହେବେ। ବକେୟା ଆଦାୟ କରିବାରେ ଅନ୍ୟମାନଙ୍କର ସହାୟତା ନେବାକୁ ପଡ଼ିପାରେ। ବ୍ୟବସାୟ, ବାଣିଜ୍ୟରେ କ୍ଷତିର ଭରଣା କରିବା ସକାଶେ ପ୍ରଯତ୍ନ କରିପାରନ୍ତି।

**ମକର** ଆଜି କର୍ମାରମ୍ଭ, ବନ୍ଧୁଙ୍କ ଆଲୋଚନା ତଥା ବ୍ୟବସାୟ ଓ ବାଣିଜ୍ୟରେ ଆଶାନୁରୂପ ଲାଭ ହେବ। ସାହିତ୍ୟ, କ୍ରୀଡ଼ା, ଚଳଚ୍ଚିତ୍ର ପ୍ରଭୃତିରେ ସମସ୍ୟା ସମାଧାନ ହେବ। ଭଲ କଥା କହିଲେ ମଧ୍ୟ ପରିବାର ସଦସ୍ୟମାନେ ଭୁଲ୍‌ବୁଝି ଓଲଟି ଦୋଷାରୋପ କରିପାରନ୍ତି। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବାରୁ ସାମୟିକ ଆଶ୍ୱସ୍ତି ଅନୁଭବ କରିପାରନ୍ତି।

**କୁମ୍ଭ** ସ୍ୱାସ୍ଥ୍ୟ ସମସ୍ୟା ସୁଧୁରିଯିବା ସହ ସ୍ଥଗିତ କାମ ସମ୍ପନ୍ନ ହେତୁ ଖୁସି ମିଳିବ। ଋଣ ପରିଶୋଧ ସକାଶେ ବନ୍ଧୁ କିମ୍ବା ବିଭିନ୍ନ ଋଣପ୍ରଦାନକାରୀ ସଂସ୍ଥା ସହ ଯୋଗାଯୋଗ କଲେ ଉପକୃତ ହେବେ। ପାରିବାରିକ ଶୃଙ୍ଖଳା ରକ୍ଷା କରିବାକୁ ଯାଇ ବହୁତ କଷ୍ଟ ସ୍ୱୀକାର କରିବାକୁ ପଡ଼ିବ। ଆଜିର ଯାତ୍ରା ଓ ଗତାନୁଗତିକ କାମରେ କୌଣସି ବାଧା ଉପୁଜିବ ନାହିଁ।

**ମୀନ** ପ୍ରତ୍ୟେକ କ୍ଷେତ୍ରରେ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ ବଢ଼ିପାରେ। ମାତ୍ର କୌଣସି କାମ ସମ୍ପନ୍ନ କରିବା ପାଇଁ ବିଶେଷ କଷ୍ଟ କରିବାକୁ ପଡ଼ିବ ନାହିଁ। ପାରିବାରିକ କ୍ଷେତ୍ରରେ ଅସୁବିଧା ନ ହେଲେ ମଧ୍ୟ ଆଶଙ୍କା କରି ମନ ଅସ୍ଥିର ରହିବ। ପୁରାତନ ରୋଗର ପ୍ରାଦୁର୍ଭାବ ବୃଦ୍ଧି ପାଇବା କାରଣରୁ ସାମୟିକ ବିଚଳିତ ଅନୁଭବ କରିପାରନ୍ତି।

ଆଜି ସେପ୍ଟେମ୍ବର ୧୪ ତାରିଖ, ଆଶ୍ୱିନ କୃଷ୍ଣପକ୍ଷର ମୂଳାଷ୍ଟମୀ ରବିବାର, ଦ୍ୱିତୀବାହନ ଓଷା, ଦେବୁତ୍‌ଥାପନ, ସହସ୍ର କୁମ୍ଭାଭିଷେକ, ଷୋଡ଼ଶ ଦିନାତ୍ମକ ଦୁର୍ଗାପୂଜା ଆରମ୍ଭ, ବିମଳା ଦେବୀଙ୍କର ମହାପୂଜା ଆରମ୍ଭ, ଦୁର୍ଗାମାଧବ ବିଜେ, ରାଶିନକ୍ଷତ୍ର-ଦିବା ଘ.୦୮।୪୧ ପର୍ଯ୍ୟନ୍ତ ରୋହିଣୀ/ବୃଷ, ଅଷ୍ଟମୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ ମହାଳୟା ବିଧିରେ କରାଯିବ। ସକାଳ ଘ.୦୫।୩୭ ଗତେ ଘ.୦୯।୪୦ ମଧ୍ୟେ, ଘ.୦୧।୧୩ ଗତେ ଘ.୦୧।୪୩ ମଧ୍ୟେ ଶୁଦ୍ଧ ଶୁଭବେଳା। ଦିବା ଘ.୦୪।୧୫ ଗତେ ଘ.୦୫।୪୬ ମଧ୍ୟେ ରାହୁକାଳ।

## ଭୁଶୁଡ଼ିଲା ମାର୍କେଟ...

ରାଜପଥ ବନ୍ଦ ରହିଥିଲା। ସୂଚନା ଅନୁଯାୟୀ, ଲୋକନାଥ କେତେଜଣ ଶ୍ରମିକଙ୍କୁ ନେଇ ଦଶହରା ପୂର୍ବରୁ ଦୋକାନ ସଫା କରୁଥିଲେ। ଏହି ସମୟରେ ଶ୍ରମିକମାନେ ଡ୍ରିଲିଂ କାର୍ଯ୍ୟ କରୁଥିବା ବେଳେ ଗୋଟିଏ କୋଠାର ଦୁଇଟି ଦୋକାନ ଛାତ ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଥିଲା। ଦୋକାନରେ ଥିବା ଲୋକନାଥଙ୍କ ଭାଇ ଓ ୨ ଶ୍ରମିକ ଭାଙ୍ଗିବା ଶବ୍ଦ ଶୁଣି ବାହାରକୁ ବାହାରି ଆସିଥିଲେ। କିନ୍ତୁ ଲୋକନାଥ ଦୋକାନ ଭିତରେ ରହିଯାଇଥିବାରୁ ସେ ଛାତ ତଳେ ଚାପିହୋଇଯାଇଥିଲେ। ଏହା ଦେଖି ତାଙ୍କ ଭାଇ ଶ୍ରୀଧର ପାତ୍ର ବାହାରେ ଅଚେତ୍ ହୋଇପଡ଼ିଥିଲେ। କୋରାପୁଟ ଜିଲା ଏସ୍‌ପି ରୋହିତ ବର୍ମା ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରାଇଥିଲେ। ଏହା ପରେ ଓଏସ୍‌ଏପି ତୃତୀୟ ବାଟାଲିଆନ ଓଡ୍ରାଫ ଟିମ୍, ଅଗ୍ନିଶମ ବାହିନୀ ଓ କୋରାପୁଟ ଟାଉନ ପୋଲିସ ପହଞ୍ଚି ଯୁଦ୍ଧକାଳୀନ ଭିତ୍ତିରେ ଉଦ୍ଧାର କାର୍ଯ୍ୟ କରିଥିଲେ। ଘଟଣାର ଏକ ଘଣ୍ଟା ପରେ ଲୋକନାଥଙ୍କୁ ଗୁରୁତର ଅବସ୍ଥାରେ ଛାତ ତଳୁ ଉଦ୍ଧାର କରାଯାଇଥିଲା। ତାଙ୍କୁ କୋରାପୁଟ ଶହୀଦ ଲକ୍ଷ୍ମଣ ନାୟକ ମେଡିକାଲ କଲେଜରେ ଭର୍ତ୍ତି କରାଯାଇଥିଲା। ସେଠାରେ ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ଘଟଣାସ୍ଥଳରେ କୋରାପୁଟ ବିଧାୟକ ରଘୁରାମ ମାଛ, ପ୍ରୋବେସନାରି ଆଇଏଏସ୍ ଅଫିସର ସନ୍ତୋଷ ପାତ୍ର, ଉପଜିଲାପାଳ ପ୍ରେମଲାଲ ହିଆଲ, ପୌରାଧ୍ୟକ୍ଷ ଲଲାଟ ରଞ୍ଜନ ସେଠୀ, ପୋଲିସ ଏସ୍‌ଡିପିଓ ଏବଂ ଟାଉନ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ। ରବିବାର ଏହି ମାର୍କେଟ କମ୍ପ୍ଲେକ୍ସର ଅନ୍ୟ ଦୋକାନ ଗୃହଗୁଡ଼ିକ ଯାଞ୍ଚ କରାଯାଇ ଆଗାମୀ ପଦକ୍ଷେପ ଗ୍ରହଣ କରାଯିବ ବୋଲି ଏସ୍‌ପି ବର୍ମା ଓ ଉପଜିଲାପାଳ ହିଆଲ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ମୃତ ଲୋକନାଥଙ୍କ ପରିବାର ଲୋକଙ୍କୁ ଜିଲା ପ୍ରଶାସନ ପକ୍ଷରୁ ତହସିଲଦାର ଏସ୍. ସବୀର ୩୦ ହଜାର ଟଙ୍କା ସହାୟତା ରାଶି ପ୍ରଦାନ କରିଛନ୍ତି।

ପ୍ରଥମ ପୃଷ୍ଠାରୁ...



କୋରାପୁଟରେ ମାର୍କେଟ କମ୍ପ୍ଲେକ୍ସର ୨ ଦୋକାନ ଭୁଶୁଡ଼ିବା ପରେ ଉଦ୍ଧାର କାର୍ଯ୍ୟ ଜାରି ରହିଛି।

## ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)


**ଭାସିଲା ପଥର ବୁଡ଼ିଲା ଶୋଲ,**
**ହରିବୋଲ ଭାଇ ଗୋବିନ୍ଦ ବୋଲ।**

ଯେଉଁଠି ବିପର୍ଯ୍ୟୟ ଦେଖା ନ ଯିବା କଥା ସେଠି ଯଦି ସେହିଭଳି ଅବସ୍ଥା ସୃଷ୍ଟି ହୁଏ, ତେବେ ସେଥିରୁ ବର୍ତ୍ତିବା ମଣିଷଙ୍କ ପକ୍ଷେ ଦୁରୂହବ୍ୟାପାର ହୋଇଯାଏ। ଏପରିସ୍ଥଳେ ସେଥିରୁ ରକ୍ଷା ପାଇବାଲାଗି କେବଳ ହରି ହିଁ ଭରସା ହେଉଥିବା ଅର୍ଥରେ ଏଭଳି ଉକ୍ତି ପ୍ରକାଶ କରାଯାଇଛି।

**ଭିତରେ ଭିତରେ ମୂଷା**
**କାଟି ଦେଇଗଲା ଖୋଷା**
**ନହର ଯାକ ଖୋଜା ପଡ଼ିଛି**
**ରଙ୍କକୁ ପଡ଼ିଛି ଦଶା!**

ଧୂର୍ତ୍ତ ପ୍ରକୃତି ବ୍ୟକ୍ତିର କାର୍ଯ୍ୟକଳାପକୁ କେହି ସହଜରେ ଜାଣିପାରି ନ ଥାନ୍ତି। ଏମିତି କଳକୌଶଳ ବା ଖଞ୍ଜାରେ କାମ କରନ୍ତି ଯେ ତା'ର ଟେର୍ କେହି ବି ପାଇପାରି ନ ଥାନ୍ତି। ଏପରି ବ୍ୟକ୍ତି ଅତି ସନ୍ତର୍ପଣ ସହକାରେ ନିଜର ଫାଇଦା ଉଠାଇ ନେଇ ସରଳ ନିରୀହ ବ୍ୟକ୍ତି ମୁଣ୍ଡରେ ସବୁ ଦୋଷ ଲଦି ଦେଇଥାନ୍ତି। ଫଳସ୍ୱରୂପ ଉକ୍ତ ବ୍ୟକ୍ତି କିଛି ନ କରି ମଧ୍ୟ ସମାଜ ଆଖିରେ ନିନ୍ଦନୀୟ ହୋଇପଡୁଥିବା ଅର୍ଥରେ ଏଭଳି ଉକ୍ତି ଉଲ୍ଲେଖ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ଲୋକଗୀତ - ଫ୍ରେଣ୍ଡସ୍ ପବ୍ଲିଶର୍ସ



ଶନିବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

## ଏସିଆ କପ୍: ଆଜି ...

ପହଲଗାମ ଆତଙ୍କବାଦୀ ଆକ୍ରମଣରେ ୨୬ ପର୍ଯ୍ୟଟକ ପ୍ରାଣ ହରାଇଥିଲେ। ମୃତକଙ୍କ ମଧ୍ୟରେ ସମସ୍ତେ ପୁରୁଷ ଥିଲେ। ଜବାବରେ ଭାରତ ପକ୍ଷରୁ ଅପରେଶନ ସିନ୍ଦୂର କରାଯାଇଥିଲା। ଏହି ଘଟଣାକୁ ୫ ମାସ ପୂରି ନଥିବା ବେଳେ ଦୁଇ ଦେଶ ମଧ୍ୟରେ ଖେଳାଯିବାକୁ ଥିବା ମ୍ୟାଚ୍‌କୁ ପ୍ରବଳ ବିରୋଧ କରାଯାଉଛି। ମୃତକଙ୍କ ପରିବାରବର୍ଗଙ୍କ ପକ୍ଷରୁ ମ୍ୟାଚ୍‌କୁ ବର୍ଜନ କରିବାକୁ ଦାବି କରାଯାଉଛି। ପହଲଗାମ ଆକ୍ରମଣରେ ପ୍ରାଣ ହରାଇଥିବା ଶୁଭମ ଦ୍ୱିବେଦୀଙ୍କ ସ୍ତ୍ରୀ ଐଶାନ୍ୟା ଦ୍ୱିବେଦୀ କହିଛନ୍ତି ଯେ, ପାକିସ୍ତାନ ସହ ଭାରତ ମ୍ୟାଚ୍ ଖେଳିବା ଉଚିତ ନୁହେଁ। ପହଲଗାମରେ ପ୍ରାଣ ହରାଇଥିବା ୨୬ ଜଣଙ୍କ ପ୍ରତି ବିସିସିଆଇର କୌଣସି ସକାରାତ୍ମକ ମନୋଭାବ ନଥିଲା ଭଳି ମନେହେଉଛି। ସେମାନଙ୍କ ପରିବାରର କେହି ପ୍ରାଣ ହରାଇ ନ ଥିବାରୁ ସେମାନଙ୍କ ଲାଗି ଏହା ମୂଲ୍ୟହୀନ। କ୍ରିକେଟରମାନେ କାହିଁକି ପାକିସ୍ତାନ ସହ ଖେଳୁଛନ୍ତି। ଖେଳାଳିମାନେ ମଧ୍ୟ ନିଜ ପକ୍ଷ ରଖିପାରିବେ। ଏପରିକି ମ୍ୟାଚ୍ ବାତିଲ ପାଇଁ ସୁପ୍ରିମକୋର୍ଟରେ ମଧ୍ୟ ଏକ ଆବେଦନ ଦାଖଲ କରାଯାଇଥିଲା। ଏଥିରେ ଉଲ୍ଲେଖ କରାଯାଇଥିଲା ଯେ, କ୍ରିକେଟ୍ ଦୁଇ ଦେଶ ମଧ୍ୟରେ ବନ୍ଧୁତା ଓ ସମନ୍ୱୟକୁ ଦର୍ଶାଏ। କିନ୍ତୁ ଆମ ସୈନ୍ୟମାନେ ବଳିଦାନ ଦେଉଥିବା ବେଳେ ଆତଙ୍କବାଦୀଙ୍କୁ ଆଶ୍ରୟ ଦେଉଥିବା ଦେଶ ସହ ମ୍ୟାଚ୍ ଖେଳିବା ଭୁଲ ବାର୍ତ୍ତା ଦେବ ଏବଂ ସଶସ୍ତ୍ର ବାହିନୀର ମନୋବଳକୁ ଦୁର୍ବଳ କରିବ। କିନ୍ତୁ ସୁପ୍ରିମକୋର୍ଟ ଆବେଦନକୁ ଖାରଜ କରିଥିଲେ। ବିଭିନ୍ନ ରାଜନୈତିକ ଦଳ ପକ୍ଷରୁ ମଧ୍ୟ ମ୍ୟାଚ୍‌କୁ ବିରୋଧ କରାଯାଉଛି। ଶିବ ସେନା (ୟୁବିଟି) ମୁଖ୍ୟ ଉଦ୍ଧବ ଠାକରେ କହିଛନ୍ତି ଯେ, ଯୁଦ୍ଧ ଓ କ୍ରିକେଟ୍ ଏକା ସମୟରେ କେମିତି ଚାଲିପାରିବ। ସେମାନେ ଦେଶଭକ୍ତିକୁ ଏକ ବ୍ୟାପାର କରିଦେଇଛନ୍ତି। ସେମାନଙ୍କୁ କେବଳ ଟଙ୍କା ଦରକାର। ଅନ୍ୟପକ୍ଷରେ ପୂର୍ବତନ କେନ୍ଦ୍ର ମନ୍ତ୍ରୀ ଅନୁରାଗ ଠାକୁର ପ୍ରକାଶ କରିଛନ୍ତି ଯେ, ଏସିସି ଓ ଆଇସିସି ଦ୍ୱାରା ଯେତେବେଳେ ବହୁଦେଶୀୟ ଟୁର୍ନାମେଣ୍ଟ ଆୟୋଜନ କରାଯାଏ, ସେତେବେଳେ ମ୍ୟାଚ୍ ଖେଳିବା ବାଧ୍ୟବାଧକତା ହୋଇଯାଏ। ଯଦି ସେମାନେ ମ୍ୟାଚ୍ ଖେଳିବେ ନାହିଁ, ତେବେ ସେମାନଙ୍କୁ ଟୁର୍ନାମେଣ୍ଟରୁ ବିଦାୟ ନେବାକୁ ପଡ଼ିବ। ସେମାନଙ୍କୁ ମ୍ୟାଚ୍‌ରୁ ଓହରିବାକୁ ପଡ଼ିବ ଓ ପ୍ରତିପକ୍ଷ ଦଳକୁ ପଏଣ୍ଟ ମିଳିବ। କିନ୍ତୁ ପାକିସ୍ତାନ ସହ ଭାରତ କୌଣସି ଦ୍ୱିପାକ୍ଷିକ ଟୁର୍ନାମେଣ୍ଟ ଖେଳେ ନାହିଁ। ତେବେ ଉଭୟ ଭାରତ ଓ ପାକିସ୍ତାନ ଏସିଆ କପ୍ ଟୁର୍ନାମେଣ୍ଟରେ ବିଜୟ ସହ ଅଭିଯାନ ଆରମ୍ଭ କରିଛନ୍ତି। ଦୁଇ ଦଳ ଯଥାକ୍ରମେ ସେମାନଙ୍କ ପ୍ରଥମ ମ୍ୟାଚ୍‌ରେ ୟୁଏଇ ଓ ଓମାନକୁ ହରାଇଛନ୍ତି। ଦୁଇ ଦଳ ଏହି ଟୁର୍ନାମେଣ୍ଟରେ ସର୍ବାଧିକ ୩ ଥର ପରସ୍ପରକୁ ଭେଟିପାରନ୍ତି।

## ୨୭ରେ ଓଡ଼ିଶା ଆସିବେ ...

ପ୍ରଧାନମନ୍ତ୍ରୀ ଓଡ଼ିଶା ଆସିବେ। ମୋଦି ତାଙ୍କ ଗତ ଜନ୍ମଦିନ ସମୟରେ ଓଡ଼ିଶା ଆସି ସୁଭଦ୍ରା ଯୋଜନାର ଶୁଭାରମ୍ଭ କରିଥିଲେ। ରାଜ୍ୟରେ ଭାଜପା ସରକାର ଆସିବା ପରେ ଏହା ପ୍ରଧାନମନ୍ତ୍ରୀଙ୍କ ୮ମ ଥର ପାଇଁ ରାଜ୍ୟ ଗସ୍ତ କାର୍ଯ୍ୟକ୍ରମ ହେବ। ଅନ୍ୟପକ୍ଷରେ ଭାଜପା କ୍ଷମତାକୁ ଆସିବା ପରଠାରୁ ଖାଲି ପଡ଼ିଥିବା ୬ ମନ୍ତ୍ରୀ ପଦ ପୂରଣ ଏବଂ ନିଗମ ଓ ବୋର୍ଡରେ ଦଳୀୟ ନେତାଙ୍କୁ ଥଇଥାନ କରାଯାଇପାରିନାହିଁ। ଏହି ପ୍ରସଙ୍ଗରେ ଶନିବାର ଗଣମାଧ୍ୟମକୁ ସୂଚନା ଦେଇ ଦଳର ପ୍ରଭାରୀ ବିଜୟ ପାଲ ସିଂ ତୋମାର

**▪ ଏହି ମାସରେ ବହୁ କିଛି ହେବାକୁ ଯାଉଛି: ତୋମାର**
**▪ ପ୍ରଭାରୀଙ୍କ ମନ୍ତବ୍ୟ ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ନିଗମ ଓ ବୋର୍ଡରେ ନିଯୁକ୍ତି ନେଇ ଚର୍ଚ୍ଚା**

କହିଛନ୍ତି, ଏହି ମାସରେ ବହୁ କିଛି ହେବାକୁ ଯାଉଛି। ମୋଦି ଯେତେବେଳେ ଓଡ଼ିଶା ଆସନ୍ତି କିଛି ଦେଇକରି ଯାଇଥାଆନ୍ତି। ପ୍ରଧାନମନ୍ତ୍ରୀଙ୍କ ଫୋକସ୍‌ରେ ସବୁବେଳେ ଯୁବବର୍ଗ, ଏହା ତାଙ୍କର ପ୍ରାଥମିକତା ବୋଲି ତୋମାର କହିଛନ୍ତି।

ମନ୍ତ୍ରୀ ତଥା ଭାଜପା ନେତା ବିଭୂତି ଭୂଷଣ ଜେନା କହିଛନ୍ତି, ୨୭ରେ ପ୍ରଧାନମନ୍ତ୍ରୀ ଆସିବା ଏକ ପ୍ରକାର ନିଶ୍ଚିତ। ଏଥିଲାଗି ଦୁଇରୁ ୩ଟା ଜାଗା ଦେଖାଯାଇସାରିଛି। ବର୍ଷା ଯୋଗୁ ଯେଉଁ ସ୍ଥାନ ଉପଯୁକ୍ତ ହେବ ସେହି ଅନୁଯାୟୀ ଦେଖାଚାଲିଛି, ଯାହା ଦୁଇ ଦିନ ଭିତରେ ସ୍ଥିର ହୋଇଯିବ। କାର୍ଯ୍ୟକ୍ରମରେ ୩ ଲକ୍ଷ ଲୋକଙ୍କ ସମାଗମ ହେବ। ପ୍ରଧାନମନ୍ତ୍ରୀ ତାଙ୍କ ଗସ୍ତ ଅବସରରେ କିଛି ପ୍ରକଳ୍ପର ଶୁଭାରମ୍ଭ ମଧ୍ୟ କରିବେ ବୋଲି ମନ୍ତ୍ରୀ ଜେନା କହିଛନ୍ତି। ଅନ୍ୟପଟେ ମୋଦିଙ୍କ ଓଡ଼ିଶା ଗସ୍ତ ନେଇ ପ୍ରଦେଶ କଂଗ୍ରେସ କମିଟି(ପିସିସି) ସଭାପତି ଭକ୍ତ ଚରଣ ଦାସ କହିଛନ୍ତି, ଯେତେବେଳ ପର୍ଯ୍ୟନ୍ତ ଓଡ଼ିଶାର ସବୁ ଖଣି ତାଙ୍କ ବନ୍ଧୁମାନଙ୍କୁ ଲିଜ୍‌ରେ ଦିଆଯାଇ ନାହିଁ ସେତେଦିନ ପର୍ଯ୍ୟନ୍ତ ସେ ଆସୁଥିବେ। ମଣିପୁରରେ ଦୀର୍ଘଦିନ ହେଲା ପ୍ରତିବାଦ ଚାଲିଛି, ଏତେଦିନ ପରେ ତାଙ୍କର ଚେତିଲା ପଶିଲା ବୋଲି ଭକ୍ତ କହିଛନ୍ତି।

## ନୂଆପଡ଼ା ଉପନିର୍ବାଚନ ...

ଅକ୍ଟୋବର ୭ ତାରିଖରେ ସବୁ ଦାବି ଏବଂ ଆପତ୍ତିର ସମାଧାନ କରାଯିବ। ଅକ୍ଟୋବର ୯ରେ ଚୂଡ଼ାନ୍ତ ଭୋଟର ତାଲିକା ପ୍ରକାଶ ପାଇବ ବୋଲି ସୂଚନା ଦିଆଯାଇଛି। ସୂଚନାଯୋଗ୍ୟ, ୨୦୨୪ ନିର୍ବାଚନରେ ନୂଆପଡ଼ା ବିଧାନସଭା କ୍ଷେତ୍ର(୭୧)ରୁ ସ୍ୱର୍ଗତ ରାଜେନ୍ଦ୍ର ଢୋଲକିଆ ବିଜୟୀ ହୋଇଥିଲେ। ଗତ ୮ ତାରିଖରେ ତାଙ୍କର ଦେହାନ୍ତ ହୋଇଯାଇଛି। ଢୋଲକିଆଙ୍କ ଦେହାନ୍ତ ପରେ ଏହି ବିଧାନସଭା ନିର୍ବାଚନମଣ୍ଡଳୀର ଆସନ ଖାଲି ନେଇ ଗତ ୧୧ ତାରିଖରେ ନିର୍ବାଚନ କମିଶନଙ୍କ ପକ୍ଷରୁ ବିଜ୍ଞପ୍ତି ଜାରି କରାଯାଇସାରିଛି। ନିୟମାନୁଯାୟୀ କୌଣସି ଆସନ ଖାଲି ହେବାର ୬ ମାସ ମଧ୍ୟରେ ସେଠାରେ ଉପନିର୍ବାଚନ କରାଯିବ। ସେହି କ୍ରମରେ ଏବେଠାରୁ ନୂଆପଡ଼ା ଉପନିର୍ବାଚନ ଲାଗି ନିର୍ବାଚନ କମିଶନ ପ୍ରକ୍ରିୟା ଆରମ୍ଭ କରିଦେଇଛନ୍ତି। ଆଗକୁ ବିହାର ନିର୍ବାଚନ ହେବାକୁ ଯାଉଛି। ତେଣୁ ବିହାର ନିର୍ବାଚନ ନେଇ ଘୋଷଣା ହେବାବେଳେ ନୂଆପଡ଼ା ଆସନର ଉପନିର୍ବାଚନ ତାରିଖ ମଧ୍ୟ ଘୋଷଣା ହୋଇପାରେ ବୋଲି ଚର୍ଚ୍ଚା ହେଉଛି।

## ପରକୀୟା ପ୍ରୀତି ...

୨ଯୁବକଙ୍କୁ ଏକ ବିଦ୍ୟୁତ୍ ଖୁଣ୍ଟରେ ବାନ୍ଧି ନିସ୍ତୁକ ମାଡ଼ ମାରିଥିଲେ। ଏହି ଘଟଣାକୁ ନେଇ ଥାନାରେ ଅଭିଯୋଗ ହେବା ପରେ ପୋଲିସ ଏକ ମାମଲା (ନଂ. ୩୧୦/୨୫) ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା । ଫଟୋ ଓ ଭିଡିଓକୁ ଦେଖି ଘଟଣାରେ ସମ୍ପୃକ୍ତ ଅଭିଯୁକ୍ତମାନଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। ଘଟଣାରେ ଜଡ଼ିତ ଅନ୍ୟ ଅପରାଧୀଙ୍କୁ ଖୁବ୍‌ଶୀଘ୍ର ଗିରଫ କରାଯିବ ବୋଲି ଥାନାଧିକାରିଣୀ ସଂଯୁକ୍ତା ମହାଳିକ କହିଛନ୍ତି।

# ସୁରକ୍ଷା ପ୍ରତିଟି ବ୍ୟକ୍ତିଙ୍କ ସାମୂହିକ ଦାୟିତ୍ୱ: ମୁଖ୍ୟମନ୍ତ୍ରୀ

**ଶୂନ ଦୁର୍ଘଟଣା ଦିବସର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ**

- ଦୁର୍ଘଟଣା ଶୂନ୍ୟ ରାଜ୍ୟ ଗଢ଼ିବା ପାଇଁ ଆହ୍ୱାନ
- ୧୩ ବ୍ଲକ୍‌ରେ ଗଡ଼ିଲା ଶୂନ ଦୁର୍ଘଟଣା ବାର୍ତ୍ତା ପ୍ରଚାର ରଥ

**କେନ୍ଦୁଝର,୧୩।୯(ଦୀପକ ମିଶ୍ର/ ନରେଶ ଚନ୍ଦ୍ର ପଟ୍ଟନାୟକ)**




ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସଡ଼କ ସୁରକ୍ଷା ବାର୍ତ୍ତା ପ୍ରଚାରକଙ୍କୁ ସମ୍ମାନିତ କରୁଛନ୍ତି।

କେନ୍ଦୁଝର ଜିଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ବାଣିଜ୍ୟ ଓ ପରିବହନ ବିଭାଗ ଦ୍ୱାରା ଆୟୋଜିତ ଜିରୋ ଆକ୍ସିଡେଣ୍ଟ ଡେ ବା ଶୂନ ଦୁର୍ଘଟଣା ଦିବସ ଅଭିଯାନର ଶନିବାର ଶୁଭାରମ୍ଭ ହୋଇଛି। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଅଭିଯାନର ଶୁଭାରମ୍ଭକରି ସୁରକ୍ଷା କେବଳ ସରକାରଙ୍କ କାମ ନୁହେଁ। ଏଥିପ୍ରତି ସଚେତନ ହେବା ପ୍ରତ୍ୟେକ ବ୍ୟକ୍ତିଙ୍କ ସାମୂହିକ ଦାୟିତ୍ୱ। ଓଡ଼ିଶାକୁ ଏକ ଦୁର୍ଘଟଣା ଶୂନ୍ୟ ରାଜ୍ୟ ଭାବେ ଗଢ଼ିବା ପାଇଁ ସମସ୍ତଙ୍କୁ ସେ ଆହ୍ୱାନ ଦେଇଥିଲେ।

ଗଣମାଧ୍ୟମକୁ ବିବୃତି ଦେଇ ସେ କହିଥିଲେ, ଭୁବନେଶ୍ୱରରେ ଶୂନ ଦୁର୍ଘଟଣା ଦିବସର ସଫଳତା ପରେ କେନ୍ଦୁଝରରେ ଏହି ଅଭିଯାନକୁ ଆଗକୁ ନେବାରେ ଓଡ଼ିଶା ପ୍ରଥମ ଜିଲା ହୋଇଛି। ଆମର ଲକ୍ଷ୍ୟ ଶୂନ ଦୁର୍ଘଟଣା ଦିବସ ସଚେତନତା ବାର୍ତ୍ତାକୁ ପ୍ରତି ସହର, ଗାଁ ଏପରିକି ଘରେ ଘରେ ପହଞ୍ଚାଇବା। ନିଜେ ସଚେତନ ହେବା ସହ ଅନ୍ୟଙ୍କୁ ସଚେତନ କରାଇବା। ସମସ୍ତ କ୍ଷେତ୍ରରେ ସତର୍କତା ହିଁ ଆମକୁ ଏସବୁ ଦୁର୍ଘଟଣାରୁ ବଞ୍ଚାଇପାରିବ। କେନ୍ଦୁଝର ଏକ ଖଣିବହୁଳ ଅଞ୍ଚଳ ହୋଇଥିବାରୁ ଦିନରାତି ଖଣିଜ ପଦାର୍ଥ ପରିବହନ ହୋଇଥାଏ। ଏହା ଅଞ୍ଚଳର ଅର୍ଥନୀତିକୁ ସଚଳ କରୁଛି, କିନ୍ତୁ ସଡ଼କ ସୁରକ୍ଷା ପାଇଁ ଏକ ବିଶେଷ ଚାଲେଞ୍ଜ ହୋଇଯାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ତେଣୁ ପ୍ରତ୍ୟେକ ନାଗରିକଙ୍କୁ ଯାତାୟାତ ସମୟରେ ସଡ଼କ ସୁରକ୍ଷା ନିୟମାବଳୀ ମାନିବା ସହ ସତର୍କତା ଅବଲମ୍ବନ କରିବା ପାଇଁ ଆହ୍ୱାନ ଦେଇଥିଲେ। ସମସ୍ତଙ୍କ ସହଯୋଗ ବିନା ଏହା ସଫଳ ହୋଇପାରିବ ନାହିଁ ବୋଲି କହିଥିଲେ। ଏଥିସହ ଖଣି ଓ ଶିଳ୍ପ କ୍ଷେତ୍ର ସହ ସଂଲଗ୍ନ ସମସ୍ତ କମ୍ପାନୀ, ଡ୍ରାଇଭର, କର୍ମଚାରୀଙ୍କ ସୁରକ୍ଷାକୁ ପ୍ରାଥମିକତା ଦିଅନ୍ତୁ। ଭାରିଯାନଗୁଡ଼ିକର ନିୟମିତ ମେଣ୍ଟେନାନ୍ସ, ଡ୍ରାଇଭରଙ୍କ ପ୍ରଶିକ୍ଷଣକୁ ଗୁରୁତ୍ୱ ଦିଅନ୍ତୁ ବୋଲି ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ଜିରୋ ଆକ୍ସିଡେଣ୍ଟ ସେଲ୍ଫି ପଏଣ୍ଟ, ଦସ୍ତଖତ ଅଭିଯାନକୁ ଉଦ୍‌ଘାଟନକରିବା ସହ ସଡ଼କ ସୁରକ୍ଷା ବାର୍ତ୍ତା ପ୍ରଚାରକଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏଥିସହ ମୁଖ୍ୟମନ୍ତ୍ରୀ କେନ୍ଦୁଝର ଜିଲାର ସମସ୍ତ ୧୩ ବ୍ଲକ୍‌ରେ ସଡ଼କ ସୁରକ୍ଷା ସଚେତନତା ତଥା ଶୂନ ଦୁର୍ଘଟଣା ବାର୍ତ୍ତା ପ୍ରଚାର ରଥର ଶୁଭାରମ୍ଭ କରିଥିଲେ।

ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ସଭା ସଦସ୍ୟ ସୁଜିତ କୁମାର, କେନ୍ଦୁଝର ଏମ୍‌ପି ଅନନ୍ତ ନାୟକ, ଘସିପୁରା ବିଧାୟକ ବଦ୍ରିନାରାୟଣ ପାତ୍ର, ଚମ୍ପୁଆ ବିଧାୟକ ସନାତନ ମହାକୁଡ଼, ପାଟଣା ବିଧାୟକ ଅଖିଳ ନାୟକ, ତେଲକୋଇ ବିଧାୟକ ଡା. ଫକୀର ମୋହନ ନାୟକ, ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀ, ପୋଲିସ ଡିଜି ଯୋଗେଶ ବାହାଦୁର ଖୁରାନିଆ, ଏସ୍‌ଟିଏ କମିଶନର ଅମିତାଭ ଠାକୁର, ଡିଆଇଜି ବ୍ରିଜେଶ ରାୟ, ଜିଲାପାଳ ବିଶାଳ ସିଂହ ପ୍ରମୁଖ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ, ଆଇଆଇଟି ମାଡ୍ରାସ୍ ସହାୟତାରେ କେନ୍ଦୁଝରରେ ଏଥିନିମନ୍ତେ ଏକ ୧୪ ଦିନିଆ କାର୍ଯ୍ୟକ୍ରମ ଆୟୋଜନ ହେଉଛି। ଦୁର୍ଘଟଣାକୁ କିପରି ପ୍ରତିହତ କରିହେବ, ସେଥିପାଇଁ ଆଇଆଇଟି ମାଡ୍ରାସ୍‌ର ଏକ ଟିମ୍ ମାର୍ଗଦର୍ଶନ କରିବେ।

# ମାଡ଼ ଭୟରେ ବନ୍ଦ ବାକ୍ସରେ ଛାତ୍ର

**ବଣାଇଁ,୧୩।୯(ପ୍ରଦୀପ ତ୍ରିପାଠୀ)**

- ଅଚେତ ଅବସ୍ଥାରେ ଉଦ୍ଧାର
- ସହପାଠୀଙ୍କୁ ଦାୟୀକଲେ ପରିବାର ଲୋକେ

ସୁନ୍ଦରଗଡ଼ ଜିଲା ଗୁରୁଣ୍ଡିଆ ବ୍ଲକ ଅନ୍ତର୍ଗତ ଜର୍ଡାର ଏକ ବିଦ୍ୟାଳୟର ଛାତ୍ରାବାସରୁ ଶୁକ୍ରବାର ଜଣେ ଛାତ୍ରଙ୍କୁ ଅଚେତ ଅବସ୍ଥାରେ ବାକ୍ସ ଭିତରୁ ଉଦ୍ଧାର କରାଯାଇଛି। ତାଙ୍କ ଘର ବ୍ରାହ୍ମଣଡିହି ଗ୍ରାମରେ ହୋଇଥିବାବେଳେ ସେ ତୃତୀୟ ଶ୍ରେଣୀରେ ପଢ଼ନ୍ତି। ମାଡ଼ ଭୟରେ ଉକ୍ତ ଛାତ୍ରଙ୍କୁ ତାଙ୍କର ଜଣେ ସହପାଠୀ ଏକ ବାକ୍ସ ଭିତରେ ପୂରାଇ ଦେଇଥିବା ପରିବାର ଲୋକେ ଅଭିଯୋଗ କରିଛନ୍ତି। ଛାତ୍ର ଜଣଙ୍କ ସୁସ୍ଥ ଥିବାବେଳେ ତାଙ୍କୁ ପ୍ରାଥମିକ ଚିକିତ୍ସା ପରେ ପରିବାର ଲୋକେ ଘରକୁ ନେଇଥିବା ଜଣାପଡ଼ିଛି।

ସୂଚନା ଅନୁଯାୟୀ, ଶୁକ୍ରବାର ଛାତ୍ରାବାସରେ କୌଣସି କାରଣ ଯୋଗୁ ତୃତୀୟ ଶ୍ରେଣୀର ଛାତ୍ର ଏବଂ ତାଙ୍କର ସହପାଠୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଏଥିରେ ଭୟଭୀତ ହୋଇ ମାଡ଼ ଭୟରେ ଜଣେ ସହପାଠୀ ତାଙ୍କୁ ଏକ ବାକ୍ସ ଭିତରେ ପୂରାଇ ଦେଇଥିଲେ। ପ୍ରାର୍ଥନା କ୍ଲାସ ପରେ ରୋଲ୍ ନଂ. ପଡିବା ସମୟରେ ଛାତ୍ର ଜଣଙ୍କ ଅନୁପସ୍ଥିତ ଥିବା ଜଣାପଡ଼ିଥିଲା। ଏହା ଦେଖି ୱାର୍ଡେନ ପ୍ରଧାନଶିକ୍ଷକଙ୍କୁ ଜଣାଇ ସମସ୍ତେ ଖୋଜିଥିଲେ। କୌଣସି ସ୍ଥାନରେ ତାଙ୍କୁ ନ ପାଇବା ପରେ ତାଙ୍କ ଘରକୁ ଫୋନ କରିଥିଲେ। ପରିବାର ଲୋକେ ଛାତ୍ରାବାସରେ ପହଞ୍ଚି ଖୋଜାଖୋଜି କରିଥିଲେ। ଏହି ସମୟରେ ଏକ ବନ୍ଦ ବାକ୍ସ ଭିତରୁ କିଛି ଶବ୍ଦ ଶୁଣାଯାଇଥିଲା। ପରିବାର ଲୋକେ ଖୋଲିବା ପରେ ଅଚେତ ଅବସ୍ଥାରେ ଛାତ୍ରଙ୍କୁ ଉଦ୍ଧାର କରିଥିଲେ। ପରେ ତାଙ୍କୁ ଜର୍ଡା ଡାକ୍ତରଖାନାରେ ଚିକିତ୍ସା କରିବା ପରେ ଘରକୁ ନେଇଯାଇଥିଲେ। ଝଗଡ଼ା ଲାଗିଥିବା ସହପାଠୀ ବାକ୍ସ ଭିତରେ ପୂରାଇ ଥିବା ନେଇ ପରିବାର ଲୋକେ ଅଭିଯୋଗ କରିଥିବା ବେଳେ ସହପାଠୀ ଏହାକୁ ମିଛ କଥା କହି ମାଡ଼ ଭୟରେ ନିଜେ ସେ ବାକ୍ସ ଭିତରେ ଲୁଚିଥିବା କହିଛନ୍ତି। ଏହି ଘଟଣା ଅଭିଭାବକ ମହଲରେ ଆଲୋଡ଼ନ ସୃଷ୍ଟି କରିଛି। ଛାତ୍ରାବାସରେ ଏଭଳି ଘଟଣା ଘଟୁଥିବାରୁ ପିଲାଙ୍କ ସୁରକ୍ଷାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସରକାର ତୁରନ୍ତ ଏନେଇ ଦୃଷ୍ଟି ଦେବାକୁ ଦାବି ହେଉଛି।

# ବଡ଼ଚଣାର ପୂର୍ବତନ ଥାନା ଅଧିକାରୀ ନିଲମ୍ବିତ

**ଚଣ୍ଡିଖୋଲ,୧୩।୯(ପ୍ରଦୀପ୍ତ କୁମାର ପୃଷ୍ଟି)**

**କର୍ତ୍ତବ୍ୟରେ ଅବହେଳା, ପୋଲିସ ଆଇନ ଉଲ୍ଲଂଘନ**




ମଧୁସ୍ମିତା ବେହେରା

ଯାଜପୁର ଜିଲା ବଡ଼ଚଣା ଥାନାର ପୂର୍ବତନ ଥାନା ଅଧିକାରୀ ମଧୁସ୍ମିତା ବେହେରାଙ୍କୁ ଶନିବାର ନିଲମ୍ବିତ କରାଯାଇଛି। କର୍ତ୍ତବ୍ୟରେ ଅବହେଳା ଓ ପୋଲିସ ଆଇନ ଉଲ୍ଲଂଘନ ଅଭିଯୋଗରେ ଓଡ଼ିଶା ପୋଲିସ ମୁଖ୍ୟାଳୟ ପତ୍ର ସଂଖ୍ୟା ୩୨୧୫ରେ ତାଙ୍କ ବିରୋଧରେ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ନିଲମ୍ବନ ସମୟରେ ସେ ଯାଜପୁର ଏସ୍‌ପିଙ୍କ କାର୍ଯ୍ୟାଳୟରେ ରହିବେ ବୋଲି ନିର୍ଦ୍ଦେଶ ରହିଛି।

କଟକ ଜିଲା ନିଶ୍ଚିନ୍ତକୋଇଲି ଥାନା ଅନ୍ତର୍ଗତ କଟିକଟା ବଜାରର ଏକ ଔଷଧ ଦୋକାନରେ ରୋଗୀ ଦେଖୁଥିବା ଡାକ୍ତରଙ୍କ ପାଖକୁ ବଡ଼ଚଣା ଥାନା ଅଞ୍ଚଳର ଜଣେ ମହିଳା ଚିକିତ୍ସା ପାଇଁ ଯାଇଥିଲେ। ଏହି ସମୟରେ ସମ୍ପୃକ୍ତ ଡାକ୍ତର ନକଲି ବୋଲି ମହିଳା ଜଣକ ଜାଣି ବଡ଼ଚଣା ଥାନରେ ଅଭିଯୋଗ କରିଥିଲେ। ୨୪।୦୬।୨୦୨୫ରେ ବଡ଼ଚଣା ଥାନା ଅଧିକାରୀ ଥିବା ମଧୁସ୍ମିତା ଘଟଣାର ତଦନ୍ତ କରିବାକୁ କଟିକଟା ଯାଇଥିଲେ। ସେଠାରେ ଡାକ୍ତରଙ୍କୁ ପାଇ ନ ଥିଲେ। ଏହାପରେ ସମ୍ପୃକ୍ତ ଡାକ୍ତର ରୋଗୀ ଦେଖୁଥିବା ଔଷଧ ଦୋକାନର ମାଲିକ ପ୍ରଫୁଲ୍ଲ ସାହୁଙ୍କୁ ମଧୁସ୍ମିତା ଉଠାଇ ଆଣି ୩ ଦିନ ଥାନାରେ ଅଟକ ରଖିଥିଲେ। ଏଥିସହିତ ତାଙ୍କୁ ନିର୍ଯାତନା ଦେଉଥିଲେ। ପରେ ତାଙ୍କୁ ଛାଡ଼ିବାକୁ ମଧ୍ୟସ୍ଥଙ୍କ ଜରିଆରେ ୨.୫ ଲକ୍ଷ ଟଙ୍କା ଲାଞ୍ଚ ନେଇଥିବା ଅଭିଯୋଗ ହୋଇଥିଲା। ଏନେଇ ପ୍ରଫୁଲ୍ଲଙ୍କ ପୁଅ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ, ଡିଜିପି ଓ ଯାଜପୁର ଏସ୍‌ପିଙ୍କ ନିକଟରେ ଅଭିଯୋଗ କରିଥିଲେ। ଏସ୍‌ଡିପିଓ ଲକ୍ଷ୍ମୀଧର ସ୍ୱାଇଁ ଅଭିଯୋଗର ତଦନ୍ତ କରିଥିଲେ। ଏଥିସହିତ ମଧୁସ୍ମିତାଙ୍କ ନାମରେ ପୂର୍ବରୁ ବହୁ ଅଭିଯୋଗ ରହିଥିଲା। ଗତ ୫ ଦିନ ତଳେ ଯାଜପୁର ଏସ୍‌ପି ଗୃହ ବିଭାଗ ନିର୍ଦ୍ଦେଶକ୍ରମେ ମଧୁସ୍ମିତାଙ୍କୁ ବଡ଼ଚଣା ଥାନାରୁ ଜିଲା ପୋଲିସ ମୁଖ୍ୟାଳୟକୁ ବଦଳି କରିଥିଲେ।




## କେନ୍ଦ୍ରୀୟ ଡେପୁଟେଶନରେ ଯିବେ ଶାଳିନୀ ପଣ୍ଡିତ

**ଭୁବନେଶ୍ୱର,୧୩।୯(ସୁନିତ୍ ମିଶ୍ର)**

୨୦୦୧ ବ୍ୟାଚ୍ ଆଇଏଏସ୍ ଅଫିସର ଶାଳିନୀ ପଣ୍ଡିତ ୫ ବର୍ଷିଆ କେନ୍ଦ୍ରୀୟ ଡେପୁଟେଶନରେ ଯିବେ। କେନ୍ଦ୍ର ସରକାରଙ୍କ ଅର୍ଥସେବା ମନ୍ତ୍ରଣାଳୟର ଯୁଗ୍ମ ସଚିବ ଭାବେ ତାଙ୍କୁ ନୂଆ ନିଯୁକ୍ତି ମିଳିଛି। ଯେବେ ସେ ଏହି ଦାୟିତ୍ୱ ଗ୍ରହଣ କରିବେ ସେବେଠାରୁ ୫ ବର୍ଷ ପର୍ଯ୍ୟନ୍ତ ଏହି ଦାୟିତ୍ୱ ତୁଲାଇବେ। ପଣ୍ଡିତଙ୍କ କେନ୍ଦ୍ରୀୟ ଡେପୁଟେଶନ ନେଇ ଶନିବାର କେନ୍ଦ୍ର ସରକାରଙ୍କ କାର୍ମିକ ମନ୍ତ୍ରଣାଳୟ ବିଜ୍ଞପ୍ତି ପ୍ରକାଶ କରିଛି। ଶାଳିନୀଙ୍କ ସମେତ ବିଭିନ୍ନ ରାଜ୍ୟର ୩୫ ଜଣ ଅଫିସର ଡେପୁଟେଶନରେ ଯିବା ନେଇ ବିଜ୍ଞପ୍ତି ପ୍ରକାଶ ପାଇଛି। ସୂଚନାଯୋଗ୍ୟ, ଶାଳିନୀ ପଣ୍ଡିତ ଏବେ ଓଡ଼ିଶା ସରକାରଙ୍କ ସ୍କୁଲ ଓ ଗଣଶିକ୍ଷା ବିଭାଗର ସଚିବ ଭାବେ ଦାୟିତ୍ୱରେ ଅଛନ୍ତି।

# ସଡ଼କ ଦୁର୍ଘଟଣା: ବାପା ଆଗରେ ଝିଅ ମୃତ

**ଆଠଗଡ,୧୩।୯(ସତ୍ୟ ପ୍ରସାଦ ରଥ)**

ସଡ଼କ ଦୁର୍ଘଟଣାରେ ବାପା ଆଗରେ ଝିଅର ଜୀବନ ଯାଇଛି। କଟକ ଜିଲା ଆଠଗଡ଼ ଥାନା ଅନ୍ତର୍ଗତ ନଟୁଆପଡା ନିକଟସ୍ଥ ସାପୁଆ ବ୍ରିଜ୍ ନିକଟରେ ଅପରାହ୍ନରେ ଏଭଳି ଦୁଃଖଦ ଘଟଣା ଘଟିଛି। ମୃତା ହେଲେ ଆଠଗଡ଼ ଏନ୍‌ଏସି ଅନ୍ତର୍ଗତ ମୈତ୍ରୀନଗରର ବିମଳ ଲୋଚନ ସାହୁଙ୍କ ସ୍ତ୍ରୀ ରଶ୍ମିତା (୩୨)। ସେ ଆଠଗଡ଼ ଥାନା ଅନ୍ତର୍ଗତ ଅରଖପାଟଣାସ୍ଥିତ ବାପଘରକୁ ଆସିଥିଲେ। ଅପରାହ୍ନରେ ବାପା ରବୀନ୍ଦ୍ରନାଥ ସାହୁଙ୍କ ସହ ଏକ ସ୍କୁଟିରେ ଶ୍ୱଶୁର ଘରକୁ ଫେରୁଥିବା ବେଳେ ସାପୁଆ ବ୍ରିଜର ହମ୍ପସ୍ ନିକଟରେ ଖସି ପଡ଼ିଥିଲେ। ଏହି ସମୟରେ ସମ୍ମୁଖପଟୁ ଆସୁଥିବା ଏକ ହାଇୱା (ନଂ.ଓଡି-୦୫-ବିଏନ୍-୪୦୮୧) ତାଙ୍କ ଉପରେ ଚଢ଼ିଯାଇଥିଲା। ଫଳରେ ଘଟଣାସ୍ଥଳରେ ରଶ୍ମିତାଙ୍କ ମୃତ୍ୟୁ ଘଟିଛି। ଖବରପାଇ ଆଠଗଡ଼ ପୋଲିସ ଘଟଣାସ୍ଥଳରେ ପହଞ୍ଚି ହାଇୱାକୁ ଜବତ କରିବା ସହ ମୃତଦେହ ବ୍ୟବଚ୍ଛେଦ କରାଇଛି। ଏଥିସହ ହାଇୱା ଚାଳକ ସମୀର କୁମାର ସିଂହକୁ ଥାନାରେ ଅଟକ ରଖିଛି। ରିପୋର୍ଟ ଲେଖାହେବା ପର୍ଯ୍ୟନ୍ତ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିଲା।

# ଭୁବନେଶ୍ୱରରୁ ମହିଳା ଟ୍ରାଫିକ୍ କନଷ୍ଟେବଲ ନିଖୋଜ

**ଭୁବନେଶ୍ୱର,୧୩।୯(ସତ୍ୟଜିତ୍ ରାଉତ)**




କମିଶନରେଟ୍ ପୋଲିସ ପକ୍ଷରୁ ସୋସିଆଲ ମିଡିଆରେ ଛଡ଼ାଯାଇଥିବା ଡିଜିଟାଲ ପୋଷ୍ଟର।

**ପୋଷ୍ଟର ଜାରିକଲା କମିଶନରେଟ୍ ପୋଲିସ**

ରାଜଧାନୀରେ କାର୍ଯ୍ୟରତ ଜଣେ ମହିଳା କନଷ୍ଟେବଲ ନିଖୋଜ ହୋଇଯାଇଛନ୍ତି। ସେ ହେଲେ ଶୁଭମିତ୍ରା ସାହୁ (୨୫)। ତାଙ୍କ ଘର ଖୋର୍ଦ୍ଧା ଟାଉନ ଥାନା ଅନ୍ତର୍ଗତ ପିତୁଳିରେ ହୋଇଥିବା ବେଳେ ସେ ଭୁବନେଶ୍ୱର ସୂର୍ଯ୍ୟନଗରରେ ରହୁଥିଲେ। ଡ୍ୟୁଟିକୁ ଯାଇ ସପ୍ତାହେ ହେବ ଶୁଭମିତ୍ରା ନିଖୋଜ ଥିବାବେଳେ ପୋଲିସ ତାଙ୍କ ପତ୍ତା ପାଇପାରିନାହିଁ। ଏନେଇ ଏତଲାକ୍ରମେ କ୍ୟାପିଟାଲ ଥାନା ପୋଲିସ ଏକ ମ୍ୟାନ୍ ମିସିଂ ରିପୋର୍ଟ (ଏମ୍‌ଏମ୍‌ଆର୍) ପଞ୍ଜୀକୃତକରି ତଦନ୍ତ କରୁଛି। ତେବେ ପୋଲିସ ଶୁଭମିତ୍ରାଙ୍କ ପରିଚୟ ପାଇବା ପାଇଁ ସୋସିଆଲ ମିଡିଆର ସାହାଯ୍ୟ ନେଇଛି। ଶୁକ୍ରବାର ଭୁବନେଶ୍ୱର ଡିସିପିଙ୍କ ଅଫିସିଆଲ୍ ସୋସିଆଲ୍ ମିଡିଆ ହ୍ୟାଣ୍ଡେଲରେ ଏନେଇ ପୋଷ୍ଟର ଛଡାଯାଇଛି। ସୂଚନା ଦେବା ପାଇଁ ୨୫ ହଜାର ଟଙ୍କା ପୁରସ୍କାର ରାଶି ଘୋଷଣା କରାଯାଇଛି। ଶୁଭମିତ୍ରାଙ୍କ ସମ୍ପର୍କରେ କୌଣସି ଖବର ପାଇଲେ ମୋବାଇଲ୍ ନଂ.୭୦୦୮୨୬୪୧୯କୁ କଲ୍ କିମ୍ବା ନଂ.୮୨୮୦୩୩୮୩୦୨କୁ ହ୍ୱାଟ୍ସଆପ୍ ମେସେଜ ଦେଇ ସୂଚନା ଦେବାକୁ କୁହାଯାଇଛି। ସୂଚନାଦାତାଙ୍କ ପରିଚୟ ସମ୍ପୂର୍ଣ୍ଣ ଗୋପନ ରଖାଯିବ ବୋଲି ଉଲ୍ଲେଖ କରାଯାଇଛି। ଶୁଭମିତ୍ରାଙ୍କ ପିତାଙ୍କ ନାମ ଦୁର୍ଯ୍ୟୋଧନ ସାହୁ। ତାଙ୍କ ଉଚ୍ଚତା ୫ ଫୁଟ ୫ ଇଞ୍ଚ। ସେପ୍ଟେମ୍ବର ୬ ସକାଳ ପ୍ରାୟ ୧୦ଟାରେ ଶୁଭମିତ୍ରା ସୂର୍ଯ୍ୟନଗରସ୍ଥିତ ଘରୁ ଡ୍ୟୁଟିକୁ ବାହାରି ଯାଇଥିଲେ। ଶୁଭମିତ୍ରାଙ୍କ ଡ୍ୟୁଟି ସନ୍ଧ୍ୟା ୭ଟା ପର୍ଯ୍ୟନ୍ତ ଥିଲା। କିନ୍ତୁ ଡ୍ୟୁଟି ପରେ ସେ ଘରକୁ ଫେରି ନ ଥିଲେ। ତାଙ୍କ ମୋବାଇଲ ଫୋନ୍ ସୁଇଚ୍ ଅଫ୍ ରହିଥିଲା। ବହୁ ଖୋଜାଖୋଜି ପରେ ତାଙ୍କୁ ନ ପାଇବାରୁ ପରିବାର ଲୋକେ କ୍ୟାପିଟାଲ ଥାନାରେ ଏତଲା ଦେଇଥିଲେ।

## ପ୍ରଶାନ୍ତ ପାଣିଗ୍ରାହୀ ପାଇବେ ଇନ୍‌ସା ଫେଲୋ ସମ୍ମାନ

**ଭୁବନେଶ୍ୱର,୧୩।୯(ସୁଚିସ୍ମିତା ସାହୁ)**

ବିଶିଷ୍ଟ ଓଡିଆ କ୍ୱାଣ୍ଟମ ପଦାର୍ଥ ବିଜ୍ଞାନୀ ତଥା ଶିକ୍ଷାବିତ୍ ପ୍ରଫେସର ଡ. ପ୍ରଶାନ୍ତ କୁମାର ପାଣିଗ୍ରାହୀ ଚଳିତ ବର୍ଷ ଇନ୍‌ସା ଫେଲୋ ସମ୍ମାନ ପାଇଁ ମନୋନୀତ ହୋଇଛନ୍ତି। ଭାରତର ବିଜ୍ଞାନ ଓ ବୈଜ୍ଞାନିକଙ୍କୁ ପ୍ରୋତ୍ସାହିତ କରିବା ସହ ସେମାନଙ୍କ ପାଇଁ ୧୯୩୫ ମସିହାରେ ପ୍ରତିଷ୍ଠିତ ନ୍ୟାଶନାଲ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍ସ ଇନ୍ ଇଣ୍ଡିଆ (ନିସି) ୧୯୭୦ ମସିହାରୁ ଇଣ୍ଡିଆନ ନ୍ୟାଶନାଲ ସାଇନ୍ସ ଏକାଡେମୀ (ଇନ୍‌ସା) ନାମରେ କାର୍ଯ୍ୟ କରୁଛି। ତେବେ ଇନ୍‌ସାର ଫେଲୋ ହେବା ଏକ ମର୍ଯ୍ୟାଦାଜନକ ଉପଲବ୍ଧି।

# ସାତକୋଶିଆ ବିସ୍ଥାପିତଙ୍କ ଜମିର ହେଉନି କିସମ ପରିବର୍ତ୍ତନ

**ଅନୁଗୋଳ,୧୩।୯(ଦିବ୍ୟଶାନ୍ତନୁ ନାଥ)**




ବିସ୍ଥାପନ ପୂର୍ବରୁ ସାତକୋଶିଆ କୋର୍ ଅଞ୍ଚଳରେ ଥିବା ରାଇଗୁଡ଼ା ଗାଁ।

- ଜମି ଦଖଲ ନେବା ସତ୍ତ୍ୱେ ପଟ୍ଟାରେ ନାହିଁ ବନ ବିଭାଗ ନାମ
- ରାଜସ୍ୱ ବିଭାଗ ସହ ସମନ୍ୱୟ ଅଭାବ ଥିବା ଅଭିଯୋଗ
- ଦୀର୍ଘବର୍ଷ ଧରି ଲୋକଙ୍କ ନାମରେ ଗଡୁଛି ଖଜଣା

ଦୀର୍ଘବର୍ଷ ହେଲା ଗାଁ ବିସ୍ଥାପିତ ହେଲାଣି। ଗାଁ ଲୋକେ ଅନ୍ୟ ଅଞ୍ଚଳର ବାସିନ୍ଦା ହେଲେଣି। ଗାଁ ଲୋକଙ୍କ ନାମରେ ଥିବା ଜମି ସାତକୋଶିଆ ବ୍ୟାଘ୍ର ସଂରକ୍ଷିତ ଅଞ୍ଚଳରେ ମିଶାଇ ଦିଆଗଲାଣି। ହେଲେ ଉକ୍ତ ଜମିର କିସମ ପରିବର୍ତ୍ତନ ଏଯାଏ ହୋଇପାରି ନାହିଁ। ଏପରି କି ଜମିପଟ୍ଟାରୁ ରୟତମାନଙ୍କ ନାମ କଟାଯାଇ ବନ ବିଭାଗ ନାମରେ ତାହାକୁ କରାଯାଇ ନାହିଁ। ଫଳରେ ଏବେ ବି ପଟ୍ଟାଧାରୀଙ୍କ ନାମରେ ଜମି ଖଜଣା ବାବଦ ଟଙ୍କା ସରକାରୀ ଖାତାରେ ବକେୟା ଭାବେ ଗଡ଼ିଚାଲିଛି। ରାଜସ୍ୱ ଓ ବନ ବିଭାଗ ଭିତରେ ଆବଶ୍ୟକ ସମନ୍ୱୟ ଅଭାବରୁ ଏପରି ସ୍ଥିତି ସୃଷ୍ଟି ହୋଇଥିବା ଅଭିଯୋଗ ହେଉଛି। ତେବେ ବିସ୍ଥାପିତ ଲୋକମାନେ ଆଗାମୀ ଦିନରେ ଏହାକୁ ନେଇ ସମସ୍ୟାରେ ପଡ଼ିପାରନ୍ତି ବୋଲି ଆଶଙ୍କା ପ୍ରକାଶ ପାଇଛି।

ସୂଚନା ମୁତାବକ, ସାତକୋଶିଆ ବ୍ୟାଘ୍ର ସଂରକ୍ଷିତ ଅଞ୍ଚଳ ମଧ୍ୟରେ ବାଘସଂଖ୍ୟା ବୃଦ୍ଧି କରିବା ନିମନ୍ତେ କିଛିବର୍ଷ ତଳେ ଆନ୍ତଃ ରାଜ୍ୟ ବ୍ୟାଘ୍ର ସ୍ଥାନାନ୍ତର ପ୍ରକଳ୍ପ କାର୍ଯ୍ୟକାରୀ କରାଯାଇଥିଲା। ଏହା ପୂର୍ବରୁ ଜଙ୍ଗଲର କୋର୍ ଅଞ୍ଚଳରେ ରହିଥିବା ଜନବସତିଗୁଡ଼ିକୁ ବିସ୍ଥାପନ କରିବା ପାଇଁ ଜାତୀୟ ବ୍ୟାଘ୍ର ସଂରକ୍ଷଣ ପ୍ରାଧିକରଣ (ଏନଟିସିଏ)ର ନିୟମାବଳୀ ରହିଥିଲା। ଏଥିପାଇଁ ୨୦୧୭ ମସିହାରେ ପ୍ରଥମେ ରାଇଗୁଡ଼ା ରାଜସ୍ୱ ଗ୍ରାମକୁ ଜଙ୍ଗଲ ମଧ୍ୟରୁ ନୂଆଖେତା ଗାଁ ମୁଣ୍ଡକୁ ବିସ୍ଥାପନ କରାଯାଇଥିଲା। ପରେ ଚୁଲୁକା, କଟରଙ୍ଗ ଆଦି ଗାଁ ମଧ୍ୟ ବିସ୍ଥାପିତ ହୋଇଥିଲା। ଗୋପାଳପୁର ଏବଂ ଟିକରପଡ଼ା ଅଞ୍ଚଳରେ ବର୍ତ୍ତମାନ ମଧ୍ୟ ସ୍ୱେଚ୍ଛାକୃତ ବିସ୍ଥାପନ ପ୍ରକ୍ରିୟା ବନ ବିଭାଗ ପକ୍ଷରୁ ଜାରି ରଖାଯାଇଛି। କିନ୍ତୁ ରାଇଗୁଡ଼ାଠାରୁ ଆରମ୍ଭ କରି କଟରଙ୍ଗ ପର୍ଯ୍ୟନ୍ତ ଯେତେ ରାଜସ୍ୱ ଗ୍ରାମ ବିସ୍ଥାପିତ ହୋଇଛି, ଅଦ୍ୟାବଧି ସେଠାକାର ଲୋକଙ୍କ ନାମରେ ଜମିପଟ୍ଟା ପୂର୍ବପରି ରହିଛି। ବିସ୍ଥାପନ ପରେ ଗାଁ ରାଜସ୍ୱ ଜମି ଜଙ୍ଗଲ କିସମରେ ପରିବର୍ତ୍ତନ ସହ ବନ ବିଭାଗ ନାମରେ ପଟ୍ଟା ହେବା କଥା। କିନ୍ତୁ ୨୦୧୭ ମସିହାରୁ ରାଇଗୁଡ଼ା ବିସ୍ଥାପିତ ହୋଇଥିଲେ ହେଁ ୮ ବର୍ଷ ପରେ ମଧ୍ୟ ଲୋକଙ୍କ ନାମରେ ପଟ୍ଟା ରହିଛି। ଫଳରେ ରାଇଗୁଡ଼ା ଲୋକଙ୍କ ନାମରେ ଜମି ବାବଦ ଖଜଣା ଗଡୁଥିବା ଜଣାପଡ଼ିଛି। ବର୍ଷାଧିକ ସମୟ ହେବ ଲୋକେ ଗାଁ ଛାଡ଼ି ଯାଇଥିବା ବେଳେ ସେମାନଙ୍କ ନାମରେ ସରକାରୀ ଖାତାରେ ଗଡୁଥିବା ଏହି ଖଜଣା କିଏ ଭରଣା କରିବ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏ ସମ୍ପର୍କରେ ସାତକୋଶିଆ ବନ୍ୟପ୍ରାଣୀ ବନଖଣ୍ଡ ଅଧିକାରୀ ଗଦାଧର ପାତ୍ର କହିଛନ୍ତି, ଏ ନେଇ ତହସିଲଦାରଙ୍କ ସହ ଆଲୋଚନା ହୋଇଛି। ସବିଶେଷ ବିବରଣୀ ଦେବାକୁ କୁହାଯାଇଛି। ଯଥାଶୀଘ୍ର କିସମ ପରିବର୍ତ୍ତନ କରାଯିବ।

# ଦୋଷ ଦେବା କାହାକୁ



**ଆକାର ପଟେଲ**

ନିକଟରେ ଚାଇନାର ଉତ୍ଥାନ ସମ୍ପର୍କରେ ବ୍ୟାଖ୍ୟା କରି ଆମେରିକୀୟ ଶିକ୍ଷାବିତ୍ ଡାନ୍ ୱାଙ୍ଗ ଏକ ପୁସ୍ତକ ଲେଖିଛନ୍ତି। ସେ ତାଙ୍କ ସିଦ୍ଧାନ୍ତରେ ଦର୍ଶାଇଛନ୍ତି, ଚାଇନା ହେଉଛି ଏକ ଇଞ୍ଜିନିୟରଙ୍କ ସମାଜ ଏବଂ ସେଠାକାର ସରକାର ଇଞ୍ଜିନିୟରଙ୍କ ଦ୍ୱାରା ଚାଲିଛି। ଅନ୍ୟ ପକ୍ଷରେ ଆମେରିକା ଏକ ଆଇନଜୀବୀ ସମାଜ। ମାନୁଫାକ୍ଚରିଂ ଓ ନିର୍ମାଣରେ ଚାଇନା ଆଗୁଆ ହୋଇଥିବାବେଳେ ଆମେରିକା ସେସବୁ କ୍ଷେତ୍ରରେ ପଛୁଆ ବୋଲି ସେ କହିଛନ୍ତି। ଚାଇନା ବିଶେଷକରି ୨୦୧୫ରେ 'ମେଡ୍ ଇନ୍ ଚାଇନା ୨୦୨୫' ଯୋଜନା ଚୟନ କରିବା ଯୋଗୁ ତାହାର ଅଗ୍ରଗତି ହୋଇପାରିଛି। ତେବେ ଅନେକ ସମୟରେ ଏଭଳି ସବୁ ଚୟନ ବା ବିକଳ୍ପ କାମ କରେନାହିଁ ବୋଲି ୱାଙ୍ଗ ସୂଚିତ କରିଛନ୍ତି। ଏକ ଇଞ୍ଜିନିୟରିଂ ନେତୃତ୍ୱସମ୍ପନ୍ନ ମାନସିକତା ଯୋଗୁ ସାଂଘାଇରେ ଘାତକ ଲକ୍ଡାଉନ ସୃଷ୍ଟି ହୋଇଥିଲା କିମ୍ବା ଏକକ ସନ୍ତାନ ନୀତି ଅଗ୍ରହଣୀୟ ହେବା ସାମ୍ନାକୁ ଆସିଛି। କିନ୍ତୁ ଦ୍ରୁତତମ ଟ୍ରେନ, ଅକ୍ଷୟ ଶକ୍ତି, ବୈଦ୍ୟୁତିକ ଯାନ, ପାଣିଜାହାଜ ଓ ରକେଟ ନିର୍ମାଣ, ବିମାନ ଚଳାଚଳ, ସେମିକଣ୍ଡକ୍ଟର ଏବଂ କୃତ୍ରିମ ବୁଦ୍ଧିମତ୍ତା ଭଳି ଶିଳ୍ପ ନୀତିରେ ଚାଇନା ସଫଳ ହୋଇଛି। ଏହିସବୁ କ୍ଷେତ୍ରରେ ଚାଇନା ଯାହା ଚାହିଁଛି ତାହା ହାସଲ କରିଛି। ଆଜି ଆମକୁ ସମାନ ପ୍ରଶ୍ନ ପଚାରିବାକୁ ମୁଁ ଚାହେଁ- ଭାରତ ସରକାର କ'ଣ ହାସଲ କରିବାକୁ ଚାହିଁଛନ୍ତି ଏବଂ ଏହା ପାଇବାକୁ ସଫଳ ହୋଇଛନ୍ତି କି ? ଏହାର ଉତ୍ତର ଅର୍ଥ ବ୍ୟବସ୍ଥା, ନିଯୁକ୍ତି ଏବଂ ବିଶେଷକରି ବୈଦେଶିକ ନୀତିରୁ ମିଳେ। କାହାକୁ ଆମେ ଦୋଷ ଦେବା। ଏସବୁ ବିଷୟକୁ ନେଇ ଆମେ ଚିନ୍ତିତ ନୋହୁଁ। ତେବେ ଭାରତ ସରକାର କେଉଁସବୁ ବିଷୟକୁ ଚୟନ କରି ସେଥିରେ ସଫଳ ହୋଇଛନ୍ତି ତାହା ଦେଖିବା। ଚଳିତ ମାସରେ ରାଜସ୍ଥାନ ପ୍ରୋହିବିଶନ ଅଫ୍ ଅନ୍‌ଲ'ଫୁଲ କନ୍‌ଭର୍ସନ ଅଫ୍ ରିଲିଜିଅନ ବିଲ୍, ୨୦୨୫ ପାସ୍ ହୋଇଛି। ଏହାର ଗୋଟିଏ ଲକ୍ଷ୍ୟ ହେଉଛି ହିନ୍ଦୁ ଓ ମୁସଲମାନ ମଧ୍ୟରେ ଆନ୍ତଃଧର୍ମୀୟ ବିବାହର ଆପରାଧୀକରଣ ଏବଂ ଦ୍ୱିତୀୟଟି ହେଉଛି ସୁବିଧାସୁଯୋଗରୁ ବଞ୍ଚିତ ସମ୍ପ୍ରଦାୟଗୁଡ଼ିକର ଖ୍ରୀଷ୍ଟଧର୍ମ ଗ୍ରହଣ ପ୍ରକ୍ରିୟାକୁ ବନ୍ଦ କରିବା। ଅନ୍ୟ ଆଇନଗୁଡ଼ିକ ଭଳି ରାଜସ୍ଥାନର ଏହି ଆଇନରେ ଧର୍ମାନ୍ତରୀକରଣ ଉପରେ ଦଣ୍ଡବିଧାନର ପ୍ରାବଧାନ ରହିଛି, କିନ୍ତୁ ସମସ୍ତଙ୍କ ପାଇଁ ନୁହେଁ। ଏଥିରେ କୁହାଯାଇଛି, ଯଦି କୌଣସି ବ୍ୟକ୍ତି ତାଙ୍କ ମୂଳ ବା ପୈତୃକ ଧର୍ମକୁ ଫେରିଆସନ୍ତି, ତେବେ ତାହାକୁ ଧର୍ମାନ୍ତରୀକରଣ ବୋଲି ଗଣାଯିବ ନାହିଁ। ଏହାସହ ପୈତୃକ ଧର୍ମ କହିଲେ, ପୂର୍ବଜଙ୍କ ଧର୍ମ, ବିଶ୍ୱାସ ଓ ପରମ୍ପରା ବୋଲି ଏଥିରେ ସୂଚିତ କରାଯାଇଛି। ଏଭଳି ବିଷୟ ପ୍ରଥମ ଆଇନ ଉତ୍ତରାଖଣ୍ଡ ଫ୍ରିଡମ ଅଫ୍ ରିଲିଜିଅନ ଆକ୍ଟ, ୨୦୧୮ରେ ଆରମ୍ଭ କରାଯାଇଥିଲା। ଏହାପରେ ହିମାଚଳପ୍ରଦେଶ (୨୦୧୯), ଉତ୍ତରପ୍ରଦେଶ (୨୦୨୦), ମଧ୍ୟପ୍ରଦେଶ (୨୦୨୧), ଗୁଜରାଟ (୨୦୨୧), ହରିୟାଣା (୨୦୨୨) ଏବଂ କର୍ନାଟକ (୨୦୨୨) ପ୍ରଣୟନ କରାଯାଇଥିବା ଆଇନରେ ଏଭଳି ସମାନ କଥା ବି କୁହାଯାଇଥିଲା।

ଏହିସବୁ ଆଇନ ଭାଜପା ଶାସନ ସମୟରେ ରାଜ୍ୟଗୁଡ଼ିକରେ ପ୍ରଣୟନ ହୋଇଥିଲା। କିନ୍ତୁ ରାଜସ୍ଥାନ ଆଇନ କିଛି ନୂଆ କଥା ଯୋଡ଼ିଛି। ଏଥିରେ କୁହାଯାଇଛି, ଗଣମାଧ୍ୟମ, ସାମାଜିକ ଗଣମାଧ୍ୟମ ଏବଂ ମେସେଜ ମାଧ୍ୟମରେ ସୂଚନା, ବିଚାରଧାରା କିମ୍ବା ବିଶ୍ୱାସର ପ୍ରଚାରକୁ ଯଦି ଧର୍ମାନ୍ତରୀକରଣ ଉଦ୍ଦେଶ୍ୟରେ କରାଯାଇଥାଏ ତେବେ ତାହାକୁ ଧର୍ମୀୟ ପ୍ରଚାର ଭାବେ ଗଣାଯିବ ଓ ତାହା ବେଆଇନ। ଏଥିରେ ଜେଲ୍‌ଦଣ୍ଡ ଅବଧିକୁ ବୃଦ୍ଧି କରି ୧୪ ବର୍ଷ ରଖାଯାଇଛି ଏବଂ ଆଦିବାସୀ ଓ ଦଳିତ ଯଦି ଧର୍ମାନ୍ତରୀକରଣ କରିଥାନ୍ତି ତେବେ ସେମାନଙ୍କ କ୍ଷେତ୍ରରେ ଜେଲଦଣ୍ଡ ୨୦ ବର୍ଷ ରଖାଯାଇଛି। ଭାଜପା ଦ୍ୱାରା ପ୍ରଣୀତ ଏହିସବୁ ଆଇନ ସମସ୍ତ ମୌଳିକ ଅଧିକାରକୁ ଉଲ୍ଲଂଘନ କରୁଥିଲେ ମଧ୍ୟ ଆମ ସମାଜରେ ସେସବୁ ଗ୍ରହଣୀୟ ହୋଇଛି। ଏହା ଗ୍ରହଣୀୟ ଯେ, ଏହି ରାଜ୍ୟ ଯାହା କରିବାକୁ ସ୍ଥିର କରିଥିଲା ତାହା କରିବାରେ ସଫଳ ହେଲା। ତେବେ ରାଜନୈତିକ ଦୃଷ୍ଟିରୁ ଆଇନଗୁଡ଼ିକୁ ବଦଳାଇବା କଷ୍ଟକର, କାରଣ ସାମାଜିକ ସ୍ତରରେ ସେଗୁଡ଼ିକୁ ଗ୍ରହଣୀୟ କରିଦିଆଯାଇଛି। ଏହିସବୁ ଆଇନ ସପକ୍ଷରେ ଅନେକ ଲୋକ ଅଛନ୍ତି କିମ୍ବା ଏହାକୁ ଅନେକେ ବି ଚାହୁଁନାହାନ୍ତି। ହେଲେ ଏଭଳି ଲୋକଙ୍କ ସଂଖ୍ୟା ତୁଳନାରେ ଆଇନଗୁଡ଼ିକୁ ପ୍ରତ୍ୟାହାର କରିନେବା ପାଇଁ ଚାହୁଁଥିବା ଲୋକଙ୍କ ସଂଖ୍ୟା ବହୁତ କମ୍।

କର୍ନାଟକରେ ୧୭ ମେ ୨୦୨୨ରେ ଲାଗୁ କରାଯାଇଥିବା ଆଇନରେ ଦର୍ଶାଯାଇଛି, ଧର୍ମ ପରିବର୍ତ୍ତନ କରିବାକୁ ଚାହୁଁଥିବା ଲୋକମାନେ ୩୦ଦିନ ପୂର୍ବରୁ ଜିଲା ମାଜିଷ୍ଟ୍ରେଟଙ୍କୁ ଏ ସମ୍ପର୍କରେ ଜଣାଇବାକୁ ପଡ଼ିବ। ପରେ ଏହା ବିରୋଧରେ ଥିବା ଅଭିଯୋଗ ସଂଗ୍ରହ କରିବା ସକାଶେ ସମ୍ପୃକ୍ତ ଅଧିକାରୀ ତାଙ୍କ କାର୍ଯ୍ୟାଳୟ ଏବଂ ତହସିଲ ଅଫିସର ନୋଟିସ ବୋର୍ଡରେ ସେହି ଆବେଦନପତ୍ରକୁ ଲଗାଇବେ। ମେ ୨୦୨୩ରେ କଂଗ୍ରେସ କର୍ନାଟକ ବିଧାନସଭା ନିର୍ବାଚନରେ ବିଜୟୀ ହେବା ପରେ ଏହି ଆଇନକୁ ରଦ୍ଦ କରିବ ବୋଲି କହିଥିଲା। ତା' ପର ମାସ ଅର୍ଥାତ୍ ଜୁନ ୧୫ରେ, ''ସିଦ୍ଧ ରମେୟା ନେତୃତ୍ୱାଧୀନ କର୍ନାଟକ ସରକାର ଧର୍ମାନ୍ତରୀକରଣ ନିରୋଧୀ ଆଇନକୁ ପ୍ରତ୍ୟାହାର କରିନେଇଛନ୍ତି'' ଶୀର୍ଷକ ଖବର ପ୍ରକାଶ ପାଇଥିଲା। କିନ୍ତୁ ତାହା ହୋଇ ନ ଥିଲା। ପରେ ୮ ସେପ୍ଟେମ୍ବରରେ ପ୍ରକାଶ ପାଇଥିଲା, ଧର୍ମାନ୍ତରୀକରଣ ନିରୋଧୀ ଆଇନ ଭାବେ ଜଣାଶୁଣା କର୍ନାଟକ ପ୍ରୋଟେକ୍ଶନ ଅଫ୍ ରାଇଟ୍ ଟୁ ଫ୍ରିଡମ୍ ଅଫ୍ ରିଲିଜିଅନ ଆକ୍ଟ ସମ୍ପର୍କରେ ସରକାର ବୈଧ ମତ ଲୋଡ଼ିଛନ୍ତି ଏବଂ ସେହି ଆଧାରରେ ପରବର୍ତ୍ତୀ ପଦକ୍ଷେପ ଗ୍ରହଣ କରିବେ। ଏଥିରୁ ବୁଝାପଡୁଛି, ସେହି ଆଇନ ଏଯାବତ୍ ବଳବତ୍ତର ରହିଛି। ଦେଖିବାକୁ ଗଲେ ୨୦୧୪ରୁ ଭାଜପା ଶାସିତ ରାଜ୍ୟଗୁଡ଼ିକ କିଛି କରିବାକୁ ଚାହିଁଥିଲେ। ଫଳରେ ୨୦୧୫ରେ ବିଫ୍‌କୁ ନେଇ ଆଇନ, ୨୦୧୮ରେ ଧର୍ମୀୟ ସ୍ୱାଧୀନତା, ୨୦୧୯ରେ ନାଗରିକତ୍ୱକୁ ନେଇ ଆଇନଗୁଡ଼ିକ ଆରମ୍ଭ କରାଯାଇଥିଲା। ଏହାସହ ସର୍ବଧର୍ମ ସହାବସ୍ଥାନକୁ ଶେଷ କରିବା ଏବଂ ସଂଖ୍ୟାଲଘୁଙ୍କୁ ଲକ୍ଷ୍ୟ କରି ଆଇନ ଗଢ଼ାଯାଇଥିଲା। ଏଠାରେ ସରକାର ଯାହା ହାସଲ କରିବାକୁ ଚାହିଁଛନ୍ତି ତାହା ପାଇଛନ୍ତି। ଆମ ସାମ୍ନାରେ 'ମେଡ୍ ଇନ୍ ଚାଇନା ୨୦୨୫' ଯୋଜନାର ଅର୍ଥ କିଛି ରହି ନ ପାରେ, କିନ୍ତୁ ଆମେ ଏହାକୁ ଏବଂ ଅନ୍ୟସବୁ କ୍ଷେତ୍ରକୁ ଗମ୍ଭୀରତାର ସହ ବିଚାର କରି ନ ଥିବାରୁ ବିଫଳ ହୋଇଛୁ। କିନ୍ତୁ 'ରିମେକ୍ ଇଣ୍ଡିଆ ୨୦୨୫' ଯୋଜନାର ସଫଳତାକୁ ଗ୍ରହଣ କରିବା କଷ୍ଟକର ଏବଂ ଏହାର ପରିଣାମ ଆମେ ଏହି ସବୁ ଆଇନ, ଗଣମାଧ୍ୟମ ଏବଂ ଆମ ଚାରିପାଖ ସମାଜରେ ଦେଖିପାରିବା।

Email:aakar.patel@gmail.com

# ଶତାୟୁ ଓଡ଼ିଶା



**ଡ. ପ୍ରଫୁଲ୍ଲ କୁମାର ସାହୁ**

ଆଉ ଗୋଟିଏ ଦଶନ୍ଧି ପରେ ଓଡ଼ିଶା ପାଳନ କରିବ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ହୀରକ ଜୟନ୍ତୀ। ଏବେଠାରୁ ଆରମ୍ଭ ହୋଇଗଲାଣି ପ୍ରସ୍ତୁତି। ୨୦୩୬ ମସିହା ସୁଦ୍ଧା ଶତାୟୁ ଓଡ଼ିଶାକୁ ଏକ ସମୃଦ୍ଧ ରାଜ୍ୟରେ ପରିଣତ କରିବା ପାଇଁ ସରକାରଙ୍କ ପକ୍ଷରୁ ଲକ୍ଷ୍ୟଧାର୍ଯ୍ୟ ହେବା ସହିତ ତିଆରି ହେଲାଣି ନକ୍ସା। ସରକାରଙ୍କ ଘୋଷଣା ଅନୁସାରେ ଆଗାମୀ ୧୦ ବର୍ଷ ମଧ୍ୟରେ ଓଡ଼ିଶା ହେବ ଦେଶର ଶ୍ରେଷ୍ଠ ୫ଟି ରାଜ୍ୟ ମଧ୍ୟରେ ଅନ୍ୟତମ। ଓଡ଼ିଶାର ସମ୍ବଳ ଓ ଦକ୍ଷତାକୁ ବିଚାରକୁ ନେଲେ ଏହା କିଛି ଅସମ୍ଭବ ନୁହେଁ, ମାତ୍ର ଏଥିପାଇଁ ଆବଶ୍ୟକ ଦୃଢ଼ ନେତୃତ୍ୱ ଓ ନିଷ୍ଠାପର ପ୍ରୟାସ।

ଅପାର ସମ୍ଭାବନାର ରାଜ୍ୟ ଓଡ଼ିଶା। ସମ୍ଭାବନାକୁ ସାକାର କରିବା ପାଇଁ ଆବଶ୍ୟକ ଯୋଜନାବଦ୍ଧ ବିକାଶ। ବିକଶିତ ଓଡ଼ିଶା ପାଇଁ ଗଲା ୯୦ବର୍ଷ ମଧ୍ୟରେ ରାଜ୍ୟ କେତେ ଆଗକୁ ବଢ଼ିଛି ଏବଂ ଲକ୍ଷ୍ୟ ସ୍ଥଳରେ ପହଞ୍ଚିବା ପାଇଁ କେତେ ବାଟ ବାକି ଅଛି – ତାକୁ ଦୃଷ୍ଟିରେ ରଖି ଗତି ସ୍ଥିର କରିବା ଉଚିତ। ବିକଶିତ ଓଡ଼ିଶାର ପ୍ରଥମ ସୋପାନ ହେଉଛି ମୁଣ୍ଡପିଛା ଆୟବୃଦ୍ଧି। ଅର୍ଥ ମନ୍ତ୍ରଣାଳୟ ତଥ୍ୟ ଅନୁସାରେ (୨୦୨୩-୨୪) ଓଡ଼ିଶାରେ ମୁଣ୍ଡପିଛା ଆୟ ୧,୮୩,୭୬୭ ଟଙ୍କା, ଯାହା ଜାତୀୟ ହାର (୨,୧୧,୭୨୫) ଠାରୁ ଯଥେଷ୍ଟ କମ୍। ମୁଣ୍ଡପିଛା ଆୟ କ୍ଷେତ୍ରରେ ଛୋଟ ରାଜ୍ୟ ସିକିମ୍ (୭,୦୭,୧୮୧) ସବା ଆଗରେ ଥିବାବେଳେ ୧୫ ତମ ସ୍ଥାନରେ ରହିଛି ଓଡ଼ିଶା। ଓଡ଼ିଶାରେ ଯଦି ମୁଣ୍ଡପିଛା ଆୟ ନ ବଢ଼ିବ ତେବେ ୨୦୩୬ ମସିହା ସୁଦ୍ଧା କେମିତି ସମ୍ଭବ ହେବ ସମୃଦ୍ଧ ଓଡ଼ିଶା ଗଠନ ?

ଓଡ଼ିଶାରେ ପ୍ରତି ହଜାରେ ଗ୍ରାମୀଣ ପରିବାର ମଧ୍ୟରୁ ୧୧୩ଟି ପରିବାର ବାସ କରନ୍ତି କଚ୍ଛାଘରେ। ଏ କ୍ଷେତ୍ରରେ ଛତିଶଗଡ଼, ଅରୁଣାଚଳ ପ୍ରଦେଶ ଓ ବିହାର ପରେ ଦେଶର ସବୁଠାରୁ ପଛୁଆ ରାଜ୍ୟ ଓଡ଼ିଶା। ଆଗାମୀ ଦଶବର୍ଷ ମଧ୍ୟରେ ଓଡ଼ିଶାରେ ଥିବା ପ୍ରତ୍ୟେକ ପରିବାର ଯଦି ପକ୍କା ଘରେ ବାସକରନ୍ତି, ତାହା ହେବ ସମୃଦ୍ଧ ଓଡ଼ିଶାର ଉଲ୍ଲେଖନୀୟ ଉପଲବ୍ଧି।

ଆମ ରାଜ୍ୟରେ ପାଞ୍ଚବର୍ଷରୁ କମ୍ ବୟସର ପ୍ରତି ହଜାରେ ପିଲାଙ୍କ ଭିତରୁ ୨୯୭ ଜଣଙ୍କର ଶାରୀରିକ ଓଜନ କମ୍। ପାଞ୍ଚବର୍ଷରୁ କମ୍ ବୟସର ପିଲାଙ୍କ ମଧ୍ୟରୁ ୩୧୦ଜଣ ବର୍ତ୍ତମାନ କ୍ଷୁଦ୍ରକାୟ। ୧୫ ରୁ ୪୯ ବର୍ଷ ବୟସ୍କ ପ୍ରତି ହଜାରେ ମହିଳାଙ୍କ ମଧ୍ୟରୁ ୨୧୮ଜଣ ରକ୍ତହୀନତା ରୋଗରେ ଆକ୍ରାନ୍ତ। ଏବେ ରାଜ୍ୟରେ ଲକ୍ଷେ ଜୀବିତ ଶିଶୁ ଜନ୍ମ କରୁଥିବା ମା'ମାନଙ୍କ ମଧ୍ୟରୁ ୧୧୯ ଜଣ ମୃତ୍ୟୁବରଣ କରୁଛନ୍ତି ଏବଂ ଜନ୍ମଗ୍ରହଣ କରୁଥିବା ପ୍ରତି ହଜାରେ ଜୀବିତ ଶିଶୁଙ୍କ ମଧ୍ୟରୁ ୩୯ ଜଣ ମୃତ୍ୟୁମୁଖରେ ପଡ଼ୁଛନ୍ତି ଜନ୍ମର ପାଞ୍ଚ ବର୍ଷ ମଧ୍ୟରେ। ଏହି ମୃତ୍ୟୁହାରକୁ ସଂକୁଚିତ ନକଲେ କେମିତି ସମ୍ଭବ ହେବ ସମୃଦ୍ଧ ଓଡ଼ିଶା।

ଗୋଟିଏ ଜାତିର ପ୍ରଗତିର ପରିଚାୟକ ହେଉଛି ଶିକ୍ଷା। ସେଥିପାଇଁ କୁହାଯାଏ ଯେଉଁ ରାଜ୍ୟର ଅଧିବାସୀ ଯେତେ ଅଧିକ ଶିକ୍ଷିତ, ସେ ରାଜ୍ୟ ସେତେ ବିକଶିତ। ମାତ୍ର ବିଡ଼ମ୍ବନାର ବିଷୟ ସମୃଦ୍ଧିର ଶିଖର ଆରୋହଣ କରିବାକୁ ଚାହୁଁଥିବା ଓଡ଼ିଶାର ଶିକ୍ଷା ବ୍ୟବସ୍ଥା ବହୁ ପଛରେ। କୌଣସିମତେ କାମ ଚଳେଇ ନେବାର ପ୍ରବଣତା ଭିତରେ ପଛକୁ ଠେଲି ହୋଇ ଯାଉଛି ତା'ର ମାନବୃଦ୍ଧିର ଲକ୍ଷ୍ୟ। ଆମ ରାଜ୍ୟରେ ନବମ-ଦଶମ ଶ୍ରେଣୀରୁ ପ୍ରତି ରାଜ୍ୟରେ ଶିକ୍ଷାର୍ଥୀଙ୍କ ମଧ୍ୟରୁ ୭୩୭ଜଣ ପାଠପଢ଼ା ଛାଡୁଛନ୍ତି, ଯାହା ଦେଶର ସର୍ବାଧିକ ସଂଖ୍ୟା। ସବୁ ବିଦ୍ୟାଳୟରେ କମ୍ପ୍ୟୁଟର ବ୍ୟବସ୍ଥା କରିବା ନିମନ୍ତେ ଲକ୍ଷ୍ୟ ଧାର୍ଯ୍ୟ ହୋଇଥିଲେ ବି ଏବେ ସୁଦ୍ଧା ସେଥିରୁ ୩୦ ଭାଗ ବିଦ୍ୟାଳୟ ବଞ୍ଚିତ। ପ୍ରାଥମିକ ବିଦ୍ୟାଳୟଠାରୁ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଜଳଜଳ କରି ଦିଶୁଛି ବ୍ୟବସ୍ଥାର ବିକଳ ଚିତ୍ର। ପୂର୍ବାପେକ୍ଷା ଭିତ୍ତିଭୂମିର ଯଥେଷ୍ଟ ବିକାଶ ଘଟିଛି ସତ, କିନ୍ତୁ ସବୁଠି ଲାଗି ରହିଛି ଶିକ୍ଷକ ମରୁଡ଼ି।



ଓଡ଼ିଶା ଏକ କୃଷିପ୍ରଧାନ ରାଜ୍ୟ ହୋଇଥିବାରୁ ତା'ର ଶ୍ରମ ଶକ୍ତିର ୪୯ ପ୍ରତିଶତ କୃଷି କ୍ଷେତ୍ରରେ ନିୟୋଜିତ। ଅଥଚ ରାଜ୍ୟର ଅର୍ଥନୀତିରେ କୃଷିର ଯୋଗଦାନ ମାତ୍ର ୧୯ ପ୍ରତିଶତ। ସ୍ୱାଧୀନତାର ସାତ ଦଶନ୍ଧି ପରେ ମଧ୍ୟ ୭୦ ପ୍ରତିଶତ ଜମି ଜଳସେଚନରୁ ବଞ୍ଚିତ। ଗୋଟାଏ କୃଷିପ୍ରଧାନ ରାଜ୍ୟରେ କୃଷି ଓ କୃଷକର ଭାଗ୍ୟ ଯଦି ପାଣିପାଗ ଉପରେ ନିର୍ଭର କରେ, ତେବେ କେମିତି ବଦଳିବ ରାଜ୍ୟର ଭାଗ୍ୟ ? ଏକଦା ମଧୁବାବୁ ଉତ୍କଳ ସମ୍ମିଳନୀ ମଣ୍ଡପରୁ କହିଥିଲେ ଓଡ଼ିଆ ଜାତିରେ କୃଷକଙ୍କ ସଂଖ୍ୟା ବେଶି। ସେମାନଙ୍କ ଉନ୍ନତି ନ ହେଲେ କେବେବି ସମ୍ଭବ ହେବନି ଜାତିର ଉନ୍ନତି।

୨୦୧୧ ଜନଗଣନା ତଥ୍ୟ ଅନୁସାରେ ସେତେବେଳେ ଓଡ଼ିଶାର ମୋଟ ଜନସଂଖ୍ୟା ୪କୋଟି ୧୯ଲକ୍ଷ ୪୭ ହଜାର ୩୫୮ ମଧ୍ୟରୁ ନିରକ୍ଷରଙ୍କ ସଂଖ୍ୟା ଥିଲା ୯୭ଲକ୍ଷ ୯୯ହଜାର। ଅର୍ଥାତ ସାକ୍ଷରତା ହାର ଥିଲା ପାଖାପାଖି ୭୬ ପ୍ରତିଶତ। ଇତିମଧ୍ୟରେ ସାକ୍ଷରତା ହାର ଯେ ବଢ଼ିଛି ଏହା ସତ୍ୟ, କିନ୍ତୁ ଧାର୍ଯ୍ୟ ଲକ୍ଷ୍ୟ ଠାରୁ କମ୍। ସ୍ୱତନ୍ତ୍ର ପ୍ରଦେଶ ହେବାର ୯୦ବର୍ଷ ପରେ ବି ୯୦ ପ୍ରତିଶତ ଲୋକଙ୍କୁ ସାକ୍ଷର କରିବାରେ ବିଫଳ ହୋଇଛି ଓଡ଼ିଶା। ନିରକ୍ଷରତା କାରଣରୁ ଓଡ଼ିଶାକୁ ଜାବୁଡ଼ି ଧରିଛି ଦାରିଦ୍ର୍ୟ। ତେଣୁ ସମୃଦ୍ଧ ରାଜ୍ୟ ଗଠନ କରିବାକୁ ହେଲେ ନିରକ୍ଷରତାର ମୂଳୋତ୍ପାଟନ ହେବା ଆବଶ୍ୟକ।

ଓଡ଼ିଶାରେ ସ୍ୱାସ୍ଥ୍ୟ ସେବାର ସ୍ଥିତି ଅତ୍ୟନ୍ତ ଦୁର୍ବଳ। ବିଶେଷକରି ଗ୍ରାମାଞ୍ଚଳ ସ୍ୱାସ୍ଥ୍ୟ କେନ୍ଦ୍ରଗୁଡ଼ିକରେ ବଡ଼ ସମସ୍ୟା ହେଉଛି ଡାକ୍ତରଙ୍କ ଅନୁପସ୍ଥିତି। ବିଶ୍ୱସ୍ୱାସ୍ଥ୍ୟ ସଂଗଠନର ମାପକାଠି ଅନୁସାରେ ଏକ ହଜାର ଲୋକଙ୍କ ପାଇଁ ଜଣେ ଡାକ୍ତର ରହିବା ଜରୁରୀ। ମାତ୍ର ଓଡ଼ିଶାରେ ୧୯୪୩ ଜଣ ଲୋକଙ୍କ ପାଇଁ ଅଛନ୍ତି ଜଣେ ଡାକ୍ତର। ରାଜ୍ୟରେ ଏବେ ସୁଦ୍ଧା ଏମିତି କିଛି ଗାଁ ଅଛି, ଯେଉଁଠିକି ଆବଶ୍ୟକ ବେଳେ ପଶିପାରେନି ୧୦୮ ଆମ୍ବୁଲାନ୍ସ। ତେଣୁ ଦୁର୍ଗମ ଅଞ୍ଚଳର ରାସ୍ତା, ସେତୁ, ନଳାପୋଲ, ଆଭ୍ୟନ୍ତରୀଣ ଗ୍ରାମ୍ୟ ରାସ୍ତା ଓ ଆନ୍ତଃ ଗ୍ରାମ ସଡ଼କର ଉନ୍ନତୀକରଣ ତଥା ମୁଖ୍ୟ ରାସ୍ତା ସହିତ ସଂଯୋଗ କରାଯିବା ଆବଶ୍ୟକ।

ଓଡ଼ିଶାରେ ଅଛି ସୁବିସ୍ତୃତ ବେଳାଭୂମି। ନଡ଼ିଆଚାଷ ପାଇଁ ଏହା ଉପଯୁକ୍ତ। ଓଡ଼ିଶାରେ ପ୍ରତି ଗାଁରେ ରହିଛି ଦେବଦେବୀ ମନ୍ଦିର। ମନ୍ଦିରର ପ୍ରଧାନ ଫସଲ ହେଲା ନଡ଼ିଆ। ଓଡ଼ିଶାବାସୀ ସବୁଦିନେ ନଡ଼ିଆ ତେଲ ଲଗେଇ ସ୍ନାନ କରନ୍ତି ସତ, କିନ୍ତୁ ଓଡ଼ିଶାରେ ଉତ୍ପାଦନ ହୁଏନି ନଡ଼ିଆତେଲ। ୪୮୦ କି.ମି. ବେଳାଭୂମି ଥିବା ସତ୍ତ୍ୱେ ଆମେ ଆମର ଆବଶ୍ୟକତା ପାଇଁ ବାହାରୁ ଆମଦାନୀ କରୁଛୁ ବାର୍ଷିକ ୬.୭ଲକ୍ଷ ଟନ୍ ଲୁଣ। ଅଥଚ ଆମ ଲୁଣ ଶ୍ରମିକ ବେକାର। ଓଡ଼ିଶାରେ କପା ଉତ୍ପାଦନର ପରିମାଣ ବାର୍ଷିକ ପାଖାପାଖି ୭ଲକ୍ଷ ଟନ୍। କିନ୍ତୁ ସୂତାକଳ ଅଚଳ। ବାହାରୁ ଆମଦାନୀ କରୁଛୁ ବାର୍ଷିକ ହାରାହାରି ୨୫ କୋଟି ଟଙ୍କାର କପଡ଼ା।

ପର୍ଯ୍ୟାପ୍ତ ଜଳସଂପଦ ସାଙ୍ଗକୁ ରାଜ୍ୟରେ ରହିଛି ବିପୁଳ ଅରଣ୍ୟସମ୍ପଦ। କେବଳ ଖଣିଜ ପଦାର୍ଥକୁ ଉତ୍ତୋଳନ କରି ବିକ୍ରି ବାବଦରେ ରୟାଲଟିରୁ ମିଳୁଥିବା ରାଜସ୍ୱ ବ୍ୟତୀତ ଏସବୁକୁ ଏପର୍ଯ୍ୟନ୍ତ ଆମ ମୁଖ୍ୟ ଆୟର ସ୍ରୋତ ଭାବରେ ଗ୍ରହଣ କରି ପାରିନି ରାଜ୍ୟ। ପର୍ଯ୍ୟଟକଙ୍କୁ ଆକୃଷ୍ଟ କଲା ଭଳି ଆମ ରାଜ୍ୟରେ ବିସ୍ତୀର୍ଣ୍ଣ ବେଳାଭୂମି ସହିତ ରହିଛି ବିଶାଳ ଚିଲିକା ହ୍ରଦ, ପୂର୍ବଘାଟ ପର୍ବତମାଳାର ମନୋରମ ମାଳଅଞ୍ଚଳ, ବିଶ୍ୱବିଖ୍ୟାତ ମନ୍ଦିର ଓ ଅନେକ ଐତିହାସିକ ସ୍ଥଳ। ମାତ୍ର ଆଦୌ ସନ୍ତୋଷ ଜନକ ନୁହେଁ ପର୍ଯ୍ୟଟନ ଶିଳ୍ପର ବିକାଶ। ଏଥିରେ ଆୟ ଓ ନିଯୁକ୍ତି ସମ୍ଭାବନା ଥିଲେ ବି ଏ ଦିଗରେ ସରକାର ଉଦାସୀନ।

ଓଡ଼ିଶାକୁ ସମୃଦ୍ଧ ରାଜ୍ୟରେ ପରିଣତ କରିବା ପାଇଁ ଔଦ୍ୟୋଗିକ ବିକାଶର ନକ୍ସା ପ୍ରସ୍ତୁତ କରିବା ଦରକାର। ଏହି ପ୍ରେକ୍ଷାପଟରେ ୨୦୨୫ ବର୍ଷ ଆରମ୍ଭରେ ସରକାରଙ୍କ ଦ୍ୱାରା ଆୟୋଜିତ ହୋଇଥିଲା 'ଉତ୍କର୍ଷ ଓଡ଼ିଆ' ଶୀର୍ଷକ ଏକ ଆଡ଼ମ୍ବରପୂର୍ଣ୍ଣ ଓ ବ୍ୟୟବହୁଳ କାର୍ଯ୍ୟକ୍ରମ। ସରକାରଙ୍କ ଘୋଷଣା ଅନୁସାରେ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ପ୍ରତିଷ୍ଠା ପାଇଁ ୧୬.୭୩ ଲକ୍ଷ କୋଟି ଟଙ୍କାର ନିବେଶ ପାଇଁ ପ୍ରସ୍ତାବ ଆସିଛି ଏବଂ ଏହାଦ୍ୱାରା ସୃଷ୍ଟି ହୋଇଛି ୧୨.୮୮ଲକ୍ଷ ନିଯୁକ୍ତି ସମ୍ଭାବନା। ସମୟ କହିବ ପୁଞ୍ଜିନିବେଶ, ପ୍ରକଳ୍ପ ପ୍ରତିଷ୍ଠା ଓ ନିଯୁକ୍ତିର ପରିମାଣ। କିନ୍ତୁ ବିକଶିତ ଓଡ଼ିଶା ପାଇଁ କେବଳ ଶିଳ୍ପ କରିଡ଼ର ପ୍ରତିଷ୍ଠା ଯଥେଷ୍ଟ ନୁହେଁ, ଏଥିପାଇଁ ପ୍ରତ୍ୟେକ କ୍ଷେତ୍ରରେ ବିକାଶ ଲୋଡ଼ା।

ବିଜୁ ପଟ୍ଟନାୟକ ନଗର, ଭଦ୍ରକ
ମୋ: ୬୩୭୧୬୪୨୪୬୪

# ନେପାଳ ନେତ୍ରୀ

ହିମାଳୟ ଦେଶ ନେପାଳ ରାଜତନ୍ତ୍ରରୁ ମୁକ୍ତି ପାଇବା ପରେ ୨୦୦୮ରେ ଗଣତନ୍ତ୍ରରେ ପାଦ ଦେଇଥିଲା। ରାଜତନ୍ତ୍ର ଉଚ୍ଛେଦ ପରେ ଆଶା କରାଯାଉଥିଲା ଗଣତାନ୍ତ୍ରିକ ପ୍ରକ୍ରିୟା ମାଧ୍ୟମରେ 'ନ୍ୟାୟ ନେପାଳ' ଗଢ଼ି ଉଠିବ। ହେଲେ ଦୁଇ ଦଶନ୍ଧି ପୂରିବା ପୂର୍ବରୁ ଏହି ଛୋଟିଆ ଦେଶ ଦେଖିଲା ବୃହତ୍ ବିକ୍ଷୋଭ। ଏହାର ନେତୃତ୍ୱ ନେଇଥିବା ବର୍ଗ 'ଜେନ୍ ଜେଡ୍'କୁ ନେଇ ବିଶ୍ୱବ୍ୟାପୀ ଚର୍ଚ୍ଚା ଲାଗିରହିଛି। ୧୯୯୭ରୁ ୨୦୧୨ ମଧ୍ୟରେ ଜନ୍ମଗ୍ରହଣ କରିଥିବା ଏହି ତରୁଣ ପିଢ଼ି ଦେଶର ରାଜନୈତିକ ଅସ୍ଥିରତା, ଅର୍ଥନୈତିକ ମାନ୍ଦାବସ୍ଥା, ଅସମ୍ଭାଳ ରୂପ ଧାରଣ କରିଥିବା ଦୁର୍ନୀତି ଓ ବେକାର ସମସ୍ୟାରେ ଅତିଷ୍ଠ ହୋଇପଡ଼ିବାରୁ ରାସ୍ତାକୁ ଓହ୍ଲାଇଲେ। ସରକାର ନିଜ ଅପରାଗତା ଲୁଚାଇବା ପାଇଁ ଫେସ୍‌ବୁକ୍, ଟୁଇଟର, ହ୍ୱାଟ୍ସଆପ୍, ୟୁଟ୍ୟୁବ୍ ଭଳି ସୋସିଆଲ ମିଡିଆର ୨୬ଟି ସାଇଟ୍‌କୁ ବନ୍ଦ କରିଦେବା ପରେ ଯୁବପିଢ଼ିଙ୍କ କ୍ରୋଧ ପଞ୍ଚମକୁ ଚାଲିଯାଇଥିଲା। ଅତୀତର ଶ୍ରୀଲଙ୍କା ଓ ବାଂଲାଦେଶରେ ସଂଘଟିତ ହିଂସାତ୍ମକ ବିକ୍ଷୋଭର ପ୍ରତିରୂପ ଯେଭଳି ନେପାଳରେ ପ୍ରତିଫଳିତ ହୋଇଛି। ବିକ୍ଷୋଭକାରୀ ପାର୍ଲାମେଣ୍ଟ, ସୁପ୍ରିମକୋର୍ଟ, ରାଜନୈତିକ ବ୍ୟକ୍ତିଙ୍କ ବାସଭବନରେ ନିଆଁ ଲଗାଇ ଦେବାଠାରୁ ଆରମ୍ଭ କରି ପୂର୍ବତନ ପ୍ରଧାନମନ୍ତ୍ରୀଙ୍କ ସ୍ତ୍ରୀଙ୍କୁ ଜାଳିଦେବା ଭଳି କ୍ରୋଧ ପ୍ରକଟ କଲେ। ଏହାର ପରିଣତି ୫୦ରୁ ଅଧିକ ଲୋକଙ୍କ ଜୀବନ ନେଇଥିବା ବେଳେ ଅନେକ ଶହ ଆହତ ହୋଇଛନ୍ତି। ଜଳୁଥିବା ନେପାଳକୁ ଦେଖି ପ୍ରଧାନମନ୍ତ୍ରୀ ଥିବା କେ.ପି. ଶର୍ମା ଓଲି ଇସ୍ତଫା ଦେବା ପରେ କେତେକାଂଶରେ ସ୍ଥିତି ସ୍ୱାଭାବିକ ଆଡ଼କୁ ଆସିଛି। ଗଣତନ୍ତ୍ରର ମୁରବୀବିହୀନ ଏହି ଭୂଖଣ୍ଡର ତତ୍କ୍ଷଣାତ୍ ନେତୃତ୍ୱ ନେବା ଲାଗି କିଏ ଯୋଗ୍ୟ ହେବେ ବୋଲି ଖୋଜା ଚାଲୁଥିବା ବେଳେ ସେହି ଦାୟିତ୍ୱ ଏବେ ସୁପ୍ରିମକୋର୍ଟର ପୂର୍ବତନ ପ୍ରଧାନ ବିଚାରପତି ସୁଶୀଳା କାର୍କିଙ୍କ ଉପରେ ନ୍ୟସ୍ତ କରାଯାଇଛି। ଫଳରେ ସେ ପ୍ରଥମ ମହିଳା ଭାବେ ନେପାଳର ଅନ୍ତରୀଣ ପ୍ରଧାନମନ୍ତ୍ରୀ ଭାବେ ଶପଥ ନେଇଛନ୍ତି। ୨୦୨୬ ମାର୍ଚ୍ଚରେ ସେଠାରେ ନିର୍ବାଚନ ହେବା ପରେ ଦେଶର ଗଣତାନ୍ତ୍ରିକ ଗତି କିଭଳି ରୂପ ନେବ ଜଣାପଡ଼ିବ। ତେବେ ଯୁବପିଢ଼ି ଯେଉଁ ମହିଳାଙ୍କ ଉପରେ ପ୍ରଚଣ୍ଡ ଭରସା କରି ତାଙ୍କୁ ଏହି ଦାୟିତ୍ୱ ସଅଁପି ଦେଇଛନ୍ତି, ତାଙ୍କ ବ୍ୟକ୍ତିତ୍ୱ ବିଷୟରେ ଜାଣିବ ଲାଗି ସମସ୍ତଙ୍କ ଆଗ୍ରହ ରହିବା ସ୍ୱାଭାବିକ।

ସୁଶୀଳା ୭ ଜୁନ୍ ୧୯୫୨ରେ ନେପାଳର ସାର୍‌ଲାହି ଜିଲା ସାଙ୍କାରପୁରଠାରେ ଛେତ୍ରୀ ପରିବାରରେ ଜନ୍ମଗ୍ରହଣ କରିଥିଲେ। ପରିବାରର ୭ ସନ୍ତାନଙ୍କ ମଧ୍ୟରେ ସେ ଜ୍ୟେଷ୍ଠା ଥିଲେ। ସେ ତ୍ରିଭୁବନ ବିଶ୍ୱବିଦ୍ୟାଳୟ ଅଧୀନ ମହେନ୍ଦ୍ର ମୋରାଙ୍ଗ କଲେଜରୁ ୧୯୭୨ରେ କଳାରେ ସ୍ନାତକ କରିଥିଲେ। ୧୯୭୫ରେ ଭାରତର ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟରୁ ରାଜନୀତି ବିଜ୍ଞାନରେ ସ୍ନାତକୋତ୍ତର ଡିଗ୍ରୀ ଅର୍ଜନ କରିବା ପରେ ସ୍ୱଦେଶ ଫେରିଥିଲେ। ୧୯୭୮ରେ ତ୍ରିଭୁବନ ବିଶ୍ୱବିଦ୍ୟାଳୟରୁ ସୁଶୀଳା ଆଇନରେ ଡିଗ୍ରୀ ଅର୍ଜନ କରିଥିଲେ। ପଢ଼ା ଶେଷ ପରେ ଧରନ୍‌ସ୍ଥିତ ମହେନ୍ଦ୍ର ମଲ୍ଟିପୁଲ କ୍ୟାମ୍ପସରେ ଜଣେ ସହକାରୀ ଶିକ୍ଷୟିତ୍ରୀ ଭାବେ ଚାକିରି ଜୀବନ ଆରମ୍ଭ କରିଥିଲେ। ତେବେ ୧୯୯୦ରେ ସେ ରାଜନୀତିରେ ସ୍ୱଚ୍ଛତା ଆଣିବା ଲାଗି କରାଯାଇଥିବା 'ପିପୁଲ୍ସ ମୁଭମେଣ୍ଟ'ରେ ନିଜକୁ ସାମିଲ କରିଥିଲେ। ସେତିକିବେଳେ ତାଙ୍କ ନେତୃତ୍ୱ ନେବାର ଆଭାସ ମିଳିଥିଲା। ସେହି ସମୟରେ ସେ ମଧ୍ୟ ବିରାଟନଗର ଜେଲରେ ବନ୍ଦୀ ଜୀବନ କଟାଇଥିଲେ। ଏଭଳି ଅଭିଜ୍ଞତାକୁ ନେଇ ସେ 'କାରା' ନାମରେ ଏକ ଉପନ୍ୟାସ ରଚନା କରିଥିଲେ। ୨୦୦୮ ସେ ଆଇନ ବ୍ୟବସାୟ କରିବାକୁ ଯାଇ ନେପାଳ ବାର୍ ଆସୋସିଏଶନରେ ସିନିୟର ଆଡ୍‌ଭୋକେଟ ହୋଇଥିଲେ। ଆଇନଗତ ବିଦ୍‌ବତ୍ତା ପ୍ରଦର୍ଶନ ପରେ ସେ ୨୦୦୯ ଜାନୁଆରୀରେ ନେପାଳ ସୁପ୍ରିମକୋର୍ଟର ଆଡ୍‌ହକ ଜଷ୍ଟିସ୍ ହେବାର ଗୌରବ ମଧ୍ୟ ଅର୍ଜନ କରିଥିଲେ। ପରେ ସେ ସ୍ଥାୟୀ ବିଚାରପତି ହୋଇଥିଲେ। ଏପ୍ରିଲ ୨୦୧୬ରେ କଲ୍ୟାଣ ଶ୍ରେଷ୍ଠା ପ୍ରଧାନ ବିଚାରପତି ପଦବୀରୁ ଅବସର ଗ୍ରହଣ କରିବା ପରେ ସାମ୍ବିଧାନିକ ପରିଷଦ ସୁଶୀଳାଙ୍କୁ ତାଙ୍କ ସ୍ଥାନରେ ଅବସ୍ଥାପିତ କରିବା ଲାଗି ସୁପାରିସ କରିଥିଲା। ପରବର୍ତ୍ତୀ ସମୟରେ ସେ ସୁପ୍ରିମକୋର୍ଟର ପ୍ରଥମ ମହିଳା ପ୍ରଧାନ ବିଚାରପତି ହୋଇଥିଲେ। ଅବଶ୍ୟ ତାଙ୍କ ନିଯୁକ୍ତିକୁ ନେଇ ସେ ବିରୋଧର ସମ୍ମୁଖୀନ ହୋଇଥିଲେ। ଏଭଳି କି ତାଙ୍କ ବିରୋଧରେ ମହାଭିଯୋଗ ଅଣାଯାଇଥିଲା। ନ୍ୟାୟିକ ଅଡୁଆରେ ଧନ୍ଦି ହୋଇଥିଲେ ହେଁ ୨୦୧୭ ଜୁନ୍ ୬ରେ ସେ ୬୫ ବର୍ଷରେ ପହଞ୍ଚିବା ପରେ ନିଜ ପଦବୀରୁ ଇସ୍ତଫା ଦେଇଥିଲେ।



**ବ୍ୟକ୍ତିତ୍ୱ**

**ସୁଶୀଳା କାର୍କି**

ଅବସର ଗ୍ରହଣ କରିବା ପରେ ସୁଶୀଳା ନିଜ ବାଲ୍ୟଜୀବନଠାରୁ ଆରମ୍ଭ କରି ବିଚାରପତି କ୍ୟାରିୟର ଯାଏ ଘଟଣାବଳୀକୁ ନେଇ ଆତ୍ମଜୀବନୀ 'ନ୍ୟାୟ' ଲେଖିଛନ୍ତି। ବିଭିନ୍ନ ମାମଲାରେ ସେ ଐତିହାସିକ ନିଷ୍ପତ୍ତି ନେଇ ଜନପ୍ରିୟତା ହାସଲ କରିଥିବାରୁ ସେ ଯୁବପିଢ଼ିଙ୍କ ପାଇଁ ଆଦର୍ଶ ପାଲଟିଛନ୍ତି। ତେବେ କେ.ପି. ଶର୍ମା ଓଲି ପ୍ରଧାନମନ୍ତ୍ରୀ ପଦବୀରୁ ଇସ୍ତଫା ଦେବା ପରେ ବିକ୍ଷୋଭକାରୀମାନେ ଅନ୍‌ଲାଇନ୍ ପ୍ଲାଟଫର୍ମ 'ଡିସ୍‌କର୍ଡ' ମାଧ୍ୟମରେ ଏକ ସର୍ଭେ କରିଥିଲେ, ଯେଉଁଥିରେ ସମ୍ଭାବ୍ୟ ପାଞ୍ଚ ପ୍ରାର୍ଥୀଙ୍କ ମଧ୍ୟରୁ ସୁଶୀଳାଙ୍କୁ ଚୟନ କରାଯାଇଥିଲା।

ସ୍ୱାମୀ ଦୁର୍ଗା ପ୍ରସାଦ ସୁବେଦି ଓ ଝିଅକୁ ନେଇ ସୁଶୀଳାଙ୍କ ସଂସାର। ଏକଦା ନେପାଳୀ କଂଗ୍ରେସର ଯୁବ ଶାଖାର ନେତା ଭାବେ ଦୁର୍ଗା ଦେଶରେ ପରିଚିତ ଥିଲେ। ବନାରସ ହିନ୍ଦୁ ବିଶ୍ୱବିଦ୍ୟାଳୟରେ ପଢ଼ିବା ବେଳେ ଦୁର୍ଗାଙ୍କ ସହ ସୁଶୀଳାଙ୍କ ସାକ୍ଷାତ୍ ହୋଇଥିଲା।

**– ଜିତେନ୍ଦ୍ର କୁମାର ନାୟକ**

## ଏଇ ଭାରତରେ

ପଶ୍ଚିମବଙ୍ଗ ମୁର୍ସିଦାବାଦରେ ମୁକ୍ତାକାଶ ସ୍କୁଲ ଆରମ୍ଭ କରିଛନ୍ତି ପ୍ରଫେସର ଅଂଶୁମାନ ଠାକୁର। ବିଶେଷକରି ଆଦିବାସୀ ପିଲାଙ୍କ ପାଇଁ ସେ ଏହି ସ୍କୁଲ ଖୋଲିଛନ୍ତି ଏବଂ ଏହାର ନାମ ହେଉଛି 'ଅନିର୍ବାଣ ଗଛେର ଇସ୍କୁଲ'। ଅଧାରୁ ପାଠପଢା ଛାଡ଼ିଦେଇଥିବା ପିଲାଙ୍କୁ ପଢ଼ାଇ ପୁନର୍ବାର ଶିକ୍ଷାର ମୁଖ୍ୟସ୍ରୋତକୁ ସେମାନଙ୍କୁ ଫେରାଇ ଆଣୁଛନ୍ତି। ଅଂଶୁମାନ ମୁର୍ସିଦାବାଦସ୍ଥିତ ପ୍ରଫେସର ସୟଦ ନୁରୁଲ ହାସନ କଲେଜରେ ବେଙ୍ଗଲୀ ସାହିତ୍ୟର ପ୍ରାଧ୍ୟାପକ ଭାବେ କାମ କରୁଛନ୍ତି। ରବୀନ୍ଦ୍ରନାଥ ଠାକୁରଙ୍କ ବିଚାରଧାରାରେ ଅନୁପ୍ରାଣିତ ହୋଇ ସେ ଏଭଳି ଶିକ୍ଷାଦାନ ପଦ୍ଧତିକୁ ଆପଣାଇଛନ୍ତି ଏବଂ ନିମ୍ବ ଓ ଆମ୍ବ ଗଛ ତଳେ ଛାତ୍ରୀଛାତ୍ରଙ୍କୁ ପଢ଼ାଉଛନ୍ତି। ସେ ପିଲାମାନଙ୍କୁ ଶିକ୍ଷା ମାଧ୍ୟମରେ ପରିବେଶ ସହ ଯୋଡ଼ିବାରେ ମଧ୍ୟ ସକ୍ଷମ ହେଉଛନ୍ତି। ଅଂଶୁମାନ ପ୍ରଥମେ ୫ ଜଣଙ୍କୁ ନେଇ୨୦୨୧ରେ ଏହି ସ୍କୁଲ ଆରମ୍ଭ କରିଥିଲେ। ଏବେ ସେଠାରେ ୧୦୫ ଜଣ ପିଲା ପଢୁଛନ୍ତି। ଏହାକୁ ନିଜସ୍ୱ ରୋଜଗାରରେ ଚଳାଉଛନ୍ତି। ଏହି ସ୍କୁଲ ପାଇଁ ପ୍ରତିମାସରେ ମାତ୍ର ୩୦୦ଟଙ୍କା ହିସାବରେ ବର୍ଷକୁ ୩,୬୦୦ ଟଙ୍କା ଖର୍ଚ୍ଚ ହେଉଛି।

## ୫୦ ବର୍ଷ ତଳେ ଧରିତ୍ରୀ

**୧୪ ସେପ୍ଟେମ୍ବର ୧୯୭୬**

- ଆମେରିକାନ ଏୟାର ଲାଇନ୍ସର ବିମାନକୁ ଅପହରଣ କରି ପ୍ୟାରିସ ନେଇଯାଇଥିବା ଅପହରଣକାରୀମାନେ ପଣବନ୍ଦୀମାନଙ୍କୁ ମୁକ୍ତ କରିଦେବା ଫ୍ରାନ୍ସ ପୋଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି।
- ଜାପାନରେ ସାମ୍ପ୍ରତିକ ବାତ୍ୟା ଓ ବର୍ଷା ଫଳରେ ୧୨୦ଜଣ ବ୍ୟକ୍ତିଙ୍କ ପ୍ରାଣହାନି।

## su | do | ku — ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | 1 | | | | 3 | | 7 | |
| 5 | | | | | | | | 1 |
| | | | | 9 | | 8 | | |
| | | 9 | | | | | 4 | |
| | | | | | | 6 | | |
| 3 | 6 | | 4 | | | | | 2 |
| | 8 | 4 | 7 | | | | | |
| 7 | | 6 | | 1 | | | | 5 |
| | | | | | 9 | | 3 | |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 3 | 4 | 7 | 2 | 5 | 8 | 9 | 1 | 6 |
| 2 | 1 | 8 | 9 | 6 | 4 | 5 | 7 | 3 |
| 9 | 5 | 6 | 7 | 1 | 3 | 8 | 4 | 2 |
| 1 | 6 | 5 | 8 | 7 | 2 | 4 | 3 | 9 |
| 8 | 3 | 9 | 5 | 4 | 6 | 7 | 2 | 1 |
| 4 | 7 | 2 | 3 | 9 | 1 | 6 | 5 | 8 |
| 5 | 9 | 3 | 6 | 2 | 7 | 1 | 8 | 4 |
| 7 | 2 | 1 | 4 | 8 | 9 | 3 | 6 | 5 |
| 6 | 8 | 4 | 1 | 3 | 5 | 2 | 9 | 7 |

ଗତକାଲିର ଉତ୍ତର

## ପାଠକ ଶ୍ରେଷ୍ଠ ବିଚାରକ

### ଚିକିତ୍ସା ବିଜ୍ଞାନ ପାଇଁ ଉପହାର

ମହାଶୟ,

ଅନ୍ତର୍ଜାତୀୟ କ୍ୟାନସର ଗବେଷଣା ସଂସ୍ଥା ୨୦୨୨ ମସିହାରେ ଦେଇଥିବା ତଥ୍ୟ ଅନୁଯାୟୀ ବିଶ୍ୱର ପ୍ରାୟ ୯.୭ ମିଲିୟନ ଲୋକ କ୍ୟାନସରରେ ମୃତ୍ୟୁବରଣ କରିଛନ୍ତି। ତେଣୁ ଏହିପରି ଏକ ଜଟିଳ ରୋଗ ବିରୋଧରେ ରୁଷିଆ ଏକ ଟିକା ପ୍ରସ୍ତୁତ କରିଛି। ଏହି ଟିକାର ନାମ 'ଏଣ୍ଟେରୋମିକ୍ସ'। ଏହାକୁ ରୁଷିଆର ସଂଘୀୟ ଜୀବବିଜ୍ଞାନ ଚିକିତ୍ସା ସଂସ୍ଥାର ତତ୍ତ୍ୱାବଧାନରେ ପ୍ରସ୍ତୁତ କରାଯାଇଛି। ଏହି ଟିକାକୁ ଦୁଇଟି ବୈଜ୍ଞାନିକ ଉପାୟରେ ବିଭକ୍ତ କରାଯାଇଛି ଯଥା କ୍ୟାନସର କୋଷକୁ ନଷ୍ଟ କରୁଥିବା ଭୂତାଣୁ ଟିକା ଏବଂ ଅନ୍ୟଟି ହେଲା ଏମ୍‌ଆର୍‌ଏନ୍‌ଏ ଟିକା। ଉଭୟ ଉପାୟକୁ ବୈଜ୍ଞାନିକମାନେ ପ୍ରାଥମିକ ସ୍ତରରେ ବ୍ୟବହାର କରି ସଫଳତା ପାଇଛନ୍ତି। ବୈଜ୍ଞାନିକଙ୍କ ଅନୁଯାୟୀ ଏହି ଟିକା ନେବା ପରେ ଟ୍ୟୁମରର ବୃଦ୍ଧି କ୍ଷମତା କମିଯିବା ସହ ଏହାର ଆକାର ୬୦ ରୁ ୮୦ ପ୍ରତିଶତ ହ୍ରାସ ପାଉଛି। ରୁଷିଆ ସରକାର ଦାବି କରିଛନ୍ତି ଯେ ଏହି ଟିକା ଶରୀର ପାଇଁ ସମ୍ପୂର୍ଣ୍ଣ ସୁରକ୍ଷିତ ଏବଂ ଶହେ ପ୍ରତିଶତ ପ୍ରଭାବଶାଳୀ। ପ୍ରାଥମିକ ସ୍ତରୀୟ ପରୀକ୍ଷା ସଫଳ ହେବା ପରେ ଏହାକୁ ରୁଷିଆର ସ୍ୱାସ୍ଥ୍ୟ ବିଭାଗକୁ ହସ୍ତାନ୍ତର କରାଯାଇଛି। ସ୍ୱାସ୍ଥ୍ୟ ବିଭାଗ ତରଫରୁ ଅନୁମତି ମିଳିଲେ ଟିକା ବଜାରରେ ଉପଲବ୍ଧ ହେବ। ଆଗାମୀ ଭବିଷ୍ୟତରେ ଯଦି ଏହି ଟିକା ସଫଳତାର ସହ ସମସ୍ତ କ୍ୟାନସର ବିରୋଧରେ କାର୍ଯ୍ୟକରେ ତେବେ ଚିକିତ୍ସା ବିଜ୍ଞାନ ପାଇଁ ଏହା ଏକ ସଞ୍ଜୀବନୀ ଭାବେ ନିଶ୍ଚୟ ଉଭାହେବ।

**– ଅଧ୍ୟାପକ ରାକେଶ ରାୟ, ଉଦ୍ଭିଦ ବିଜ୍ଞାନ ବିଭାଗ, ବିଦ୍ୱାନ ମହାବିଦ୍ୟାଳୟ, ଜୟପୁର**

## ଚିରନ୍ତନୀ

ବୁଡ଼ିଯାଏ ନିରିମମ ରବି
ଦିବସ ଅନ୍ତର କିବା କ୍ଷଣେ ଗଲା ଦ୍ରବି !
ଦୁହେଁ ଦୁଇ ମୁଖେ ଚାହିଁ ସ୍ଥିର ଅବିରତ
ଆସିବ ବିୟୋଗ, ନିଶା ଧୀରେ ଉପଗତ,
ଏପାରେ ରହିବ ଏକ, ଆନ ଆରପାରେ
ଚଳିବ ବିରହବ୍ୟଥା ଭାରେ !
-(ଚକ୍ରବାକ)

**–କାଳିନ୍ଦୀ ଚରଣ ପାଣିଗ୍ରାହୀ**

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail: edit.dharitri@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

# ଏମ୍ସ ଭୁବନେଶ୍ୱର ଦେଶର ୧୪ତମ ଶ୍ରେଷ୍ଠ ମେଡିକାଲ କଲେଜ



ଏନ୍ଆଇଆରଏଫ୍ ର୍ୟାଙ୍କିଙ୍ଗ୍ ପ୍ରମାଣପତ୍ର ସହ ଏମ୍ସର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ଡା.ଆଶୁତୋଷ ବିଶ୍ୱାସ ଓ ଅନ୍ୟମାନେ।

ଭୁବନେଶ୍ୱର,୧୩।୯(ବନ୍ଦନା ସେଠୀ) ଡାକ୍ତରୀ ଶିକ୍ଷା କ୍ଷେତ୍ରରେ ରାଜ୍ୟ ତଥା ସମଗ୍ର ପୂର୍ବ ଭାରତ ପାଇଁ ପୁଣି ଗୌରବ ଆଣିଛି ଏମ୍ସ ଭୁବନେଶ୍ୱର। କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ପକ୍ଷରୁ ପ୍ରକାଶିତ ଜାତୀୟ ଶିକ୍ଷାନୁଷ୍ଠାନ ମାନ୍ୟତା ତାଲିକା (ଏନ୍ଆଇଆରଏଫ୍ ମେଡିକାଲ)ରେ ଏମ୍ସ ଭୁବନେଶ୍ୱରକୁ ଦେଶର ଶ୍ରେଷ୍ଠ ମେଡିକାଲ କଲେଜ ବର୍ଗରେ ୧୪ତମ ସ୍ଥାନ ମିଳିଛି। ୨୦୨୪ରେ ଏହି ପ୍ରତିଷ୍ଠାନ ଏନ୍ଆଇଆରଏଫ୍ ର୍ୟାଙ୍କିଙ୍ଗରେ ୧୫ତମ ସ୍ଥାନରେ ଥିଲା। ସେହିପରି ସାମଗ୍ରିକ କ୍ଷେତ୍ରରେ ମଧ୍ୟ ଏମ୍ସ ଭୁବନେଶ୍ୱର ଶ୍ରେଷ୍ଠ ୫ଠଟି ଡାକ୍ତରୀ ଶିକ୍ଷା ପ୍ରତିଷ୍ଠାନ ମଧ୍ୟରେ ରହିଛି। ଶିକ୍ଷାଦାନ, ଶିକ୍ଷା ଏବଂ ସମ୍ବଳ (ଟିଏଲଆର), ଗବେଷଣା ଏବଂ ବୃତ୍ତିଗତ ଅଭ୍ୟାସ (ଆରପି), ସ୍ନାତକୋତ୍ତର ଫଳାଫଳ (ଜିଓ), ଆଉଟରିଚ୍ ଏବଂ ଇନ୍‌କ୍ଲୁସିଭିଟି (ଓଆଇ) ଏବଂ ପିଅର ପର୍ସେପ୍ସନ (ପିପି) ଭଳି ୫ଟି ମାନଦଣ୍ଡକୁ ଭିତ୍ତିକରି ଏହି ତାଲିକା ପ୍ରସ୍ତୁତ କରାଯାଇଛି। ଏକାଡେମିକ୍ ଓ ବୃତ୍ତିଗତ ଉତ୍କର୍ଷ ପ୍ରତି ପ୍ରତିବଦ୍ଧତାକୁ ପ୍ରତିଫଳିତ କରି ଏମ୍ସ ଭୁବନେଶ୍ୱର ଚଳିତବର୍ଷ ୧୦୦ ରୁ ୬୪.୩୧ ସ୍କୋର କରିଛି, ଯାହା ଏହାର ସର୍ବାଙ୍ଗୀନ ପ୍ରଦର୍ଶନ ତଥା ବର୍ଦ୍ଧିତ ଜାତୀୟ ଖ୍ୟାତିର ପ୍ରତିଫଳନ। ଏହି ସଫଳତାକୁ ନେଇ ଏମ୍ସ ଭୁବନେଶ୍ୱରର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ତଥା ସିଇଓ ଡା. ଆଶୁତୋଷ ବିଶ୍ୱାସ ସମସ୍ତ ଅଧ୍ୟାପିକାଅଧ୍ୟାପକ, କର୍ମଚାରୀ ଏବଂ ଛାତ୍ରଛାତ୍ରୀ ତଥା ଏମ୍ସ ପରିବାରକୁ ଧନ୍ୟବାଦ ଜଣାଇଛନ୍ତି। ରୋଗୀ ସେବା, ଗବେଷଣା ଏବଂ ଶିକ୍ଷାର ସାମଗ୍ରିକ ବିକାଶରେ ଏହି ପ୍ରତିଷ୍ଠାନ ଉତ୍କର୍ଷର ନିରନ୍ତର ଅନୁସରଣ ଜାରି ରଖିବ ବୋଲି ସେ କହିଛନ୍ତି। ଏନେଇ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଏମ୍ସର ଡିନ୍ (ପରୀକ୍ଷା) ଡା. ସୌଭାଗ୍ୟ କୁମାର ଜେନା, ଡିଏଏ ଲେଫ୍ଟନାଣ୍ଟ କର୍ଣ୍ଣେଲ ଅଜିତ ସରକାର, କୁଳସଚିବ ଡା. ସୁଦୀପ୍ତ ରଞ୍ଜନ ସିଂହ, ଡା. ବିନୋଦ କୁମାର ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# ‘କନ୍ୟାଙ୍କ ସୁରକ୍ଷା ପାଇଁ ଦୃଢ଼ ବ୍ୟବସ୍ଥା ଲୋଡ଼ା’


## କନ୍ୟା ସନ୍ତାନ ସୁରକ୍ଷା ଉପରେ ରାଜ୍ୟସ୍ତରୀୟ ଜୁଭେନାଇଲ ଜଷ୍ଟିସ୍ ପରାମର୍ଶ କର୍ମଶାଳା




କନ୍ୟାସନ୍ତାନ ସୁରକ୍ଷା ଉପରେ ରାଜ୍ୟସ୍ତରୀୟ ଜୁଭେନାଇଲ ଜଷ୍ଟିସ ପରାମର୍ଶ କର୍ମଶାଳାରେ ହାଇକୋର୍ଟ ମୁଖ୍ୟ ବିଚାରପତି ହରିଶ ଟଣ୍ଡନଙ୍କ ସହ ଉପସ୍ଥିତ ଅତିଥିବୃନ୍ଦ।

କଟକ,୧୩।୯(କାର୍ତ୍ତିକ ସାହୁ) ଓଡ଼ିଶା ହାଇକୋର୍ଟର ଜୁଭେନାଇଲ ଜଷ୍ଟିସ କମିଟି, ରାଜ୍ୟ ମହିଳା ଓ ଶିଶୁ ବିକାଶ ବିଭାଗ ଏବଂ ୟୁନିସେଫ୍‌ର ମିଳିତ ଆନୁକୂଲ୍ୟରେ କନ୍ୟା ସନ୍ତାନ ସୁରକ୍ଷା: ଭାରତରେ କନ୍ୟା ସନ୍ତାନଙ୍କ ପାଇଁ ଏକ ସୁରକ୍ଷିତ ଏବଂ ସକ୍ଷମ ପରିବେଶ ଶୀର୍ଷକ ରାଜ୍ୟସ୍ତରୀୟ ଜୁଭେନାଇଲ ଜଷ୍ଟିସ୍ ପରାମର୍ଶ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ହାଇକୋର୍ଟ ମୁଖ୍ୟ ବିଚାରପତି ହରିଶ ଟଣ୍ଡନ କଟକସ୍ଥିତ ଓଡ଼ିଶା ଜୁଡିସିଆଲ ଏକାଡେମୀଠାରେ ଶନିବାର ଆୟୋଜିତ କର୍ମଶାଳାକୁ ଉଦ୍ଘାଟନ କରି ହିଂସା, ବାଲ୍ୟବିବାହ ଏବଂ ଶୋଷଣରୁ କନ୍ୟାମାନଙ୍କୁ ସୁରକ୍ଷା ଦେବା ପାଇଁ ଦୃଢ଼ ସଂସ୍ଥାଗତ ବ୍ୟବସ୍ଥା ଲୋଡ଼ା ବୋଲି କହିଛନ୍ତି। ମୁଖ୍ୟ ବିଚାରପତି ବାଲ୍ୟବିବାହ ନିଷେଧ ଆଇନ, ୨୦୦୬ ଏବଂ କିଶୋର ନ୍ୟାୟ (ଶିଶୁଙ୍କ ଯତ୍ନ ଏବଂ ସୁରକ୍ଷା) ଆଇନ, ୨୦୧୫ର ବିଭିନ୍ନ ବ୍ୟବସ୍ଥା ଉପରେ ଆଲୋକପାତ କରିଥିଲେ। ହାଇକୋର୍ଟର କିଶୋର ନ୍ୟାୟ କମିଟି ଅଧ୍ୟକ୍ଷ ତଥା ବିଚାରପତି ସାବିତ୍ରୀ ରଥ ସ୍ୱାଗତ ଭାଷଣ ଦେଇ କର୍ମଶାଳାର ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ। କନ୍ୟା ସନ୍ତାନମାନଙ୍କ ଶିକ୍ଷା, ସ୍ୱାସ୍ଥ୍ୟସେବା ଏବଂ ସମାନ ସୁଯୋଗ ଅଧିକାରକୁ ସୁନିଶ୍ଚିତ କରିବା ଆମର ମୌଳିକ କର୍ତ୍ତବ୍ୟ ବୋଲି ସେ କହିଥିଲେ। ନ୍ୟୁଜ୍‌ଲେଟରର ମୁଖ୍ୟ ସମ୍ପାଦକ ତଥା ହାଇକୋର୍ଟ ଜୁଭେନାଇଲ ଜଷ୍ଟିସ କମିଟି ସଦସ୍ୟ ବିଚାରପତି ଏ. କେ. ମହାପାତ୍ର ୨୦୧୭ରେ ଆରମ୍ଭ ହୋଇଥିବା ନ୍ୟୁଜ୍‌ଲେଟରର ଶିଶୁ ସୁରକ୍ଷା ଉପରେ ଆଲୋକପାତ କରିଥିଲେ। ଏଥିସହ ମୁଖ୍ୟ ବିଚାରପତି ଟଣ୍ଡନ ଜୁଭେନାଇଲ ଜଷ୍ଟିସ କମିଟିର ନ୍ୟୁଜଲେଟର ୨୦୨୫ ବର୍ଷ ସଂସ୍କରଣକୁ ଉନ୍ମୋଚନ କରିଥିଲେ। ମହିଳା ଓ ଶିଶୁ ବିକାଶ ବିଭାଗ ନିର୍ଦ୍ଦେଶକ ମୋନିଷା ବାନାର୍ଜୀ କହିଲେ, କନ୍ୟାସନ୍ତାନଙ୍କୁ ସୁରକ୍ଷା, ନ୍ୟାୟ, ମର୍ଯ୍ୟାଦା ଦେବା ବିକାଶର ମୂଳମନ୍ତ୍ର। ପ୍ରତ୍ୟେକ ଶିଶୁଙ୍କୁ ସୁରକ୍ଷା ଦେବା ଆମର କର୍ତ୍ତବ୍ୟ। ସରକାରୀ, ବେସରକାରୀ ଅନୁଷ୍ଠାନ, ଆମର ଢାଞ୍ଚା ବିଷୟରେ ଆମ ସମାଜକୁ ତତ୍ପର ହେବାକୁ ପଡ଼ିବ ବୋଲି ସେ ମତପ୍ରକାଶ କରିଥିଲେ। ୟୁନିସେଫ ଓଡ଼ିଶା କ୍ଷେତ୍ର କାର୍ଯ୍ୟାଳୟର ମୁଖ୍ୟ ୱିଲିୟମ ହାନଲନ ଜୁନିୟର କହିଲେ, ଶିଶୁମାନଙ୍କ ବିରୋଧରେ ହିଂସା କେବଳ ମୌଳିକ ମାନବାଧିକାରର ଉଲ୍ଲଂଘନ ନୁହେଁ, ବରଂ ଏକ ଜରୁରୀ ଜନସ୍ୱାସ୍ଥ୍ୟ ସଙ୍କଟ। କନ୍ୟା ସନ୍ତାନ ଓ ସମସ୍ତ ଶିଶୁଙ୍କ ବିରୋଧରେ ହିଂସା ସମାପ୍ତ କରିବା ପାଇଁ ଆମର ଆଇନକୁ ସୁଦୃଢ଼ କରିବା ସହ ସଚେତନତା ସୃଷ୍ଟି କରିବାକୁ ପଡ଼ିବ। ହାଇକୋର୍ଟ କିଶୋର ନ୍ୟାୟ କମିଟି ସଦସ୍ୟ ବିଚାରପତି ଏମ୍. ଏସ୍. ରମଣ ଧନ୍ୟବାଦ ଦେଇଥିଲେ।

# ‘ଭିସୁଟ୍ ଉତ୍କର୍ଷ ଦେଶ ବିଦେଶରେ ବିସ୍ତାରିତ’




ମଞ୍ଚାସୀନ ଅତିଥିମାନଙ୍କ ଉପସ୍ଥିତିରେ ରାଜ୍ୟପାଳ ଡ. ହରିବାବୁ କମ୍ଭମ୍ପାଟି ଜଣେ ମେଧାବୀ ଛାତ୍ରୀଙ୍କୁ ଡିଗ୍ରୀ ଓ ପଦକ ପ୍ରଦାନ କରୁଛନ୍ତି।

## ୧୬ତମ ସମାବର୍ତ୍ତନ ଉତ୍ସବରେ ରାଜ୍ୟପାଳ

ସମ୍ବଲପୁର,୧୩।୯(ପ୍ରମୋଦ ବହିଦାର) ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ(ଭିସୁଟ୍) ଡିଗ୍ରି ପରେ ଡିଗ୍ରି ପ୍ରଖ୍ୟାତ ଯାନ୍ତ୍ରିକ, ବୈଜ୍ଞାନିକ, ଉଦ୍ଭାବକ ସହ ନେତୃତ୍ୱ ସୃଷ୍ଟି କରିବାରେ ସକ୍ଷମ ହୋଇଛି। ଏଭଳି ଏକ ଶିକ୍ଷାନୁଷ୍ଠାନର ସମାବର୍ତ୍ତନ ଉତ୍ସବରେ କୁଳାଧିପତିଭାବେ ଅଧ୍ୟକ୍ଷତା କରିବାର ସୁଯୋଗ ପାଇବା ମୋ ପାଇଁ ଗୌରବର ବିଷୟ। ଭିସୁଟ୍ ସାର୍ ବିଶ୍ୱେଶ୍ୱରାୟ ପ୍ରେକ୍ଷାଳୟରେ ଶନିବାର ଅପରାହ୍ନରେ ଅନୁଷ୍ଠିତ ଏହାର ୧୬ତମ ସମାବର୍ତ୍ତନ ଉତ୍ସବରେ ଅଧ୍ୟକ୍ଷତା କରି ଅବସରରେ ରାଜ୍ୟପାଳ ତଥା କୁଳାଧିପତି ଡ. ହରିବାବୁ କମ୍ଭମ୍ପାଟି ଏହା କହିଛନ୍ତି। ସର୍ବପ୍ରଥମେ ଏହି ମାଟିର ମହାନ୍ ସ୍ୱାଧୀନତା ସଂଗ୍ରାମୀ ସୁରେନ୍ଦ୍ର ସାଏ ଯାହାଙ୍କ ନାମରେ ଶିକ୍ଷାନୁଷ୍ଠାନ ନାମିତ ହୋଇଛି ତାଙ୍କୁ ଶ୍ରଦ୍ଧାଞ୍ଜଳି ଜଣାଇଥିଲେ। ଏହି ଅବସରରେ ବକ୍ତବ୍ୟ ରଖି ଉପନିବେଶବାଦର ଅତ୍ୟାଚାର ବିରୋଧରେ ସୁରେନ୍ଦ୍ର ସାଏଙ୍କ ଅଦମ୍ୟ ସାହସ, ସଂଘର୍ଷ, ତ୍ୟାଗ ଓ ବଳିଦାନରେ ଅନୁପ୍ରାଣିତ ପଦକ ବିଜେତାଙ୍କ ସହ ସମସ୍ତ ସ୍ନାତକ ଛାତ୍ରଛାତ୍ରୀଙ୍କୁ ଅଭିନନ୍ଦନ ଜଣାଇଥିଲେ। ଏହି ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀ ଦେଶ ବିଦେଶରେ ବିସ୍ତାରିତ। ସେମାନଙ୍କର ଶିକ୍ଷାଗତ ଉତ୍କର୍ଷ ଏହି ପ୍ରତିଷ୍ଠାନକୁ ଗୌରବାନ୍ୱିତ କରିଛି। ଏହାର ଉଭାବ ପ୍ରଯୁକ୍ତିବିଦ୍ୟା, କୃତ୍ରିମ ବୁଦ୍ଧିମତ୍ତା, ନବୀକରଣୀୟ ଶକ୍ତି ଓ ମହାକାଶ ଅନୁସନ୍ଧାନ ଦ୍ୱାରା ୨୦୪୭ ସୁଦ୍ଧା ବିକଶିତ ଭାରତର ସ୍ୱପ୍ନକୁ ସାକାର କରିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି କୁଳାଧିପତି ଡ. କମ୍ଭମ୍ପାଟି କହିଥିଲେ। ସେ ଭିସୁଟ୍‌କୁ ସୁସ୍ଥ ମାନବ ସମ୍ବଳ ଦକ୍ଷ ବୃତ୍ତିଗତ ମନୋଭାବାପନ୍ନ ନ ହୋଇ ବରଂ ନିଯୁକ୍ତି ସୃଷ୍ଟିକାରୀ, ଉଦ୍ଭାବକ ଏବଂ ଉଦ୍ୟୋଗୀ ଗଠନର ନେତୃତ୍ୱ ନେବାକୁ ଉପସ୍ଥିତ ଛାତ୍ରଛାତ୍ରୀଙ୍କୁ ସେ ଆହ୍ୱାନ ଦେଇଥିଲେ। ମୁଖ୍ୟ ଅତିଥିଭାବେ ଯୋଗଦେଇ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ତାଙ୍କ ବକ୍ତବ୍ୟରେ କହିଥିଲେ, ଦଶନ୍ଧି ଦଶନ୍ଧି ଧରି ଭିସୁଟ୍ ରାଜ୍ୟ ତଥା ଦେଶରେ ବୈଷୟିକ ଶିକ୍ଷାର ପ୍ରସାର କରିଆସୁଛି। ଗରିବ ଓ ସାଧାରଣ ପରିବାରର ପିଲା ଏଠାରେ ଅଧ୍ୟୟନକରି ଦେଶର ବୈଜ୍ଞାନିକ ଓ ଯାନ୍ତ୍ରିକ ଶକ୍ତିର ପ୍ରତୀକ ହେବାରେ ସକ୍ଷମ ହୋଇଛନ୍ତି। ଛାତ୍ରଛାତ୍ରୀ ଓ ଗବେଷକମାନଙ୍କ ପାଇଁ ବିଶ୍ୱ ମାନର ଗୁଣାତ୍ମକ ଶିକ୍ଷାର ସୁଯୋଗ ପ୍ରଦାନକରି ଭିସୁଟ୍ ଆଗାମୀ ଦିନରେ ଆହୁରି ସୁନାମ ଅର୍ଜନ କରିବାର ସାମର୍ଥ୍ୟ ବହନ କରୁଛି। ଏଠାରୁ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀ ଚାକିରି ଖୋଜିବା ବଦଳରେ ଚାକିରିଦାତା ହେବାକୁ ସେ ଛାତ୍ରଛାତ୍ରୀଙ୍କୁ ଆହ୍ୱାନ ଦେଇଥିଲେ। ଏଥିପାଇଁ ଭିସୁଟ୍‌କୁ ଭବିଷ୍ୟତ ଆଧାରିତ ବୈଷୟିକ ବିଶ୍ୱବିଦ୍ୟାଳୟରେ ପରିଣତ କରିବା ପାଇଁ ସମସ୍ତଙ୍କୁ ଦାୟିତ୍ୱ ନେବାକୁ ମନ୍ତ୍ରୀ ପ୍ରଧାନ ଆହ୍ୱାନ ଦେଇଥିଲେ। ସମାବର୍ତ୍ତନ ଉତ୍ସବରେ ସମ୍ମାନିତ ଅତିଥିଭାବେ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାଏକ, ଶିଳ୍ପ, ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ରାଜ୍ୟ ଶିକ୍ଷା, କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ସମ୍ବଲପୁର ବିଧାୟକ ଜୟନାରାୟଣ ମିଶ୍ର, ଭଳି ବିଧାୟକ ତଥା ଭିସୁଟ୍ ପରିଚାଳନା ବୋର୍ଡ ସଦସ୍ୟ ଇରାଶିଷ ଆଚାର୍ଯ୍ୟ ଯୋଗଦେଇଥିଲେ। ଏହି ଅବସରରେ ବିଭିନ୍ନ ବିଭାଗରେ ଭିସୁଟ୍‌ର ୧୨୨୦ଜଣ ଛାତ୍ରଛାତ୍ରୀଙ୍କୁ ଡିଗ୍ରୀ ପ୍ରଦାନ କରାଯାଇଥିଲା। ଶିକ୍ଷାରେ ଉତ୍କୃଷ୍ଟତା ପାଇଁ ୨୭ଜଣଙ୍କୁ ବିଶ୍ୱବିଦ୍ୟାଳୟ ସ୍ୱର୍ଣ୍ଣପଦକ, ୮ ଜଣଙ୍କୁ ଡୋନୋର୍ସ ସ୍ୱର୍ଣ୍ଣପଦକ, ୩୦ଜଣଙ୍କୁ ମେଧା ପ୍ରମାଣପତ୍ର ପ୍ରଦାନ କରାଯାଇଥିଲା। ସେହିପରି ପିଏଚ୍.ଡି. କାର୍ଯ୍ୟକ୍ରମରେ ୭୪ ଜଣ, ଏମ୍‌ଟେକ୍‌ରେ ୧୦୪, ଏମ୍ସିଏରେ ୩୯, ଏମ୍ଏସ୍‌ସିରେ ୫୯, ଇଣ୍ଟିଗ୍ରେଟେଡ୍ ଏମ୍ଏସ୍‌ସିରେ ୪୭, ବିଟେକ୍‌ରେ ୮୭୬, ବିଆର୍କ (ସ୍ଥାପତ୍ୟ)ରେ ୧୭ ତଥା ବିଟେକ୍ ଓ ଏମ୍‌ଟେକ୍ ଦ୍ୱୈତ ଡିଗ୍ରୀ ପାଇଁ ୪ ଜଣଙ୍କୁ ଡିଗ୍ରୀ ପ୍ରଦାନ କରାଯାଇଥିଲା। ଏହାସହ ୪ ଶ୍ରେଷ୍ଠ ଆଲୁମ୍ନିଙ୍କୁ ସମ୍ମାନିତ କରାଯାଇଥିଲା।

# ରାଜ୍ୟରେ ୩,୦୬,୬୯୫ ମାମଲା ଫଇସଲା

## ୨୬୫,୨୬,୯୫,୭୩୯ ଜରିମାନା, କ୍ଷତିପୂରଣ ରାଶି ସ୍ଥିରୀକୃତ



### ୩ୟ ରାଷ୍ଟ୍ରୀୟ ଲୋକ ଅଦାଲତ

କଟକ,୧୩।୯(କାର୍ତ୍ତିକ ସାହୁ) ନ୍ୟାସନାଲ ଲିଗାଲ ସର୍ଭିସ ଅଥୋରିଟି (ନାଲସା) ଆନୁକୂଲ୍ୟରେ ଓଡ଼ିଶା ରାଜ୍ୟ ଆଇନସେବା ପ୍ରାଧିକରଣ ପକ୍ଷରୁ ରାଜ୍ୟର ୩୦ ଜିଲ୍ଲାରେ ଥିବା ବିଭିନ୍ନ ଜିଲ୍ଲାସ୍ତରୀୟ ଅଦାଲତ ସମେତ କଟକସ୍ଥିତ ଋଣ ଆଦାୟ ଟ୍ରିବ୍ୟୁନାଲ, ଖାଉଟି ଅଦାଲତ, ଭୁବନେଶ୍ୱରସ୍ଥିତ ଇଣ୍ଡଷ୍ଟ୍ରିଆଲ ଟ୍ରିବ୍ୟୁନାଲ ଓ ଷ୍ଟେଟ ଏଜୁକେଶନ ଟ୍ରିବ୍ୟୁନାଲରେ ୩ୟ ରାଷ୍ଟ୍ରୀୟ ଲୋକ ଅଦାଲତ ଶନିବାର ଅନୁଷ୍ଠିତ ହୋଇଯାଇଛି। ପ୍ରାଧିକରଣର ପାଟ୍ରୋନ-ଇନ୍-ଚିଫ୍ ତଥା ହାଇକୋର୍ଟ ମୁଖ୍ୟ ବିଚାରପତି ହରିଶ୍ ଟଣ୍ଡନ, ପ୍ରାଧିକରଣର କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷ ତଥା ହାଇକୋର୍ଟ ବିଚାରପତି ମାନସ ରଞ୍ଜନ ପାଠକଙ୍କ ମାର୍ଗଦର୍ଶନରେ ଲୋକ ଅଦାଲତ ପରିଚାଳିତ ହୋଇଛି। ବିଭିନ୍ନ ଅଦାଲତରେ ପଡ଼ିରହିଥିବା ମୋଟ ୨୨,୩୯୬ଟି ମାମଲା, ରାଜସ୍ୱ ମାମଲା ୨,୭୬,୦୯୩ଟି ଏବଂ ପ୍ରି-ଲିଟିଗେଶନ ମାମଲା ୭,୬୪୮ଟି ମିଶି ମୋଟ ୩,୦୬,୬୯୫ଟି ମାମଲା ଫଇସଲା କରାଯାଇଥିଲା। ଏଥିସହ ମୋଟ ୨୬୫,୨୬,୯୫,୭୩୯ ଟଙ୍କା ଜରିମାନା ଏବଂ କ୍ଷତିପୂରଣ ରାଶି ବାବଦରେ ସ୍ଥିରୀକୃତ ହୋଇଛି। ବିଭିନ୍ନ ଅଦାଲତରେ ପଡ଼ିରହି ସମାଧାନ ହୋଇଥିବା ମାମଲାଗୁଡ଼ିକ ମଧ୍ୟରୁ କ୍ରିମିନାଲ କମ୍ପାଉଣ୍ଡେବଲ ଅଫେନ୍ସ ୩୭୦, ଏନ୍ଆଇ ଆକ୍ଟ ୨୨୦୦, ମନି ରିକଭରି ୬୨, ମୋଟରଯାନ ଦୁର୍ଘଟଣାଜନିତ ୧୩୦୯, ଶ୍ରମ ବିବାଦ ୩୯, ବିଦ୍ୟୁତ୍ ଓ ପାଣି ବିଲ ବିବାଦ ୩୫, ବୈବାହିକ ତଥା ପାରିବାରିକ ବିବାଦ ୬୬୦, ଜମି ଅଧିଗ୍ରହଣ ୦୨, ରାଜସ୍ୱ ଓ ଅନ୍ୟାନ୍ୟ ବିବାଦ ୨,୭୬,୦୯୩, ଖାଉଟି ବିବାଦ ଆଦି ୩୨, ଅନ୍ୟାନ୍ୟ ସିଭିଲ ବିବାଦ ୨,୨୨୮, ଅନ୍ୟାନ୍ୟ ଫୌଜଦାରି ୧୫,୩୭୯, ଋଣ ଆଦାୟ ଟ୍ରିବ୍ୟୁନାଲରେ ୮, ରାଜ୍ୟ ଖାଉଟି ଅଦାଲତରେ ୨ଟି, ରାଜ୍ୟ ଶିକ୍ଷା ଟ୍ରିବ୍ୟୁନାଲରେ ୮ଟି, ଭୁବନେଶ୍ୱର ଶ୍ରମ ଅଦାଲତରେ ୨ ଓ ଭୁବନେଶ୍ୱର ଶିଳ୍ପ ଟ୍ରିବ୍ୟୁନାଲରେ ୨ଟି ମାମଲା ଫଇସଲା ହୋଇଛି।

**ODISHA HYDRO POWER CORPORATION LTD.,**
O/o Sr. GENERAL MANAGER, HIRAKUD HYDRO ELECTRIC PROJECT, POST BOX. NO. 5, BURLA – 768017, DISTRICT: SAMBALPUR (ODISHA). PHONE: 0663-2950721(O), 2950765(R), E-Mail: srgmhps_burla@yahoo.co.in CIN : U40101OR1995SGC003963
No.CAD-1739
No. HHEP/Tech-WK-104, Vol-IV/6161 Date : 10.09.2025
NOTICE INVITING TENDER NO HHEP-53/2025
Sealed Tenders are invited in two parts i.e. (i) Techno Commercial bid & (ii) Price bid in separate sealed envelopes from the reputed Contractors having valid HT License with supervision for EHT works issued from ELBO, Govt of Odisha, valid IT PAN, GST registration certificate and past experience for carrying out such type of work as mentioned below.

| Sl. No. | Description of work/ Service | Cost of tender paper (non-refundable) in Rs. | EMD in shape of DD/BC (Refundable) in Rs. |
|---|---|---|---|
| 1 | Annual Maintenance Contract for two years for maintenance of equipments of 132KV Switchyard, 11KV Switch house & LT Systems of HHEP,Burla | Rs. 11800/- (Rs. 10000 + GST @ 18%) | 57565/- |

- Sale of tender paper: 16.09.2025 (10.00AM) to 03.10.2025 upto 05.30PM
- Receipt of tender paper: 04.10.2025 upto 03.30PM
- Date & time of opening of tender: 04.10.2025 at 04.00PM
- For details of tender documents / terms & conditions / corrigendum / errata / addendum if any please visit our website www.ohpcltd.com.

OIPR-04007/11/0072/2526 Sd/- C&P Head, HHEP, Burla

**DISTRICT EDUCATION OFFICE, SAMAGRA SIKHYA, ANGUL**
No.2896, Date 13.09.2025
**NOTIFICATION**
It is hereby informed to all concerned that the Draft Provisional List of Applicants who has applied for various vacancies under Kasturba Gandhi Balika Vidyalaya (KGBV) Hostels of Angul District has been published in the OSEPA website (https://osepa.odisha.gov.in) and the District Website (https://angul.odisha.gov.in).
Applicants are hereby invited to submit their objections, if any, against the draft provisional list/draft Reject list in the prescribed objection form. The objection form must be submitted on or before 23.09.2025 during office hours on working days only, at the Office of the District Education Officer, Samagra Sikhya, Angul.
No Objections will be entertained after the stipulated date.
Sd./- District Education Officer cum DPC, Angul

**OFFICE OF THE EXECUTIVE ENGINEER RURAL WORKS DIVISION, BARGARH**
Email : rd_bgh@yahoo.co.in, Gmail : rwd.bgh@gmail.com
No.O-738 e-Procurement Notice No. ONLINE-BGH-07 of 2025-26

| | | |
|---|---|---|
| 1 | Name of the Work | Building work during 2025-26 in the district of Bargarh |
| 2 | EMD | @1% of the estimated cost put to tender |
| 3 | Other details | As per DTCN |

| Procurement Officer | Bid Identification No. | Availability of Tender online for bidding | | Last Date & Time of Seeking tender clarification | Date & Time of opening of tender |
|---|---|---|---|---|---|
| | | From | To | | |
| 1 | 2 | 3 | 4 | 5 | 6 |
| Superintending Engineer, Rural Works Division, Bargarh | ONLINE-BGH-07 OF 2025-26 | 15.09.2025 at 11.00 A.M. | 25.09.2025 upto 5.00 P.M. | 25.09.2025 upto 4.00 P.M. | 26.09.2025 at 11.00 A.M. |

Further details can be seen from the website www.tendersorissa.gov.in.
Sd./- Executive Engineer R.W. Division, Bargarh
OIPR-25062/11/0033/2526

**OFFICE OF THE SUPERINTENDING ENGINEER, ELECTRICAL CIRCLE (R&B) NIRMAN SOUDHA, BHUBANESWAR**
E-mail : seec.bbsr2010@gmail.com
Bid Identification No.S.E.E.C (R&B) 12/2025-26
No. 3293 / Date : 03.09.2025
No.B-490 : The Superintending Engineer, Electrical Circle (R&B), Odisha, Bhubaneswar on behalf of the Governor of Odisha invites percentage rate bids for E.I. works which are to be received through online bidding, double cover system as detailed in :https://tendersorissa.gov.in. The details of bid documents will be available in the above website from dt.15.09.2025 at 05.00 P.M. to dt.29.09.2025 up to 05.00 P.M. The bidders must possess compatible Digital Signature Certificate of Class II or III. Bids received online shall be opened dt.03.10.2025 at 11.30 A.M. in the Office of the Superintending Engineer, Electrical Circle (R&B), Odisha, Bhubaneswar. Further details can be seen from the e-procurement portal www.tendersorissa.gov.in.
Addendum / Corrigendum, if required, will be available only in the Website.
Sd./- Superintending Engineer Electrical Circle (R&B), Odisha, BBSR
OIPR-34006/11/0046/2526

**Government of Jharkhand**
**Directorate of Food & Consumer Affairs**
**3rd Floor, JSFC Bhawan, Kadru, Ranchi -834002**
**Reverse e-Auction Procurement Notice through GeM Portal**
Letter No.-kha.up.ni.01-namak-11/2025- 1506 Date : 12-09-2025
Selection Of Bidder For Supply Of Free Flow Refined Iodized Edible Salt (As Per FSSAI Norms) For 2nd Quarter (July 2025 to September 2025) Of Financial Year 2025-26 By e-Tender Through E-Bid Followed By Reverse Auction on GeM Platform.

| Bid Details | |
|---|---|
| GeM Bid No. | GEM/2025/B/6677183 Dated: 12-09-2025 |
| Earnest Money Deposit (EMD)/Bid Security | Rs. 42,90,000.00 as EMD (margin money) in the form of Demand Draft issued from any scheduled commercial bank in the name of "Director, Directorate of Food and Consumer Affairs, Jharkhand Ranchi" in the office of Directorate of Food and Consumer Affairs, Jharkhand, Ranchi, 3rd JSFC Bhawan, Kadru, Ranchi – 834002 before last date of submission of bid documents. |
| Document Sale Date & Timing i.e Last Date & time for downloading RFP from website http://jharkhand.gov.in/food & GeM portal | From 12-09-2025 to 03-10-2025 |
| Online Bid Submission Period | From 12-09-2025 to 03-10-2025 (1600 hrs.) |
| Pre-Bid Meeting | 19-09-2025 at 12:00 pm through google meet (https://meet.google.com/jxf-paxh-ovq) |
| Date of Auction | Will be published after technical evaluation |
| Nameand concerned person for Correspondence | Mr. Dilip Tirkey Mobile no.- 9470520458, email- directorfood18@gmail.com |

Sd/- Director (Directorate of Food & Consumer Affairs)
PR 361819 (Directorate of Food and Consumer Affairs) 25-26 (D)

**GOVERNMENT OF ODISHA OFFICE OF THE SUPERINTENDING ENGINEER P.H.DIVISION, CUTTACK**
e-mail ID- eephctcii@gmail.com, sephdctc521@gmail.com
No.C-1057: e-Procurement Notice for
Bid Identification No.SEPH-DIVISION, CTC-22 of 2025-26

| | | |
|---|---|---|
| 1. | Name of the Work | 1 No. P.H. Work |
| 2. | Estimated Cost | Rs 668.90 Lakh |
| 3. | Tender Paper Cost | Rs.10,000.00 |
| 4. | Period of Completion | 2 Months |
| 5. | Date & Time of availability of bid document in the portal | 16.09.2025 from 11.00 A.M. to 03.10.2025 upto 5.00 P.M. |
| 6. | Last date & time of seeking clarification | 22.10.2025 upto 5.00 P.M. |
| 7. | Last date/time of receipt of bids in the portal | 03.10.2025 upto 5.00 P.M. |
| 8. | Date & Time of opening of bids | 04.10.2025 at 11.00 A.M. |
| 9. | Name and address of the Officer Inviting Bid | I/C Superintending Engineer P.H. Division, Cuttack- 753004 Odisha, Ph.(0671) 2441063 email: eephctcii@gmail.com sephdctc521@gmail.com |

Further details can be seen from e-procurement portal https://www.tendersodisha.gov.in.
Sd/- I/C Superintending Engineer P.H. Division, Cuttack
OIPR-13225/11/0034/2526

# ହିନ୍ଦୀ ପୃଥିବୀର ତୃତୀୟ ସର୍ବାଧିକ ବ୍ୟବହୃତ ଭାଷା

## ଆଜି ବିଶ୍ୱ ହିନ୍ଦୀ ଦିବସ




ଭୁବନେଶ୍ୱର,୧୩।୯(ବନ୍ଦନା ସେଠୀ) ବିଭିନ୍ନତା ମଧ୍ୟରେ ଏକତା ହେଉଛି ଭାରତର ବୈଶିଷ୍ଟ୍ୟ। ଦେଶ ସ୍ୱାଧୀନ ହେବା ପରେ ଭାଷାକୁ ନେଇ ବଡ଼ ପ୍ରଶ୍ନ ଉଠିଥିଲା। ଶେଷରେ ହିନ୍ଦୀ ଭାଷାକୁ ରାଷ୍ଟ୍ରଭାଷା ବା ରାଜଭାଷାର ମାନ୍ୟତା ମିଳିଥିଲା। ସମ୍ବିଧାନ ସଭା ଦେବନାଗରୀ ଲିପିରେ ଲେଖାଯାଇଥିବା ହିନ୍ଦୀ ଭାଷାକୁ ରାଷ୍ଟ୍ରର ଭାଷା ରୂପେ ସ୍ୱୀକାର କରିଥିଲେ। ସମ୍ବିଧାନ ସଭାରେ ୧୯୪୯ ସେପ୍ଟେମ୍ବର ୧୪ରେ ହିନ୍ଦୀକୁ ସରକାରୀ ଭାଷା ଭାବରେ ଗ୍ରହଣ କରାଯାଇଥିଲା। ତେଣୁ ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ପଣ୍ଡିତ ଜବାହରଲାଲ ନେହେରୁ ସେପ୍ଟେମ୍ବର ୧୪କୁ ହିନ୍ଦୀ ଦିବସ ଭାବେ ପାଳନ କରିବାକୁ ଘୋଷଣା କରିଥିଲେ। ଦୈନନ୍ଦିନ ଜୀବନରେ ହିନ୍ଦୀର ବହୁଳ ବ୍ୟବହାର, ହିନ୍ଦୀ ସାହିତ୍ୟର ପ୍ରସାର କରିବା ଲକ୍ଷ୍ୟରେ ଏହି ଦିବସ ପାଳନ କରାଯାଉଛି। ବିଶ୍ୱର ସବୁଠାରୁ ଅଧିକ ବ୍ୟବହୃତ ହେଉଥିବା ଭାଷାଗୁଡ଼ିକ ମଧ୍ୟରୁ ଗୋଟିଏ ହେଉଛି ହିନ୍ଦୀ। ଏହା ଭାରତର କୋଟି କୋଟି ଲୋକଙ୍କର ମାତୃଭାଷା। ହିନ୍ଦୀ ଏହାର ନାମ ପାର୍ସୀ ଶବ୍ଦ ହିନ୍ଦ୍‌ରୁ ପାଇଛି, ଯାହାର ଅର୍ଥ ହେଉଛି 'ଇଣ୍ଡସ ନଦୀର ଭୂମି'। ହିନ୍ଦୀ ପୃଥିବୀର ତୃତୀୟ ସର୍ବାଧିକ ବ୍ୟବହାର ହେଉଥିବା ଭାଷା ଭାବରେ ପରିଗଣିତ ହୁଏ। ଭାରତ ବ୍ୟତୀତ ନେପାଳ, ପାକିସ୍ତାନ, ଶ୍ରୀଲଙ୍କା ଏବଂ ଅନ୍ୟ ପଡ଼ୋଶୀ ଦେଶରେ ହିନ୍ଦୀ ଭାଷାରେ ଅନେକ ଲୋକ କଥାବାର୍ତ୍ତା କରିଥାନ୍ତି। ହିନ୍ଦୀ ହଜାର ବର୍ଷରୁ ଊର୍ଦ୍ଧ୍ୱ ପୁରାତନ ଭାଷା।

## ସଂକ୍ଷେପରେ

### ବାର୍‌ହା ଆକ୍ରମଣରେ ମହିଳାଙ୍କ ମୃତ୍ୟୁ

ପୋଲସରା, ୧୩।୯ (ସୁବ୍ରତ ବେହେରା)

ପୋଲସରା ବ୍ଲକ୍ କବିସୂର୍ଯ୍ୟନଗର ଥାନା ଅଧୀନରେ ଥିବା ବାଲିଛାଇ ଗ୍ରାମ ପଞ୍ଚାୟତ ଡଙ୍ଗୋରୀ ଗ୍ରାମର ସ୍ୱର୍ଗତ ସହିତ ପୋଲେଇଙ୍କ ସ୍ତ୍ରୀ ପଦ୍ମାବତୀ(୬୫)ଙ୍କ ବାର୍‌ହା ଆକ୍ରମଣରେ ମୃତ୍ୟୁ ଘଟିଛି। ଶନିବାର ସନ୍ଧ୍ୟାରେ ଜମିକୁ କାମ କରିବାକୁ ଯାଇ ପଦ୍ମାବତୀ ଘରକୁ ଫେରି ନ ଥିଲେ। ପାରିବାର ଲୋକେ ଖୋଜାଖୋଜି କରିବା ପରେ ଚାଷ ଜମିରେ ପଦ୍ମାବତୀ ପଡ଼ିଥିବା ଦେଖିବାକୁ ପାଇଥିଲେ। ତାଙ୍କୁ ଉଦ୍ଧାର କରି ଚିକିତ୍ସା ପାଇଁ ପୋଲସରା ମେଡିକାଲରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି।

### ଭାଲୁ ଆକ୍ରମଣରେ ଚାଷୀ ଗୁରୁତର

ବୁଗୁଡ଼ା, ୧୩।୯ (କାଳିଚରଣ ଦାଶ)

ବୁଗୁଡ଼ା ବ୍ଲକ୍ କରସିଙ୍ଗି ପଞ୍ଚାୟତ ଅନ୍ତର୍ଗତ ଜଙ୍ଗଲ ନିକଟବର୍ତ୍ତୀ କିରିଆମ୍ବା ଗ୍ରାମର ଚାଷୀ ଅମିନ ନାୟକ(୩୨) ଭାଲୁ ଆକ୍ରମଣର ଶିକାର ହୋଇ ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି ହୋଇଛନ୍ତି। ଶନିବାର ସକାଳେ ଅମିନ ବିଲରେ କାମ କରୁଥିବା ବେଳେ ହଠାତ୍ ଏକ ଭାଲୁ ଆସି ତାଙ୍କୁ ଆକ୍ରମଣ କରିଥିଲା। ସେ ଚିତ୍କାର କରିବାରୁ କିଛି ଦୂରରେ ଥିବା ଅନ୍ୟ ଚାଷୀମାନେ ଦୌଡ଼ି ଆସିଥିଲେ। ଚାଷୀମାନଙ୍କୁ ଦେଖି ଭାଲୁଟି ଜଙ୍ଗଲ ଆଡ଼କୁ ପଳାଇ ଯାଇଥିଲା। ଭାଲୁ ଆକ୍ରମଣରେ ଅମିନଙ୍କ ୨ ହାତ ଓ ଡାହାଣ ଗୋଡ଼ରେ ଆଘାତ ଲାଗିଛି। ତାଙ୍କୁ ଉଦ୍ଧାର କରି ବୁଗୁଡ଼ା ମେଡିକାଲକୁ ଅଣାଯାଇଥିଲା। ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସ୍ଥିର ଥିବା ଜଣାପଡ଼ିଛି।

### ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ମାତୃ କର୍ମଶାଳା

ଛତ୍ରପୁର, ୧୩।୯ (ଦିଲ୍ଲୀପ ସାମଲ)

ସ୍ଥାନୀୟ ସରସତୀ ଶିଶୁବିଦ୍ୟା ମନ୍ଦିର ପରିସରରେ ମାତୃ କର୍ମଶାଳା ଅନୁଷ୍ଠିତ ହୋଇଛି। ପ୍ରଧାନାଚାର୍ଯ୍ୟ ରବୀନ୍ଦ୍ରନାଥ ଦାଶ ଅତିଥି ପରିଚୟ ସହ ସ୍ୱାଗତ ଭାଷଣ ଦେଇଥିଲେ। ସଭାପତି ପଦ୍ମ ଚରଣ ସାହୁ ସଭାପତିତ୍ୱ କରିଥିଲା ବେଳେ ଉପସଭାପତି ଗୀତା ପାଢ଼ୀ, ରାମ ପ୍ରସାଦ ପଟ୍ଟନାୟକ ଉପସ୍ଥିତ ଥିଲେ। ଶିଶୁ ବାଟିକାର ଶୈକ୍ଷିକ ପ୍ରମୁଖ ବି.ସୁଶୀଳା କାର୍ଯ୍ୟକ୍ରମର ଉଦେଶ୍ୟ ସହିତ ଶିଶୁର ସଂସ୍କାରପୂର୍ଣ୍ଣ ଜୀବନରେ ମାଆର ଭୂମିକା କିପରି ଗୁରୁତ୍ୱପୂର୍ଣ୍ଣ ସେ ବିଷୟରେ କହିଥିଲେ। ଶେଷରେ ଉପସଭାପତି ଗୀତାପାଢ଼ୀ ଧନ୍ୟବାଦ ଦେଇଥିଲେ।

### ମଣ୍ଡଳସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଉଦ୍‌ଯାପିତ

କବିସୂର୍ଯ୍ୟନଗର, ୧୩।୯ (କୃପାସିନ୍ଧୁ ସ୍ୱାଇଁ)

ପିଏମ୍‌ଶ୍ରୀ ମର୍ଦ୍ଦରାଜ ଉଚ୍ଚ ବିଦ୍ୟାଳୟଠାରେ ଗଞ୍ଜାମ ଜିଲା ବିଦ୍ୟାଳୟ କ୍ରୀଡା ସଙ୍ଗଠନ ପକ୍ଷରୁ ବିଇଓଙ୍କ ତତ୍ତ୍ୱାବଧାନରେ ଗୁରୁବାର ଉଦ୍‌ଘାଟିତ ହୋଇଥିବା ମଣ୍ଡଳସ୍ତରୀୟ କ୍ରୀଡା ପ୍ରତିଯୋଗିତା ଶନିବାର ଉଦ୍‌ଯାପିତ ହୋଇଛି। ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥି ରୂପେ ଆସିକା ବିଧାୟକ ସରୋଜ ପାଢ଼ୀ, ମୁଖ୍ୟବକ୍ତା ବିଡିଓ ରାଜେନ୍ଦ୍ର ନାୟକ, ସମ୍ମାନିତ ଅତିଥି ରୂପେ ସଙ୍ଗୀତ ପାଢ଼ୀ, ସନ୍ଦୀପ ପାଢ଼ୀ, ବିଜୟ ସ୍ୱାଇଁ, ଆସିକା ଏମ୍‌ପି ପ୍ରତିନିଧି ଶ୍ରୀକାନ୍ତ ମହାପାତ୍ର ଉପସ୍ଥିତ ଥିଲେ। ଅତିଥିମାନେ କୃତୀ ବାଳିକାବାଳକଙ୍କୁ ପୁରସ୍କୃତ କରିଥିଲେ । ବିଇଓ ଅଭିମନ୍ୟୁ ସାହୁ ସଭାପତିତ୍ୱ କରିଥିଲେ। ପ୍ରଧାନଶିକ୍ଷକ ଦିବାକର ଶତପଥୀ ସଂଯୋଜନା କରିଥିଲେ। ଗୁରୁବାର ଉଦ୍‌ଘାଟନୀ ଉତ୍ସବ ଅବସରରେ ଏକ ମଶାଲ ଶୋଭାଯାତ୍ରା ବନଦେବୀଠାରୁ ବାହାରି କ୍ରୀଡାସ୍ଥଳରେ ପହଞ୍ଚିଥିଲା। ବିଇଓ ସାହୁ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ବିଡ଼ିଓ ରାଜେନ୍ଦ୍ର ନାୟକ, ମୁଖ୍ୟବକ୍ତା ଭାବେ ତହସିଲଦାର ଡ. ରବୀନ ଚର୍ଚ୍ଚିଲ ମିଶ୍ର, ସମ୍ମାନିତ ଅତିଥି ରୂପେ ଏବିଇଓ ମାଧବ ଚନ୍ଦ୍ର ମାଝୀ, ରବି ନାରାୟଣ ବେହେରା, ପ୍ରଧାନଶିକ୍ଷକ ଶତପଥୀ, ବିଜୟଲକ୍ଷ୍ମୀ ସାହୁ, ବଂଶୀଧର ପ୍ରଧାନ, ପ୍ରଶାନ୍ତ ଶତପଥୀ, ସୀମାଞ୍ଚଳ ପାଣି ଉପସ୍ଥିତ ଥିଲେ। ଦେଓଗାଁ, ବରିଡା ଏ, ସୁନାପଲ୍ଲୀ ଓ କବିସୂର୍ଯ୍ୟନଗର ୪ ଟି ଜୋନରୁ ୫୦୦ରୁ ଊର୍ଦ୍ଧ୍ୱ ଛାତ୍ରୀଛାତ୍ର ବିଭିନ୍ନ କ୍ରୀଡାରେ ଅଂଶଗ୍ରହଣ କରିଥିଲେ।

# ଅଧିକାଂଶ ଦିନ ବନ୍ଦ ରହୁଛି ଜନ୍ମମୃତ୍ୟୁ ପଞ୍ଜୀକରଣ କାର୍ଯ୍ୟାଳୟ

## ଅସନ୍ତୋଷ ପ୍ରକାଶ କଲେ ଜିଲା ପରିଷଦ ସଭ୍ୟ

ମୋହନା, ୧୩।୯ (ମନ୍ମଥ ମିଶ୍ର)

ଗଜପତି ଜିଲା ମୋହନା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଥିବା ଜନ୍ମମୃତ୍ୟୁ ପଞ୍ଜୀକରଣ କାର୍ଯ୍ୟାଳୟ ଶୁକ୍ରବାର ପୂର୍ବାହ୍ନ ୧୧ଟା ପର୍ଯ୍ୟନ୍ତ ଖୋଲି ନ ଥିଲା। କୌଣସି କାର୍ଯ୍ୟରେ ଏହି ସମୟରେ ସ୍ୱାସ୍ଥ୍ୟକେନ୍ଦ୍ରକୁ ଆସିଥିବା ଜିଲା ପରିଷଦ ସଭ୍ୟ ଅସନ୍ତୋଷ ପ୍ରକାଶ କରିଥିଲେ। ଦୀର୍ଘ ଦିନ ଧରି ଜନ୍ମମୃତ୍ୟୁ ନିମନ୍ତେ ପଞ୍ଜୀକରଣ କରିଥିବା ଓ ପ୍ରମାଣପତ୍ର ପାଇବା ପାଇଁ ବିଭିନ୍ନ ଅଞ୍ଚଳର ଲୋକେ କାର୍ଯ୍ୟାଳୟକୁ ଆସି ନିରାଶ ହୋଇ ଫେରୁଛନ୍ତି। ଶୁକ୍ରବାର ସକାଳ ୯ଟାରୁ ପ୍ରମାଣପତ୍ର ନେବା ପାଇଁ କାର୍ଯ୍ୟାଳୟକୁ ଆସି ବହୁସଂଖ୍ୟକ ଲୋକ ଅପେକ୍ଷା କରିଥିଲେ। ଏନେଇ ପୂର୍ବରୁ ଖବର ପାଇଥିବା ଚନ୍ଦ୍ରଗିରି ଜୋନର ଜିଲା ପରିଷଦ ସଭ୍ୟ ସୁନିଲ ବିଷୋୟୀ ପୂର୍ବାହ୍ନ ୧୧ଟାରେ ସେଠାରେ ପହଞ୍ଚିଥିଲେ।



ଜନ୍ମମୃତ୍ୟୁ ପଞ୍ଜୀକରଣ କାର୍ଯ୍ୟାଳୟ ଶୁକ୍ରବାର ଖୋଲା ନ ଯାଇ ତାଲା ପଡିଛି।

ହେଲେ କାର୍ଯ୍ୟାଳୟରେ ତାଲା ଝୁଲୁଥିଲା। ଲୋକମାନେ ପୂର୍ବରୁ ଏଠାକୁ ବହୁବାର ଆସି ସେମାନଙ୍କ ପ୍ରମାଣପତ୍ର ନ ପାଇ ନିରାଶରେ ଫେରୁଥିବା ବିଶୋୟୀ ସେଠାରେ ଉପସ୍ଥିତ ଲୋକଙ୍କଠାରୁ ଜାଣିବାକୁ ପାଇଥିଲେ। ସେ ଏଥିରେ ଅସନ୍ତୋଷ ପ୍ରକାଶ କରି ଏ ସଂପର୍କରେ ଜାଣିବାକୁ ଭାରପ୍ରାପ୍ତ ଚିକିତ୍ସା ଅଧିକାରୀ ଡ. ଜୟ ପଣ୍ଡାଙ୍କୁ ଯୋଗାଯୋଗ କରିଥିଲେ ମଧ୍ୟ ସେ ଫୋନ ଉଠାଇ ନ ଥିଲେ। ନିଜ କାର୍ଯ୍ୟାଳୟରେ ମଧ୍ୟ ଡାକ୍ତର ପଣ୍ଡା ଉପସ୍ଥିତ ନ ଥିଲେ। ପରେ ବିଷୋୟୀ ସିଡିଏମ୍‌ଓ ଓ ଜିଲାପାଳଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ଉଭୟେ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଏହାକୁ ନେଇ ଡାକ୍ତର ପଣ୍ଡାଙ୍କୁ ପଚାରିବାରୁ ବୈଠକ ଥିବାରୁ ଦିନ ୧୧ଟାରୁ ୧୨.୩୦ ପର୍ଯ୍ୟନ୍ତ ପଞ୍ଜୀକରଣ କାର୍ଯ୍ୟାଳୟ ବନ୍ଦ ଥିବା କହିଛନ୍ତି। ତେବେ ପ୍ରମାଣପତ୍ର ପାଇଁ ସେମାନେ ସକାଳ ୯ଟାରୁ ଆସି ଅପେକ୍ଷା କରିଥିବା ବେଳେ ଏହି କାର୍ଯ୍ୟାଳୟ କେତେବେଳେ ଖୋଲିଲା ଏବଂ ୧୧ଟାରୁ ୧୨.୩୦ ପର୍ଯ୍ୟନ୍ତ ବନ୍ଦ ଥିଲା ବୋଲି ଡାକ୍ତର ପଣ୍ଡାଙ୍କ ମତ ଉପରେ ଉପସ୍ଥିତ ଲୋକେ ପ୍ରଶ୍ନ ଉଠାଇ କହିଛନ୍ତି। ଅପରପକ୍ଷରେ ଏହାର ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ହେବ ବୋଲି ସିଡିଏମ୍‌ଓ ଡା. ମୁବାରକ ଅଲ୍ଲୀ କହିଛନ୍ତି।

# କାର୍ ସହ ଗଞ୍ଜେଇ ଜବତ, ୨ ଗିରଫ



ଗିରଫ ଅଭିଯୁକ୍ତ ସହ ଜବତ ଗଞ୍ଜେଇ ଓ କାର ।

ରମ୍ଭା/ ଗଞ୍ଜାମ, ୧୩।୯ (ବନବାସୀ ସେଠୀ/ବିଦ୍ୟାଧର ସାହୁ/ ଅଖିଳ ତରାଇ)

ଗଞ୍ଜାମ ଜିଲା ଦେଇ ବାହାର ଜିଲାକୁ ଗଞ୍ଜେଇ ଚୋରାଚାଲାଣ କରୁଥିବା ବେଳେ ପୋଲିସ ୨ ଜଣକୁ ଗିରଫ କରିଛି। ସେମାନେ ହେଲେ ସନାତନ ଦଳାଇ, ଜିନୁ ଅଧିକାରୀ। ସେମାନଙ୍କ ଠାରୁ ୨୨ କେଜି ୪୦୦ ଗ୍ରାମ ଗଞ୍ଜେଇ ଜବତ କରାଯାଇଛି। ଯାହାର ମୂଲ୍ୟ ୨ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହେବ। ଏନେଇ ରମ୍ଭା ଥାନା ଆଇଆଇସି କୁମର ମୁଦୁଲି ସୂଚନା ଦେଇଛନ୍ତି। ସେମାନେ ଏକ କାର (ନ .ଓଡି୦୭ ଜେଡ ୭୩୯୯)ରେ ଗଞ୍ଜେଇ ନେଇ ଗଜପତି ଜିଲା ମୋହନାରୁ ଭୁବନେଶ୍ୱର ଅଭିମୁଖେ ଯାଉଥିବା ବେଳେ ରମ୍ଭା ପୋଲିସ ହୁମ୍ମା ହାଟ ନିକଟସ୍ଥ ପାଲୁରୁ ଛକଠାରେ କାବୁ କରିଛି। ସେମାନଙ୍କ ନାମରେ ବେଆଇନ ନିଶା କାରବାର ଅଭିଯୋଗରେ ପୋଲିସ ଏକ ମାମଲା ରୁଜୁ କରିଛି। କେଶ୍ ନଂ. ୭୨୫/୨୦୨୫ ମାମଲା ରୁଜୁ କରି ଅଧିକ ତଦନ୍ତ କରାଯାଉଥିବା ଆଇଆଇସି କହିଛନ୍ତି। ଘଟଣା ସ୍ଥଳରେ ଗଞ୍ଜାମ ତହସିଲଦାର ସୁକାନ୍ତ ମିଶ୍ର ଉପସ୍ଥିତ ରହିଥିଲେ।

# ପୋଲ କାମ ସାରିବାକୁ ବିଧାୟକଙ୍କ ସହ ଆଲୋଚନା



ବିଧାୟକଙ୍କ ସହ ଆଲୋଚନା କରୁଛନ୍ତି ଗ୍ରାମବାସୀ।

ଖଜୁରିପଡ଼ା, ୧୩।୯ (ବିଦୁର ବେହେରା)

ଖଜୁରିପଡ଼ା ବ୍ଲକ୍ ଅଧୀନସ୍ଥ ଗାଡ଼ିଆପଡ଼ା ଘାଟି ଶେଷରେ ଥିବା ସେବାଶ୍ରମ ବିଦ୍ୟାଳୟ ନିକଟ ନାଳରେ ପୋଲ ନିର୍ମାଣ ଚାଲିଛି। ଫୁଲବାଣୀ ଭୁବନେଶ୍ୱର ମୁଖ୍ୟରାସ୍ତା ଏବଂ ଘାଟିରହିଥିବା ଗାଡ଼ିଆପଡା ଗ୍ରାମରେ ଏହି ପୋଲ ନିର୍ମାଣ ହେଲେ ଯାନବାହନ ଯିବା ଆସିବା ସହଜ ହେବା ସହିତ ବହି ଯାଇଥିବା ନାଳର ଜଳସ୍ରୋତରେ କୌଣସି ସମସ୍ୟା ହେବନାହିଁ। କିନ୍ତୁ ଉକ୍ତ ନାଳ ପାଣି ଉପରେ ଚାଷୀମାନେ ନିର୍ଭର କରୁଥିବା ବେଳେ ଏବେ ପୋଲ ନିର୍ମାଣ ଦାୟିତ୍ୱରେ ଥିବା ଠିକାଦାରଙ୍କ ମନମାନି ପାଇଁ ୨ ବର୍ଷ ହେଲା ଭଙ୍ଗା ଯାଇଥିବା କେନାଲ ନିର୍ମାଣ ନ ହେବାରୁ ଚାଷକାମ ବନ୍ଦ ରହିଛି । ସେହିଭଳି ପୂର୍ତ୍ତ ବିଭାଗ କୌଣସି ସୂଚନା ନ ଦେଇ ସ୍ଥାନୀୟ ବାସିନ୍ଦା ପ୍ରଦୀପ ସାହୁଙ୍କ ବାସଗୃହ ପୋଲିସ ପ୍ରଶାସନଙ୍କୁ ଲଗେଇ ଭାଙ୍ଗିଥିବା ଅଭିଯୋଗ ହୋଇଛି। କେତେକ ଚାଷୀଙ୍କ ବିଲରେ ନିର୍ମାଣ ସାମଗ୍ରୀ ପଡି ରହୁଥିବା ହେତୁ ସେମାନେ ଆଉ କୌଣସି ଚାଷ କରି ନ ପାରି କ୍ଷତି ସହୁଥିବା ଅଭିଯୋଗ ହୋଇଛି। ଠିକାଦାରଙ୍କ ନିର୍ମାଣ ସମୟ ସରିଥିଲେ ସୁଦ୍ଧା ପୋଲ ନିର୍ମାଣ ବନ୍ଦ କରି ଅନ୍ୟ ଅଞ୍ଚଳରେ କାମ କରୁଥିବା ଜଣାପଡୁଛି। ପୋଲ ନିର୍ମାଣରେ ଯେଉଁମାନଙ୍କର କ୍ଷତି ହୋଇଛି ସେ ବାବଦକୁ କୌଣସି ସରକାରୀ ସହାୟତା ମିଳିନାହିଁ। ତେଣୁ କିଭଳି ପୋଲ ନିର୍ମାଣ ଶୀଘ୍ର ସରିବ ଏବଂ ଗ୍ରାମବାସୀ କ୍ଷତିପୂରଣ ପାଇବେ ସେ ନେଇ ଗାଡିଆପଡା ଗ୍ରାମର ପ୍ରଦୀପ ସାହୁ, ଦିଲୀପ ଦେହୁରୀ, ଅଲେଖ ଦେହୁରୀ, ଅଗସ୍ତି ଦେହୁରୀ, ରବୀନ୍ଦ୍ର ଦେହୁରୀ, ଦୀନବନ୍ଧୁ ବେହେରା, ନିରାକାର ବେହେରା, ରସାନନ୍ଦ ଯାନୀ, ବାସନ୍ତୀ ଯାନୀ, କଣ୍ଟେଶ୍ୱର ଯାନୀ, ବିଶାଖା ଯାନୀ, ଅଫିସର ଯାନୀ ପ୍ରମୁଖ ଫୁଲବାଣୀ ବିଧାୟକ ଉମାଚରଣ ମଲିକଙ୍କୁ ଅଭିଯୋଗ କରିଛନ୍ତି । ବିଧାୟକ ଜିଲାପାଳ ଏବଂ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚନା ପରେ ଖୁବଶୀଘ୍ର ନିର୍ମାଣ ସ୍ଥାନକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ସହ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି। ଗ୍ରାମବାସୀଙ୍କ ସହ ଖଜୁରିପଡା ବିଧାୟକ ପ୍ରତିନିଧି ଅନନ୍ତ ଦିଗାଲ ଏବଂ ମଣ୍ଡଳ ସଭାପତି ରଞ୍ଜନ ସାହୁ, ବିଧାନସଭା ସଂଯୋଜକ ଦେବାଶିଷ ପ୍ରିୟଦର୍ଶନୀ ସାହୁ ଉପସ୍ଥିତ ଥିଲେ।

## ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ

ଛତ୍ରପୁର, ୧୩।୯ (ଦିଲ୍ଲୀପ ସାମଲ)

ଛତ୍ରପୁର ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଶନିବାର ୟୁଥ୍ ରେଡକ୍ରସ୍ ଶାଖା ଆନୁକୂଲ୍ୟରେ ବିଶ୍ୱ ପ୍ରାଥମିକ ଚିକିତ୍ସା ଦିବସ ପାଳିତ ହୋଇଛି। ଅଧକ୍ଷା ସସ୍ମିତା ସାମନ୍ତରାୟ ଏହି କାର୍ଯ୍ୟକ୍ରମରେ ପୌରହିତ୍ୱ କରିଥିଲେ। ଡା. ବିଷ୍ଣୁପ୍ରିୟା ସେଠୀ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଦିବସର ବିଷୟବସ୍ତୁ ପ୍ରାଥମିକ ଚିକିତ୍ସା ଓ ଜଳବାୟୁ ପରିବର୍ତ୍ତନ ବିଷୟରେ ଆଲୋକପାତ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ସମସ୍ତ ଛାତ୍ରୀ, ଅଧ୍ୟାପିକା ଓ କର୍ମଚାରୀ ଅଂଶଗ୍ରହଣ କରିଥିଲେ। ଶେଷରେ କିରଣବାଳା ରଥ ଧନ୍ୟବାଦ ଦେଇଥିଲେ।

# ଆମ ପୂଜକ ଆଲୋଚନାଚକ୍ର




ପୂଜକମାନେ ଏକତ୍ରିତ ହୋଇଛନ୍ତି ।

ଫୁଲବାଣୀ, ୧୩।୯ (ରାକେଶ କୁମାର ରାଉତ)

ଫୁଲବାଣୀ ସାମ୍ବାଦିକ ଭବନରେ ଆମ ପୂଜକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଛି। ଜାଗ୍ରତ କନ୍ଧମାଳ ଓଡ଼ିଶା ସଭାପତି ଅରୁଣ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ରୂପେ ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘ ସଭାପତି ସର୍ବେଶର ମିଶ୍ର, ସମ୍ମାନିତ ଅତିଥି ରୂପେ ଜଳନ୍ଧର ବେହେରା, ଯୋଗଦେଇ ଆଲୋଚନା କରିଥିଲେ। ଫୁଲବାଣୀ ଅଞ୍ଚଳର ପ୍ରାୟ ୪୦ରୁ ଊର୍ଦ୍ଧ୍ୱ ବିଭିନ୍ନ ମନ୍ଦିର ପୂଜକ ଉପସ୍ଥିତି ରହିଥିଲେ। ପୂଜକଙ୍କ ପାଇଁ ଆଶୀର୍ବାଦ ଯୋଜନା କରିବା, ସେମାନଙ୍କ ପାଇଁ ମାସିକ ୫ହଜାର ଟଙ୍କା ଦେବା, ପୁଅ ଝିଅଙ୍କ ପଢିବା ଫିସ୍ ଛାଡ଼ କରିବା, ଝିଅ ବିବାହ ପାଇଁ ଏକ ଲକ୍ଷ ଟଙ୍କା , ଭୂମି ହିନ ପୂଜକଙ୍କୁ ୪ ଜମି ପଟ୍ଟା ସହିତ ଆବାସ ଯୋଜନାରେ ଅନ୍ତର୍ଭୁକ୍ତ କରାଯିବା ନିମନ୍ତେ ଜିଲାପାଳଙ୍କ ଜରିଆରେ ଦାବି ମୁଖ୍ୟମନ୍ତ୍ରୀଙ୍କୁ ଦିଆଯିବାକୁ ନିଷ୍ପତି ହୋଇଥିଲା। ସଂଗଠନ ସଧାରଣ ସମ୍ପାଦକ ସତ୍ୟନାରାୟଣ ବେହେରା ଆସନ୍ତା ଦିନରେ ଜିଲାର ସମସ୍ତ ମନ୍ଦିର ପୂଜକଙ୍କୁ ଉକ୍ତ କାର୍ଯ୍ୟକ୍ରମରେ ଅନ୍ତର୍ଭୁକ୍ତ କରାଯିବାକୁ ପ୍ରତିଶ୍ରୁତି ଦେଇଥିଲେ। ସୋମନାଥ ନାୟକ ବୈଠକ ପରିଚାଳନା ଓ ମିଥୁନ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

# ନୂଆଁ ଗୋଳାବନ୍ଧରେ ସର୍ଭେ ଶେଷ

ଗୋପାଳପୁର, ୧୩।୯ (ନବୀନ ରାଜ ଆଚାରୀ)

ଦୀର୍ଘବର୍ଷର ସମସ୍ୟା ରହିଥିବା ରଙ୍ଗେଇଲୁଣ୍ଡା ବ୍ଲକ୍ ଅଧିନସ୍ଥ ନୂଆଗୋଳାବନ୍ଧର ସର୍ଭେ କାର୍ଯ୍ୟ ଶନିବାର ଶେଷ ହୋଇଛି। ଶେଷ ଦିନରେ ନୋଡାଲ ଅଫିସର ତଥା ଅତିରିକ୍ତ ତହସିଲଦାର କନିସି ପୁରୁଷୋତ୍ତମ ବେଣିଆଙ୍କ ସମେତ ୨ ଜଣ ସୁପରଭାଇଜର, କରାପଲ୍ଲୀ, ଇନ୍ଦ୍ରାକ୍ଷୀ, ବଡ଼କୁଶସ୍ଥଳୀ, ହଳଦିଆପଦର, ଜୁରା, ବିଶନାଥପୁର ରାଜସ୍ୱ ନିରକ୍ଷକଙ୍କ ସମେତ ଗୋପାଳପୁରର ଭାରପ୍ରାପ୍ତ ରାଜସ୍ୱ ନିରକ୍ଷକ ଡି.କାମେଶ୍ୱର ରାଓ ପ୍ରମୁଖ ସର୍ଭେ କରିଥିଲେ। ୨୦୧୦ ମସିହାରେ ହୋଇଥିବା ସର୍ଭେ ପରେ ୨୦୧୩ ରେ ହୋଇଥିବା ସର୍ଭେରେ ବାଦ ପଡ଼ିଥିବା ହିତାଧିକାରୀଙ୍କ ପଞ୍ଜିକୃତ କରିଥିଲେ। ୪ ଦିନ ସର୍ଭେରେ ୨ ଜଣ ନୋଡାଲ ଅଫିସର ଓ ୧୨ ଜଣ ରାଜସ୍ୱ ଅଧିକାରୀଙ୍କ ସମେତ ଗ୍ରାମର ଭଦ୍ର ଲୋକ ଗ୍ରାମର ସଭାପତି ଓ ଅନ୍ୟମାନେ ସହଯୋଗ କରି ଶେଷ ସର୍ଭେ ସୁଧା ପ୍ରାୟ ୩ ଶହ ନୂତନ ହିତାଧିକାରୀଙ୍କ ନାମ ପଞ୍ଜିକୃତ କରିଛନ୍ତି । ଆସନ୍ତା ସପ୍ତାହରେ ସର୍ଭେରେ ନିୟୋଜିତ ଥିବା ଅଧିକାରୀ ଏବଂ ଗ୍ରାମ କମିଟିଙ୍କ ମଧ୍ୟରେ ଏ ନେଇ ଆଲୋଚନା କରାଯିବ। ରିପୋର୍ଟ ପ୍ରସ୍ତୁତ କରି ବ୍ରହ୍ମପୁର ଉପ ଜିଲାପାଳଙ୍କୁ ପ୍ରଦାନ କରାଯିବ ବୋଲି ସୂଚନା ମିଳିଛି। ଶାନ୍ତି ଶୃଙ୍ଖଳା ନିମନ୍ତେ ଏକ ପ୍ଲାଟୁନ ପୁଲିସ ମୁତୟନ ହୋଇଥିଲେ। ଏନେଇ ୨୦୧୩ ସର୍ଭେ ରିପୋର୍ଟରେ କିଛି ହିତାଧିକାରୀଙ୍କ ନାମ ନ ଥିବାରୁ ତାହାକୁ ପୁଣି ପଞ୍ଜିକୃତ କରିବା ପାଇଁ ଗ୍ରାମବାସୀ କହିଛନ୍ତି। ପ୍ରକାଶ ଯେ, ନୂଆଁ ଗୋଳାବନ୍ଧ ଗ୍ରାମ ବାସିନ୍ଦା ପାଇଁ କୀର୍ତ୍ତିପୁର ମୌଜା ଠାରେ ୧୦୦୮ ଘର ନିର୍ମାଣ କାର୍ଯ୍ୟ ଶେଷ ହୋଇଛି। ୭୦–୮୦ ପରିବାର ସ୍ଥାନାନ୍ତର ହୋଇଥିଲେ । ଅବଶିଷ୍ଟ ପରିବାର ଲୋକେ କ୍ଷତିପୂରଣ ଅନ୍ୟାନ ଦାବି ସ୍ଥାନାନ୍ତରିତ ହୋଇ ନ ଥିଲେ। ଗଞ୍ଜାମ ଜିଲାପାଳ ଏହାର ତଦାରଖ ନିମନ୍ତେ ବ୍ରହ୍ମପୁର ଉପ ଜିଲାପାଳ ଅବିନାଶ କୁମାରଙ୍କୁ ଦାୟିତ୍ୱ ପ୍ରଦାନ କରିଥିଲେ। ମଙ୍ଗଳବାର ବ୍ରହ୍ମପୁର ଉପଜିଲାପାଳ ଓ କନିସି ତସିଲଦାର କବିରାଜ ପ୍ରଧାନ ଏକ ଟିମ ସହ ନୂଆଁ ଗୋଳାବନ୍ଧରେ ପହଞ୍ଚି ଲୋକଙ୍କ ସହ ଆଲୋଚନା କରିବା ପରେ ବୁଧବାର ସର୍ଭେ ଆରମ୍ଭ ହୋଇଥିଲା।



## ଡିଭାଇଡରରେ ପିଟିହେଲା ଟ୍ରକ୍, ବର୍ତ୍ତିଲେ ଡ୍ରାଇଭର

ଗଞ୍ଜାମ, ୧୩।୯ (ବିଦ୍ୟାଧର ସାହୁ)

ମଦ୍ୟପାନ କରି ଗାଡ଼ି ନ ଚଳେଇବା ପାଇଁ ସରକାର ଓ ପ୍ରଶାସନ ପକ୍ଷରୁ ବିଭିନ୍ନ ସମୟରେ ବିଭିନ୍ନ ପଦକ୍ଷେପ ଗ୍ରହଣ କରାଯାଉଛି। କିନ୍ତୁ ପ୍ରଶାସନର ତାଗିଦକୁ ଖାତିର ନ କରି କିଛି ଡ୍ରାଇଭର ମଦ୍ୟପାନ କରି ଗାଡ଼ି ଚଳେଇ ଦୁର୍ଘଟଣା ଘଟାଉଛନ୍ତି। ଏପରି ଏକ ଘଟଣା ଦେଖିବାକୁ ମିଳିଛି ଗଞ୍ଜାମ ସହରରେ। ସୂଚନାନୁଯାୟୀ ଏକ୍ ଟ୍ରକ୍ ନଂ.(ଓଡ଼ି ୦୨ବିବି ୮୭୭୧) ଶୁକ୍ରବାର ରାତି ପ୍ରାୟ ୧୧ଟାରେ ବ୍ରହ୍ମପୁରରୁ ଭୁବନେଶ୍ୱର ଅଭିମୁଖେ ଯାଉଥିବା ବେଳେ ବାଇପାସରୁ ଗଞ୍ଜାମ ସହରକୁ ପ୍ରବେଶ କରିଥିଲା। ସାନ ବଜାର ଅତିକ୍ରମ କଲା ପରେ ବଡ଼ ବଜାରଠାରେ ଡିଭାଇଡରରେ ଟ୍ରକ୍‌ଟି ପିଟି ହୋଇଥିଲା। ସ୍ଥାନୀୟ ଲୋକେ ଡ୍ରାଇଭରଙ୍କୁ ଗାଡିରୁ ଓହ୍ଲାଇଥିଲେ। ଡ୍ରାଇଭର ଜଣକ ପ୍ରଚୁର ମଦ୍ୟପାନ କରିଥିବା ନେଇ ଦୁର୍ଘଟଣା ସ୍ଥଳରେ ଆଲୋଚନା ହେଉଛି। ଖବର ପାଇ ଗଞ୍ଜାମ ଥାନା ମହିଳା ସେକେଣ୍ଡ ଅଫିସର ସୁପ୍ରଭା ସାହୁ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି।

# ୩୨ ବିଦ୍ୟାଳୟ, ୨୨ ହିତାଧିକାରୀଙ୍କୁ ପଟ୍ଟା

ଧରାକୋଟ, ୧୩।୯ (ବିଷ୍ଣୁ କେଶରୀ ଆଚାର୍ଯ୍ୟ)

ଧରାକୋଟ ତହସିଲ ଅଧୀନରେ ଥିବା ୩୨ଟି ବିଦ୍ୟାଳୟ ଓ ୨୨ ଜଣ ବସୁନ୍ଧରା ହିତାଧିକାରୀଙ୍କୁ ପଟ୍ଟା ବଣ୍ଟନ କରାଯାଇଛି। ଏହି ଅବସରରେ କାର୍ଯ୍ୟାଳୟ ପରିସରରେ ତହସିଲଦାର ଲମ୍ବୋଦର ମାଝିଙ୍କ ତତ୍ତ୍ୱାବଧାନରେ ହୋଇଥିବା କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଭଞ୍ଜନଗର ଉପଜିଲାପାଳ ଉମା ଶଙ୍କର ବେହେରା, ଅତିରିକ୍ତ ତହସିଲଦାର ଗଣେଶ ଦଳାଇ, ପ୍ରୋବେସନାରି ଓଆରଏସ୍ ଅଧିକାରୀ ଦେବାଶିଷ ରାଉଳ, ସୁପରଭାଇଜର ସୁଜ୍ଞାନୀ ବେହେରା, ମାଣିକପୁର ରାଜସ୍ୱ ନିରୀକ୍ଷକ ଏସ୍. ଜାଗେୟା ଉପସ୍ଥିତ ଥିଲେ। ପ୍ରଥମ ପର୍ଯ୍ୟାୟରେ ଧରାକୋଟ ବ୍ଲକର ୧୦୫ଟି ବିଦ୍ୟାଳୟ ମଧ୍ୟରୁ କେନ୍ଦୁପଲି, ଧରାକୋଟ କୋଠାରି ସାହି, ଧରାକୋଟ ମଝିସାହି, ମଶାଣିଭାଗ, ଦଶମାଇଲି, କୁଶପଡା, ସୁନାପଲି, ନନ୍ଦିଗୋର, ନାରାୟଣପୁର, ଦିଗି, ଜଗନ୍ନାଥପୁର, ବେଲପଡ଼ା, ଖଇରପଟି, ବାଖରକଟା, ଶରଧାପୁର ସହ ୩୨ଟି ବିଦ୍ୟାଳୟକୁ ଅତିଥିମାନେ ପଟ୍ଟା ବଣ୍ଟନ କରିଥିଲେ। ସବୁ ବିଦ୍ୟାଳୟର ପ୍ରଧାନଶିକ୍ଷକମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ରହି ପଟ୍ଟା ଗ୍ରହଣ କରିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୧୮ଟି ବିଦ୍ୟାଳୟକୁ ପଟ୍ଟା ବଣ୍ଟନ କରାଯିବ ବୋଲି ତହସିଲଦାର କହିଛନ୍ତି। ସେହିପରି ଧରାକୋଟ ତହସିଲ ଅଧୀନ ମଚ୍ଛାକୋଟ ହରିଜନ ସାହିରେ ୨୨ ଜନ ଭୂମିହୀନ ପରିବାରକୁ ବସୁନ୍ଧରା ଯୋଜନାରେ ପଟ୍ଟା ବଣ୍ଟନ କରାଯାଇଥିଲା।

# ରାଷ୍ଟ୍ରୀୟ ଲୋକ ଅଦାଲତ



ଅଦାଲତରେ ଉପସ୍ଥିତ ମାଜିଷ୍ଟ୍ରେଟ, ଆଇନଜୀବୀ ଓ କୋର୍ଟ କର୍ମଚାରୀ ବୃନ୍ଦ।


ଦିଗପହଣ୍ଡି, ୧୩।୯ (ଅଶେଷ ନାଥ ମିଶ୍ର)

ଦିଗପହଣ୍ଡି ଜୁଡ଼ିସିଆଲ କମ୍ପ୍ଲେକ୍ସରେ ଶନିବାର ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଛି। ସିଭିଲ ଜଜ୍ ସିନିୟର ଡିଭିଜନ କୋର୍ଟର ମାଜିଷ୍ଟ୍ରେଟ ମହାଶ୍ୱେତା ପରିଜା ୩ଟି ଦେୱାନି ମାମଲାର ଫୈସଲା କରିଥିବା ବେଳେ ସ୍ଥାନୀୟ ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ନିଲିମା ଷଡ଼ଙ୍ଗୀ ୨୦ଟି ଫୌଜଦାରି ଏବଂ ଗୋଟିଏ ଦେୱାନି ମାମଲାର ଫୈସଲା କରିଥିବା ଜଣାପଡ଼ିଛି। ସେହିପରି ବିଭିନ୍ନ ବ୍ୟାଙ୍କର ଶାଖା ପରିଚାଳକଙ୍କ ଉପସ୍ଥିତିରେ ଋଣ ବାବଦରେ ୩ ଲକ୍ଷ ୯୭ ହଜାର ୭୫୦ ଟଙ୍କା ଆଦାୟ କରାଯାଇଛି। ବିଦ୍ୟୁତ୍ ବିଭାଗ ଟିପିଏସଓଡିଏଲ ପକ୍ଷରୁ ଆଗତ ୫୦ଟି ମାମଲାରେ ୫ ଲକ୍ଷ ୫୦ ହଜାର ୨୫୦ ଟଙ୍କା ଆଦାୟ କରାଯାଇଛି। କୋର୍ଟ କର୍ମଚାରୀ ପ୍ରଦୀପ ପୁରୋହିତଙ୍କ ସଂଯୋଜନାରେ ଆୟୋଜିତ ଲୋକ ଅଦାଲତରେ ଆଇନଜୀବୀ ଏବଂ ବରିଷ୍ଠ କର୍ମଚାରୀ ଶିବରାମ ସାହୁ, ସସ୍ମିତା ମହାରଣା, ଅଞ୍ଜଳି ମହାରଣା, ଅଶ୍ୱିନୀ କୁମାର ପଟ୍ଟନାୟକ, ସଂଗ୍ରାମ କେଶରୀ ପଣ୍ଡା, ପ୍ରଦୀପ ଶତପଥୀ, ଫୁଲହମ୍ ହେମ୍ବ୍ରମ, ରୁଦ୍ର ପ୍ରତାପ ତାଣ୍ଡି, ପପୁନ ମହାରଣା, କାଳିଆ ନାୟକ ଉପସ୍ଥିତ ଥିଲେ।

# ଶମ୍ବାରୁଙ୍କ ସପକ୍ଷରେ ରାୟ ଦେଲେ ହାଇକୋର୍ଟ, ସୁପ୍ରିମ୍‌କୋର୍ଟ

## ନ୍ୟାୟ ପାଇଁ ପଲ୍ଲୀରୁ ଦିଲ୍ଲୀ

ପାରଳାଖେମୁଣ୍ଡି, ୧୩।୯ (ଗିରିଧାରୀ ପରିଚ୍ଛା)



ନିଜ ଆଇନଜୀବୀଙ୍କ ସହ ଜିଲାପାଳଙ୍କୁ ଭେଟିବାକୁ ଆସିଥିବା ଶମ୍ବାରୁ।

ଚିକିତ୍ସା ଅବହେଳାରୁ ନିଜ ପୁତ୍ରବଧୂଙ୍କ ମୃତ୍ୟୁ ହେତୁ ନ୍ୟାୟିକ ଲଢ଼େଇ ପାଇଁ ପଲ୍ଲୀରୁ ଦିଲ୍ଲୀ ପର୍ଯ୍ୟନ୍ତ ସଂଗ୍ରାମ ଜାରି ରଖିଛନ୍ତି ଗଜପତି ଜିଲା ଲାବଣ୍ୟଗଡ଼ ପଞ୍ଚାୟତ ଗାରବନ୍ଧା ଥାନା ଅନ୍ତର୍ଗତ ଦେଓପୁର ଗ୍ରାମର ଶମ୍ବାରୁ ଶବର। ୨୦୧୫ରେ ଶମ୍ବାରୁଙ୍କ ପୁତ୍ରବଧୂ ମାର୍ଥା ଶବରଙ୍କ ଗର୍ଭ ଯନ୍ତ୍ରଣା ହେବାରୁ ପାରଳାଖେମୁଣ୍ଡି ଜିଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ। ସେ ସମୟରେ ଘରୁ ବାହାରିବା ବେଳେ ତରବରରେ ବୋହୂ ମାର୍ଥାଙ୍କ ଆଧାର କାର୍ଡ ଓ ରାଶନ କାର୍ଡ ଆଣିବାକୁ ସେ ଭୁଲି ଯାଇଥିଲେ। ଆଧାର ଓ ରାଶନ କାର୍ଡ ନ ଥିବାରୁ ପାରଳାଖେମୁଣ୍ଡି ଜିଲା ମୁଖ୍ୟ ଚିକିତ୍ସାଳୟରେ ମାର୍ଥାଙ୍କ କୌଣସି ଡାକ୍ତର ଚିକିତ୍ସା କରି ନ ଥିଲେ। ପରେ ଶମ୍ବାରୁ ପୁଣି ଗାଁକୁ ଯାଇ ଆଧାର ଓ ରାଶନ କାର୍ଡ ଆଣି ହସ୍ପିଟାଲରେ ଦେଖାଇବା ବେଳକୁ ତାଙ୍କ ବୋହୂଙ୍କ ଯନ୍ତ୍ରଣାରେ ମୃତ୍ୟୁ ହୋଇ ସାରିଥିଲା। ହସ୍ପିଟାଲରେ ଏଭଳି ଅବହେଳା ପାଇଁ ସେ ତତ୍କାଳୀନ ଜିଲାପାଳଙ୍କ ଅଫିସ୍ ନିକଟରେ ବୋହୂଙ୍କ ମୃତଦେହ ରଖି ତାଙ୍କୁ ନ୍ୟାୟ ଦେବାପାଇଁ ଗୁହାରି କରିଥିଲେ। ମାତ୍ର ତାଙ୍କ କଥା କେହି ଶୁଣି ନ ଥିଲେ। ପରେ ଶମ୍ବାରୁ ବୋହୂଙ୍କ ମୃତ୍ୟୁ ପାଇଁ ସେ ନ୍ୟାୟିକ ଲଢ଼େଇ ଆରମ୍ଭ କରିଥିଲେ। ୨୫।୩।୨୦୧୫ରେ ଓଡ଼ିଶା ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ସ୍ୱାସ୍ଥ୍ୟ ବିଭାଗର ଏଭଳି ମନମୁଖି କାରବାର ଲାଗି ଜଣେ ଗର୍ଭବତୀଙ୍କ ଅକାଳ ମୃତ୍ୟୁ ହୋଇଥିବା ଅଭିଯୋଗ କରି ଏକ ରିଟ୍ ପିଟିଶନ ଦାଖଲ କରିଥିଲେ। ହାଇକୋର୍ଟ ଶମ୍ବାରୁଙ୍କ ଆବେଦନର ଶୁଣାଣି କରି ୩।୧୧।୨୦୨୨ରେ ବିଭାଗୀୟ କର୍ତ୍ତୃପକ୍ଷଙ୍କୁ ଭର୍ତ୍ସନା କରି କ୍ଷତିପୂରଣ ବାବଦକୁ ଶମ୍ବାରୁଙ୍କୁ ରାଜ୍ୟ ସରକାର ୧୦ ଲକ୍ଷ ଟଙ୍କା ଅର୍ଥରାଶି ଦେବାକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ରାଜ୍ୟ ସରକାର କ୍ଷତିପୂରଣ ନ ଦେଇ ୧।୪।୨୦୨୪ରେ ହାଇକୋର୍ଟଙ୍କ ରାୟ ବିରୋଧରେ ସୁପ୍ରିମକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ସୁପ୍ରିମକୋର୍ଟ ଘଟଣାର ସବୁ ଦିଗକୁ ବିଚାରକୁ ନେଇ ରାଜ୍ୟ ସରକାରଙ୍କ ଅବହେଳାକୁ ଭିତ୍ତି କରି ଓଡ଼ିଶା ହାଇକୋର୍ଟଙ୍କ ରାୟକୁ ଅପରିବର୍ତ୍ତିତ ରଖି ୧୦।୭।୨୪ରେ ଶମ୍ବାରୁଙ୍କୁ ୧୦ ଲକ୍ଷ ଟଙ୍କା କ୍ଷତିପୂରଣ ଦେବାକୁ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ହେଲେ ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶ ସତ୍ତ୍ୱେ ଶମ୍ବାରୁ ଏହି କ୍ଷତିପୂରଣ ଏଯାଏ ପାଇନାହାନ୍ତି। ଏଥିପାଇଁ ସେ ଶୁକ୍ରବାର ଜିଲାପାଳଙ୍କୁ ଭେଟିଛନ୍ତି।

## ଛତ୍ରପୁର ରାଷ୍ଟ୍ରୀୟ ଲୋକ ଅଦାଲତରେ ୫୬ ମାମଲା ଫଇସଲା

ଛତ୍ରପୁର, ୧୩।୯ (ସନ୍ତୋଷ ପାଢ଼ୀ /ଦିଲ୍ଲୀପ ସାମଲ)

ଛତ୍ରପୁର ତାଲୁକ ଆଇନ ସେବା କମିଟି ପକ୍ଷରୁ ସ୍ଥାନୀୟ କୋର୍ଟ ପରିସରରେ ଚଳିତ ବର୍ଷର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଶନିବାର ଅନୁଷ୍ଠିତ ହୋଇଛି। କମିଟି ଅଧ୍ୟକ୍ଷ ତଥା ଅତିରିକ୍ତ ଜିଲା ଓ ଦୌରା ଜଜ୍ ପ୍ରଦୀପ କୁମାର ସାମଲ, ସିନିୟର ସିଭିଲ ଜଜ୍ ପୂଜା ଦେ, ଏସ୍‌ଡିଜେଏମ ପ୍ରୀତିଶ କୁମାର ରଥ ଓ ଜେଏମ୍‌ଏଫସି ସ୍ୱାଗତିକା ସ୍ୱାଇଁ ଉପସ୍ଥିତ ରହି ୧୪୪ଟି ମାମଲାର ବିଚାର କରି ୫୬ଟିର ଫଇସଲା କରିଥିଲେ। ମୋଟ ୫୮ଲକ୍ଷ ୩୮ ହଜାର ୪୪୫ ଟଙ୍କା ଆଦାୟ ହୋଇଛି। ଏଥିରେ ୨ଟି ମୋଟର ଦୁର୍ଘଟଣାଜନିତ ମାମଲାରେ ୨୮ ଲକ୍ଷ, ଗୋଟିଏ ଚେକ ବାଉନ୍ସ ମାମଲାରେ ୧ଲକ୍ଷ ୫୮ ହଜାର, ୪ଟି ସିଭିଲ ମାମଲାରେ ୧୬ ଲକ୍ଷ ୩ହଜାର ୬୪୩ ଟଙ୍କା, ୫ଟି ବ୍ୟାଙ୍କ ମାମଲାରେ ୧୦ଲକ୍ଷ ୪୩ ହଜାର ୭୩୩ ଟଙ୍କା, ୩ଟି ଶ୍ରମ ବିବାଦ ମାମଲାରେ ୨ଲକ୍ଷ ୩୩ହଜାର ୬୯ ଟଙ୍କା ଆଦାୟ ପାଇଁ ବିଚାରପତିମାନେ ନିର୍ଦ୍ଦେଶ ଦେଇଛନ୍ତି।ଏଥିସହ ୪ଟି ବୈବାହିକ ଏବଂ ୩୭ଟି କ୍ରିମିନାଲ ମାମଲାର ଫଇସଲା ହୋଇଛି। ଲୋକ ଅଦାଲତ ବେଞ୍ଚ ମେମ୍ବର ଗୋକୁଳ ଚନ୍ଦ୍ର ପଣ୍ଡା, ଛତ୍ରପୁର ଓକିଲ ସଂଘ ସଭାପତି ପ୍ରଦୀପ ପାଢ଼ୀ, ସରକାରୀ ଓକିଲ ସୀମାଞ୍ଚଳ ମହାପାତ୍ର, ନିରାକାର ମାଳି, ସୁରଜିତ ସାମନ୍ତରାୟ, ନିତ୍ୟାନନ୍ଦ ମୁଦୁଲି, ସୁମିତ ସାହୁ, ରାମକୃଷ୍ଣ ଦାଶ, ଡ଼ମିନାଥ ସାହୁ ଓ ସୁରେଶ ସେନାପତି ମାମଲା ପରିଚାଳନା କରିଥିଲେ ।

## ଛତ୍ରପୁର ଉପ-କାରାଗାରରେ ସ୍ୱାସ୍ଥ୍ୟସେବା ଶିବିର

ଛତ୍ରପୁର, ୧୩।୯(ସନ୍ତୋଷ ପାଢ଼ୀ/ଦିଲ୍ଲୀପ ସାମଲ)

ଛତ୍ରପୁର ଉପ-କାରାଗାର ଅନ୍ତେବାସୀଙ୍କୁ ଗୁଣାତ୍ମକ ସ୍ୱାସ୍ଥ୍ୟ ସୁବିଧା ଯୋଗାଇବା ସହ ବ୍ୟକ୍ତିଗତ ସ୍ୱଚ୍ଛତାରେ ଉନ୍ନତି ଆଣିବା ଲକ୍ଷ୍ୟରେ ଆଦାନୀ ଫାଉଣ୍ଡେଶନ ପକ୍ଷରୁ ଉପ କାରାଗାର ପରିସରରେ ଏକ ସ୍ୱାସ୍ଥ୍ୟସେବା ଶିବିର ଅନୁଷ୍ଠିତ ହୋଇଛଇ। ଏହି ଉପ କାରାଗାରରେ ରହୁଥିବା ୧୦୮ ଜଣ ଅନ୍ତେବାସୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରି ସେମାନଙ୍କୁ ଔଷଧ ବଣ୍ଟନ କରାଯାଇଥିଲା। ଶିବିରକୁ ବିଧାୟକ ଛତ୍ରପୁର କୃଷ୍ଣ ଚନ୍ଦ୍ର ନାୟକ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଛତ୍ରପୁର ଉପ କାରାଗାର ଅଧୀକ୍ଷକ ପ୍ରସନ୍ନ ସାହୁ, ଗୋପାଳପୁର ବନ୍ଦର ସିଏସଆର ମୁଖ୍ୟ ଦେବଦତ୍ତ ମିଶ୍ର ଉପସ୍ଥିତ ଥିଲେ।ଏହି ଉପ କାରାଗାରର ଅନ୍ତେବାସୀମାନଙ୍କୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇବା ପାଇଁ ଆଦାନୀ ଫାଉଣ୍ଡେଶନ ପକ୍ଷରୁ ଉପ କାରାଗାର ପରିସରରେ ଏକ ୪୦ ଲିଟର କ୍ଷମତା ବିଶିଷ୍ଟ ଆରଓ ଫିଲ୍ଟର ମେସିନ ସ୍ଥାପନା କରାଯାଇଛି।

## ବିଶ୍ୱ ପ୍ରାଥମିକ ଚିକିତ୍ସା ସଚେତନତା କାର୍ଯ୍ୟକ୍ରମ

ଗୋପାଳପୁର,୧୩।୯(ନବୀନ ରାଜ ଆଚାରୀ)

ରଙ୍ଗେଇଲୁଣ୍ଡା ବ୍ଲକ ଡୁରାସ୍ଥିତ ରାମ ନାରାୟଣ ସ୍ନାତକ ମହାବିଦ୍ୟାଳୟରେ ଶନିବାର ବିଶ୍ୱ ପ୍ରାଥମିକ ଚିକିତ୍ସା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି।ଏଥିରେ ପ୍ରାଣୀ ବିଜ୍ଞାନ ମୁଖ୍ୟ ଡ଼. ଉଷା ରାଣୀ ବ୍ରହ୍ମା ପ୍ରାଥମିକ ଚିକିତ୍ସା ସହାୟତା ଉପରେ ସଚେତନ କରାଇଥିଲେ। ପରେ ଏକ ଶୋଭାଯାତ୍ରା ବାହାରି ନଗର ପରିକ୍ରମା କରିଥିଲା। ମୁଖ୍ୟ ଅତିଥି ଭାବେ ଥାନାଧିକାରୀ ପ୍ରଶାନ୍ତ ମଲ୍ଲିକ, ଏଏସଆଇ ମେଘନାଦ ସାହୁ ଉପସ୍ଥିତ ଥିଲେ। ବିପଦ ସମୟରେ ବିଭିନ୍ନ ଜରୁରୀକାଳୀନ ସହାୟତା କିପରି ଯୋଗେଇ ହେବ, କୌଣସି ଦୁର୍ଘଟଣା ସମୟରେ ହାଡ଼ ଭାଙ୍ଗିଗଲେ, ରକ୍ତ ସ୍ରାବ ହେଲେ, ବିଦ୍ୟୁତ ଆଘାତ ବେଳେ, ବନ୍ୟା ସାପ କାମୁଡ଼ିଲେ କିଭଳି ପ୍ରାଥମିକ ଚିକିତ୍ସା କରିପାରିବେ ଅବଗତ କରାଇଥିଲେ।

# ମରଣ ଯନ୍ତା ପାଲଟିଛି ଆଡ଼ାସି ପଡ଼ା, ବଲସକୁମ୍ପା ରାସ୍ତା

ଖଜୁରିପଡ଼ା,୧୩।୯ ( ବିଦୁର ବେହେରା)



ଖରାପ ହୋଇଯାଇଥିବା ରାସ୍ତା।

ଖଜୁରିପଡ଼ା ବ୍ଲକ ଆଡାସି ପଡାଠାରୁ ବଲସକୁମ୍ପାଙ୍କୁ ସଂଯୋଗ କରୁଥିବା ପ୍ରଧାନ ମନ୍ତ୍ରୀ ସଡ଼କ ଯୋଜନା ରାସ୍ତା ମରଣ ଯନ୍ତା ପାଲଟିଛି। ଏହି ରାସ୍ତାଟି ବଲସକୁମ୍ପା ବରାଳ ଦେବୀ ମନ୍ଦିର ସମ୍ମୁଖରୁ ଆଡ଼ାସିପଡା ଦେଇ ଗରାକୁମ୍ପା ରାସ୍ତା ସହିତ ସଂଯୋଗ କରିଛି। ଯାହାର ଦୂରତା ୧୬ କିମି ହେବ। ଏହି ରାସ୍ତାଟି ଖାଲ ଢିପ ହୋଇ ରହିଛି ବୋଲି ଖବର ପ୍ରକାଶ ହେବା ପରେ କିଛି ବାଟ ମରାମତି କରାଗଲା। ଏବେ ଘୋଡ଼ା ପଥର ଠାରୁ ବଲସକୁମ୍ପା ପର୍ଯ୍ୟନ୍ତ ୮ କିମି ରାସ୍ତା ମରାମତି ନ ହୋଇ ମରଣ ଯନ୍ତା ପାଲଟିଛି। ଅନେକ ସମୟରେ ଛୋଟ ବଡ଼ ଦୁର୍ଘଟଣା ଘଟୁଛି। ହେଲେ ଆର୍.ଡି ବିଭାଗ ରାସ୍ତା ନିର୍ମାଣ ଉପରେ ଦୃଷ୍ଟି ଦେଉ ନ ଥିବା ସରପଞ୍ଚ ବ୍ରଜମୋହନ କହଁର କହିଛନ୍ତି। ରାସ୍ତା ମରାମତି ହେଉ ନ ଥିବାରୁ ଭଞ୍ଜରମୁଣ୍ଡା, ପୁରୁଣାପାଣି, କାବର, ବିଦୁଖୋଲ, ଆଡ଼ାସିପଡା, ଘୋଡ଼ାପଥର ଗ୍ରାମର ଲୋକେ ଯାତାୟାତ କରିବାରେ ଅନେକ ଅସୁବିଧା ସୃଷ୍ଟି ହେଉଛନ୍ତି। ତେଣୁ ଏଥି ପ୍ରତି ଦୃଷ୍ଟି ଦେଇ ରାସ୍ତା ନିର୍ମାଣ କରିବାକୁ ସରପଞ୍ଚ ଦାବି କରିଛନ୍ତି। ନ ହେଲେ ଆଗାମୀ ଦିନରେ ଆନ୍ଦୋଳନ କରାଯିବ ବୋଲି କହିଛନ୍ତି। ସେହିପରି ପକନା ଗାଁ ଠାରୁ ବଲସକୁମ୍ପା ଦେଇ ବାର ପୁଲିଆକୁ ସଂଯୋଗ କରୁଥିବା ରାସ୍ତା ଅଣଓସାରିଆ ହେବା ସହିତ ପିଚୁ ଉଠିଯାଇଛି। ଏହି ଅଞ୍ଚଳରେ ବରାଳ ଦେବୀ ମନ୍ଦିର ଥିବା ସହିତ ପିଲା ଶାଲୁଙ୍କି ଡ୍ୟାମ ରହିଛି। ଅନେକ ପର୍ଯ୍ୟଟକ ଶ୍ରଦ୍ଧାଳୁ ପ୍ରତି ଦିନ ଆସନ୍ତି। ତେଣୁ ରାସ୍ତା ନିର୍ମାଣ ପାଇଁ ଆଇଏନ୍‌ଟିୟୁସି ରାଜ୍ୟ ଉପସଭାପତି ବିଦୁର ବେହେରା ମଧ୍ୟ ଦାବି କରିଛନ୍ତି। ଏ ନେଇ ଆର୍‌ଡି ବିଭାଗୀୟ ଏସ୍‌ଡିଓ ମହେନ୍ଦ୍ର କୁମାର ପ୍ରଧାନଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ନୂତନ ରାସ୍ତା ନର୍ମାଣ ପାଇଁ ଟେଣ୍ଡର ହୋଇ ସାରିଛି। ବର୍ଷା ଋତୁ ପରେ ନିର୍ମାଣ କାମ ହେବ।

## ଗଞ୍ଜାମରେ ହୋମ୍‌ଗାର୍ଡ ନିଯୁକ୍ତି ପରୀକ୍ଷାରେ ଅନିୟମିତତା ଅଭିଯୋଗ

# ଆଶାୟୀଙ୍କ ପସନ୍ଦ ପଦବୀ ବଦଳାଇ ଦେଲେ

ଗଞ୍ଜାମ, ୧୩।୯(ଅଖିଳ ତରାଇ)

ଗଞ୍ଜାମ ଜିଲା ରମ୍ଭା ଥାନା ଅଧୀନରେ ହୋମ୍‌ଗାର୍ଡ ଚୟନ ପ୍ରକ୍ରିୟାରେ ଅନିୟମିତତା ହୋଇଥିବା ଅଭିଯୋଗ ହୋଇଛି। ଗତ ୭ ତାରିଖରେ ରମ୍ଭା ମହାବିଦ୍ୟାଳୟରେ ଆୟୋଜିତ ପରୀକ୍ଷାରେ ଆଶାୟୀ ପ୍ରାର୍ଥୀମାନଙ୍କ ଆବେଦନ ଫର୍ମରେ ଉଲ୍ଲେଖିତ ପସନ୍ଦର ପଦବୀକୁ ଜାଣିଶୁଣି ବଦଳା ଯାଇଥିବା ଅଭିଯୋଗ କରାଯାଇଛି। ଏହି ଘଟଣା ପରୀକ୍ଷାର ସ୍ୱଚ୍ଛତା ଓ ନିରପେକ୍ଷତାକୁ ନେଇ ପ୍ରଶ୍ନ ଉଠିଛି। ଖବରରୁ ଜଣାପଡିଛି, ନିଯୁକ୍ତି ଆବେଦନ ସମୟରେ ପ୍ରାର୍ଥୀମାନେ ନିଜ ପସନ୍ଦ ଅନୁଯାୟୀ ପଦବୀ ଚୟନ କରିଥିଲେ। ଜଣେ ଆଶାୟୀ ପ୍ରାର୍ଥୀ କମ୍ପ୍ୟୁଟର୍ ପଦବୀ ପାଇଁ ଆବେଦନ କରିଥିଲେ, ମାତ୍ର ଲିଖିତ ପରୀକ୍ଷାର ଫଳାଫଳ ପ୍ରକାଶ ପରେ ତାଙ୍କର ପଦବୀକୁ ଜେନେରାଲ୍ ବିଭାଗକୁ ସ୍ଥାନାନ୍ତରିତ କରାଯାଇଥିବା ଜଣାପଡ଼ିଥିଲା। ଏଭଳି ଅନେକ ପ୍ରାର୍ଥୀଙ୍କର ପସନ୍ଦଯୋଗ୍ୟ ଚୟନକୁ ଅଣଦେଖା କରାଯାଇଥିବା ଜଣାପଡିଛି। ରବିବାର ଶାରୀରିକ ପରୀକ୍ଷା ହେବାକୁ ଥିବା ବେଳେ ପ୍ରାର୍ଥୀମାନେ ଏହି ଅନିୟମିତତାର ତଦନ୍ତ ଦାବି କରିଛନ୍ତି। ଏହା କେବଳ ରମ୍ଭା ଥାନାରେ ସୀମିତ ନୁହେଁ, ଗଞ୍ଜାମ ପୋଲିସ୍ ଅଧୀନରେ ଥିବା ଅନ୍ୟ ଥାନାମାନଙ୍କରେ ମଧ୍ୟ ସମାନ ଅଭିଯୋଗ ଆସିଛି। ଫଳରେ ପରୀକ୍ଷା ପ୍ରକ୍ରିୟାରେ କାର୍ଯ୍ୟରତ ଅଧିକାରୀମାନଙ୍କ ଭୂମିକାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏ ସମ୍ପର୍କରେ ଗଞ୍ଜାମ ଏସ୍‌ପି ଶୁଭେନ୍ଦୁ କୁମାର ପାତ୍ରଙ୍କୁ ପଚାରିବାରୁ ସେ କହିଲେ, ପ୍ରାର୍ଥୀମାନେ ଆଣୁଥିବା ଅଭିଯୋଗ ମିଥ୍ୟା। ସେମିତି କିଛି ହୋଇନାହିଁ। ପରୀକ୍ଷା ପରିଚାଳନା ଠିକ୍ ରୂପେ ହୋଇଛି। ପରୀକ୍ଷା କେନ୍ଦ୍ରରେ ସିସିଟିଭି ଲାଗିଥିଲା। ଯେଉଁସବୁ କେନ୍ଦ୍ରରେ ସିସିଟିଭି ନ ଥିଲା ସେସବୁରେ କ୍ୟାମେରା ମ୍ୟାନ ଯୋଗେ ପରୀକ୍ଷାର ଭିଡିଓ ରେକର୍ଡ଼ିଂ କରାଯାଇଛି ବୋଲି ଏସ୍‌ପି ପାତ୍ର କହିଛନ୍ତି।

# ବ୍ଲକ୍‌ସ୍ତରୀୟ ବିଦ୍ୟାଳୟ ସମୂହ କ୍ରୀଡା ପ୍ରତିଯୋଗିତା

ବୁଗୁଡା, ୧୩।୯(କାଳିଚରଣ ଦାଶ)



କାର୍ଯ୍ୟକ୍ରମରେ ଉପସ୍ଥିତ ମନ୍ତ୍ରୀ ଓ ଅନ୍ୟ ଅତିଥି

ବୁଗୁଡ଼ା ଗୋଷ୍ଠୀ ଶିକ୍ଷାଧିକାରୀଙ୍କ କାର୍ଯାଳୟ ପକ୍ଷରୁ ପିପୁଲ୍ଲି ହାଇସ୍କୁଲ ମିନି ଷ୍ଟାଡିୟମରେ ବ୍ଲକ୍ ସ୍ତରୀୟ ବିଦ୍ୟାଳୟ ସମୂହ କ୍ରୀଡା ପ୍ରତିଯୋଗିତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ମତ୍ସ୍ୟ ଓ ପଶୁସମ୍ପଦ ବିକାଶ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ଯୋଗ ଦେଇ କ୍ରୀଡା ପତାକା ଉତ୍ତୋଳନ କରିଥିବା ବେଳେ ସମ୍ମାନିତ ଅତିଥି ଭାବେ କେ.ନୀଳମାଧବ ଆଚାରୀ, କେଦାର ମହାରଣା, କୃଷ୍ଣଚନ୍ଦ୍ର ମହାପାତ୍ର, ମଦନ ଗୋପାଳ ଦୋରା ପ୍ରମୁଖ ଯୋଗ ଦେଇ ପ୍ରତିଯୋଗିଙ୍କୁ ଉତ୍ସାହିତ କରିଥିଲେ। ଉକ୍ତ ସମୂହ କ୍ରୀଡା ପ୍ରତିଯୋଗିତାରେ ବୁଗୁଡା, ବାଲିପଦର, ବି.କରଡ଼ାବାଡ଼ି, ସଙ୍କୁରୁ ଆଦି ଚାରୋଟି ଜୋନ ଅନ୍ତର୍ଗତ ୩୪ଟି ବିଦ୍ୟାଳୟରୁ ଚୟନ ହୋଇଥିବା କନିଷ୍ଠ ବର୍ଗର ୯୪ ଜଣ ଓ ବରିଷ୍ଠ ବର୍ଗର ୧୨୬ ଜଣ ହିସାବରେ ମୋଟ ୨୨୦ ଜଣ ପ୍ରତିଯୋଗୀ ଅଂଶ ଗ୍ରହଣ କରିଥିଲେ। ପ୍ରତିଯୋଗୀଙ୍କ ସାମୂହିକ ଶପଥ ପାଠ ପରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଆୟୋଜିତ ପ୍ରତିଯୋଗିତା ଗୁଡିକୁ ବୁଗୁଡା ବ୍ଲକ ସ୍କୁଲ ସ୍ପୋର୍ଟସ ଏସୋସିଏସନ ସେକ୍ରେଟାରୀ ବିଶ୍ୱେଶ୍ୱର ଗିରିଙ୍କ ସମେତ କ୍ରୀଡ଼ା ଶିକ୍ଷକ ଭଞ୍ଜ କିଶୋର ଗୌଡ଼, ଆଦିତ୍ୟ ପ୍ରଧାନ, ବିଭୁ ପ୍ରସାଦ ନନ୍ଦ, ଅମୀୟ ରଞ୍ଜନ ଭୂୟାଁ, ସିଦ୍ଧାନ୍ତ ରାଉତ, ଲକ୍ଷ୍ମଣ ବେହେରା, ପ୍ରଣବ ମହାନ୍ତ, ଦୁତିକୃଷ୍ଣ ପାତ୍ର ଓ କ୍ରୀଡା ଶିକ୍ଷୟିତ୍ରୀ ରାଜଲକ୍ଷ୍ମୀ ସ୍ୱାଇଁ ପ୍ରମୁଖ କ୍ରୀଡା ସମୂହକୁ ପରିଚାଳନା ସହିତ କୃତି ପ୍ରତିଯୋଗୀଙ୍କୁ ଚୟନ କରିଥିଲା ବେଳେ ସିଆରସିସି କିରଣ ବାଳା ତ୍ରିପାଠୀ, ଶର୍ମିଷ୍ଠା ଜେନା, ସୁନିତା ପାଣିଗ୍ରାହୀ, ସୁଶାନ୍ତ କୁମାର ସେଠୀ, ବିଶ୍ୱଜିତ୍ ପରିଡା, ସନ୍ତୋଷ କୁମାର ଡାକୁଆ ଏଥିରେ ସହଯୋଗ କରିଥିଲେ। ବୁଗୁଡ଼ା ବ୍ଲକ ବିଦ୍ୟାଳୟ ସମୂହ କ୍ରୀଡା ସଂଗଠନ ସଭାପତି ତଥା ବିଇଓ ଚିନ୍ମୟ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ତହସିଲଦାର ତାପସ କୁମାର ରାଉତ, ସମ୍ମାନିତ ଅତିଥି ଭାବେ ମିଡିଆ କ୍ଲବ ସଭାପତି ଅନିଲ ପଟ୍ଟନାୟକ, ପିପୁଲ୍ଲି ହାଇସ୍କୁଲ ପ୍ରଧାନ ଶିକ୍ଷକ କାଳି ଚରଣ ବେହେରା ଓ ଶ୍ରୀ ବିରଞ୍ଚି ନାରାୟଣ ବାଳିକା ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷୟତ୍ରୀ କୃଷ୍ଣପ୍ରିୟା ମହାରଣା, ବାଲିପଦର ହାଇସ୍କୁଲ ପ୍ରଧାନ ଶିକ୍ଷକ ନୀଳାଞ୍ଚଳ ପାତ୍ର ପ୍ରମୁଖ ଯୋଗ ଦେଇ କୃତି ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ।

## ଯୁବତୀଙ୍କୁ ଅସଦାଚରଣ, ଅଭିଯୁକ୍ତ ଜେଲ ଗଲେ

ଦିଗପହଣ୍ଡି, ୧୩।୯(ଅଶେଷ ନାଥ ମିଶ୍ର)

ଗଞ୍ଜାମ ଜିଲା ଦିଗପହଣ୍ଡି ଥାନା ଅଞ୍ଚଳର ଜଣେ ଅନୁସୂଚିତ ଜାତି ବର୍ଗର ଯୁବତୀଙ୍କୁ ଅସଦାଚରଣ ଓ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଯୁବକଙ୍କୁ ଶନିବାର ଗିରଫ କରି ବ୍ରହ୍ମପୁର ଜିଲା ଦୌରା ଜଜ କୋର୍ଟକୁ ଚାଲାଣ କରାଯାଇଛି। ଅଭିଯୁକ୍ତ ହେଲେ ଡି.ବିଜୟ କୁମାର ପାତ୍ର। ଥାନା ମାମଲା ନଂ.୩୩୨ / ୨୫ ଅନୁଯାୟୀ ତାଙ୍କ ଜାମିନ ଆବେଦନ ନାମଞ୍ଜୁର ହେବାରୁ ତାଙ୍କୁ ବ୍ରହ୍ମପୁର ଜେଲ ହାଜତକୁ ପଠାଯାଇଛି। ଶୁକ୍ରବାର ସକାଳ ୭ଟାରେ ବିଜୟ ତାଙ୍କ ଟ୍ରାକ୍ଟରରେ ସାହି ରାସ୍ତା ଦେଇ ମାଟି ନେଉଥିବା ବେଳେ ଯୁବତୀ ଜଣକ ଆପତ୍ତି କରିଥିଲେ। ଏହାକୁ ନେଇ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଯୁବତୀ ଓ ତାଙ୍କ ମା ବିଜୟଙ୍କ ଉପରକୁ ଢେଲା ମାଡ କରିବାରୁ ତାଙ୍କୁ ଠେଲା ପେଲା କରି ଅସଦାଚରଣ କରି ଆକ୍ରମଣ କରିଥିଲେ। ଏନେଇ ଯୁବତୀ ଜଣକ ଦିଗପହଣ୍ଡି ଥାନାରେ ଏତଲା ଦେବାପରେ ଭାରପ୍ରାପ୍ତ ଆଇଆଇସି ରାଜ କିଶୋର ପାତ୍ର ମକଦ୍ଦମା ରୁଜୁ କରିଥିଲେ। ଏସଆଇ ସୋଫିଆ ମିଶ୍ର ଏହାର ତଦନ୍ତ କରି ଏଥିରେ ବିଜୟଙ୍କ ସମ୍ପୃକ୍ତି ସ୍ପଷ୍ଟ ହେବା ପରେ ତାଙ୍କୁ ଗିରଫ କରାଯାଇଥିଲା।

# ଛାତ୍ରୀଛାତ୍ରଙ୍କୁ ନେଇ ଆସ ସ୍କୁଲ ଯିବା କାର୍ଯ୍ୟକ୍ରମ

ରାମଗିରି, ୧୩।୯(ବୃନ୍ଦାବନ ଗୌଡ଼)

ପିଲାମାନଙ୍କୁ ଶିକ୍ଷାର ମୁଖ୍ୟସ୍ରୋତରେ ସାମିଲ୍ କରିବା ପାଇଁ ରାଜ୍ୟବ୍ୟାପୀ ଅଭିଯାନ ଶିକ୍ଷା ଅଧିକାର ଆଇନ ୨୦୦୯ ଅନୁଯାୟୀ ପ୍ରତ୍ୟେକ ପିଲାଙ୍କର ବିଦ୍ୟାଳୟରେ ପାଠ ପଢ଼ିବାର ଅଧିକାର ଅଛି। ଏହି ଅବସରରେ ଗଜପତି ଜିଲା ଆର. ଉଦୟଗିରି ବ୍ଲକର ରାମଗିରିରେ 'ଆସ ସ୍କୁଲ୍ ଯିବା' ଅଭିଯାନ ଆରମ୍ଭ ହୋଇଛି। ରାମଗିରି ପଞ୍ଚାୟତର ହାଟପଦାସ୍ଥିତ ସରକାରୀ ପ୍ରାଥମିକ ବିଦ୍ୟାଳୟରୁ ଏକ ପଦଯାତ୍ରା ସହର ପରିକ୍ରମା କରିଥିଲା। ପଦଯାତ୍ରା ହାଟପଦା ଗାନ୍ଧୀଛକ ଦେଇ ଢେମାକୁଡ଼ିଆ ଓ ହାଟପଦା ବାହାରିଥିଲା। ଏହି କାର୍ଯ୍ୟକ୍ରମରେ ବିଦ୍ୟାଳୟର ସମସ୍ତ ଛାତ୍ରୀଛାତ୍ର, ଶିକ୍ଷୟିତ୍ରୀ ଶିକ୍ଷକଙ୍କ ସହ ଅଭିଭାବକମାନେ ସାମିଲ ଥିଲେ। କୌଣସିକାରଣ ବଶତଃ ବିଦ୍ୟାଳୟକୁ ଯାଇପାରୁ ନ ଥିବା ପିଲାଙ୍କୁ ଚିହ୍ନଟ କରିବା ଏବଂ ସେମାନଙ୍କୁ ଶିକ୍ଷାର ମୁଖ୍ୟସ୍ରୋତ ସହିତ ଯୋଡ଼ିବା ପାଇଁ ଜନ୍ମରୁ ୧୮ ବର୍ଷ ବୟସର ସମସ୍ତ ପିଲାଙ୍କର ଘର ଘର ବୁଲି ଏକ ସର୍ବେକ୍ଷଣ କରାଯାଇଛି। ଏହାକୁ ଆଧାର କରି ରାଜ୍ୟ ସରକାରଙ୍କ ପକ୍ଷରୁ ଏହି ଅଭିଯାନ 'ଆସ ସ୍କୁଲ୍ ଯିବା' ଆରମ୍ଭ କରାଯାଇଛି। ଏହି ଅଭିଯାନ ମାଧ୍ୟମରେ ୫+ ରୁ ୧୮ ବର୍ଷ ବୟସର ପ୍ରତ୍ୟେକ ପିଲାଙ୍କୁ ଶିକ୍ଷାର ମୁଖ୍ୟ ସ୍ରୋତରେ ସାମିଲ କରିବାର ଲକ୍ଷ୍ୟ ରଖାଯାଇଛି।

# ବ୍ଲକସ୍ତରୀୟ କ୍ରୀଡା ଓ ସାଂସ୍କୃତିକ ପ୍ରତିଯୋଗିତା ଉଦ୍‌ଯାପିତ



ଅତିଥିଙ୍କ ଗହଣରେ କୃତୀ ପ୍ରତିଯୋଗୀ।

ଚିକିଟି,୧୩।୯(ପ୍ରକାଶ ଚନ୍ଦ୍ର ସାହୁ )

ସାମାଜିକ ସୁରକ୍ଷା ଭିନ୍ନକ୍ଷମ ସଶକ୍ତୀକରଣ ବିଭାଗ ଗଞ୍ଜାମ ଜିଲା ଚିକିଟି ପେଣ୍ଠସ୍ଥିତ ମିନି ଷ୍ଟାଡିୟମ ପରିସରରେ ଦୁଇ ଦିନ ଧରି ଚାଲିଥିବା ବ୍ଲକସ୍ତରୀୟ କ୍ରୀଡା ଓ ସାଂସ୍କୃତିକ ପ୍ରତିଯୋଗିତା ଶନିବାର ଉଦ୍‌ଯାପିତ ହୋଇଯାଇଛି । ବ୍ଲକ ଅଧ୍ୟକ୍ଷ ଆପନା ସେଠୀଙ୍କ ସଭାପତିତ୍ୱରେ ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଚିକିଟି ତହସିଲଦାର ବିଶ୍ୱରଞ୍ଜନ କହଁର ଯୋଗ ଦେଇଥିଲେ। ଏହି କ୍ରୀଡା ଓ ସାଂସ୍କୃତିକ ପ୍ରତିଯୋଗିତାରେ ୧୭ଟି ପଞ୍ଚାୟତର ବିଭିନ୍ନ ବିଦ୍ୟାଳୟରୁ ୭୫ ଜଣ ଦିବ୍ୟାଙ୍ଗ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ସେମାନଙ୍କ ମଧ୍ୟରେ ମ୍ୟୁଜିକାଲ ଚେୟାର, ୫୦,୧୦୦ ଓ ୨୦୦ ମିଟର ଦୌଡ ଡିଆଁ, ହୁଇଲ ଚେୟାର, ଚିତ୍ର ପ୍ରତିଯୋଗିତା, ଟ୍ରାଏ ସାଇକେଲ, ଲଙ୍ଗ ଜମ୍ପ, ଶଟପୁଟ ଥ୍ରୋ, ନାଚ, ଗୀତ, ଅଭିନୟ ଭଳି ବିଭିନ୍ନ ପ୍ରତିଯୋଗିତା ହୋଇଥିଲା। କୃତୀ ଦିବ୍ୟାଙ୍ଗ ଛାତ୍ରୀଛାତ୍ରଙ୍କୁ ଅତିଥି ତହସିଲଦାର କହଁର ପୁରସ୍କୃତ କରିଥିଲେ। ଉଦଘାଟନୀ ଉତ୍ସବରେ ଚିକିଟି ବିଧାୟକ ମନୋରଞ୍ଜନ ଦ୍ୟାନ ସାମନ୍ତରା କ୍ରୀଡା ପ୍ରତିଯୋଗିତାକୁ ଶୁଭାରମ୍ଭ କରିଥିଲେ । ସମ୍ମାନିତ ଅତିଥି ଭାବେ ଚିକିଟି ତହସିଲଦାର କହଁର, ବିଇଓ ପନ୍ନଗ ଭୂଷଣ ମାଝୀ ଯୋଗ ଦେଇ ଦିବ୍ୟାଙ୍ଗ କ୍ରୀଡ଼ାବିତମାନଙ୍କୁ ଉତ୍ସାହିତ କରିଥିଲେ। ଏହି ଅବସରରେ ୧୯୮୬ରେ ଚିକିଟିଗଡ଼ର ହରିକୃଷ୍ଣ ଦାସ ସାଇକେଲ ଯୋଗେ ଦିଲ୍ଲୀ ଯାତ୍ରା କରିଥିଲେ ଏବଂ ସୋରଳ ଗ୍ରାମର ଦିବ୍ୟାଙ୍ଗ ଏନ. ତ୍ରିପତି ରେଡ୍ଡୀ ଜାତୀୟ ସ୍ତରରେ ଭଲ କ୍ରିକେଟ ଖେଳୁ ଥିବାରୁ ଉଭୟଙ୍କୁ ବିଧାୟକ ସମ୍ବର୍ଦ୍ଧିତ କରିଥିଲେ । ସିଆରସିସି ରଞ୍ଜନ ବ୍ରହ୍ମା ଅତିଥି ପରିଚୟ ଦେଇଥିଲେ । ଗୋଷ୍ଠୀ ସାମାଜିକ ସୁରକ୍ଷା ଅଧିକାରୀ ଜୟଦେବ ଚୌଧୁରୀ ସଂଯୋଜନା କରିଥିଲେ।

## କରପଡ଼ାରେ ଭାଗବତ ସପ୍ତାହ

ଛତ୍ରପୁର ୧୩।୯(ସନ୍ତୋଷ ପାଢ଼ୀ)

ଛତ୍ରପୁର ଉପକଣ୍ଠ କରପଡା ଗ୍ରାମ ଲକ୍ଷ୍ମୀନାରାୟଣ ମନ୍ଦିର ପ୍ରାଙ୍ଗଣରେ ଭାଗବତ ସପ୍ତାହ ପ୍ରଚନ ଆରମ୍ଭ ହୋଇଛି। ଏଥିରେ ଭାଗବତ ଭାସ୍କର ଜଗନ୍ନାଥ ପଣ୍ଡା ଶ୍ରଦ୍ଧାଳୁମାନଙ୍କୁ ସରଳ ଭାବରେ ଭାଗବତ କଥା ପ୍ରସଙ୍ଗ ବ୍ୟାଖ୍ୟା ପ୍ରବଚନ ମାଧ୍ୟମରେ ବୁଝାଉଛନ୍ତି। ପ୍ରଥମ ଦିନ ମା' ରାମଚଣ୍ଡୀ ପୂଜା କମିଟି ସଭାପତି ସିଏଚ ଦୟାନନ୍ଦ ରେଡ୍ଡୀ, ଉପଦେଷ୍ଟା କୃଷ୍ଣ ଚନ୍ଦ୍ର ନାୟକଙ୍କ ଦ୍ୱାରା ଭାଗବତ ସପ୍ତାହର ଶୁଭାରମ୍ଭ କରାଯାଇଥିଲା। ଭାଗବତ ଟୁଙ୍ଗୀର ଜଗନ୍ନାଥ ନାୟକ ଅତିଥିମାନଙ୍କୁ ସମ୍ମାନିତ କରିଥିଲେ। ପୂଜାକମିଟି ଉପସଭାପତି ଦିବାକର ନାୟକ, ଉପଦେଷ୍ଟା ତ୍ରିପତି ବାଲାଜୀ ମିଶ୍ର, ନାରାୟଣ ଚର୍ଚ୍ଚା,ଗୋବର୍ଦ୍ଧନ ନାୟକ, ରାମ ନାୟକ ଓ ଅନ୍ୟମାନେ ଉପସ୍ଥିତ ଥିଲେ।

## ନୂତନ କୋଠା ଉଦ୍‌ଘାଟନ କଲେ ଯୋଗାଣ ମନ୍ତ୍ରୀ



ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ମନ୍ତ୍ରୀ ଓ ଅନ୍ୟମାନେ ।

ଖଲ୍ଲିକୋଟ,୧୩।୯(ପ୍ରଶାନ୍ତ କୁମାର ମିଶ୍ର)

ଖଲ୍ଲିକୋଟରେ ବୈଧ ମାପ ଓଜନ ବିଭାଗର ନୂତନ କୋଠାକୁ ଶନିବାର ରାଜ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ଉଦ୍‌ଘାଟନ କରିଛନ୍ତି। ବୈଧମାପ ଓଜନ ବିଭାଗର କାର୍ଯ୍ୟାଳୟ ଖଲ୍ଲିକୋଟରେ ଭଡା ଘରେ ଦୀର୍ଘ ଦିନ ହେଲା ଚାଲିଥିଲା। ସରକାରଙ୍କ ତରଫରୁ ସ୍ଥାନୀୟ ଜଗନ୍ନାଥ ବିହାର ଠାରେ ପ୍ରାୟ ୮୦ ଲକ୍ଷ ଟଙ୍କା ବିନିମୟରେ ନୂତନ ବିଲଡିଂ ନିର୍ମାଣ କରାଯାଇଥିଲେ ମଧ୍ୟ ଦୀର୍ଘ ଦିନ ହେଲା ଏହା ଉଦଘାଟନ ନ ହୋଇ ପଡିରହିଥିଲା। ତେବେ ଶନିବାରେ ରାଜ୍ୟ ଯୋଗାଣ ମନ୍ତ୍ରୀଙ୍କ ଦ୍ୱାରା ଏହା ଉଦଘାଟିତ ହୋଇଯାଇଛି। ଏହି ଉଦଘାଟନ ଉତ୍ସବରେ ଆସିକା ସାଂସଦ ଅନିତା ଶୁଭଦର୍ଶିନୀ, ଖଲ୍ଲିକୋଟ ବିଧାୟକ ପୂର୍ଣ୍ଣ ଚନ୍ଦ୍ର ସେଠି, ବୈଧ ଓଜନ ମାପ ବିଭାଗର ନିୟନ୍ତ୍ରକ ବିସିକେଶନ ଦେହୁରୀ, ଭାଜପା ନେତା ମହେଶ ମହାନ୍ତି, ଯଜ୍ଞ ନାରାୟଣ ଦାଶ, ଭାଜପା ଘୁମୁସର ଜିଲା ସଭାପତି ବିଜୟ ସ୍ୱାଇଁ ପ୍ରମୁଖ ଉପସ୍ଥିତ ଥିଲେ।

# ବିଦ୍ୟୁତ୍ କାଟ୍ କରି ମୋବାଇଲ ସୁଇଚ ଅଫ୍ କରି ରଖୁଛନ୍ତି ଅଧିକାରୀ

ଶେରଗଡ଼,୧୩।୯(ସୂର୍ଯ୍ୟ ନାରାୟଣ ଦାଶ)

ଗଞ୍ଜାମ ଜିଲା ଶେରଗଡ଼ରେ ବିଦ୍ୟୁତ୍ ବିଭ୍ରାଟ ଲାଗିରହିଛି। ଦିନ ତମାମ ବିଦ୍ୟୁତ୍ କାଟ କରାଯାଉଛି। ବିନା ଘୋଷଣାରେ ମଧ୍ୟ ବିଦ୍ୟୁତ୍ କଟୁଛି। ବିଦ୍ୟୁତ୍ କାଟ୍ କରି କେହି ବିଦ୍ୟୁତ୍ କାଟ୍‌ର କାରଣ ପଚାରିବା ଆଶଙ୍କାରେ ଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀ ନିଜ ମୋବାଇଲ ଫୋନ ସୁଇଚ ଅଫ୍ କରି ରଖୁଛନ୍ତି। ବିଦ୍ୟୁତ୍ ଉପଭୋକ୍ତାମାନେ ପ୍ରତିମାସରେ ନିଜ ବିଲ୍ ବାବଦ ଟଙ୍କା ବାନ୍ଧୁଛନ୍ତି। ଅଥଚ ନିରବଚ୍ଛିନ୍ନ ବିଦ୍ୟୁତ୍ ସେବା ପାଇପାରୁନାହାନ୍ତି । ଯେବେଠାରୁ ଟାଟା ପାୱାର ଦାୟିତ୍ୱ ନେଇଛି ସେବେଠାରୁ ଶେରଗଡ଼ବାସୀ ବିଦ୍ୟୁତ୍ ସେବା ପାଇବାରେ ନାହିଁ ନ ଥିବା ହଇରାଣ ହେଉଥିବା ଉପଭୋକ୍ତାମାନେ ଅଭିଯୋଗ କରିଛନ୍ତି। ଏଥିପ୍ରତି ଗଞ୍ଜାମ ଜିଲାପାଳ ଦୃଷ୍ଟି ଦେବାକୁ ଦାବି ହେଉଛି।

## ପ୍ରଥମ ବିଶୋପଙ୍କ ପରଲୋକ

ଜି.ଉଦୟଗିରି,୧୩।୯(ଚିନ୍ମୟ ସେଠୀ)

କନ୍ଧମାଳ ଜିଲା ଖ୍ରୀଷ୍ଟିଆନ ସମ୍ପ୍ରଦାୟର ପ୍ରଥମ ବିଶୋପ ଭାବେ କାର୍ଯ୍ୟ କରିଥିବା ମହାଚାର୍ଯ୍ୟ ବାଞ୍ଛାନିଧି ନାୟକ ଶୁକ୍ରବାର ଭୁବନେଶ୍ୱରର ଏକ ଘରୋଇ ମେଡିକାଲରେ ଚିକିତ୍ସାଧିନ ଅବସ୍ଥାରେ ମୃତ୍ୟୁ ଘଟିଛି। ଖବର ପାଇ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ସେ ୧୯୪୪ ମସିହାରେ ଜନ୍ମ ଗ୍ରହଣ କରିଥିଲେ।

## ଢଳିରହିଛି ରାସ୍ତା କଡର ଗଛ, କାଟିବାକୁ ଦାବି

ଗୁମ୍ମା,୧୩।୯(ପ୍ରବୀଣ କୁମାର ଲିମା)

ଗଜପତି ଜିଲା ଗୁମ୍ମା ବ୍ଲକ ଅନ୍ତର୍ଗତ ଅଜୟଗଡ଼ ଓ ନାମନଗଡ଼କୁ ସଂଯୋଗ କରୁଥିବା ରାସ୍ତା ଏବେ ମରଣଯନ୍ତା ପାଲଟିଛି। ଲଗାଣ ବର୍ଷାରେ ନାମନଗଡ଼-ଅଜୟଗଡ଼ ରାସ୍ତାରେ ବାରମ୍ବାର ପାହାଡ ଧସିଯାଉଛି। ବର୍ଷା ଦିନରେ ପାହାଡ଼ରୁ ପଥର, ମାଟି ଖସି ରାସ୍ତାରେ ଯୋଗାଯୋଗ ବିଚ୍ଛିନ୍ନ ହେଉଛି। ରାସ୍ତା କଡରେ ବଡ ବଡ଼ ଗଛ ମୂଳର ମାଟିଖାଇ ରାସ୍ତା ଆଡକୁ ଢଳି ରହିଥିବା ଦେଖିବାକୁ ମିଳିଛି। ଅଜୟଗଡ଼ ଓ କୁଜାସିଂ ପଞ୍ଚାୟତର ଅନେକ ଗ୍ରାମର ଗ୍ରାମବାସୀ ଏହି ରାସ୍ତା ଦେଇ ଯାତାୟାତ କରନ୍ତି। କେତେବେଳେ ଯେ କାହା ଉପରେ ଢଳିରହିଥିବା ଗଛ ପଡ଼ିଯିବ ସେହିଆଶଙ୍କାରେ ସେମାନେ ଯାତାୟାତ ବେଳେ ଭୟ କରିଥାନ୍ତି। ବିପଦସଙ୍କୁଳ ଅବସ୍ଥାରେ ରାସ୍ତାକୁ ଢଳି ରହିଥିବା ଏହି ଗଛଗୁଡିକୁ ତୁରନ୍ତ ପ୍ରଶାସନ କାଟିବାକୁ ଗ୍ରାମବାସୀ ଦାବି କରିଛନ୍ତି।

# ରାଷ୍ଟ୍ରୀୟ ଲୋକ ଅଦାଲତରେ ୧୦୨୫ ମାମଲା ଫଇସଲା

ଫୁଲବାଣୀ,୧୩।୯(ରାକେଶ କୁମାର ରାଉତ)

କନ୍ଧମାଳ ଜିଲା ଆଇନସେବା ପ୍ରାଧିକରଣ ଆନୁକୁଲ୍ୟରେ ଜିଲା କୋର୍ଟ ପରିସର ଏବଂ ତାଲୁକ ସ୍ତରୀୟ ବିଚାର ବିଭାଗୀୟ କୋର୍ଟରେ ଶନିବାର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଛ। ପ୍ରାକ ମାମଲା ଗୁଡିକ ମଧ୍ୟରୁ ୧୦୧ଟି ଅର୍ଥ ଅସୁଲି ମାମଲାର ବିଚାର କରାଯାଇ ୪୬ ଲକ୍ଷ ୨୫ ହଜାର ୯୦୮ ଟଙ୍କା ଆଦାୟ କରାଯାଇଛି। ୫ ଟି ବିଏସ୍‌ଏନ୍‌ଏଲ୍ ମାମଲାରେ ୭ ୩୮୦ ଟଙ୍କା ଆଦାୟ କରାଯାଇଛି। ୫ ଟି ସ୍ଥାୟୀ ଲୋକ ଅଦାଲତର ଲୋକ ଉପଯୋଗୀ ସେବା ସମ୍ବନ୍ଧୀୟ ମାମଲାର ବିଚାର କରାଯାଇଛି । ଅଦାଲତରେ ବିଚାରଧିନ ମାମଲା ଗୁଡିକ ମଧ୍ୟରୁ ୭ଟି ଏନ୍‌ଆଇ ଆକ୍ଟ ମାମଲାର ବିଚାର ହୋଇ ୧୪ ଲକ୍ଷ ୮୧ ହଜାର ୨୭୩ ଟଙ୍କା ଆଦାୟ କରାଯାଇ ଥିବା ବେଳେ ୧୦ଟି ମୋଟରଯାନ ଦୁର୍ଘଟଣା ଜନିତ କ୍ଷତି ପୂରଣ ମାମଲାରେ ୬୬ ଲକ୍ଷ ୨୮ ହଜାର ଟଙ୍କା ଏବଂ ୧୨ ଟି ଅର୍ଥ ଅସୁଲି ମାମଲାର ବିଚାର କରାଯାଇ ୨୨ ଲକ୍ଷ ୨୦ ହଜାର ୭୭ ଟଙ୍କା ଆଦାୟ କରାଯାଇଛି। ୨ ଟି ବୈବାହିକ ବିବାଦ ମାମଲା, ୬୧୯ ଟି ରାଜସ୍ୱ ମାମଲା, ୯ ଟି ଫୌଜଦାରୀ ସାଲିସ ଯୋଗ୍ୟ, ଅନ୍ୟାନ୍ୟ ୯ ଟି ଦେୱାନୀ ମାମଲା ଏବଂ ୨୪୬ ଟି ଫୌଜଦାରୀ ମାମଲା ବିଚାର କରାଯାଇ ୧୬ ଲକ୍ଷ ୨୭ ହଜାର ୩୫୦ ଟଙ୍କା ଆଦାୟ କରାଯାଇଛି। ଏହି ଲୋକ ଅଦାଲତରେ ପ୍ରାକ ମକଦ୍ଦମା ମାମଲାଗୁଡିକ ମଧ୍ୟରୁ ୧୧୧ ଟି ଓ ଅଦାଲତରେ ବିଚାରଧିନ ମାମଲାଗୁଡିକ ମଧ୍ୟରୁ ୯୧୪ଟି ମାମଲା ଫଇସଲା କରାଯାଇଛି। ଜିଲା ଜଜ ତଥା ଜିଲା ଆଇନ ସେବା ପ୍ରାଧିକରଣ ଅଧ୍ୟକ୍ଷ ରାମ ଶଙ୍କର ହୋତା, ପରିବାର ଅଦାଲତ ବିଚାରପତି ରୂପଶ୍ରୀ ଚୌଧୁରୀ, ଅତିରିକ୍ତ ଜିଲ୍ଲା ଜଜ ପ୍ରୀତିଶ ରାଉତରାୟ, ସ୍ଥାୟୀ ଲୋକ ଅଦାଲତ ଅଧ୍ୟକ୍ଷ ଦୋଳଗୋବିନ୍ଦ ବାରିକ, ମୁଖ୍ୟ ବିଚାର ବିଭାଗୀୟ ବିଚାରପତି ବନାଲି ତ୍ରିପାଠୀ, ଜିଲା ଆଇନ ସେବା ପ୍ରାଧିକରଣର ସଚିବ ରମାକାନ୍ତ ମହାନ୍ତି, ମହିଳା ଅଦାଲତ ବିଚାରପତି ବିଶକଲ୍ୟାଣୀ ମିଶ୍ର, ଏସଡିଜେ୍‌ଏମ ସୌମ୍ୟା ସୋନାଲିକା, ଜେଏମଏଫସି ବଦ୍ରିନାରାୟଣ ବିଶ୍ୱାଳ ପ୍ରମୁଖ ଉପସ୍ଥିତ ରହି ମାମଲା ଗୁଡିକର ବିଚାର କରିଥିଲେ ।

# ସାର ଯୋଗାଣ ସମୀକ୍ଷା କଲେ ମନ୍ତ୍ରୀ

ଆସିକା ୧୩।୯ (ସୁରେନ୍ଦ୍ର ନାଥ ସାହୁ)



ମନ୍ତ୍ରୀଙ୍କ ଗହଣରେ ଏମ୍‌ପି ଓ ବିଧାୟକ ।

ରାଜ୍ୟ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର ଶନିବାର ଦିନ ଆସିକା ଗସ୍ତରେ ଆସି ସ୍ଥାନୀୟ ରାଜସ୍ୱ ବିଭାଗ ଡାକ ବଙ୍ଗଳାଠାରେ ସାର ଯୋଗାଣର ସମୀକ୍ଷା ବୈଠକ କରିଛନ୍ତି । ମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ବୈଠକରେ ଆସିକା ଏମ୍‌ପି ଅନିତା ଶୁଭଦର୍ଶିନୀ ପଟ୍ଟନାୟକ, ଆସିକା ବିଧାୟକ ସରୋଜ ପାଢୀ, ଖଲ୍ଲିକୋଟ ବିଧାୟକ ପୂର୍ଣ୍ଣଚନ୍ଦ୍ର ସେଠୀ, ଗଞ୍ଜାମ ଜିଲାପାଳ ଭି. କିର୍ତ୍ତିଭାସନ ଜିଲା ଯୋଗାଣ ଅଧିକାରୀ ପ୍ରଦ୍ୟୁମ୍ନ କୁମାର ରାଉତରାୟ, ଜିଲା ମୁଖ୍ୟ କୃଷି ଅଧିକାରୀ ଅଜୟ କର, ଭଞ୍ଜନଗର ଉପଜିଲାପାଳ ଉମାଶଙ୍କର ବେହେରା, ଆସିକା ତହସିଲଦାର ସଙ୍ଗୀତା ସେନ୍, ବିଡିଓ ଲିପିନା ଦାସ, କୃଷି ଜିଲ୍ଲା ଅଧିକାରୀ ସତ୍ୟବ୍ରତ ଦାସ, ବ୍ଲକ୍ କୃଷି ଅଧିକାରୀ ବାସୁଦେବ ସାହୁ, ବ୍ଲକ୍‌ଯୋଗାଣ ଅଧିକାରୀ ସର୍ମିଷ୍ଠା ଦଳବେହେରା ପ୍ରମୁଖ ଉପସ୍ଥିତ ଥିଲେ। ଆସିକା ବ୍ଲକ୍‌ରେ ୧୭ଶହ୫୫ ମେଟ୍ରିକ୍ ଟନ୍ ସାରର ଆବଶ୍ୟକତା ଥିଲା ବେଳେ ୧୧ଶହ ମେଟ୍ରିକ୍ ଟନ୍, ଧରାକୋଟ ବ୍ଲକରେ ୧୪ଶହ ମେଟ୍ରିକ୍ ଟନର ଆବଶ୍ୟକତା ଥିଲା ବେଳେ ୮୨୦ ମେଟ୍ରିକ୍ ଟନ୍, ଶେରଗଡ ବ୍ଲକ୍‌ରେ ୧୫ଶହ୬୦ ମେଟ୍ରିକ୍ ଟନ୍ ଆବଶ୍ୟକତା ଥିଲା ବେଳେ ୮୯୦୨ ମେଟ୍ରିକ୍ ଟନ୍ ଓ ସୋରଡା ବ୍ଲକ୍‌ରେ ୫୬୦ ମେଟ୍ରିକ୍ ଟନ୍ ସାରର ଆବଶ୍ୟକତା ଥିଲା ବେଳେ ୪୬୦ ମେଟ୍ରିକ୍ ଟନ୍ ସାର ମିଳିଥିବା ଜଣାପଡିଛି। ତେବେ ମନ୍ତ୍ରୀ ତୁରନ୍ତ ସାର ଯୋଗାଣ କାରୀ ଅଧିକାରୀଙ୍କ ସହ ଆଲୋଚନା କରିଥିଲେ। ଖୁବ୍‌ଶୀଘ୍ର ଆବଶ୍ୟକ ଥିବା ସମସ୍ତ ସାର ଯୋଗାଣ ଲାଗି ସେ ପ୍ରତିଶ୍ରୁତି ଦେଇଥିଲେ । ଏହାଛଡା ସାର ବଣ୍ଟନ କ୍ଷେତ୍ରରେ ଗୋଟିଏ ଗୋଟିଏ ପରିବାରର ୪-୫ ଜଣ ଲେଖାଏଁ ସଦସ୍ୟ ଆବଶ୍ୟକ ଠାରୁ ଅଧିକ ନେଉଥିବାରୁ ଏଭଳି ସମସ୍ୟା ଦେଖାଦେଉଛି । ସାର କଳାବଜାରକୁ ରୋକିବା ଲାଗି ସରକାରଙ୍କ ପକ୍ଷରୁ ଦୃଢ ପଦକ୍ଷେପ ନିଆଯାଉଛି। ସାରର ଅଭାବ ନାହିଁ, ତେଣୁ ଚାଷୀ ସାର ପାଇଁ କେଉଁ ମତେ ଚିନ୍ତିତ ହେବା ଦରକାର ନାହିଁ ବୋଲି ମନ୍ତ୍ରୀ ଦୃଢ ପ୍ରତିଶ୍ରୁତି ଦେଇଥିଲେ।

## ସଂକ୍ଷେପରେ

### ଟଙ୍କା ଠକେଇକୁ ନେଇ ମାରପିଟ ଘଟଣା, ୨ ଗିରଫ

ପାରଳାଖେମୁଣ୍ଡି,୧୩।୯(ଗିରିଧାରୀ ପରିଛା): ଗଜପତି ଜିଲ୍ଲାର ସଦରମହକୁମା ପାରଳାଖେମୁଣ୍ଡି ସହରର ମହିଳାଙ୍କ ଠାରୁ ୨୩ ଲକ୍ଷ ଟଙ୍କା ଠକି ନେଇଥିବା ଓ ମାଗିବାରୁ ଧମକଚମ ଦେବା ଓ ମାରପିଟ କରିବା ଅଭିଯୋଗରେ ୨ଜଣଙ୍କୁ ପୋଲିସ ଗିରଫ କରି କୋର୍ଟ ଚାଲାଣ କରିଛି । ସେମାନେ ହେଲେ ମିତା ଟଙ୍କ ଓରଫ ମିଲି ଓ ଦୁର୍ଗା ପ୍ରସାଦ ପଣ୍ଡା । ପ୍ରକାଶ ଯେ ସ୍ଥାନୀୟ ଓଡିଆ ଭଣ୍ଡାରୀ ସାହିର ସଂଗୀତା ନାୟକ ନାମ୍ନୀ ଜଣେ ମହିଳାଙ୍କ ଅଭିଯୋଗ କ୍ରମେ ଗିରଫ କରାଯାଇଛି । ସଂଗୀତା ନାୟକଙ୍କ ଠାରୁ ଝିଲି ସାହୁ ଓ ତାଙ୍କ ଭଉଣୀ ମିତା ଟଙ୍କ (ମିଲି) ବିଭିନ୍ନ ପ୍ରକାରର ମିଥ୍ୟା ପ୍ରୋଲଭନ ଦେଖାଇ ୨୩ ଲକ୍ଷ ଟଙ୍କା ନେଇଥିଲେ। ସଂଗୀତା ସେମାନଙ୍କୁ ପଇସା ମାଗୁଥିଲେ ମଧ୍ୟ ଆଜି ଦେବି କାଲି ଦେବି ବୋଲି ବୁଲାଉଥିଲେ କିନ୍ତୁ ଟଙ୍କା ଫେରାଉନଥିଲେ। ତେବେ ଶୁକ୍ରବାର ତଥା ୧୨ ତାରିଖ ଦିନ ପ୍ରାୟ ମଧ୍ୟାହ୍ନ ଏକ ଘଣ୍ଟା ସମୟରେ ମିଳିକୁ ପାରଳାଖେମୁଣ୍ଡି ସ୍ଥିତ ଜେଲ ପାଖରେ ଦେଖିଥିଲେ। ସେଠାରେ ସେ ଟଙ୍କା ବିଷୟରେ ପଚାରିଥିଲେ। ସେହି ସମୟରେ ମିତା ଟଙ୍କ ନିକଟରୁ ଦୁର୍ଗା ପ୍ରସାଦ ପଣ୍ଡା ମଧ୍ୟ ଥିଲେ। ଟଙ୍କା ବିଷୟରେ ପଚାରିବାରୁ ଅସଭ୍ୟ ଭାଷାରେ ଗାଳିଗୁଲଜ କରିବା ସହ ଧକ୍କା ଦେଇଥିଲେ। ଯାହାଫଳରେ ସଂଗୀତା ଆହତ ହୋଇଥିଲେ। ଏହା ସହ ସଂଗୀତାଙ୍କୁ ମାରିଦେବି ବୋଲି ଧମକ ଦେଇଥିଲେ ମିତା ଟଙ୍କ ଓ ଦୁର୍ଗାପ୍ରସାଦ। ଏ ବିଷୟରେ ସେମାନଙ୍କୁ ଟଙ୍କା ଦେଇଥିବା ଅନ୍ୟମହିଳାଙ୍କୁ ଫୋନ ଯୋଗେ ଖବର ଦେଇଥିଲେ।

### ବ୍ରହ୍ମପୁର ବାସ୍କେଟ ବଲ ଚାଲେଞ୍ଜ ଟ୍ରଫି ଉଦ୍‌ଘାଟିତ

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ଶନିବାରଠାରୁ ଖଲିକୋଟ ଏକକ ବିଶ୍ୱବିଦ୍ୟାଳୟ ବାସ୍କେଟ ବଲ ଚାଲେଞ୍ଜ ଟ୍ରଫି ବ୍ରହ୍ମପୁର ବାସ୍କେଟ ବଲ କ୍ଲବ ଦ୍ୱାରା ଆୟୋଜିତ ହୋଇଛି। ଏଥିରେ ୩ ମହିଳା ଓ ୩ ପୁରୁଷ ଦଳ ଭାଗ ନେଇଛନ୍ତି। ପୁରୁଷ ଦଳ ମଧ୍ୟରେ- ବ୍ରହ୍ମପୁର ମାମ୍ବା ଦଳ ଅଧିନାୟକ ଶୁଭମ, ବ୍ରହ୍ମପୁର ୱାରିଅର ଅଧିନାୟକ ଆଦିତ୍ୟ, ବ୍ରହ୍ମପୁର ଲେକାର୍ସ ଅଧିନାୟକ ଲିପୁନ ଏବଂ ମହିଳା ଦଳ ବ୍ରହ୍ମପୁର ଫିନିକ୍ସ ଅଧିନାୟିକା ପୂଜା, ବ୍ରହ୍ମପୁର ଚେଜର୍ସ ଅଧିନାୟିକା ପାୟଲ, ବ୍ରହ୍ମପୁର ଷ୍ଟ୍ରାଇକେର ଅଧିନାୟିକା ପିଙ୍କି ଅଛନ୍ତି। ମୁଖ୍ୟ ଅତିଥି ଭାବେ ବ୍ରହ୍ମପୁର ଅର୍ବାନ କୋପୋରେଟିଭ ବ୍ୟାଙ୍କ ସଭାପତି ଆର. ମୁରଲୀ ମୋହନ ଏବଂ ଅନ୍ୟତମ ଅତିଥି ଭାବେ କର୍ପୋରେଟର ପ୍ରଦୀପ ଶତପଥୀ, କର୍ପୋରେଟର ଡି. କରୁଣାକର, ଓ କର୍ପୋରେଟର ଟି. ତିରୁପତି ପାତ୍ର ଉପସ୍ଥିତ ଥିଲେ। ଜିଲା କ୍ରୀଡା ସମ୍ପାଦକ ଜେ. କାମେଶ୍ୱର ରାଓ, ଆୟୋଜକ ସମ୍ପାଦକ ଅନ୍ତଃରାଷ୍ଟ୍ରୀୟ ରେଫରି ରାଜନାରାୟଣ ପାତ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଡେପୁଟି ମେୟର ଇ. ବିବେକ ରେଡ୍ଡୀ, ସୁନୀଲ ଜେନା, ସୁଭିମଲ ସୌରଭ, ସ୍ୱାଧୀନ ପଟ୍ଟନାୟକ ଟୁର୍ନାମେଣ୍ଟ ଆୟୋଜନ କରିଛନ୍ତି। ମ୍ୟାଚ ରେଫରି ଭାବେ ଭି. ନାଗେଶ୍ୱର ରାଓ, ଜି. କ୍ରିଷ୍ଣା ପ୍ରସାଦ, ସୁକାନ୍ତ କୁମାର ଧର, ଅଭିଷେକ ପଶୁପାଳକ ପରିଚାଳନା କରୁଛନ୍ତି।

# ଥଇଥାନ ନିୟମରେ ୪ଜଣଙ୍କୁ ମିଳିଲା ନିଯୁକ୍ତି

## ଗଞ୍ଜାମ ଜିଲା ଶିକ୍ଷା ବିଭାଗରେ ପ୍ରଥମ

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ଚାକିରିରେ ଥାଇ ସମ୍ପୃକ୍ତ ବ୍ୟକ୍ତିଙ୍କ ମୃତ୍ୟୁ ପରେ ପରିବାର ପ୍ରତିପୋଷଣ ପାଇଁ ଅସୁବିଧା ହେଉଥିଲା। ପରିବାରର ଯେ କୌଣସି ସଦସ୍ୟଙ୍କୁ ନିଯୁକ୍ତି ଦେବାକୁ ନିୟମ ଥିଲେ ବି ବିଭିନ୍ନ କାରଣରୁ ଏହା ବିଳମ୍ବ ହେଉଥିଲା। ବର୍ତ୍ତମାନ ଓଡ଼ିଶା ସରକାରଙ୍କ ଥଇଥାନ ନିୟମ-୨୦୨୫ ସଂଶୋଧନ ପ୍ରକାରେ ଗଞ୍ଜାମ ଜିଲାରେ ପ୍ରଥମଥର ୪ ଜଣଙ୍କୁ ଶିକ୍ଷା ବିଭାଗରେ ଚାକିରି ମିଳିଛି। ପୂର୍ବ ନିୟମ ଅନୁସାରେ ଆର୍ଥିକ ସ୍ୱଚ୍ଛଳ ସହ ବିଭିନ୍ନ ମାପଦଣ୍ଡ ଅନୁସାରେ ଆଶାୟୀଙ୍କୁ ନିଯୁକ୍ତି ମିଳୁଥିଲା। ସରକାରୀ ଚାକିରୀ କରୁଥିବା କର୍ମଚାରୀଙ୍କ ମୃତ୍ୟୁ ପରେ ପରିବାର ପ୍ରତିପୋଷଣ ଓ ସାମାଜିକ ସୁରକ୍ଷା ଦୃଷ୍ଟିକୋଣରୁ ଏହା ଅତ୍ୟନ୍ତ ଜରୁରୀ ବୋଲି ପରିବାର ବର୍ଗ ମତପୋଷଣ କରି ଆସୁଥିଲେ। ସରକାରଙ୍କ ବିଭିନ୍ନ ସମୟରେ ନୀତିରେ ପରିବର୍ତ୍ତନ କାରଣରୁ ଅନେକ ଯୋଗ୍ୟ ଆଶାୟୀ ଚାକିରିରୁ ବଞ୍ଚିତ ହେଉଥିଲେ। ରାଜ୍ୟ ସରକାରଙ୍କ ଏହି ନୀତିକୁ ଚାଲେଞ୍ଜ କରି ବିଭିନ୍ନ ଜିଲାର ଶତାଧିକ ପରିବାରର ସଦସ୍ୟ ନ୍ୟାୟ ପାଇଁ କୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ମାମଲାର ବିଚାର କରି ଯେଉଁ ସମୟରେ ସମ୍ପୃକ୍ତ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଛି ସେହି ବର୍ଷର ନିୟମ ଅନୁଯାୟୀ ନିଯୁକ୍ତି ପାଇଁ ଜିଲା ଶିକ୍ଷା ପ୍ରଶାସନକୁ ନିର୍ଦ୍ଦେଶ ଦେଇଥିଲେ। ଫଳ ସ୍ୱରୂପ ଜିଲାର ୪ଜଣଙ୍କୁ ନିଯୁକ୍ତି ମିଳିଛି। ରଙ୍ଗେଇଲୁଣ୍ଡା ବ୍ଲକରେ କାର୍ଯ୍ୟରତ ସୁଦାମ ଚରଣ ଗୌଡ଼ଙ୍କ ୨୦୧୨ରେ ମୃତ୍ୟୁ ହୋଇଥିଲା। ତାଙ୍କ ପୁତ୍ର ଶୁଭ୍ରାଂଶୁ କୁମାର ଗୌଡ଼ଙ୍କୁ ବର୍ତ୍ତମାନ ଏହି ପ୍ରକ୍ରିୟାରେ ନିଯୁକ୍ତି ପାଇଛନ୍ତି। ସେହିପରି ୨୦୧୦ରେ ରଞ୍ଜନ କୁମାର ପାଢ଼ୀଙ୍କ ମୃତ୍ୟୁ ପରେ ତାଙ୍କ ପୁତ୍ର ରାଜେଶ କୁମାର ପାଢ଼ୀ, କୁକୁଡ଼ାଖଣ୍ଡି ବ୍ଲକର ରଙ୍କନିଧି ମିଶ୍ରଙ୍କ ୨୦୦୬ରେ ମୃତ୍ୟୁ ହୋଇଥିଲା। ତାଙ୍କ ପୁତ୍ର ହରିଶଙ୍କର ମିଶ୍ରଙ୍କୁ ନିଯୁକ୍ତି ମିଳିଛି। ସେହିପରି ଆସ୍କା ବ୍ଲକର ଅଭିମନ୍ୟୁ ସ୍ୱାଇଁଙ୍କ ମୃତ୍ୟୁ ପରେ ତାଙ୍କ ପୁତ୍ର ନୀଳମାଧବ ସ୍ୱାଇଁଙ୍କୁ ଏହି ନୂତନ ନିୟମ ଅନୁସାରେ ନିଯୁକ୍ତି ମିଳିଛି। ଜିଲା ଶିକ୍ଷା କାର୍ଯ୍ୟାଳୟରେ ଏକ କାର୍ଯକ୍ରମରେ ଏହି ୪ଜଣଙ୍କୁ ନିଯୁକ୍ତିପତ୍ର ପ୍ରଦାନ କରାଯାଇଛି। ଆଗାମୀ ଦିନରେ ଶତାଧିକ ଆଶାୟୀଙ୍କୁ ଏହି ପ୍ରକ୍ରିୟାରେ ନିଯୁକ୍ତି ପ୍ରଦାନ କରାଯିବ ନେଇ ଗଞ୍ଜାମ ଜିଲା ଶିକ୍ଷା ଅଧିକାରୀ ଅଜୟ କୁମାର ପାତ୍ର ସୂଚନା ଦେଇଛନ୍ତି। ନିଯୁକ୍ତିପତ୍ର ପ୍ରଦାନ ବେଳେ ଅତିରିକ୍ତ ଜିଲା ଶିକ୍ଷାଧିକାରୀ ଡ. ପ୍ରଭାତୀ ମହାପାତ୍ରଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।



୪ଜଣଙ୍କୁ ଜିଲା ଶିକ୍ଷାଧିକାରୀ ନିଯୁକ୍ତି ପତ୍ର ପ୍ରଦାନ କରୁଛନ୍ତି।

# ବିନାୟକ ଆଚାର୍ଯ୍ୟ କଲେଜରେ 'ବିଶ୍ୱ ପ୍ରାଥମିକ ସହାୟତା ଦିବସ'




ଅତିଥିମାନଙ୍କୁ ଛାତ୍ରୀମାନେ ଗଛ ଉପହାର ଦେଉଛନ୍ତି।

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ବିନାୟକ ଆଚାର୍ଯ୍ୟ କଲେଜ ଯୁବ ରେଡ-କ୍ରସ ପକ୍ଷରୁ 'ବିଶ୍ୱ ପ୍ରାଥମିକ ସହାୟତା ଦିବସ' ପାଳିତ ହୋଇଯାଇଛି । କଲେଜ ଅଧ୍ୟକ୍ଷା ଡ. ପ୍ରମିଳା ଖାଡ଼ଙ୍ଗା ଏଥିରେ ସଭାପତିତ୍ୱ କରି ଦିବସର ମହତ୍ତ୍ୱ ପ୍ରତିପାଦିତ କରିଥିଲେ। ସ୍ନାତକୋତ୍ତର ଓଡ଼ିଆ ବିଭାଗ ମୁଖ୍ୟ ଡ. କୁଳମଣି ଓଝା ମୁଖ୍ୟବକ୍ତା ରୂପେ ଯୋଗଦେଇ ହେନେରୀ ଡୁନାଣ୍ଟଙ୍କ ମହତ୍ତ୍ୱପୂର୍ଣ୍ଣ ସେବାମୟ ଜୀବନ ଉପରେ ଆଲୋଚନା କରିଥିଲେ। କଲେଜ ପ୍ରାଶାସନିକ ଅଧିକାରୀ ଡ. ଆନନ୍ଦ ସେଠୀ ଓ ସ୍ନାତକୋତ୍ତର ଇତିହାସ ବିଭାଗ ମୁଖ୍ୟ ଡ. ଦେବରାଜ ସ୍ୱାଇଁ ସମ୍ମାନିତ ଅତିଥି ରୂପେ ଯୋଗଦେଇ ଛାତ୍ରୀଛାତ୍ରଙ୍କ ମନରେ ସମର୍ପିତ ସେବା ଓ ବନ୍ଧୁତା ମନୋଭାବ ସୃଷ୍ଟି ସହ ସାହାଯ୍ୟ ଲୋଡୁଥିବା ପରିବାରକୁ ସହାୟତା ଯୋଗାଇଦେବା ଉପରେ ଗୁରୁତ୍ୱ ଆରୋପ କରିଥିଲେ । କଲେଜର ଯୁବ ରେଡକ୍ରସ ଅଧିକାରୀ ଡ. ଚିତ୍ତରଞ୍ଜନ ମହାନ୍ତି କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ବିଶ୍ୱ ପ୍ରାଥମିକ ସହାୟତା ଦିବସ ପାଳନ ଅବକାଶରେ ଆୟୋଜିତ କାର୍ଯ୍ୟକ୍ରମରେ ୨୦୦ରୁ ଊର୍ଦ୍ଧ୍ୱ ଛାତ୍ରୀଛାତ୍ର ଯୁବ ରେଡ-କ୍ରସ ସ୍ଲୋଗାନ ଦେବା ସହ ଶପଥପାଠ କରିଥିଲେ । ଡ. ଶୁଭଶ୍ରୀ ଅପରାଜିତା, ଡ. ମଧୁମିତା ନାୟକ, ଡ. ମାଳା ମିଳନ, ଡ. ରତ୍ନାକର ମିଶ୍ର, ଡ. ବନଲତା ସାହୁ, ଅଧ୍ୟାପିକା ସ୍ନେହାସିନୀ ପ୍ରଧାନ, ଅଧ୍ୟାପକ ଶିବଶଙ୍କର ପାଳ ଓ ଅଧ୍ୟାପକ ରୁଦ୍ର ରାଉତ ପ୍ରମୁଖ ସହଯୋଗ କରିଥିଲେ।

# ୧୫୨୧୬ ଛାତ୍ରୀଛାତ୍ର ବେସ୍‌ଲାଇନ ପରୀକ୍ଷା ଦେଲେ

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ବ୍ରହ୍ମପୁର ସମେତ ଗଞ୍ଜାମ ଜିଲାର ସମସ୍ତ ସରକାରୀ ଉଚ୍ଚ ବିଦ୍ୟାଳୟରେ ଶନିବାର ଦ୍ୱିତୀୟ ଥର ପାଇଁ ବେସଲାଇନ ପରୀକ୍ଷା ହୋଇଛି। ୧୫୨୧୬ ଛାତ୍ରୀଛାତ୍ର ପରୀକ୍ଷା ଦେଇଛନ୍ତି। ଏହି ପରୀକ୍ଷା ୧୩, ୧୫, ୧୬ ୩ଦିନ ପରୀକ୍ଷା ହେବ। ଦିନକୁ ଦୁଇଟି ବିଷୟରେ ପିଲାମାନେ ପରୀକ୍ଷା ଦେବାକୁ କୁହାଯାଇଛି। ମାଟ୍ରିକ ପିଲାଙ୍କୁ ଦକ୍ଷ କରିବାକୁ ଏଭଳି ପରୀକ୍ଷା କରାଯାଉଛି। ଘରୋଇ ସ୍କୁଲର ମାଟ୍ରିକ ଫଳାଫଳକୁ ସରକାରୀ ସ୍କୁଲର ଫଳାଫଳ ସହିତ ତୁଳନା କରାଯିବା ପରେ ଘରୋଇ ସ୍କୁଲ ଆଗରେ ରହିଥିଲେ। ତେବେ ସରକାରୀ ସ୍ତରରେ କିଭଳି ପିଲାଙ୍କୁ ଦକ୍ଷ କରାଯିବ ସେଥିନେଇ ଜିଲା ଶିକ୍ଷା ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ବେସ୍‌ଲାଇନ ପରୀକ୍ଷା ଆରମ୍ଭ ହୋଇଛି। ଏହି ପରିପ୍ରେକ୍ଷୀରେ ଗତ ମାସ ୨୦ ତାରିଖରେ ଏହି ପରୀକ୍ଷା ହୋଇଥିଲା। ସେଥିରେ ଏ-୧ରେ ୧୩୦ ଛାତ୍ରୀଛାତ୍ର ପାସ କରିଥିଲେ। ଏ-୨ରେ ୧୧୩୯ ପିଲା ପାସ କରିଥିଲେ। ବି-୧ରେ ୪୯୯୫ ଓ ବି-୨ରେ ୮୯୫୨ ପିଲା ପାସ କରିଥିଲେ। ସେମାନଙ୍କୁ ନେଇ ପୁଣି ଏହି ଦ୍ୱିତୀୟ ପରୀକ୍ଷା ଆରମ୍ଭ ହୋଇଛି। ଗତ ଥର ଅବଜେକ୍ଟିଭ ପରୀକ୍ଷା ହୋଇଥିଲା। କିନ୍ତୁ ଚଳିତ ଥର ସବଜେକ୍ଟିଭ ପରୀକ୍ଷା ହୋଇଛି। ଏହି ପରୀପ୍ରେକ୍ଷୀରେ ଛାତ୍ରୀଛାତ୍ରଙ୍କ ଉପସ୍ଥାନ ସୁନିଶ୍ଚିତ କରିବାକୁ ବିଦ୍ୟାଳୟ ପକ୍ଷରୁ ଅଭିଭାବକଙ୍କୁ ସୂଚିତ କରାଯାଇଛି। ପରୀକ୍ଷା ପରିଚାଳନା ଓ ପ୍ରସ୍ତୁତି ତଦାରଖ ପାଇଁ ଅତିରିକ୍ତ ଜିଲା ଶିକ୍ଷାଧିକାରୀ ଡ. ପ୍ରଭାତୀ ମହାପାତ୍ରଙ୍କ ସହ ଜିଲ୍ଲା ବିଜ୍ଞାନ ନିରୀକ୍ଷକ ରାମଚନ୍ଦ୍ର ମହାରଣା ବିଭିନ୍ନ ବିଦ୍ୟାଳୟକୁ ପରିଦର୍ଶନ କରି ପରୀକ୍ଷାର ତଦାରଖ କରିଛନ୍ତି।



କନିଷି ବାଳିକା ଉଚ୍ଚ ବିଦ୍ୟାଳୟରେ ପରୀକ୍ଷା ପରିଦର୍ଶନ କରୁଛନ୍ତି ବିଭାଗୀୟ ଅଧିକାରୀ।

## ମତି ଭ୍ରମ ସଚେତନତା ଅଭିଯାନ

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ ପକ୍ଷରୁ ଗୋପାଳପୁରର ବିଭିନ୍ନ ସ୍ଥାନରେ ମତି ଭ୍ରମ (ଆଲଜିମେର) ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଗୀତାଞ୍ଜଳି ଦାଶଙ୍କ ପ୍ରେରଣାରେ ବିଭାଗୀୟ ମୁଖ୍ୟ ଡ଼.ବନ୍ଦିତା କୁମାରୀ ପଣ୍ଡାଙ୍କ ତତ୍ତ୍ୱାବଧାନରେ ପ୍ରଫେସର ଗଣେଶ ସେଠୀ , ଡ଼. ନେହା ପାଣ୍ଡେ, ଡ଼. ଚିନୁ ବୋହିଦାର, ଅଗ୍ନି କୁମାର୍ ବେହେରାଙ୍କ ସମେତ ପ୍ରଥମ ଓ ଦ୍ୱିତୀୟ ବର୍ଷର ଛାତ୍ରୀଛାତ୍ର କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଗୋପାଳପୁର ବେଳାଭୂମି ସ୍ଥିତ ଜରାନିବାସରେ ରକ୍ତଚାପ ପରୀକ୍ଷା ସହିତ ଅନ୍ତେବାସୀଙ୍କ ସହିତ ଭଜନ କୀର୍ତ୍ତନ କରି ସେମାନଙ୍କ ଜୀବନ ଦର୍ଶନର ଶିକ୍ଷାଲାଭ କରିଥିଲେ। ପରେ ବେଳାଭୂମି ନିକଟ ବାସିନ୍ଦାଙ୍କୁ ମତି ଭ୍ରମ ର ଲକ୍ଷଣ,କାରଣ ଓ ନିରାକରଣ ଛାତ୍ରଛାତ୍ରୀ ମାନେ ଘର ଘର ବୁଲି ସଚେତନତା କରିଥିଲେ । ଏହି ରୋଗ ମୁକ୍ତ କରିବା ପାଇଁ ଯୁବପିଢ଼ି ନିଶା ମୁକ୍ତ, ବୟୋଜ୍ୟେଷ୍ଠ ମାନଙ୍କୁ ସ୍ନେହ ଦେବା ଓ ଚିନ୍ତାରୁ ମୁକ୍ତ ରଖିବା, ଡାକ୍ତର ପରାମର୍ଶ, ନିୟମିତ ଔଷଧ ସେବନ,ଖାଦ୍ୟ ଆଦି ଉପରେ ସଚେତନତା କରିଥିଲେ।

# ସିଟି କଲେଜରେ ବିଶ୍ୱ ଆଶୁ ଚିକିତ୍ସା ଦିବସ




କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥି।

ବ୍ରହ୍ମପୁର,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ବ୍ରହ୍ମପୁର ସିଟି କଲେଜରେ ବିଶ୍ୱ ଆଶୁ ଚିକିତ୍ସା ଦିବସ ପାଳିତ ହୋଇଛି। କୌଣସି ଦୁର୍ଘଟଣା ଘଟିଲେ ଡାକ୍ତରଙ୍କ ପାଖକୁ ଯିବା ପୂର୍ବରୁ କିପରି ଆଶୁ ଚିକିତ୍ସା କରିପାରିବା ସେଥିନେଇ ଅବଗତ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ସେଞ୍ଚୁରିଆନ ୟୁନିଭରସିଟି ସ୍କୁଲ ଅଫ ଡିଜାଷ୍ଟର ମ୍ୟାନେଜମେଣ୍ଟର ଡାଇରେକ୍ଟର ସୁବ୍ରତ ଦାଶ ନିଜର ଅଭିଜ୍ଞତାକୁ ଉପସ୍ଥାପିତ କରିଥିଲେ। ଶୈଳୀ ଓ କୌଶଳକ୍ରମେ କିପରି ଆଶୁ ଚିକିତ୍ସା କରାଯାଇପାରିବ ସେ ସମ୍ପର୍କରେ ବିବିଧ ନମୁନା ମାଧ୍ୟମରେ ଶିକ୍ଷା ଦେଇଥିଲେ। କଲେଜର ଅଧ୍ୟକ୍ଷ ଦାୟିତ୍ୱରେ ଥିବା ଇତିହାସ ବିଭାଗ ଅଧ୍ୟାପିକା ଡ. ମିନତି ସାହୁ କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ। ୟୁଥ୍ ରେଡ୍‌କ୍ରସ ୟୁନିଟର ସଂଗଠକ ଅଧ୍ୟାପକ ସୁଦାମ ଚରଣ ବିଷୋୟୀ ଅତିଥିଙ୍କୁ ସ୍ୱାଗତ କରିଥିଲେ। ବହୁ ଅଧ୍ୟାପିକା ଅଧ୍ୟାପକ, ଛାତ୍ରୀଛାତ୍ର ଉପସ୍ଥିତ ଥିଲେ। ଅଧ୍ୟାପିକା ଡ. ସସ୍ମିତା ମିଶ୍ର ଧନ୍ୟବାଦ ଦେଇଥିଲେ।

# ୫ ଜିଲାରୁ ତୀର୍ଥଯାତ୍ରା କରିବେ ୭୭୫ ବରିଷ୍ଠ ନାଗରିକ

## ବୁଲିବେ ଅଯୋଧ୍ୟା ଓ ବାରଣାସୀ, ସୁରକ୍ଷା ପାଇଁ ୨୫ ଏସକର୍ଟ

ବ୍ରହ୍ମପୁର,୧୩।୯
(ସ୍ମୃତି ରଞ୍ଜନ ମହାଲିକ)

ରାଜ୍ୟ ସରକାରଙ୍କ ବରିଷ୍ଠ ନାଗରିକ ତୀର୍ଥ ଯାତ୍ରା ଯୋଜନାରେ ରାଜ୍ୟର ୫ ଜିଲାରୁ ୭୭୫ ବରିଷ୍ଠ ନାଗରିକ ବ୍ରହ୍ମପୁରଠାରୁ ଆସନ୍ତା ୧୯ ତାରିଖରେ ତୀର୍ଥ ଯାତ୍ରା ଆରମ୍ଭ କରିବେ। ଏ ନେଇ ଶନିବାର ଗଞ୍ଜାମ ଜିଲାପାଳ ଭି କୀର୍ତ୍ତି ଭାସନ ବ୍ରହ୍ମପୁର ରେଲୱେ ଷ୍ଟେସନ ଓ ଗୁରୁକୁଳ ଇଣ୍ଟରନ୍ୟାସନାଲ ପବ୍ଲିକ ସ୍କୁଲକୁ ଯାଇ ସ୍ଥିତି ଅନୁଧ୍ୟାନ କରିଛନ୍ତି। ରେଲୱେ ଷ୍ଟେଶନର ୪ନଂ ପ୍ଲାଟଫର୍ମରେ ତୀର୍ଥ ଯାତ୍ରୀଙ୍କ ଟ୍ରେନ ରହଣି ସ୍ଥଳ ରହିବ। ତୀର୍ଥଯାତ୍ରୀଙ୍କ ମଧ୍ୟରେ ଗଞ୍ଜାମରୁ ୪୩୮, ଗଜପତିରୁ ୭୨, ବୌଦ୍ଧ ୫୫, କନ୍ଧମାଳ ୯୧ ଓ ନୟାଗଡ଼ରୁ ୧୧୯ ଜଣ ଅଛନ୍ତି। ତୀର୍ଥ ଯାତ୍ରୀମାନେ ଅଯୋଧ୍ୟା ଓ ବାରଣାସୀ ଭ୍ରମଣ କରିବେ। ଏହାପରେ ୨୪ ତାରିଖରେ ପୁଣି ବ୍ରହ୍ମପୁରକୁ ଫେରିବେ। ଆସନ୍ତା ୧୮ ତାରିଖରେ ସମସ୍ତ ତୀର୍ଥ ଯାତ୍ରୀ ଗୁରୁକୁଳ ଇଣ୍ଟର ନ୍ୟାଶନାଲ ପବ୍ଲିକ ସ୍କୁଲରେ ରହିବେ। ସେଠାରେ ତାଙ୍କର ସ୍ୱାସ୍ଥ୍ୟ ପରୀକ୍ଷା, ଖାଇବା, ବିଶ୍ରାମ ସମେତ ଅନ୍ୟାନ୍ୟ ଆନୁସଙ୍ଗିକ ସୁବିଧା ପ୍ରଦାନ କରାଯିବ ବୋଲି ଜିଲାପାଳ କହିଛନ୍ତି। ଏଥିସହ ସନ୍ଧ୍ୟାରେ ମନୋରଞ୍ଜନ ନିମନ୍ତେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ତୀର୍ଥ ଯାତ୍ରା ସମୟରେ ୨୫ ଜଣ ଏସକର୍ଟ ରହିବେ। ସେମାନେ ବରିଷ୍ଠ ନାଗରିକଙ୍କ ସୁରକ୍ଷା ଦାୟିତ୍ୱରେ ନିୟୋଜିତ ରହିବେ। ଟ୍ରେନରେ ତୀର୍ଥ ଯାତ୍ରୀଙ୍କୁ ଖାଦ୍ୟ ପ୍ରଦାନର ସୁବିଧା ସହିତ ଆଇଆରସିଟିସି ପକ୍ଷରୁ ସମସ୍ତ ପ୍ରକାର ସୁବିଧା ଦିଆଯିବ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି। ପରିଦର୍ଶନ ବେଳେ ଉପଜିଲାପାଳ ଅବିନାଶ କୁମାର, ବିଇଏମସି ଡେପୁଟି କମିଶନର କଲ୍ୟାଣୀ ସଂଘମିତ୍ରା ଦେବୀ, ଆଶୀର୍ବାଦ ପରିଡ଼ା, ପର୍ଯ୍ୟଟନ ଅଧିକାରୀ ପାର୍ଥ ସାରଥୀ ହାଂସଦା, ଷ୍ଟାଟିଟିକାଲ ଅଧିକାରୀ ତନୁଜା ଦାସ ଓ ଷ୍ଟେସନ ପ୍ରବନ୍ଧକ ଦୁର୍ଗା ପ୍ରସାଦ ବ୍ରହ୍ମା ପ୍ରମୁଖ ଉପସ୍ଥିତ ଥିଲେ।



ଜିଲାପାଳ ଓ ଅନ୍ୟ ଅଧିକାରୀଙ୍କ ଉପସ୍ଥିତିରେ ସ୍ଥିତି ଅନୁଧ୍ୟାନ।

## ପ୍ଲାଟଫର୍ମରୁ ଗଞ୍ଜେଇ ସହ ଜଣେ ଗିରଫ

ବ୍ରହ୍ମପୁର, ୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ସରକାରୀ ରେଳବାଇ ପୋଲିସ ବ୍ରହ୍ମପୁର ରେଲଷ୍ଟେସନ ପ୍ଲାଟଫର୍ମ ୨-୩ ରୁ ଜଣେ ଯୁବକଙ୍କୁ ଶୁକ୍ରବାର ଗିରଫ କରିଛି। ଅଭିଯୁକ୍ତଙ୍କ ନିକଟରୁ ୧୩କେଜି ୧୦୦ ଗ୍ରାମ ଗଞ୍ଜେଇ ଜବତ ହୋଇଛି। ଅଭିଯୁକ୍ତ ଜଣଙ୍କ କେରଳ ଏରନାକୁଲମର ଅନିଲ ରାଜ ଆର(୫୦)। ମାମଲା ନଂ ୧୨୧/୨୫ ରେ ଅଭିଯୁକ୍ତଙ୍କୁ ଶନିବାର କୋର୍ଟ ଚାଲାଣ କରିଛି। ଉକ୍ତ ଅଭିଯୁକ୍ତ ଜଣଙ୍କ କୋଟପାଡ଼ରୁ ଗଞ୍ଜେଇ ଆଣି ହୀରାଖଣ୍ଡ ଟ୍ରେନରେ ଶୁକ୍ରବାର ସକାଳେ ପହଞ୍ଚିଥିଲେ। କେରଳର ତିରୁଚିନାପଲି ଟ୍ରେନରେ ଯାଇଥାନ୍ତେ ବୋଲି ଜିଆରପି ପୋଲିସ କହିଛି। ମାମଲା ନଂ ୧୨୧/୨୫ରେ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଛି।

# ଟାଟା ଷ୍ଟିଲ ଫାଉଣ୍ଡେଶନର ଦିଶା ସମାବର୍ତ୍ତନ ସମାରୋହ

ବ୍ରହ୍ମପୁର/ଛତ୍ରପୁର,୧୩।୯
(ସ୍ମୃତି ରଞ୍ଜନ ମହାଲିକ/ସନ୍ତୋଷ ପାଢୀ)

ଟାଟା ଷ୍ଟିଲ ଫାଉଣ୍ଡେସନ ପକ୍ଷରୁ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ପରିସରରେ ଦିଶା ସମାବର୍ତ୍ତନ ସମାରୋହ ଅନୁଷ୍ଠିତ ହୋଇଛି। ଏନଲାଇଟେଡ ଇକ୍ୱିଟେବଲ ସୋସାଇଟି ସଂପର୍କରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନା ମୁଖ୍ୟ ଅତିଥି ଥିଲେ। ମହିଳାଙ୍କୁ ପୂର୍ବରୁ ଦୁର୍ବଳ ବୋଲି କୁହାଯାଉଥିଲା। କିନ୍ତୁ ଆଜି ମହିଳାମାନେ କ୍ଷମତା, ସ୍ଥିରତା ଓ ବ୍ୟକ୍ତିତ୍ୱ ପ୍ରଦର୍ଶନ କରିଛନ୍ତି। ଶିକ୍ଷା ଓ ସଶକ୍ତିକରଣ ମହିଳାଙ୍କୁ ସ୍ୱାଧୀନତା ଏବଂ ସାମାଜିକ ନେତୃତ୍ୱକୁ ଅଗ୍ରସର କରୁଛି ବୋଲି ମନ୍ତ୍ରୀ କହିଥିଲେ। ଅନ୍ୟତମ ଅତିଥି ରୂପେ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ କୁଳପତି ଗୀତାଞ୍ଜଳି ଦାଶ, ଟାଟା ଷ୍ଟିଲ ସ୍ପେଶିଆଲ ଇକନୋମିକ ଜୋନ ଲିମିଟେଡର ପରିଚାଳନା ନିର୍ଦ୍ଦେଶକ ମଣିକାନ୍ତ ନାୟକ, ଟାଟା ଷ୍ଟିଲ ଫାଉଣ୍ଡେଶନର ମୁଖ୍ୟ କାର୍ଯ୍ୟ ନିର୍ବାହୀ ଅଧିକାରୀ ସୌରଭ ରୟ, ଲିଡ ଜେଣ୍ଡର କମ୍ୟୁନିଟି ଏଣ୍ଟରପ୍ରାଇଜେସର ସ୍ମିତା ବର୍ମା ଓ ଟାଟା ଷ୍ଟିଲ ଫାଉଣ୍ଡେଶନ ଗୋପାଳପୁର ୟୁନିଟ ମୁଖ୍ୟ ଡା ଜୟନ୍ତ କୁମାର ତ୍ରିପାଠୀ ଯୋଗ ଦେଇଥିଲେ। ଏହି ଅବସରରେ ଗଞ୍ଜାମ, କଳିଙ୍ଗନଗର, ସୁକିନ୍ଦା, ବ୍ରାହ୍ମଣୀପାଳ ଓ ମେରାମଣ୍ଡଳୀ ଅଞ୍ଚଳର ୬୦୦ରୁ ଊର୍ଦ୍ଧ୍ୱ ମହିଳାଙ୍କୁ ପ୍ରମାଣ ପତ୍ର ପ୍ରଦାନ କରାଯାଇଥିଲା।




ଦିଶା ସମାବର୍ତ୍ତନ ସମାରୋହରେ ଉପସ୍ଥିତ ମୁଖ୍ୟ ଅତିଥି ଓ ଅନ୍ୟମାନେ।

# ମା'ଙ୍କ ନିକଟରେ ହୋଇଥାଏ ସ୍ୱତନ୍ତ୍ର କୁମ୍ଭ ପୂଜା

## ଧରାବତରଣ କରିବେ ମା'

ବ୍ରହ୍ମପୁର,୧୩।୯(ସ୍ମୃତି ରଞ୍ଜନ ମହାଲିକ)

ପାର୍ବଣକୁ ନେଇ ସମଗ୍ର ସହର ଚଳଚଞ୍ଚଳ। ବିଭିନ୍ନ ପୂଜା କମିଟି ପକ୍ଷରୁ ପ୍ରସ୍ତୁତି ଆରମ୍ଭ ହୋଇଛି। ଏଭଳି ଭାବେ ଉତ୍କଳ ଆଶ୍ରମ ରୋଡ କମିଟିର ଦୁର୍ଗା ପୂଜା ଚଳିତ ବର୍ଷ ୫୨ ବର୍ଷରେ ପଦାର୍ପଣ କରିଛି। କମିଟି ପକ୍ଷରୁ ପ୍ରଥମ କରି ୧୯୭୪ରେ ଚନ୍ଦ୍ର ପ୍ରଭା ସାହିଠାରେ ଏକ ଅସ୍ଥାୟୀ ମଣ୍ଡପରେ ପୂଜା ଆରମ୍ଭ ହୋଇଥିଲା। ଚନ୍ଦ୍ର ପ୍ରଭା ସାହି ପୂଜା କମିଟି ପକ୍ଷରୁ ପୂଜା କରାଯାଉଥିଲା। କିଛି ବର୍ଷ ପୂଜା ପରେ ଉତ୍କଳ ଆଶ୍ରମ ପରିସରରେ ରହିଥିବା ଏକ ପେଣ୍ଡାଲରେ ପୂଜା ଆରମ୍ଭ ହୋଇଥିଲା। ୨୦୦୩ରୁ ଉତ୍କଳ ଆଶ୍ରମ ପୂଜା କମିଟି ପକ୍ଷରୁ ପୂଜା କରାଯାଇଥିଲା। ଚଳିତ ବର୍ଷ ଲାଞ୍ଜିପଲୀ କାରିଗରଙ୍କ ଦ୍ୱାରା ମୂର୍ତ୍ତି ନିର୍ମାଣ କରାଯାଉଛି। ମୂର୍ତ୍ତିର ଉଚ୍ଚତା ୧୦ ଫୁଟ ରହିବ। ପଞ୍ଚମୀରୁ ମା'ଙ୍କ ପୂଜା ଆରମ୍ଭ ହୋଇ ଦଶମୀରେ ପୂଜା ସରିବ। ମଣ୍ଡପରେ ସୂର୍ଯ୍ୟ ପୂଜା ସହ ଅନ୍ୟାନ୍ୟ ପୂଜା ହେବ। ଲକ୍ଷ୍ମୀ, ସରସ୍ୱତୀ, ଗଣେଶ, କାର୍ତ୍ତିକେଶ୍ୱର ପୂଜା ପାଇବେ। ତୋରଣର ଉଚ୍ଚତା ୪୦ ଫୁଟ ରହିବ। ପୂଜାକୁ ଉତ୍କଳ ଆଶ୍ରମ ରୋଡ ବ୍ୟବସାୟୀ ସଂଘ, ପାଲୁରୁ ବଙ୍ଗଳା, ସ୍ୱର୍ଣ୍ଣମୟୀ ନଗର, ବଡ ଖେମୁଣ୍ଡି ରାଜା ବଙ୍ଗଳା, ଚିକିଟି ରାଜା ବଙ୍ଗଳା ଓ ଶେରଗଡ ରାଜ ବଙ୍ଗଳା ସହଯୋଗରେ ପୂଜା ଅନୁଷ୍ଠିତ ହେଉଛି। କମିଟି ସଭାପତି ହୃଷୀକେଶ ମହାପାତ୍ର, ସଂପାଦକ ନାରଶୁ ଜେନା, ଉପସଭାପତି ପ୍ରଦୀପ ଶତପଥୀ, ଉପଦେଷ୍ଟା ଅଶୋକ ପାଢ଼ି, କୁନା ପାଢ଼ି, କାର୍ତ୍ତିକ ପାଢ଼ି ଓ କପିଳ ପାଢ଼ି, ପ୍ରବୀର ପାତ୍ରଙ୍କ ସମେତ କମିଟିର ବହୁ ସଦସ୍ୟ ପରିଚାଳନାରେ ସହଯୋଗ କରୁଛନ୍ତି। ରବିବାର ଶୁଭ ଖୁଣ୍ଟି ସ୍ଥାପନ କରାଯିବ ବୋଲି କମିଟି ପକ୍ଷରୁ କୁହାଯାଇଛି। ଏଥିସହ ପଂଚମୀ ପୂଜାରୁ ଭକ୍ତଙ୍କ ପାଇଁ ଅନ୍ନ ପ୍ରସାଦ ଓ ବାଲ ଭୋଗ ହେବ। ଅଷ୍ଟମୀ ଦିନ ୧୦୦୮ ଦୀପ ପ୍ରଜ୍ୱଳନ କରାଯିବ। ପ୍ରତି ମା'ଙ୍କ ସନ୍ଧ୍ୟା ଆଳତୀ, ପୁଷ୍ପାଞ୍ଜଳି ଓ ଶୁଖିଲା ଭୋଗ କରାଯିବ।



ଉତ୍କଳ ଆଶ୍ରମ ରୋଡ ଦୁର୍ଗା ପୂଜା (ଫାଇଲ ଫଟୋ)

ପ୍ରତିବର୍ଷ ମା'ଙ୍କ ନିକଟରେ ସ୍ୱତନ୍ତ୍ର କୁମ୍ଭ ପୂଜା ହୋଇଥାଏ। ନୀତି ନିୟମ ଅନୁଯାୟୀ ମା'ଙ୍କ ପୂଜା କରାଯିବ। ସାଂସ୍କୃତିକ କାର୍ଯ୍ୟକ୍ରମ ଅପେକ୍ଷା ପୂଜାକୁ ଅଧିକ ଗୁରୁତ୍ୱ ଦିଆଯାଉଛି। ସହରର ଏହା ବହୁ ପୁରାତନ ପୂଜା କମିଟି। ଏଠାରେ ନିଆରା ଭାବେ ମା'ଙ୍କ ପୂଜା କରାଯାଇଥାଏ। ଶୃଙ୍ଖଳିତ ଦର୍ଶନ ପାଇଁ ପୋଲିସ ପ୍ରଶାସନ ଓ କମିଟି ପକ୍ଷରୁ ପଦକ୍ଷେପ ଗ୍ରହଣ କରାଯାଇଛି।



ହୃଷୀକେଶ ମହାପାତ୍ର, ସଭାପତି

# ୧୧୨୪୬ ମାମଲାର ସମାଧାନ: ୧୨.୮୫ କୋଟି ଦେବାକୁ ନିର୍ଦ୍ଦେଶ

## ଗଞ୍ଜାମରେ ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ

ବ୍ରହ୍ମପୁର ,୧୩।୯(ସୁବାସ ଚନ୍ଦ୍ର ପାଢ଼ୀ)

ଗଞ୍ଜାମ ଜିଲା ଜଜ୍ କୋର୍ଟ ପରିସରରେ ଜିଲା ଆଇନସେବା ପ୍ରାଧିକରଣ (ଡ଼ିଏଲଏସଏ) ପକ୍ଷରୁ ଚଳିତବର୍ଷର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଶନିବାର ଅନୁଷ୍ଠିତ ହୋଇଯାଇଛି । ଜିଲା ଦୌରା ଜଜ ତଥା ଜିଲା ଆଇନସେବା ପ୍ରାଧିକରଣ ଅଧ୍ୟକ୍ଷା ଡ. ଭାଗ୍ୟଲକ୍ଷ୍ମୀ ରଥଙ୍କ ଅଧ୍ୟକ୍ଷତାରେ ୧୧ ବେଞ୍ଚରେ ମୋଟ ୧୧୨୪୬ ମାମଲା ସମାଧାନ କରାଯାଇ ୧୨ କୋଟି ୮୫ ଲକ୍ଷ ୭୧ ହଜାର ୯୭୯ ଟଙ୍କା ପ୍ରଦାନ ପାଇଁ ନିର୍ଦ୍ଦେଶ ହୋଇଛି। ଏହି ଅଦାଲତରେ ୭୫ ମୋଟରଯାନ ଦୁର୍ଘଟଣା ମାମଲାର ବୁଝାମଣା ଭିତ୍ତିରେ ସମାଧାନ କରାଯାଇ କ୍ଷତିପୂରଣ ବବାଦକୁ ୫ କୋଟି ୯୮ ଲକ୍ଷ ୭୫ହାଜର ଟଙ୍କା ପ୍ରଦାନ ପାଇଁ ବୀମା କମ୍ପାନୀଙ୍କୁ ନିର୍ଦ୍ଦେଶ ହୋଇଥିଲା। ସେହିପରି ୬୭ ଚେକ ବାଉନ୍ସ ମାମଲାର ବିଚାର କରାଯାଇ ୧ କୋଟି ୫୧ ଲକ୍ଷ ୭୧ ହଜାର ୮୫୬ଟଙ୍କା ପୁନଃରୁଦ୍ଧାର କରାଯାଇଥିଲା। ୯୨୮ ଅନ୍ୟାନ୍ୟ ଫୌଜଦାରି ମାମଲାର ଆପୋଷ ବୁଝାମଣା କରାଯାଇଛି। ୮୫ ବିବାହ ସମ୍ପର୍କିତ ମାମଲାର ଆପୋଷ ବୁଝାମଣା କରାଯାଇଥିଲା। ଏହି ଦମ୍ପତିମାନେ ପୁଣି ଥରେ ନିଜର ବୈବାହିକ ଜୀବନ ନିର୍ବାହ ପାଇଁ ରାଜି ହୋଇଥିଲେ। ୨୨୦ ବ୍ୟାଙ୍କ ଲିଟିଗେସନ ମାମଲା ସମାଧାନ ହୋଇ ୨କୋଟି ୩୩ ଲକ୍ଷ ୧୧ ହଜାର ୧୧ ଟଙ୍କା ଆଦାୟ କରାଯାଇଛି। ୧୦୧ ଦେୱାନି ମାମଲାର ସମାଧାନ ହୋଇ ୨କୋଟି ୧୪ ଲକ୍ଷ ୪୦ ହଜାର ୧୫୧ଟଙ୍କା, ୫୦ କ୍ରିମିନାଲ କମ୍ପାଉଣ୍ଡବେଲ ମାମଲା ସମାଧାନ କରାଯାଇଛି। ୯୫୬୮ ରେଭିନ୍ୟୁ ମାମଲା ସମାଧାନ କରାଯାଇ ୭୨ ହଜାର ୭୨୬ ଟଙ୍କା ଆଦାୟ କରାଯାଇଛି। ୧୭ ପବ୍ଲିକ ୟୁଟିଲିଟି ସର୍ଭିସ କେସ (ପେନସନ, ବୀମା ଇତ୍ୟାଦି) ସମାଧାନ କରାଯାଇ ୫କୋଟି ୬୫ଲକ୍ଷ ୮ହଜାର ୮୩୦ ଟଙ୍କା ଆଦାୟ କରାଯାଇଛି। ୧୪ଟି ବିଏସ୍‌ଏନ୍‌ଏଲ ମାମଲା ସମାଧାନ କରାଯାଇ ୧୮ ହଜାର ୭୫୫ ଟଙ୍କା ଆଦାୟ ହୋଇଛି। ୨୩୨ ଟିପିଏସଓଡ଼ିଏଲ ପକ୍ଷରୁ ହୋଇଥିବା ମାମଲା ସମାଧାନ ହୋଇ ୩୦ ଲକ୍ଷ ୪୨ ହଜାର ୪୦୨ ଟଙ୍କା ଆଦାୟ କରାଯାଇଛି। ଅଦାଲତରେ ଜିଲା ଜଜ୍, ଦ୍ୱିତୀୟ ଏମଏସିଟି ସଦସ୍ୟ ବିଶ୍ୱଜିତ ଦାଶ, ଅତିରିକ୍ତ ଜିଲା ଦୌରା ଜଜ(ଏଡିଜେ)-୧ ନରେଶ ମହାନ୍ତି, ଏଡିଜେ- ୩ ବିବସ୍ୱତ ଗୌତମ, ଅତିରିକ୍ତ ଜିଲା ଦୌରା ଜଜ୍-୨ ଅୟୁଷମାନ ମହନ୍ତ ମୋଟର ଦୁର୍ଘଟଣା ସମ୍ବନ୍ଧୀୟ ମାମଲାର ସମାଧାନ କରିଥିଲେ। ପରିବାର ଅଦାଲତ ଜଜ୍ ଜାନକୀ ବିଶ୍ୱାଳ ଉପସ୍ଥିତ ଥିଲେ। ସିଭିଲ ରେଜିଷ୍ଟ୍ରାର ସୌଦାମିନୀ ସିଂ ନୋଡାଲ ଅଫିସର ଥିଲେ। ଡିଏଲଏସ୍ଏ ସଚିବ ବ୍ୟୋମକେଶ ନାୟକ ଏହାକୁ ପରିଚାଳନା କରିଥିଲେ। ଏଥିରେ ଜିଲା ଜଜ୍ କୋର୍ଟର ସମସ୍ତ ବିଚାରପତି ଏବଂ ଆଇନଜୀବୀ ଓ କର୍ମଚାରୀ ଅଂଶ ଗ୍ରହଣ କରିଥିଲେ।



ଜିଲା ଜଜ୍ ଏକ ପରିବାରର ସ୍ୱାମୀ ସ୍ତ୍ରୀଙ୍କୁ ଖୁସିରେ ରହିବାକୁ ପରାମର୍ଶ ଦେଉଛନ୍ତି।

## ସଂକ୍ଷେପରେ

### ବ୍ରିଟେନ୍‌ରେ ଶିଖ୍ ମହିଳାଙ୍କୁ ଗଣବଳାତ୍କାର

ଲଣ୍ଡନ,୧୩ା୯

ବ୍ରିଟେନ୍‌ର ଓଲ୍ଡବୁରି ସହରରେ ଜଣେ ୨୦ ବର୍ଷୀୟା ଶିଖ୍ ମହିଳାଙ୍କୁ ୨ ଜଣ ଲୋକ ବଳାତ୍କାର କରିବା ସହ ତାଙ୍କ ଜାତୀୟତାକୁ ନେଇ ଗାଳିଗୁଲଜ କରିଛନ୍ତି। ମହିଳାଙ୍କୁ ତାଙ୍କ ଦେଶକୁ ଫେରିଯିବା ପାଇଁ ସେମାନେ କହିଥିଲେ। ଏହା ଏକ ବର୍ଣ୍ଣବୈଷମ୍ୟ ଆକ୍ରମଣ ବୋଲି କୁହାଯାଉଛି। ଏହି ଘଟଣା ସେଠାରେ ରହୁଥିବା ଶିଖ୍‌ମାନଙ୍କୁ କ୍ଷୁବ୍ଧ କରିଛି। ସେମାନେ ଏହାକୁ ଏକ ଟାର୍ଗେଟ ଆକ୍ରମଣ ବୋଲି କହିଛନ୍ତି। ମଙ୍ଗଳବାର ସକାଳେ ଓଲ୍ଡବୁରିର ଟେମ୍ ରୋଡ୍ ନିକଟରେ ମହିଳା ଆକ୍ରମଣର ସମ୍ମୁଖୀନ ହୋଇଥିଲେ। ପୋଲିସ ମାମଲା ରୁଜୁ କରିବା ସହ ଆକ୍ରମଣକାରୀଙ୍କୁ ଧରିବା ପାଇଁ ମହିଳାଙ୍କ ସହଯୋଗ ଲୋଡ଼ିଛି। ସିସିଟିଭି ଫୁଟେଜ୍‌କୁ ଅନୁଧ୍ୟାନ କରାଯିବା ସହ ଫୋରେନ୍‌ସିକ୍ ଅନୁଧ୍ୟାନ ଜାରି ରହିଛି। ପୋଲିସ ଉକ୍ତ ଅଞ୍ଚଳରେ ପାଟ୍ରୋଲିଂ ବଢ଼ାଇବାକୁ ପ୍ରତିଶ୍ରୁତି ଦେଇଛି।

### ରୁଷିଆର ନାଗରିକତ୍ୱ ଚାହାନ୍ତି ଫ୍ରାନ୍ସର ପୂର୍ବ ରାଷ୍ଟ୍ରପତିଙ୍କ ନାତି


ପିଏରେ ଡି ଗୌଲେ

ମସ୍କୋ,୧୩ା୯

ଫ୍ରେଞ୍ଚ ଫିଫ୍‌ଥ ରିପବ୍ଲିକ୍‌ର ପ୍ରତିଷ୍ଠାତା ତଥା ଫ୍ରାନ୍ସର ପୂର୍ବତନ ରାଷ୍ଟ୍ରପତି ଡି ଗୌଲେଙ୍କ ନାତି ପିଏରେ ଡି ଗୌଲେ ତାଙ୍କ ପିଲାମାନଙ୍କ ପାଇଁ ରୁଷିଆର ନାଗରିକତ୍ୱ ଚାହାନ୍ତି ବୋଲି ସେଠାର ନ୍ୟୁଜ୍ ଏଜେନ୍ସି ଟାସ୍‌କୁ ସାକ୍ଷାତ୍କାରରେ କହିଛନ୍ତି। ତେବେ ନାଗରିକତ୍ୱ ନିଷ୍ପତ୍ତି ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ୍‌ଙ୍କ ଉପରେ ନିର୍ଭର କରୁଥିବା ସେ କହିଛନ୍ତି। ଆମ ପିଲାଙ୍କୁ ପାଠ ପଢ଼ାଇବା ଓ ସେମାନଙ୍କ ଉପଯୁକ୍ତ ପାଳନପୋଷଣ ପାଇଁ ନାଗରିକତ୍ୱ ଗ୍ରହଣ କରିବା ଜରୁରୀ ହୋଇପଡ଼ିଛି। ଆମେ ସେମାନଙ୍କୁ ନୈତିକ ପତନ ଓ ପାଶ୍ଚାତ୍ୟ ମୂଲ୍ୟବୋଧରୁ ଦୂରେଇ ରଖିବାକୁ ଚାହୁଁଛୁ। ରୁଷିଆର ନାଗରିକତ୍ୱ ହାସଲ କରିବା ତାଙ୍କ ପାଇଁ ଗର୍ବର ବିଷୟ ହେବ ବୋଲି ପିଏରେ ଡି ଗୌଲେ କହିଛନ୍ତି।

### ଦିଶା ପଟାନିଙ୍କ ଘରେ ଫାୟାରିଂ

**ନିଜକୁ ଦାୟୀ କଲା ଗୋଲ୍ଡି ବ୍ରାର୍ ଗ୍ୟାଙ୍ଗ୍**



ବରେଲୀ,୧୩ା୯

ବଲିଉଡ୍ ଅଭିନେତ୍ରୀ ଦିଶା ପଟାନିଙ୍କ ଉତ୍ତରପ୍ରଦେଶର ବରେଲୀ ଜିଲ୍ଲା ସିଭିଲ ଲାଇନ୍ସସ୍ଥିତ ବାସଭବନ ସମ୍ମୁଖରେ ଶୁକ୍ରବାର ବିଳମ୍ବିତ ରାତିରେ ୮ରୁ ୧୦ ରାଉଣ୍ଡ ଗୁଳିମାଡ଼ ହୋଇଛି। ମୋଟରସାଇକେଲରେ ୨ ଅଚିହ୍ନା ବ୍ୟକ୍ତି ଆସି ଦିଶାଙ୍କ ଘର ସାମ୍ନାରେ ଫାୟାରିଂ କରିଥିଲେ। ଏହି ସମୟରେ ଦିଶାଙ୍କ ବାପା ତଥା ଅବସରପ୍ରାପ୍ତ ଡିଏସ୍‌ପି ଜଗଦୀଶ ସିଂ ପାଟିଲ, ମା' ଏବଂ ଭଉଣୀ ଘରେ ଥିଲେ। ପୋଲିସ ଏବଂ ଫୋରେନ୍‌ସିକ୍ ଟିମ୍ ତଦନ୍ତ ଚଳାଇଛି। ଦିଶାଙ୍କ ପରିବାରର ସୁରକ୍ଷା ପାଇଁ ବ୍ୟାପକ ପୋଲିସ ଫୋର୍ସ ମୁତୟନ କରାଯାଇଛି। ଫାୟାରିଂ ପାଇଁ ଗ୍ୟାଙ୍ଗଷ୍ଟର୍ ଗୋଲ୍ଡି ବ୍ରାର୍ ଗ୍ୟାଙ୍ଗ୍ ନିଜକୁ ଦାୟୀ କରିଛି। ଗ୍ୟାଙ୍ଗ୍‌ର ଜଣେ ସଦସ୍ୟ ସୋସିଆଲ ମିଡିଆରେ ଏକ ପୋଷ୍ଟ ଶେୟାର କରି ଲେଖିଛନ୍ତି, ଦିଶାଙ୍କ ଭଉଣୀ ଖୁସବୁ ସନ୍ଥ ପ୍ରେମାନନ୍ଦଜୀ ମହାରାଜ ଏବଂ କଥାବାଚକ ଅନିରୁଦ୍ଧାଚାର୍ଯ୍ୟଙ୍କ ବିରୋଧରେ ଟିପ୍ପଣୀ କରିଥିଲେ। ଏହାର ପ୍ରତିଶୋଧ ପାଇଁ ଫାୟାରିଂ କରାଯାଇଛି। ଯଦି କେହି ସନାତନ ଧର୍ମ କିମ୍ବା ସନ୍ଥମାନଙ୍କ ବିରୋଧରେ ଟିପ୍ପଣୀ କରୁଛନ୍ତି, ତେବେ ସେମାନେ ଏହାର ପରିଣାମ ଭୋଗିବାକୁ ପ୍ରସ୍ତୁତ ରୁହନ୍ତୁ ବୋଲି ଏଥିରେ ଲେଖାଯାଇଛି।

## ଦିଲ୍ଲୀରେ ଆଜି



ଦିଲ୍ଲୀ ୟୁନିଭର୍ସିଟି ଷ୍ଟୁଡେଣ୍ଟ ୟୁନିୟନ୍ ନିର୍ବାଚନ ପାଇଁ ଶନିବାର ଏସ୍ଏଫ୍ଆଇ-ଏଆଇଏସ୍ଏ ପକ୍ଷରୁ ପ୍ରାର୍ଥୀମାନଙ୍କ ନାମ ଏବଂ ଘୋଷଣାପତ୍ରକୁ ଜାରି କରାଯାଇଛି। (ଫଟୋ-ଚମନ ଗୌତମ)

# ମଣିପୁରବାସୀ ଶାନ୍ତିପଥ ବାଛନ୍ତୁ: ମୋଦି

ଇମ୍ଫାଲ,୧୩ା୯

ମଣିପୁରରେ ୨୦୨୩ ମେ'ରୁ କୁକି-ଜୋ ଏବଂ ମୈତେଇ ସମ୍ପ୍ରଦାୟ ମଧ୍ୟରେ ଜାତିଆଣ ହିଂସା ଲାଗି ରହିଥିବାବେଳେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ପ୍ରଥମ ଥର ପାଇଁ ଶନିବାର ଉକ୍ତ ଉତ୍ତରପୂର୍ବାଞ୍ଚଳ ରାଜ୍ୟ ଗସ୍ତ କରିଛନ୍ତି। ବିବାଦରେ ଲିପ୍ତ ଥିବା ସମସ୍ତ ସଂଗଠନକୁ ଶାନ୍ତିର ମାର୍ଗ ବାଛିବାକୁ ସେ ଏହି ଅବସରରେ ନିବେଦନ କରିଛନ୍ତି। ଅଞ୍ଚଳରେ ଶାନ୍ତି ପୁନଃପ୍ରତିଷ୍ଠା ଲାଗି ତାଙ୍କ ସରକାର ସମସ୍ତ ସମ୍ଭାବ୍ୟ ପଦକ୍ଷେପ ନେବ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି।

୨ ବର୍ଷ ୪ ମାସ ଧରି ମଣିପୁରରେ ହିଂସାକାଣ୍ଡ ଲାଗି ରହିଥିବାବେଳେ ଏଥିରେ ୨୬୦ରୁ ଊର୍ଦ୍ଧ୍ୱ ଲୋକଙ୍କ ମୃତ୍ୟୁ ଘଟିବା ସହ ଅନେକ ହଜାର ବାସହରା ହୋଇଥିଲେ। ହିଂସାରେ ବହୁ ଧନଜୀବନ ନଷ୍ଟ ହୋଇଥିବା ସତ୍ତ୍ୱେ ପ୍ରଧାନମନ୍ତ୍ରୀ ସେଠାକୁ ଯାଉ ନ ଥିବାରୁ ବିରୋଧୀ ଦଳଗୁଡ଼ିକର ଆକ୍ରୋଶର ଶିକାର ହୋଇଆସୁଥିଲେ। ଦୀର୍ଘଦିନ ପରେ ପ୍ରଧାନମନ୍ତ୍ରୀଙ୍କ ଗସ୍ତକୁ ବିରୋଧୀ ଦଳ କଂଗ୍ରେସ ଏକ ସାଂକେତିକତା କହିବା ସହ ଚେହେରା ବଞ୍ଚାଇବାର ଏକ ନାଟକ ବୋଲି କହିଛି। ଉତ୍ତରପୂର୍ବାଞ୍ଚଳ ଗସ୍ତ ଅବସରରେ ହିଂସାପ୍ରବଣ ମଣିପୁରରେ ସଂକ୍ଷିପ୍ତ ରହଣି ସେଠାର ଜନସାଧାରଣଙ୍କ ପ୍ରତି ଗଭୀର ଅପମାନ। ପ୍ରଧାନମନ୍ତ୍ରୀ ନିଜ ପାଇଁ ଭବ୍ୟ ସ୍ୱାଗତ ଉତ୍ସବର ଆୟୋଜନ କରିବା ସେଠାକାର ପୀଡ଼ିତମାନଙ୍କ ପ୍ରତି କ୍ରୁର ଆଘାତ ବୋଲି କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖାର୍ଗେ କହିଛନ୍ତି।

କୁକିବହୁଳ ଚୁରାଚାନ୍ଦପୁରରେ ଏକ ରାଲିକୁ ସମ୍ବୋଧନ କରି ମୋଦି କହିଥିଲେ, ସମସ୍ତ ସଂଗଠନ ଶାନ୍ତିର ମାର୍ଗ ବାଛନ୍ତୁ ଓ ସେମାନଙ୍କ ସ୍ୱପ୍ନ ପୂରଣ କରନ୍ତୁ। ସେ ଓ


ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି

ଭାରତ ସରକାର ମଣିପୁରବାସୀଙ୍କ ସହ ରହିବେ ବୋଲି ପ୍ରଧାନମନ୍ତ୍ରୀ ପ୍ରତିଶ୍ରୁତି ଦେଇଛନ୍ତି। ନିକଟରେ ପାର୍ବତ୍ୟାଞ୍ଚଳ ଏବଂ ଉପତ୍ୟକାର ବିଭିନ୍ନ ଗୋଷ୍ଠୀ ସହ ସରକାରଙ୍କର ବୁଝାମଣା ହୋଇଥିବାରୁ ପ୍ରଧାନମନ୍ତ୍ରୀ ସନ୍ତୋଷ ବ୍ୟକ୍ତ କରିଛନ୍ତି। ସେ ଆଲୋଚନା, ସମ୍ମାନ ଓ ପାରସ୍ପରିକ ବୁଝାମଣା ଉପରେ ଗୁରୁତ୍ୱ ଦେବା ସହ ଶାନ୍ତି ସ୍ଥାପନରେ ଏହି ବୁଝାମଣା ସହାୟକ ହେବ ବୋଲି କହିଛନ୍ତି। ମଣିପୁରରେ ପୂର୍ବାବସ୍ଥା ଫେରାଇ ଆଣିବାକୁ କେନ୍ଦ୍ର ସରକାର ସମସ୍ତ ସମ୍ଭାବ୍ୟ ଉଦ୍ୟମ ଚଳାଇଛନ୍ତି। ଯେଉଁ ପରିବାର ହିଂସାରେ ଘର ହରାଇଛନ୍ତି, ସେମାନଙ୍କ ପାଇଁ ସରକାର ୭,୦୦୦ ନୂଆ ଘର ନିର୍ମାଣ କରିବାରେ ସହାୟତା କରିବେ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି।

ଇମ୍ଫାଲର କାଙ୍ଗଲା ଫର୍ଟ କମ୍ପ୍ଲେକ୍ସ ଏବଂ ଚୁରାଚାନ୍ଦପୁରର ପିସ୍ ଗ୍ରାଉଣ୍ଡରେ ରହିଥିବା ବିସ୍ଥାପିତ କୁକି ଓ ମୈତେଇ ସମ୍ପ୍ରଦାୟର ଲୋକମାନଙ୍କୁ ଭେଟି ପ୍ରଧାନମନ୍ତ୍ରୀ ସେମାନଙ୍କ ସମସ୍ୟା ସମ୍ପର୍କରେ ବୁଝିଥିଲେ। ରାଜ୍ୟରେ ଶାନ୍ତି ଓ ସ୍ୱାଭାବିକ ସ୍ଥିତି ଫେରାଇ ଆଣିବା ପାଇଁ ତାଙ୍କ ସରକାର ପ୍ରତିଶ୍ରୁତିବଦ୍ଧ। ମଣିପୁର ପାର୍ବତ୍ୟାଞ୍ଚଳ ଓ ଉପତ୍ୟକାର ଲୋକମାନଙ୍କ ମଧ୍ୟରେ ବିଶ୍ୱାସର ଏକ ଦୃଢ଼ ସେତୁ ନିର୍ମାଣ ହେବା ଜରୁରୀ ବୋଲି ପ୍ରଧାନମନ୍ତ୍ରୀ କହିଥିଲେ। ଜନନୀ ଭାରତର ମୁକୁଟରେ ମଣିପୁର ଏକ ରତ୍ନ। ଏଠାରେ ଯେକୌଣସି ପ୍ରକାର ହିଂସା ନିନ୍ଦନୀୟ। ଏହା କେବଳ ଦୁର୍ଭାଗ୍ୟଜନକ ନୁହେଁ, ଆମ ପୂର୍ବଜ ଏବଂ ଭବିଷ୍ୟତ ବଂଶଧରମାନଙ୍କ ପ୍ରତି ଗମ୍ଭୀର ଅନ୍ୟାୟ। ଆମେ ଏକାଠି ମଣିପୁରକୁ ନିଶ୍ଚୟ ଶାନ୍ତି ଓ ବିକାଶର ମାର୍ଗରେ ନେଇଯିବା ବୋଲି ପ୍ରଧାନମନ୍ତ୍ରୀ କହିଥିଲେ। ଜାତୀୟ ସୁରକ୍ଷାରେ ମଣିପୁର ଯବାନମାନଙ୍କ ଭୂମିକାକୁ ପ୍ରଧାନମନ୍ତ୍ରୀ ଉଚ୍ଚ ପ୍ରଶଂସା କରିବା ସହ ସେମାନଙ୍କ ବୀରତ୍ୱକୁ ଦେଶ ସବୁବେଳେ ମନେରଖିବ ବୋଲି କହିଛନ୍ତି। ଅପରେଶନ ସିନ୍ଦୂରର ସଫଳତାରେ ମଣିପୁରର ବୀରପୁତ୍ରମାନେ ପ୍ରମୁଖ ଭୂମିକା ନେଇଥିଲେ।

### ରୁଷିଆରୁ ତୈଳ କିଣୁଥିବା ଦେଶ ଉପରେ ଟାରିଫ୍ ଲଗାଅ

**ଜି୭ ରାଷ୍ଟ୍ରଙ୍କୁ କହିଲା ଆମେରିକା**

ୱାଶିଂଟନ,୧୩ା୯(ପି.ଟି.)

ରୁଷିଆରୁ ତୈଳ କିଣୁଥିବା ଦେଶଗୁଡ଼ିକ ଉପରେ ଟାରିଫ୍ ଲଗାଇବା ପାଇଁ ଆମେରିକା ଜି୭ ରାଷ୍ଟ୍ରଗୁଡ଼ିକୁ କହିଛି। କେବଳ ମିଳିତ ଉଦ୍ୟମ ହିଁ ରୁଷିଆର ଯୁଦ୍ଧ ମେସିନ୍‌କୁ ପାଣ୍ଠି ଯୋଗାଣ ହ୍ରାସ କରିବ। ଆମେରିକା ଅର୍ଥ ସଚିବ ସ୍କଟ୍ ବେସେଣ୍ଟ ଏବଂ ବାଣିଜ୍ୟ ପ୍ରତିନିଧି ରାଷ୍ଟ୍ରଦୂତ ଜାମିଏସନ୍ ଗ୍ରିର୍ ଶୁକ୍ରବାର ଜି୭ ଅର୍ଥମନ୍ତ୍ରୀମାନଙ୍କ ସହ ଆଲୋଚନା କରିଥିଲେ। ରୁଷିଆରୁ ତୈଳ କିଣୁଥିବା ଦେଶଗୁଡ଼ିକ ଉପରେ ଜି୭ ରାଷ୍ଟ୍ରଗୋଷ୍ଠୀ ଟାରିଫ୍ ଲଗାଇବାକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଚାହାନ୍ତି ବୋଲି ସେମାନେ କହିଥିଲେ। କାନାଡା ଅର୍ଥମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ବସିଥିବା ବୈଠକରେ ୟୁକ୍ରେନ୍ ଯୁଦ୍ଧ ବନ୍ଦ ନିମନ୍ତେ ରୁଷିଆ ଉପରେ ଚାପ ବଢ଼ାଇବାର ବିଭିନ୍ନ କୌଶଳ ଉପରେ ଆଲୋଚନା ହୋଇଥିଲା। ଜି୭ରେ ଆମେରିକା ସମେତ କାନାଡା, ଫ୍ରାନ୍ସ, ଜର୍ମାନୀ, ଇଟାଲୀ, ଜାପାନ ଏବଂ ବ୍ରିଟେନ୍ ରହିଛନ୍ତି। ତେବେ ଟାରିଫ୍ ଲଗାଯିବାକୁ ଥିବା ଦେଶଗୁଡ଼ିକର ନାଁ ଉଲ୍ଲେଖ କରାଯାଇନାହିଁ।

### ଖବରଦାତାଙ୍କୁ ଆକ୍ରମଣ ଘଟଣାକୁ ଆଇଏନ୍ଏସ୍‌ର ନିନ୍ଦା

ନୂଆଦିଲ୍ଲୀ, ୧୩ା୯

ଆନ୍ଧ୍ରପ୍ରଦେଶରୁ ପ୍ରକାଶିତ ଦୈନିକ 'ସାକ୍ଷୀ'ର ଖବରଦାତାମାନଙ୍କୁ ଆକ୍ରମଣ ଏବଂ ମିଥ୍ୟା ଅଭିଯୋଗରେ ବେଆଇନ ମାମଲା ରୁଜୁକରି ତଦନ୍ତ କରାଯିବା ଆଦି ଘଟଣାକୁ ଦ ଇଣ୍ଡିଆନ୍ ନ୍ୟୁଜ୍ ପେପର ସୋସାଇଟି(ଆଇଏନ୍ଏସ୍) ନିନ୍ଦା କରିଛି। ଖବର ପ୍ରସାରଣ କରୁଥିବା ସମୟରେ ଏହାର ଖବରଦାତା ଏବଂ ସଂସ୍ଥା ଉପରେ ଆକ୍ରମଣ କରାଯିବା ଘଟଣା ସଭ୍ୟ ସମାଜରେ ଗ୍ରହଣୀୟ ନୁହେଁ। ଏହାକୁ ସବୁ ସ୍ତରରୁ ବିରୋଧ କରାଯିବା ସହ ଖବରଦାତାଙ୍କ ନିମନ୍ତେ ଏକ ସୁସ୍ଥ ବାତାବରଣ ଏବଂ ନିର୍ଭୟରେ ରିପୋର୍ଟିଂ କରିବାର ପରିବେଶ ସୃଷ୍ଟି କରାଯିବା ନେଇ ଉଭୟ କେନ୍ଦ୍ର ଏବଂ ରାଜ୍ୟ ସରକାର ତ୍ୱରିତ କାର୍ଯ୍ୟାନୁଷ୍ଠାନ ନେବା ଜରୁରୀ ବୋଲି ଆଇଏନ୍ଏସ୍ ସାଧାରଣ ସମ୍ପାଦକ ମାରି ପଲ୍ ଏକ ବିବୃତିରେ କହିଛନ୍ତି।

## ମିଜୋରାମରେ ପ୍ରଥମ ରେଳଲାଇନ୍ ଉଦ୍‌ଘାଟନ କଲେ ପ୍ରଧାନମନ୍ତ୍ରୀ

ଆଇଜଲ୍,୧୩ା୯

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଶନିବାର ମିଜୋରାମରେ ପ୍ରଥମ ରେଳଲାଇନ୍ ଉଦ୍‌ଘାଟନ କରିଛନ୍ତି। ରେଳ ସଂଯୋଗ ଦ୍ୱାରା ମିଜୋରାମ ଓ ଏହାର ଆଖପାଖ ଅଞ୍ଚଳରୁ ଉତ୍ପାଦିତ ବିଭିନ୍ନ ଫଳ ଓ ମସଲାକୁ ଦେଶ ତଥା ଦେଶ ବାହାରେ ବ୍ୟାପକ ବଜାର ସୁବିଧା ମିଳିବ ବୋଲି ପ୍ରଧାନମନ୍ତ୍ରୀ ଏହି ଅବସରରେ କହିଛନ୍ତି। ପୂର୍ବରୁ ଭୋଟବ୍ୟାଙ୍କ ରାଜନୀତି ଯୋଗୁ ଉତ୍ତରପୂର୍ବାଞ୍ଚଳ ଅନେକ କ୍ଷତି ସହିଥିଲା। କିନ୍ତୁ ଏବେ କେନ୍ଦ୍ରରେ ଭାଜପା ନେତୃତ୍ୱାଧୀନ ସରକାରଙ୍କ ଉଦ୍ୟମ ବଳରେ ଏହି ଅଞ୍ଚଳ ଦେଶର ବିକାଶ ଇଞ୍ଜିନ୍‌ରେ ନିଜକୁ ପରିବର୍ତ୍ତନ କରିଛି। ୨୦୧୪ରେ ପ୍ରଧାନମନ୍ତ୍ରୀ ହେବା ପରେ ମୋଦିଙ୍କର ଏହା ଥିଲା ମଣିପୁରକୁ ଦ୍ୱିତୀୟ ଗସ୍ତ। ସେ ମିଜୋରାମରେ ୯,୦୦୦ କୋଟି ଟଙ୍କାର ବିଭିନ୍ନ ପ୍ରକଳ୍ପର ଶୁଭାରମ୍ଭ କରିବା ସହ ଆଇଜଲ୍ ନିକଟ ଲେଙ୍ଗ୍‌ପୁଇ ଏୟାରପୋର୍ଟରୁ ଜନସାଧାରଣଙ୍କୁ ଭର୍ଚୁଆଲି ଉଦ୍‌ବୋଧନ ଦେଇଥିଲେ। ସେ ଆଇଜଲ୍ ଏବଂ ଦିଲ୍ଲୀ ମଧ୍ୟରେ ରାଜଧାନୀ ଏକ୍ସପ୍ରେସ୍ ଚଳାଚଳକୁ ଶୁଭାରମ୍ଭ କରିଛନ୍ତି।

ରେଳ ସଂଯୋଗ ଦ୍ୱାରା ମିଜୋରାମ ଲାଭବାନ୍ ହେବା ସହ ଏଠାରେ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ବୋଲି ରେଳମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ପ୍ରତିଶ୍ରୁତି ଦେଇଛନ୍ତି। ନୂଆ ରେଳଲାଇନ ଦେଇ ସପ୍ତାହେ ମଧ୍ୟରେ ମାଲ୍‌ବାହୀ ଟ୍ରେନ୍ ଚଳାଚଳ କରିବ ଏବଂ ପଣ୍ୟ ଓ ଅନ୍ୟାନ୍ୟ ସାମଗ୍ରୀ ପରିବହନ ଦ୍ରୁତତର ହେବ। ଫଳରେ ଏଠାରେ ବିଭିନ୍ନ ସେବା ଓ ଦ୍ରବ୍ୟ ଶସ୍ତା ହେବା ସାଙ୍ଗକୁ ପରିବହନ ସମୟ ମଧ୍ୟ ହ୍ରାସ ପାଇବ ବୋଲି ରେଳମନ୍ତ୍ରୀ କହିଥିଲେ।

## ମାର୍ଚ୍ଚ ୫ରେ ନେପାଳ ନିର୍ବାଚନ

**କର୍ଫ୍ୟୁ ହଟିବା ପରେ ସ୍ୱାଭାବିକ ହେଉଛି ଜୀବନ**

କାଠମାଣ୍ଡୁ, ୧୩ା୯


କାଠମାଣ୍ଡୁର ଏକ ଟ୍ରମା ସେଣ୍ଟରରେ ଆହତ ବିକ୍ଷୋଭକାରୀଙ୍କୁ ଭେଟିବା ପାଇଁ ଶନିବାର ନେପାଳ ଅନ୍ତରୀଣ ପ୍ରଧାନମନ୍ତ୍ରୀ ସୁଶୀଳା କାର୍କି ପହଞ୍ଚିଛନ୍ତି।

ନେପାଳ ରାଷ୍ଟ୍ରପତିଙ୍କ କାର୍ଯ୍ୟାଳୟ ପକ୍ଷରୁ ଶୁକ୍ରବାର ଦେଶର ସଂସଦକୁ ଭଙ୍ଗ କରାଯିବା ସହ ସୁପ୍ରିମକୋର୍ଟର ପୂର୍ବତନ ପ୍ରଧାନ ବିଚାରପତି ସୁଶୀଳା କାର୍କିଙ୍କୁ ଅନ୍ତରୀଣ ପ୍ରଧାନମନ୍ତ୍ରୀ ଭାବେ ନିଯୁକ୍ତ କରାଯାଇଥିଲା। ତେବେ ଏହି ପଦକ୍ଷେପକୁ ଶନିବାର ଦେଶର ଅନେକ ରାଜନୈତିକ ଦଳ ଓ ଆଇନଜୀବୀ ସଙ୍ଗଠନ ନିନ୍ଦା କରିଛନ୍ତି। ଏହା ଏକ ଅସାମ୍ବିଧାନିକ, ସ୍ୱେଚ୍ଛାଚାରୀ ପଦକ୍ଷେପ। ଏହି ପଦକ୍ଷେପ ଦ୍ୱାରା ଗଣତନ୍ତ୍ରକୁ ଗଭୀର ଭାବେ ଆଘାତ ଲାଗିଥିବା ସେମାନେ କହିଛନ୍ତି। ଦେଶର ସବୁଠାରୁ ବଡ଼ ରାଜନୈତିକ ଦଳ ନେପାଳୀ କଂଗ୍ରେସ (ଏନ୍‌ସି) କହିଛି, ସମ୍ବିଧାନକୁ ଉଲ୍ଲଂଘନ କରୁଥିବା ଯେକୌଣସି ନିର୍ଦ୍ଦେଶ ଗ୍ରହଣୀୟ ନୁହେଁ। ଏହି ପଦକ୍ଷେପ ସମ୍ବିଧାନର ଆତ୍ମାକୁ ଆଘାତ ଦେଇଛି। ସିପିଏନ୍-ୟୁଏମ୍ଏଲ୍‌ର ସାଧାରଣ ସମ୍ପାଦକ ଶଙ୍କର ପୋଖରେଲ କହିଛନ୍ତି, ଅଧାରୁ ନେପାଳ ସଂସଦକୁ ଭଙ୍ଗ କରାଯିବା ଅତ୍ୟନ୍ତ ଚିନ୍ତାଜନକ ଓ ନିନ୍ଦା ଯୋଗ୍ୟ ପଦକ୍ଷେପ। ସେହିପରି ସଂସଦକୁ ମନଇଚ୍ଛା ଭଙ୍ଗ କରାଯିବା ସମ୍ବିଧାନର ଗୁରୁତ୍ୱକୁ କ୍ଷୁଣ୍ଣ ପହଞ୍ଚାଇଛି ବୋଲି ନେପାଳ ବାର୍ ଆସୋସିଏଶନ (ଏନ୍‌ବିଏ) କହିଛି।

ତେବେ ଆସନ୍ତା ବର୍ଷ ମାର୍ଚ୍ଚ ୫ରେ ନେପାଳର ପରବର୍ତ୍ତୀ ସଂସଦୀୟ ନିର୍ବାଚନ ଅନୁଷ୍ଠିତ ହେବ ବୋଲି ଶନିବାର

**ସଂସଦ ଭଙ୍ଗକୁ ବିଭିନ୍ନ ଦଳର ନିନ୍ଦା**

ରାଷ୍ଟ୍ରପତିଙ୍କ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି। ନବନିଯୁକ୍ତ ଅନ୍ତରୀଣ ପ୍ରଧାନମନ୍ତ୍ରୀ ସୁଶୀଳା କାର୍କିଙ୍କ ସୁପାରିଶ କ୍ରମେ ଏହି ନିଷ୍ପତ୍ତି ନିଆଯାଇଛି। ତେବେ ଜେନ୍ ଜେଡ୍‌ର ହିଂସାତ୍ମକ ବିରୋଧ ପ୍ରଦର୍ଶନରେ ଦେଶର ଗୁରୁତ୍ୱପୂର୍ଣ୍ଣ ଦସ୍ତାବିଜଗୁଡ଼ିକ ନଷ୍ଟ ହୋଇଯାଇଥିବା ନେଇ ଶନିବାର ନେପାଳ ସୁପ୍ରିମକୋର୍ଟ ଟିପ୍ପଣୀ କରିଛନ୍ତି। ଆନ୍ଦୋଳନରେ ହୋଇଥିବା ପୋଡ଼ାଜଳା, ପଥର ଫିଙ୍ଗା, ଭଙ୍ଗାରୁଜା ଏବଂ ଲୁଟ୍‌ପାଟ୍ ଆଦି ଯୋଗୁ ସୁପ୍ରିମକୋର୍ଟ ବିଲ୍ଡିଂ ଓ ପରିସର କ୍ଷତିଗ୍ରସ୍ତ ହୋଇଥିବା କହି ପ୍ରଧାନ ବିଚାରପତି ପ୍ରକାଶମାନ ସିଂ ରାଉତ ଦୁଃଖ ପ୍ରକାଶ କରିଛନ୍ତି। ଶନିବାର ନେପାଳ କର୍ତ୍ତୃପକ୍ଷ କାଠମାଣ୍ଡୁ ଉପତ୍ୟକା ସମେତ ଦେଶର ଅନ୍ୟାନ୍ୟ ଅଞ୍ଚଳରେ ଲାଗିଥିବା କର୍ଫ୍ୟୁକୁ ହଟାଇ ଦେଇଛନ୍ତି, ଯାହାଫଳରେ ପ୍ରାୟ ସପ୍ତାହେ ପରେ ଦେଶରେ ଜନଜୀବନ ସ୍ୱାଭାବିକ ହୋଇଛି।

## ଫୁର୍‌ସତ୍

### ଓଜନ କମାଇଲେ ମିଳୁଛି ପୁରସ୍କାର

ବେଜିଂ

ଚାଇନାର ଶେନ୍‌ଜେନ୍‌ସ୍ଥିତ ଟେକ୍ କମ୍ପାନୀ ଆରାଶି ଭିଜନ ଇନ୍‌କର୍ପୋରେଶନ (ଇନ୍‌ଷ୍ଟା ୩୬୦ ନାମରେ ବହୁଳ ଭାବେ ପରିଚିତ) ସମ୍ପ୍ରତି ସୋସିଆଲ ମିଡିଆରେ ଚର୍ଚ୍ଚାରେ ରହିଛି। ଗତ ୩ ବର୍ଷ ଧରି 'ମିଲିୟନ ୟୁଆନ୍ ୱେଟ୍ ଲସ୍ ଚ୍ୟାଲେଞ୍ଜ' ନାମରେ ନିଜ କର୍ମଚାରୀଙ୍କ ପାଇଁ ଏହି କମ୍ପାନୀ ଏକ ପ୍ରତିଯୋଗିତା ଚଳାଇଛି। ଉକ୍ତ ପ୍ରତିଯୋଗିତା ଅନ୍ତର୍ଗତ କର୍ମଚାରୀମାନେ ଓଜନ ହ୍ରାସ କରି ନଗଦ ପୁରସ୍କାର ଜିତି ପାରୁଛନ୍ତି। ସ୍ୱାସ୍ଥ୍ୟ ସଚେତନତା ଏବଂ ଫିଟ୍‌ନେସ୍ ପ୍ରତି ନିଜ କର୍ମଚାରୀଙ୍କୁ ପ୍ରୋତ୍ସାହିତ କରିବା ପାଇଁ 'ମିଲିୟନ ୟୁଆନ୍ ୱେଟ୍ ଲସ୍ ଚ୍ୟାଲେଞ୍ଜ'କୁ ଆରମ୍ଭ କରାଯାଇଥିବା ନେଇ ଇନ୍‌ଷ୍ଟା ୩୬୦ ପକ୍ଷରୁ କୁହାଯାଇଛି।

ଚଳିତ ବର୍ଷ ଏହି ପ୍ରତିଯୋଗିତା



ଗତ ଅଗଷ୍ଟ ୧୨ ତାରିଖରୁ ଆରମ୍ଭ ହୋଇଥିଲା, ଯେଉଁଥିରେ ଡଜନ୍‌ରୁ ଅଧିକ କର୍ମଚାରୀ ଅଂଶଗ୍ରହଣ କରିଥିଲେ। କମ୍ପାନୀର ପ୍ରତ୍ୟେକ କର୍ମଚାରୀ ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିପାରିବେ। ଏହି ପ୍ରତିଯୋଗିତାରେ ୦.୫ କେ.ଜି. ଓଜନ ହ୍ରାସ କଲେ ୫୦୦ ୟୁଆନ୍ (ପ୍ରାୟ ୬,୨୦୦ ଟଙ୍କା) ପୁରସ୍କାର ମିଳିଥାଏ।

୨୦୨୨ରୁ ବର୍ତ୍ତମାନ ସୁଦ୍ଧା ଏହି ପ୍ରତିଯୋଗିତାର ୭ଟି ରାଉଣ୍ଡ ଆୟୋଜନ ସରିଛି, ଯେଉଁଥିରେ ପ୍ରାୟ ୨୦ ଲକ୍ଷ ୟୁଆନ୍ (ପ୍ରାୟ ୨.୫ କୋଟି ଟଙ୍କା) କର୍ମଚାରୀମାନଙ୍କୁ ପୁରସ୍କାର ସ୍ୱରୂପ ଦିଆଯାଇଛି। ୨୦୨୩ରେ ୯୯ ଜଣ କର୍ମଚାରୀ ସମୁଦାୟ ୯୫୦ କେ.ଜି. ଓଜନ ହ୍ରାସ କରି ମୋଟ ୯.୫ ଲକ୍ଷ ୟୁଆନ୍ (ପ୍ରାୟ ୧.୨ କୋଟି ଟଙ୍କା) ନଗଦ ପୁରସ୍କାର ରାଶି ଜିତିଥିଲେ। ଚଳିତ ବର୍ଷ ଇନ୍‌ଷ୍ଟା ୩୬୦ର କର୍ମଚାରୀ ଶିୟେ ୟାକି ସବୁଠାରୁ ଚର୍ଚ୍ଚିତ ପ୍ରତିଯୋଗୀ ଥିଲେ। ସେ ୯୦ ଦିନ ମଧ୍ୟରେ ୨୦ କେ.ଜି. ଓଜନ କମାଇଥିଲେ। ତାଙ୍କୁ ୨୦ ହଜାର ୟୁଆନ୍ (ପ୍ରାୟ ୨.୫ ଲକ୍ଷ) ଟଙ୍କାର ପୁରସ୍କାର ରାଶି ମିଳିଥିଲା। ସେ ଦୈନିକ ୧.୫ ଘଣ୍ଟା ବ୍ୟାୟାମ କରୁଥିଲେ ଏବଂ କଠୋର ଡାଏଟ୍‌କୁ ଅନୁସରଣ କରୁଥିଲେ ବୋଲି ଶିୟେ କହିଛନ୍ତି।

### ଟ୍ରେନ୍‌ରେ ଗୀତ ଗାଇ ରୋଜଗାର କରୁଥିଲେ


ଆୟୁଷ୍ମାନ ଖୁରାନା

ମୁମ୍ବାଇ

ସମ୍ପ୍ରତି ବଲିଉଡ୍‌ର ଆଗଧାଡ଼ିର ଅଭିନେତାଙ୍କ ମଧ୍ୟରେ ଆୟୁଷ୍ମାନ ଖୁରାନା ଅନ୍ୟତମ। ତେବେ ଚଣ୍ଡିଗଡ଼ ନିବାସୀ ଆୟୁଷ୍ମାନଙ୍କୁ ଅନେକ ସଂଘର୍ଷ କରିବା ପରେ ବଲିଉଡ୍‌ରେ ସ୍ଥାନ ମିଳିଥିଲା। ଏନେଇ ସେ ଶନିବାର ଏକ ପୋଡ୍‌କାଷ୍ଟରେ କହିଛନ୍ତି। ଆୟୁଷ୍ମାନ୍ କହିଛନ୍ତି, ଯେତେବେଳେ ସେ କଲେଜରେ ପଢୁଥିଲେ, ସେ ତାଙ୍କ ବନ୍ଧୁମାନଙ୍କ ସହ ମିଶି ଟ୍ରେନ୍‌ରେ ଗୀତ ଗାଇ ଟଙ୍କା ରୋଜଗାର କରୁଥିଲେ। ଦିଲ୍ଲୀରୁ ମୁମ୍ବାଇ ଯାଉଥିବା ପଶ୍ଚିମ ଏକ୍ସପ୍ରେସ୍ ଟ୍ରେନ୍‌ରେ ସେ ବନ୍ଧୁମାନଙ୍କ ସହ ମିଶି ଗୀତ ଗାଉଥିଲେ। ଯାତ୍ରୀମାନେ ଖୁସିରେ ଦେଉଥିବା ଟଙ୍କା ସେତେବେଳେ ତାଙ୍କ ପାଇଁ ରୋଜଗାରର ଏକମାତ୍ର ମାଧ୍ୟମ ଥିଲା। ଏହି ଟଙ୍କାରେ ସେ ବନ୍ଧୁମାନଙ୍କ ସହ ଗୋଆ ପରି ବିଭିନ୍ନ ସ୍ଥାନକୁ ଭ୍ରମଣ ପାଇଁ ଯାଉଥିଲେ ବୋଲି ଆୟୁଷ୍ମାନ୍ କହିଛନ୍ତି। ଧୀରେ ଧୀରେ ସେ ଥିଏଟର, ଲାଇଭ ଶୋ, ଷ୍ଟ୍ରିଟ୍ ଡ୍ରାମା ଆଦିରେ ଅଭିନୟ କରିବାକୁ ସୁଯୋଗ ପାଇଥିଲେ। ତେଣୁ ଏହାରି ଭିତରେ କଲେଜରେ କାହାରିକୁ ପ୍ରେମ ନିବେଦନ କରିବା ପାଇଁ ସେ ସମୟ ପାଇ ନ ଥିଲେ ବୋଲି ଆୟୁଷ୍ମାନ୍ କହିଛନ୍ତି।

# ପ୍ରଧାନ ଶିକ୍ଷକ ନିଲମ୍ବିତ, ଗ୍ରାମବାସୀଙ୍କ ସ୍କୁଲ ଘେରାଉ

**ଛାତ୍ରଙ୍କ ଆଖିରେ ଅଠା ଲାଗିବା ଘଟଣା**

**ଆଉ ୨ ଛାତ୍ର ମେଡିକାଲରେ ଭର୍ତ୍ତି**

ଫୁଲବାଣୀ,୧୩।୯(ରାକେଶ କୁମାର ରାଉତ)

କନ୍ଧମାଳ ଜିଲା ଫିରିଙ୍ଗିଆ ବ୍ଲକ୍ ସଲାଗୁଡ଼ା ପଞ୍ଚାୟତ ସଲାଗୁଡ଼ା ସେବାଶ୍ରମରେ ଛାତ୍ରଙ୍କ ଆଖିରେ ସହପାଠୀ ଅଠା (ଫେବିକୁଇକ୍) ଲଗାଇବା ଘଟଣାରେ କାର୍ଯ୍ୟାନୁଷ୍ଠାନ ହୋଇଛି। ଏନେଇ ଜିଲାପାଳ ବେଦ ଭୂଷଣ ବିଦ୍ୟାଳୟ ପ୍ରଧାନଶିକ୍ଷକ ମନୋରଞ୍ଜନ ସାହୁଙ୍କୁ ନିଲମ୍ବନ କରିଛନ୍ତି। କାର୍ଯ୍ୟରେ ଅବହେଳା,



ସଲାଗୁଡ଼ା ସରକାରୀ ଆଶ୍ରମ ବିଦ୍ୟାଳୟ ସମ୍ମୁଖରେ ଶନିବାର ମହିଳାମାନେ ଧାରଣା ଦେଇଛନ୍ତି।

ବିଦ୍ୟାଳୟରେ ରହୁ ନ ଥିବା ନେଇ ତାଙ୍କ ବିରୋଧରେ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଘଟଣାକୁ ନେଇ ଗ୍ରାମବାସୀ ସକାଳେ ସ୍କୁଲ ଘେରାଉ କରିଛନ୍ତି। ଜିଲା ମଙ୍ଗଳ ଅଧିକାରୀ ଏବଂ ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବୁଝାଶୁଝା କରିବା ପରେ ଗ୍ରାମବାସୀ ସ୍କୁଲ ଘେରାଉରୁ ହଟିଥିଲେ। ଏହି ଘଟଣାରେ ଆଉ ୨ ଜଣ ପିଲା ଶନିବାର ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ଫଳରେ ମୋଟ ଛାତ୍ରସଂଖ୍ୟା ୧୦ରେ ପହଞ୍ଚିଛି। ଏହି ୨ଜଣ ପିଲା ଡରରେ କିଛି କହି ନ ଥିଲେ। ପରେ ଏହା ଜଣାପଡ଼ିବା ପରେ ଜିଲା ମଙ୍ଗଳ ଅଧିକାରୀ ସେମାନଙ୍କୁ ମେଡିକାଲ ପଠାଇଥିଲେ। ସୂଚନାଯୋଗ୍ୟ, ଗୁରୁବାର ରାତି ୯ଟାରେ ସମସ୍ତେ ଖାଇ ଶୋଇଥିବା ବେଳେ କେତେଜଣ ସହପାଠୀ ଛାତ୍ର ୪ର୍ଥ ଓ ୫ମରେ ପଢୁଥିବା ୧୦ ଜଣ ଛାତ୍ରଙ୍କ ଆଖିରେ ଅଠା (ଫେବିକୁଇକ) ଲଗାଇ ଦେଇଥିଲେ। ଶୁକ୍ରବାର ସକାଳୁ ଆଖି ଖୋଲିପାରି ନ ଥିଲେ। ସେମାନେ କାନ୍ଦିବା ଆରମ୍ଭ କରିବାରୁ ଘଟଣା ପଦାକୁ ଆସିଥିଲା। ସେମାନଙ୍କ ମଧ୍ୟରୁ ୭ ଜଣଙ୍କୁ ଗୁରୁତର ଅବସ୍ଥାରେ ଫୁଲବାଣୀ ମେଡିକାଲକୁ ଅଣାଯାଇଥିଲା। ସେଠାରେ ଚିକିତ୍ସା ପରେ ପିଲାମାନଙ୍କ ଆଖି ଖୋଲିଛି, ହେଲେ ପୀଡ଼ା ଓ ଫୁଲା ରହିଛି । ସମସ୍ତଙ୍କ ଅବସ୍ଥା ଭଲ ଥିବା ମେଡିକାଲ ସୂତ୍ରରୁ ଜଣାପଡ଼ିଛି।

## ନାବାଳକଙ୍କ ସହ ଅପ୍ରାକୃତ ଯୌନ ସମ୍ପର୍କ ରଖିବା ଅଭିଯୋଗରେ ଜଣେ ଗିରଫ

ଧରାକୋଟ,୧୩।୯(ବିଷ୍ଣୁ କେଶରୀ ଆଚାର୍ଯ୍ୟ)

ଜଣେ ଷଷ୍ଠ ଶ୍ରେଣୀରେ ପଢୁଥିବା ନାବାଳକଙ୍କ ସହ ଅପ୍ରାକୃତ ଯୌନ ସମ୍ପର୍କ ରଖିବା ଅଭିଯୋଗରେ ଧରାକୋଟ ପୋଲିସ ଜଣେ ଯୁବକଙ୍କୁ ଗିରଫ କରି ଶନିବାର କୋର୍ଟ ଚାଲାଣ କରିଛି। ସେ ହେଲେ ଆଲୋକ ପଣ୍ଡା (୧୯)। ତାଙ୍କ ଜାମିନ ନାମଞ୍ଜୁର ହୋଇଯିବାରୁ ତାଙ୍କୁ ବ୍ରହ୍ମପୁରସ୍ଥିତ ପୋସକୋ କୋର୍ଟକୁ ପଠାଯାଇଛି।

ମିଳିଥିବା ସୂଚନା ଅନୁଯାୟୀ ଧରାକୋଟ ଥାନା ଅନ୍ତର୍ଗତ କୁଶପଡା ଗ୍ରାମର ଆଲୋକ ଗ୍ରାମର ଷଷ୍ଠ ଶ୍ରେଣୀରେ ପଢୁଥିବା ଜଣେ ନାବାଳକ (୧୨)ଙ୍କୁ ଗତ ସୋମବାର ଏକ ନିର୍ମାଣାଧୀନ କଲ୍ୟାଣମଣ୍ଡପ ଭିତରକୁ ଡାକିନେଇ ତାଙ୍କ ସହ ଅପ୍ରାକୃତ ଯୌନ ସମ୍ପର୍କ ରଖିଥିଲେ। ପୂର୍ବରୁ ଆଲୋକ ନାବାଳକଙ୍କୁ ବିଭିନ୍ନ ଉପାୟରେ ପ୍ରଲୋଭିତ କରି ରଖିଥିଲେ। ଏପରିକି କଥାବାର୍ତ୍ତାର ଅଡିଓ ରେକର୍ଡ କରି ମଧ୍ୟ ରଖିଥିଲେ। ଘଟଣା ଦିନ ଅପ୍ରାକୃତ ଯୌନ ସମ୍ପର୍କ ସ୍ଥାପନ ପରେ ନାବାଳକଙ୍କୁ ଘରକୁ ଯାଇ ଟଙ୍କା ମାଗି ଆଣିବାକୁ କହିଥିଲେ। ନାବାଳକ ମନା କରିବାରୁ ତାଙ୍କୁ ରେକର୍ଡ କରି ରଖିଥିବା କଥା ସବୁ ପ୍ରଘଟ କରିଦେବାକୁ ଭୟ ଦେଖାଇଥିଲେ। ନାବାଳକ ଜଣକ ଘରକୁ ଯାଇ ଏକଥା ମା'ବାପାଙ୍କୁ ଜଣାଇଥିଲେ। ମା' ଶୁକ୍ରବାର ଏନେଇ ଧରାକୋଟ ଥାନାରେ ଏତଲା ଦେଇଥିଲେ। ଏହାକୁ ଭିତ୍ତି କରି ନଂ. ୩୪୮/୨୫ରେ ମାମଲା ରୁଜୁ ହୋଇଥିଲା। ଏହାର ତଦନ୍ତ କରାଯାଇ ଅଭିଯୁକ୍ତ ଆଲୋକଙ୍କୁ ଗିରଫ କରି କୋର୍ଟଚାଲାଣ କରାଯାଇଥିବା ଥାନା ଅଧିକାରୀ ଚନ୍ଦ୍ରିକା ସ୍ୱାଇଁ କହିଛନ୍ତି ।

## ପାଳିତ ଝିଅଙ୍କୁ ଗର୍ଭବତୀ କରି ବାପା ଗିରଫ

ଧର୍ମଶାଳା/କାଏମା,୧୩।୯
(ବଟକୃଷ୍ଣ ପରିଡ଼ା/ଶିବପ୍ରସାଦ ମହାନ୍ତି)

ଯାଜପୁର ଜିଲା ଧର୍ମଶାଳା ଥାନା ଅଧୀନ ମିର୍ଜାପୁର ଗ୍ରାମରେ ଜଣେ ଦିବ୍ୟାଙ୍ଗ ବ୍ୟକ୍ତି ତାଙ୍କ ପାଳିତ ଝିଅଙ୍କୁ ଗର୍ଭବତୀ କରିଥିବା ଅଭିଯୋଗ ହୋଇଛି। ଉକ୍ତ ଅଭିଯୋଗ ଆଧାରରେ ପୋଲିସ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଗିରଫ କରି ଶନିବାର କୋର୍ଟଚାଲାଣ କରିଛି। ଏଥିସହିତ ବୟାନ ରେକର୍ଡ ପାଇଁ ପୀଡ଼ିତାଙ୍କୁ ଯାଜପୁର ଟାଉନସ୍ଥିତ ସର୍ଟ୍ଷ୍ଟେ ହୋମରେ ରଖିଛି। ସମ୍ପୃକ୍ତ ବ୍ୟକ୍ତି ଦିବ୍ୟାଙ୍ଗ ହୋଇଥିବାରୁ ନାବାଳିକା ତାଙ୍କ ସେବା କରୁଥିଲେ। ଏହାର ସୁଯୋଗନେଇ ସେ ନାବାଳିକାଙ୍କ ସହ ଶାରିରୀକ ସମ୍ପର୍କ ରଖଥିଲେ। ଫଳରେ ନାବାଳିକା ଗର୍ଭବତୀ ହୋଇଥିଲେ। ନାବାଳିକା ଏବେ ୫ ମାସର ଗର୍ଭବତୀ ଅଛନ୍ତି। ମାତ୍ର ଲୋକଲଜ୍ଜା ଭୟରେ ତାଙ୍କ ଘରେ ଏ ସମ୍ପର୍କରେ ଜଣାଇ ନ ଥିଲେ। ଅନ୍ୟପକ୍ଷରେ କାହାକୁ କହିଲେ ତାଙ୍କୁ ଜୀବନରୁ ମାରିଦେବାକୁ ସମ୍ପୃକ୍ତ ବ୍ୟକ୍ତି ଧମକ ଦେଇଥିଲେ। ପୀଡ଼ିତାଙ୍କ ମା' ଏକଥା ଜାଣିବା ପରେ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୋଲିସ ନଂ.୫୭୨/୨୫ରେ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିଲା ବୋଲି ଥାନା ଅଧିକାରୀ ରଞ୍ଜନ କୁମାର ମାଝି ସୂଚନା ଦେଇଛନ୍ତି।

## ଅଫୁଟା ଗୁଳି ସହ ଦେଶୀ ବନ୍ଧୁକ ଜବତ,୨ ଗିରଫ

ବଇଣ୍ଡା,୧୩।୯(ପରିକ୍ଷିତ ସାହୁ)/ଆଠମଲ୍ଲିକ(ଉଦୀପ୍ତ ପୁରୋହିତ)

ଅନୁଗୋଳ ଜିଲା ଆଠମଲ୍ଲିକ ବନଖଣ୍ଡ ଅଧୀନସ୍ଥ ଧଣ୍ଡାତୋପା ଓଭରବ୍ରିଜ୍ କ୍ୟାମ୍ପରୁ ଶୁକ୍ରବାର ଧଣ୍ଡାତୋପା ବନ ବିଭାଗ କର୍ମଚାରୀ ଓ ଠାକୁରଗଡ଼ ପୋଲିସ ମିଳିତ ଭାବେ ଚଢ଼ାଉ କରି ଏକ ଦେଶୀ ବନ୍ଧୁକ, କିଛି ଅଫୁଟା ଗୁଳି, ବାରୁଦ ବୋତଲ ସହ ପଟାସ ଜବତ କରିଛନ୍ତି। ଏଥିସହ କିଶୋରନଗର ଥାନା ବ୍ରାହ୍ମଣୀପାଲି ଗ୍ରାମର ସୁଶାନ୍ତ ପ୍ରଧାନ(୩୬) ଓ କଦଳୀମୁଣ୍ଡା ଗ୍ରାମର ଧୋବେଇ ପ୍ରଧାନ(୨୭)ଙ୍କୁ ଗିରଫ କରିଛନ୍ତି। ଧଣ୍ଡାତୋପା ରେଞ୍ଜର ବବ୍ରୁବାହନ ସାହୁଙ୍କ ଅଭିଯୋଗକ୍ରମେ ପୋଲିସ ନମ୍ବର ୨୬୦/୨୫ରେ ଏକ ମାମଲା ରୁଜୁ କରିଛି। ଏସିଏଫ୍ ଦିବ୍ୟ ସିଂ ମାଝୀ, ରେଞ୍ଜର ସାହୁ, ଫରେଷ୍ଟର ଗୌରଚନ୍ଦ୍ର ଦନ୍ତାଙ୍କ ସମେତ ବନ କର୍ମଚାରୀ ଚଢ଼ାଉରେ ସାମିଲ ଥିଲେ। ଶନିବାର ଠାକୁରଗଡ଼ ଥାନା ଅଧିକାରୀ ଶଶିଭୂଷଣ ବେହେରା ଘଟଣାର ତଦନ୍ତ କରି ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରିଥିଲେ। କୋର୍ଟରେ ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ବିଚାରବିଭାଗୀୟ ହାଜତକୁ ପଠାଇଦିଆଯାଇଛି।

## ଆଇଟିଆଇ ହଷ୍ଟେଲରେ ଛାତ୍ରୀଙ୍କ ଝୁଲନ୍ତା ମୃତଦେହ

ବସ୍ତା, ୧୩।୯(ହରିଶଙ୍କର ପାଢ଼ି)

**ହତ୍ୟା ଅଭିଯୋଗ ଆଣିଲେ ପରିବାର ଲୋକେ**

ବାଲେଶ୍ୱର ଜିଲା ବସ୍ତା ଥାନା ଅଧୀନ ନଳବାହାରସ୍ଥିତ ଏକ ଘରୋଇ ଆଇଟିଆଇ କଲେଜରେ ପଢୁଥିବା ଜଣେ ଛାତ୍ରୀଙ୍କ ଝୁଲନ୍ତା ମୃତଦେହ ପୋଲିସ ଶନିବାର ଜବତ କରିଛି। ମୃତ ଛାତ୍ରୀଙ୍କ ଘର ମୟୂରଭଞ୍ଜ ଜିଲା ବଡ଼ସାହିଅଞ୍ଚଳରେ। ଏ ସମ୍ପର୍କରେ ପୋଲିସ ଏକ ହତ୍ୟା ମାମଲା (ନଂ.୩୩୨/୨୫) ରୁଜୁ କରି ତଦନ୍ତ ଜାରି ରଖିଛି।

ମିଳିଥିବା ସୂଚନାନୁସାରେ, ନଳବାହାରସ୍ଥିତ ପପୁଲାର ଆଇଟିଆଇରେ ଇଲେକ୍ଟ୍ରିସିଆନ୍ ବିଭାଗର ପ୍ରଥମ ବର୍ଷ ଛାତ୍ରୀ ଭାବେ ସେ ପ୍ରଶିକ୍ଷଣ ନେଉଥିଲେ। ଶୁକ୍ରବାର ବିଳମ୍ବିତ ରାତିରେ ଓଢ଼ଣୀରେ ଝୁଲି ଆତ୍ମହତ୍ୟା କରିଥିଲେ ବୋଲି କଲେଜ କର୍ତ୍ତୃପକ୍ଷ ଛାତ୍ରୀଙ୍କ ବାପାଙ୍କୁ ଟେଲିଫୋନ୍ ଯୋଗେ ଜଣାଇଥିଲେ। ଖବରପାଇ ବସ୍ତା ଥାନା ପୋଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଥିଲା। ଅପରପକ୍ଷେ ଛାତ୍ରୀଙ୍କ ପରିବାର ପକ୍ଷରୁ ଝିଅକୁ ହତ୍ୟା କରାଯାଇ ଆତ୍ମହତ୍ୟାର ରୂପ ଦିଆଯାଇଛି ବୋଲି ଥାନାରେ ଲିଖିତ ଅଭିଯୋଗ କରାଯାଇଛି। ମୃତ ଛାତ୍ରୀଙ୍କ ପରିବାରକୁ ନ୍ୟାୟ ଓ ଅଭିଯୁକ୍ତଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ସହ କଲେଜ କର୍ତ୍ତୃପକ୍ଷ ୫୦ଲକ୍ଷ ଟଙ୍କା କ୍ଷତିପୂରଣ ଦେବା ପାଇଁ ପରିବାର ପକ୍ଷରୁ ଦାବି ହୋଇଛି।

## ଅଟୋ ଚାଳକଙ୍କ ଗଳାକାଟି ହତ୍ୟା

ଟିକିରି,୧୩।୯
(ପ୍ରଫୁଲ୍ଲ କୁମାର ବେହେରା)

ରାୟଗଡ଼ା ଜିଲା କାଶୀପୁର ବ୍ଲକ୍ ଦୋରାଗୁଡା ଥାନା ଅଧୀନ ଜି.କରଲ ଗାଁ ଛକ ନିକଟରେ ଶୁକ୍ରବାର ବିଳମ୍ବିତ ରାତିରେ ଜଣେ ଅଟୋ ଚାଳକଙ୍କ ଗଳାକାଟି ହତ୍ୟା କରାଯାଇଛି। ମୃତକ ହେଲେ ପଡୋଶୀ କୋରାପୁଟ ଜିଲା କାଳାଆମ୍ବ ଗ୍ରାମର ଖଗେଶ୍ୱର ମାଣ୍ଡାଙ୍ଗି। ହତ୍ୟା ପରେ ଅଭିଯୁକ୍ତ ଜଣକ ଫେରାର ହୋଇଯାଇଛନ୍ତି। ଶନିବାର ସକାଳେ ରାୟଗଡା ଏସ୍‌ଡିପିଓ ଗୌରହରି ସାହୁ ସାଇଣ୍ଟିଫିକ ଟିମ୍ ସହ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହ ମୃତଦେହ ଜବତ କରିଛନ୍ତି। ଗୁଣି ସନ୍ଦେହରେ ତାଙ୍କୁ ହତ୍ୟା କରାଯାଇଥିବା ମୃତକଙ୍କ ଭାଇ ଦୋରାଗୁଡା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

ସୂଚନା ଅନୁଯାୟୀ, କୋରାପୁଟ ଜିଲା କାଳାଆମ୍ବ ଗ୍ରାମର ଖଗେଶ୍ୱର


ମୃତ ଖଗେଶ୍ୱର ମାଣ୍ଡାଙ୍ଗି।

ମାଣ୍ଡାଙ୍ଗି ଓ ରମାକାନ୍ତ ମାଣ୍ଡାଙ୍ଗି ଅଟୋ ଯୋଗେ ଟିକିରି ବାଲିଯାତ୍ରା ଦେଖିବାକୁ ଯାଇଥିଲେ। ବୁଲାବୁଲିକରି ଗାଁକୁ ଫେରିବା ସମୟରେ ଉକ୍ତ ଗ୍ରାମର ଚିତ୍ର ମାଣ୍ଡାଙ୍ଗି ଗାଁକୁ ଯିବାକୁ କହି ସେମାନଙ୍କୁ ଲିଫ୍ଟ ମାଗିଥିଲେ। ଖଗେଶ୍ୱର ତାଙ୍କୁ ଅଟୋରେ ଲିଫ୍ଟଦେବା ପରେ ସମସ୍ତେ ଗାଁ ଅଭିମୁଖେ ଯାଉଥିଲେ। ଅଟୋରେ ରମାକାନ୍ତ ଶୋଇପଡିବା ପରେ କୌଣସି କାରଣକୁ ନେଇ ଚିତ୍ର ଅଧବାଟରେ ଏକ ଧାରୁଆ ଅସ୍ତ୍ରରେ ଅଟୋଚାଳକ ଖଗେଶ୍ୱରଙ୍କୁ ଆକ୍ରମଣ କରିଥିଲେ। ଏହି ସମୟର ରମାକାନ୍ତ ଉଠିପଡି ଖଗେଶ୍ୱରଙ୍କୁ ରକ୍ଷା କରିବାରୁ ତାଙ୍କୁ ମଧ୍ୟ ଚିତ୍ର ଆକ୍ରମଣ କରିଥିଲେ। ଫଳରେ ସେ ଭୟଭୀତ ହୋଇ ସେଠାରୁ ପଳାଇ ପରିବାର ଲୋକଙ୍କୁ ଖବର ଦେଇଥିଲେ। ଖବରପାଇ ଦୋରାଗୁଡା ପୋଲିସ ଘଟଣାସ୍ଥଳରେ ପହଞ୍ଚି ମୁମୂର୍ଷ ଅବସ୍ଥାରେ ଖଗେଶ୍ୱରଙ୍କୁ ଉଦ୍ଧାରକରି ଉଷାପଡାସ୍ଥିତ ଉତ୍କଳ ହସ୍ପିଟାଲରେ ଭର୍ତ୍ତି କରିଥିଲେ । ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। କାଶୀପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ମୃତଦେହ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଥିବା ଦାରାଗୁଡ଼ା ଆଇଆଇସି କିରଣବାଳା ସାମଲ ସୂଚନା ଦେଇଛନ୍ତି।

BUSINESS

## ମାରୁତି ଅଲ୍ ନ୍ୟୁ ଭିକ୍ଟୋରିଜ୍ ଅନାବରଣ

ଭୁବନେଶ୍ୱର,୧୩।୯

ଭାଣପୁରସ୍ଥିତ ମାରୁତି ସୁଜୁକି ଅଧିକୃତ ବିକ୍ରେତା ସ୍କାଏ ଅଟୋମୋବାଇଲ ପକ୍ଷରୁ ମାରୁତି ଅଲ୍ ନ୍ୟୁ ଭିକ୍ଟୋରିଜ୍ ଶନିବାର ଅନାବରଣ କରାଯାଇଛି। ଅତ୍ୟାଧୁନିକ ଜ୍ଞାନକୌଶଳରେ ନିର୍ମିତ ଏହି କାର୍‌ର ଉନ୍ମୋଚନ ଉତ୍ସବରେ ସ୍କାଏ ଅଟୋମୋବାଇଲ ଆରେନାର ସିଓଓ ତୁଷାର ରଞ୍ଜନ ବେହେରା, ସ୍କାଏ ଅଟୋମୋବାଇଲ ନେକ୍ସାର ସିଓଓ ପ୍ରବୀଣ ଲାଥ, ଜେନେରାଲ ମ୍ୟାନେଜର ସଞ୍ଜୟ କୁମାର ଗୁପ୍ତା, ସିନିୟର ସେଲ୍ସ ମ୍ୟାନେଜର ଜଗନ୍ନାଥ ପ୍ରସାଦ ସାହୁ, କ୍ୱାଲିଟି ମ୍ୟାନେଜର ରଶ୍ମିରେଖା ମିଶ୍ର ପ୍ରମୁଖ ଯୋଗଦେଇଥିଲେ। ନୂଆ ଡିଜାଇନ ଓ ଆଧୁନିକ ଫିଚର୍ସ ସହ ଲଞ୍ଚ ହୋଇଥିବା ଏହି କାର୍‌ରେ ଏଲ୍‌ଇଡି ଲାଇଟିଂ ଓ




କନେକ୍ଟେଡ୍ ଟେଲଲ୍ୟାମ୍ପ ରହିଛି। ଏହା ଏଏଏକ୍ସଆଇ, ଭିଏକ୍ସଆଇ, ଜେଡ୍‌ଏକ୍ସଆଇ, ଜେଡ୍‌ଏକ୍ସଆଇ ଅପ୍‌ସନାଲ, ଜେଡ୍‌ଏକ୍ସଆଇ ପ୍ଲସ୍ ଓ ଜେଡ୍‌ଏକ୍ସଆଇ ପ୍ଲସ୍ ଅପ୍‌ସନାଲ ଭଳି ଛଅଟି ଭାରିଆଣ୍ଟରେ ଉପଲବ୍ଧ। ମୁଖ୍ୟ ଫିଚର୍ସ ମଧ୍ୟରେ ୧୦.୨୫ ଇଞ୍ଚ ଡିଜିଟାଲ ଡ୍ରାଇଭର ଡିସ୍‌ପ୍ଲେ, ପାନୋରାମିକ୍ ସନ୍‌ରୁଫ୍ ଓ ୬୪-କଲର ଆମ୍ବିଏଣ୍ଟ ଲାଇଟିଂ ରହିଛି। ଏହା ମାରୁତିର ପ୍ରଥମ ଗାଡ଼ି ଯାହା ଲେଭେଲ-୨ ଆଡାସ୍ ସହ ଆସିଛି । ଏହା ପେଟ୍ରୋଲ, ଷ୍ଟ୍ରଙ୍ଗ୍-ହାଇବ୍ରିଡ୍ ଓ ସିଏନ୍‌ଜି ପାୱାର ଟ୍ରେନ୍ ଅପ୍‌ସନ ସହ ଉପଲବ୍ଧ। ଏହା ମାରୁତିର ପ୍ରଥମ ଗାଡ଼ି ଯାହା ଅଣ୍ଡରବଡି ଟ୍ୱିନ-ଟ୍ୟାଙ୍କ ସିଏନ୍‌ଜି ସେଟ୍‌ଅପ୍ ସହ ଅଧିକ ବୁଟ୍ ସ୍ପେସ୍ ଦେଉଛି।

## ୬୬ ଉପଭୋକ୍ତାଙ୍କୁ ପୁରସ୍କୃତ କଲା ଟିପିସିଓଡିଏଲ୍

ଭୁବନେଶ୍ୱର,୧୩।୯

ଟାଟା ପାୱାର ଓ ଓଡ଼ିଶା ସରକାରଙ୍କ ଏକ ଯୌଥ ଉଦ୍ୟୋଗ ଟିପି ସେଣ୍ଟ୍ରାଲ୍ ଓଡ଼ିଶା ଡିଷ୍ଟ୍ରିବ୍ୟୁଶନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ନୟାଗଡ଼ ଡିଭିଜନରେ ଆୟୋଜିତ ଏକ ସ୍ୱତନ୍ତ୍ର ପୁରସ୍କାର ବିତରଣ ସମାରୋହରେ 'ବିଲ୍ ପେ ଆଣ୍ଡ୍ ୱିନ୍ ସ୍କିମ୍' ଅଧୀନରେ ୬୬ ଜଣ ଭାଗ୍ୟଶାଳୀ ଉପଭୋକ୍ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ବକେୟା ନ ଥିବା ଯୋଗ୍ୟ ଉପଭୋକ୍ତାମାନଙ୍କୁ ଏକ ଲକି ଡ୍ର' ଜରିଆରେ ଚୟନ କରାଯାଇଥିଲା ଏବଂ ସେମାନଙ୍କୁ ମୋବାଇଲ୍ ଫୋନ୍ ଓ ଅନ୍ୟାନ୍ୟ ଆକର୍ଷଣୀୟ ପୁରସ୍କାର ଦିଆଯାଇଥିଲା। 'ବିଲ୍ ପେ ଆଣ୍ଡ୍ ୱିନ୍ ସ୍କିମ୍' ହେଉଛି ବିଭିନ୍ନ ଡିଭିଜନରେ କାର୍ଯ୍ୟକାରୀ କରାଯାଇଥିବା ଅନେକ କାର୍ଯ୍ୟକ୍ରମ ମଧ୍ୟରୁ ଅନ୍ୟତମ।

## ଓଜିବି ପକ୍ଷରୁ ପରିପୂର୍ତ୍ତି ଅଭିଯାନ



ଭୁବନେଶ୍ୱର,୧୩।୯(ଅନୁରାଧା ମହାରଣା)

ଜନସୁରକ୍ଷା ଯୋଜନା ଅଧୀନରେ ଭାରତ ସରକାରଙ୍କର ଅର୍ଥ ମନ୍ତ୍ରଣାଳୟ ଅଧୀନ ବିତ୍ତୀୟ ସେବା ବିଭାଗ ପକ୍ଷରୁ ଦେଶବ୍ୟାପୀ ଗ୍ରାମପଞ୍ଚାୟତ ସ୍ତରୀୟ ଏକ ତ୍ରୈମାସିକ ପରିପୂର୍ତ୍ତି ଅଭିଯାନ ଚାଲିଛି। ସେପ୍ଟେମ୍ବର ୩୦ ଯାଏ ଚାଲିବାକୁ ଥିବା ଏହି ଅଭିଯାନରେ ପ୍ରଧାନମନ୍ତ୍ରୀ ଜନଧନ ଯୋଜନା, ପ୍ରଧାନମନ୍ତ୍ରୀ ଜୀବନଜ୍ୟୋତି ବୀମା ଯୋଜନା, ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଓ ଅଟଳ ପେନ୍‌ସନ ଯୋଜନା (ଏପିୱାଇ) ଭଳି ମୁଖ୍ୟ ଯୋଜନାଗୁଡ଼ିକର ଗ୍ରାମାଞ୍ଚଳରେ ପ୍ରସାର କରାଯାଉଛି। ଏହି ଅବସରରେ ଓଡ଼ିଶା ଗ୍ରାମୀଣ ବ୍ୟାଙ୍କ ସୁନ୍ଦରଗଡ଼ ଶାଖା ପକ୍ଷରୁ ନିକଟରେ ସୁନ୍ଦରଗଡ଼ ଜିଲା ଅନ୍ତର୍ଗତ ସୁନ୍ଦରଗଡ଼ ସଦର ବ୍ଲକ୍‌ର ଲଙ୍କାହୁଡ଼ା ଗ୍ରାମରେ ଏକ ଶିବିର ଆୟୋଜନ କରିଥିଲା। ଶିବିରରେ ଭାରତୀୟ ରିଜର୍ଭ ବ୍ୟାଙ୍କର କ୍ଷେତ୍ରୀୟ ନିର୍ଦ୍ଦେଶକ ଡା. ସାରଦା ପ୍ରସନ୍ନ ମହାନ୍ତ, ଓଡ଼ିଶା ଗ୍ରାମୀଣ ବ୍ୟାଙ୍କର ଆଞ୍ଚଳିକ ପ୍ରବନ୍ଧକ ଶୁଭଦା ପ୍ରସାଦ ମହାନ୍ତି, ଭାରତୀୟ ଷ୍ଟେଟ୍ ବ୍ୟାଙ୍କର ଆଞ୍ଚଳିକ ପ୍ରବନ୍ଧକ ଭବାନୀ ଶଙ୍କର ମହାକୁର ଓ ସ୍ଥାନୀୟ ସରପଞ୍ଚ ସୁଜାତା ନାୟକ ପ୍ରମୁଖ ଯୋଗଦେଇଥିଲେ।

## ସେଣ୍ଟ୍ରାଲ ବ୍ୟାଙ୍କ ଅଫ୍ ଇଣ୍ଡିଆର ଆର୍ଥିକ ସମାବେଶ




ଭୁବନେଶ୍ୱର,୧୩।୯

ସେଣ୍ଟ୍ରାଲ ବ୍ୟାଙ୍କ ଅଫ୍ ଇଣ୍ଡିଆ ସମ୍ବଲପୁର ଶାଖା ପକ୍ଷରୁ ଆର୍ଥିକ ସମାବେଶ ସାଚୁରେଶନ ଅଭିଯାନ ବିସ୍ରାଠାରେ ଅନୁଷ୍ଠିତ ହୋଇଯାଇଛି। ସରକାରୀ ପ୍ରାୟୋଜିତ ବିଭିନ୍ନ ଯୋଜନା ସମ୍ପର୍କରେ ସଚେତନତା ସୃଷ୍ଟି କରିବା ଉଦ୍ଦେଶ୍ୟରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସମ୍ବଲପୁର ଅଞ୍ଚଳର ଅଞ୍ଚଳ ମୁଖ୍ୟ ଦିବ୍ୟେନ୍ଦୁ କୁମାର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବାବେଳେ ସମ୍ବଲପୁର ଅଞ୍ଚଳ କାର୍ଯ୍ୟାଳୟର ମୁଖ୍ୟ ପ୍ରବନ୍ଧକ ନିଧି ଶର୍ମା, ବିସ୍ରାର ଅତିରିକ୍ତ ବ୍ଲକ୍ ବିକାଶ ଅଧିକାରୀ(ଏବିଡିଓ) ବାସନ୍ତୀ ମାଝୀ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ(ସିଡିପିଓ) ଏମ୍ରେନ୍ସିଆ କୁଲ୍ଲୁ ଏବଂ ଫୁଲମଣି କେରକେଟାଙ୍କ ସମେତ ଶାଖା ପ୍ରବନ୍ଧକ ଦୁର୍ଗାଦାସ ରାୟ ପ୍ରମୁଖ ଉପସ୍ଥିତ ଥିଲେ।

## ଓଡିଏମ୍‌ରେ ବିଶ୍ୱବିଦ୍ୟାଳୟ କ୍ୟାରିୟର ମେଳା

ଭୁବନେଶ୍ୱର,୧୩।୯(ଅନୁରାଧା ମହାରଣା)

ଓଡିଏମ୍ ଏଜୁକେଶନାଲ୍ ଗ୍ରୁପ୍ ପୂର୍ବ ପକ୍ଷରୁ ଭାରତର ସର୍ବବୃହତ୍ ବିଶ୍ୱବିଦ୍ୟାଳୟ କ୍ୟାରିୟର ମେଳା ଶୁକ୍ରବାର ଭୁବନେଶ୍ୱରସ୍ଥିତ ଓଡିଏମ୍ ପବ୍ଲିକ୍ ସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଭାରତ, ଫ୍ରାନ୍ସ, ଆମେରିକା, କାନାଡା, ଇଟାଲୀ, ଅଷ୍ଟ୍ରେଲିଆ ଏବଂ ସୁଇଜରଲାଣ୍ଡର ୬୮ଟି ପ୍ରତିଷ୍ଠିତ ବିଶ୍ୱବିଦ୍ୟାଳୟର ଛାତ୍ର, ଶିକ୍ଷାବିତ୍ ଏବଂ ପ୍ରତିନିଧିମାନେ ଯୋଗଦେଇଥିଲେ। ଛାତ୍ରୀଛାତ୍ରମାନଙ୍କ ପାଇଁ ବିଭିନ୍ନ ଉଚ୍ଚଶିକ୍ଷା ବିକଳ୍ପଗୁଡିକ ଅନୁସନ୍ଧାନ କରିବା ଏବଂ ସେମାନଙ୍କର ଶୈକ୍ଷିକ ଭବିଷ୍ୟତ ବିଷୟରେ ସୂଚନାପୂର୍ଣ୍ଣ ନିଷ୍ପତ୍ତିନେବା ପାଇଁ ସୁଯୋଗ ପ୍ରଦାନ କରିଛି। ଅହମଦାବାଦ ବିଶ୍ୱବିଦ୍ୟାଳୟ, କୋଲକାତାର ଆମିଟି ବିଶ୍ୱବିଦ୍ୟାଳୟ, ଏଫ୍‌ଏଲ୍‌ଏମ୍‌ଇ ୟୁନିଭର୍ସିଟି, ଜିଡି ଗୋଏଙ୍କା ବିଶ୍ୱବିଦ୍ୟାଳୟ ଏବଂ ଓପି ଜିନ୍ଦଲ ଗ୍ଲୋବାଲ ୟୁନିଭର୍ସିଟି ଭଳି ପ୍ରତିଷ୍ଠିତ ବିଶ୍ୱବିଦ୍ୟାଳୟ ଆମ ସହ ଯୋଗଦେଇଥିଲେ । ସେମାନଙ୍କ ସହ ଯୁକ୍ତରାଷ୍ଟ୍ରର ସେଣ୍ଟ ଥମାସ୍ ବିଶ୍ୱବିଦ୍ୟାଳୟ,



ନର୍ଦ୍ଦନ ଆରିଜୋନା ବିଶ୍ୱବିଦ୍ୟାଳୟ, ନର୍ଥଉଡ୍ ବିଶ୍ୱବିଦ୍ୟାଳୟ ଏବଂ ଇଏଚ୍‌ଏଲ୍ ହସ୍ପିଟାଲିଟି ବିଶ୍ୱବିଦ୍ୟାଳୟ (ସୁଇଜରଲାଣ୍ଡ) ପରି ବିଶିଷ୍ଟ ଅନ୍ତର୍ଜାତୀୟ ବିଶ୍ୱବିଦ୍ୟାଳୟ ମଧ୍ୟ ଏହି କାର୍ଯ୍ୟକ୍ରମରେ ପ୍ରତିନିଧିତ୍ୱ କରିଥିଲେ। ଏହି ଅବସରରେ ଓଡିଏମ୍ ଶିକ୍ଷାସମୂହର ପ୍ରତିଷ୍ଠାତା ଡ. ସତ୍ୟବ୍ରତ ମୀନକେତନ କହିଛନ୍ତି, ଆମର ଲକ୍ଷ୍ୟ ହେଉଛି ଛାତ୍ରୀଛାତ୍ରମାନଙ୍କୁ ସେମାନଙ୍କର ଶିକ୍ଷାଗତ ଏବଂ ବୃତ୍ତିଗତ ଭବିଷ୍ୟତକୁ ଆକାର ଦେବା ପାଇଁ ସୂଚନାପ୍ରଦ ପସନ୍ଦ କରିବାକୁ ଆବଶ୍ୟକ ଜ୍ଞାନ, ଦକ୍ଷତା ଏବଂ ସମ୍ବଳ ସହ ସଜ୍ଜିତ କରିବା। ଏହି ଅନ୍ତର୍ଜାତୀୟ ବିଶ୍ୱବିଦ୍ୟାଳୟ ସମାରୋହରେ ବିଦ୍ୟାଳୟର ନିର୍ଦ୍ଦେଶିକା ଇନ୍ଦୁମତୀ ରାୟ, ମୁଖ୍ୟ କାର୍ଯ୍ୟକାରିଣୀ ଅଧିକାରୀ ସ୍ୱୟନ୍ ସତ୍ୟେନ୍ଦୁ, ଶିକ୍ଷା ନିର୍ଦ୍ଦେଶକ ଡ. ଆର୍ତ୍ତତ୍ରାଣ ମିଶ୍ର, ଉପାଧ୍ୟକ୍ଷା ଡ.ସନ୍ଧ୍ୟାରାଣୀ ସ୍ୱାଇଁ, ଉପାଧ୍ୟକ୍ଷ ଡ. ରାଜେଶ କୁମାର ପାଢ଼ୀ ତଥା ଓଡିଏମ୍ ଗ୍ଲୋବାଲ ସ୍କୁଲର ଅଧ୍ୟକ୍ଷ ସୁବ୍ରତ କୁମାର ଷଡ଼ଙ୍ଗୀ ପ୍ରମୁଖ ଉପସ୍ଥିତ ଥିଲେ ।

## ରିଲାଏନ୍ସ ଟ୍ରେଣ୍ଡ୍‌ସର ଦୁର୍ଗାପୂଜା ସ୍ପେଶାଲ ଉତ୍ସବ

ଭୁବନେଶ୍ୱର,୧୩।୯(ଅନୁରାଧା ମହାରଣା)

ରିଲାଏନ୍ସ ରିଟେଲର ପୋଷାକ ଏବଂ ଆସେସୋରିଜ୍ ସ୍ପେଶାଲିଟି ଚେନ୍ ଟ୍ରେଣ୍ଡ୍‌ସ ପକ୍ଷରୁ 'ଦୁର୍ଗାପୂଜା ସ୍ପେଶାଲ' ଉତ୍ସବ ଅଭିଯାନ ଶୁଭାରମ୍ଭ କରାଯାଇଛି। ଏହି ଉତ୍ସବ ଅଭିଯାନର ଅଂଶ ଭାବରେ, ୩,୪୯୯ ଟଙ୍କା ଏବଂ ତା'ଠାରୁ ଅଧିକ ମୂଲ୍ୟର କ୍ରୟ ସହ ଗ୍ରାହକମାନେ ଆକର୍ଷଣୀୟ ଉପହାର ପାଇପାରିବେ। 'ପୂଜା ଶପିଙ୍ଗ୍, ଏବେ ଅଧିକ ଲାଭଦାୟକ' ଶୀର୍ଷକ ରହିଥିବା ଏହି ଅଭିଯାନ ଜରିଆରେ ଟ୍ରେଣ୍ଡ୍‌ସ ଏହାର ଗ୍ରାହକଙ୍କ ଉତ୍ସବ ଖୁସିକୁ ବହୁଗୁଣିତ କରିବାକୁ ଲକ୍ଷ୍ୟ ରଖିଛି। ଟ୍ରେଣ୍ଡ୍‌ସ ଷ୍ଟୋରଗୁଡ଼ିକ ଭାରତରେ




ଫ୍ୟାଶନକୁ ସହଜଲଭ୍ୟ କରିବା ସହିତ ମେଟ୍ରୋ, ମିନି ମେଟ୍ରୋ, ଟାୟାର ୧, ୨ ସହର ଏବଂ ଅନ୍ୟାନ୍ୟ ସ୍ଥାନରେ ଏହାର ଉପସ୍ଥିତିକୁ ସୁଦୃଢ଼ କରିବାରେ ବେଶ୍ ଆଗରେ ରହିଛି। ଗ୍ରାହକମାନେ ଦୁର୍ଗାପୂଜା ଅବସରରେ ଟ୍ରେଣ୍ଡ୍‌ସରେ ମହିଳାଙ୍କ ପୋଷାକ, ପୁରୁଷଙ୍କ ପୋଷାକ, ପିଲାମାନଙ୍କ ପୋଷାକ ଏବଂ ଫ୍ୟାଶନ ଆସେସୋରିଜ୍ ଆଦି କ୍ରୟ କରିପାରିବେ।

## ଦୋକାନରେ ଅଗ୍ନିକାଣ୍ଡ

ପାରଳାଖେମୁଣ୍ଡି,(ଗିରିଧାରୀ ପରିଚ୍ଛା)-ଗଜପତି ଜିଲା ସଦର ମହକୁମା ପାରଳାଖେମୁଣ୍ଡିସ୍ଥିତ ଗାନ୍ଧୀ ଛକ ନିକଟରେ ଥିବା ଏକ ଦୋକାନରେ ନିଆଁ ଲାଗି ଲକ୍ଷାଧିକ ଟଙ୍କାର ସାମଗ୍ରୀ ପୋଡି ପାଉଁଶ ହୋଇଯାଇଛି। ଦୋକାନ ମାଲିକ ନରସିଂହ ସାହୁ ଶୁକ୍ରବାର ଏକ ନୂଆ ରେଫ୍ରିଜେଟର କିଣି ଆଣିଥିଲେ। ପ୍ରଥମ କରି ସେ ଏହା ଗତକାଲି ହିଁ ବ୍ୟବହାର କରିଥିଲେ। ରାତିରେ ଦୋକାନ ବନ୍ଦ କରିଯିବା ସମୟରେ ନୂଆ ରେଫ୍ରିଜେଟରଟି ଚାଲୁଥିଲା। ହଠାତ୍ ଭୋର୍ ସମୟରେ ଦୋକାନରୁ ଧୂଆଁ ବାହାରୁଥିବା ଦେଖି ସ୍ଥାନୀୟ ଲୋକେ ସାହୁଙ୍କୁ ଖବର ଦେଇଥିଲେ। ସେ ପହଞ୍ଚି ଦୋକାନ ଖୋଲିଲା ବେଳକୁ ଭିତରେ ନିଆଁ ଲାଗିଥିବା ଦେଖି ଅଗ୍ନିଶମବାହିନୀକୁ ଜଣାଇଥିଲେ। ଘଟଣାସ୍ଥଳରେ ଅଗ୍ନିଶମବାହିନୀ କର୍ମଚାରୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ।

# ଜ୍ଞାନ ବିଜ୍ଞାନ ମେଳା ଛାତ୍ରୀଛାତ୍ରଙ୍କ ଜିଜ୍ଞାସାକୁ ବୃଦ୍ଧି କରେ

ବେଲଗୁଣ୍ଠା,୧୩।୯(କୃଷ୍ଣ ଚନ୍ଦ୍ର ପଟ୍ଟନାୟକ)

ବେଲଗୁଣ୍ଠା ବ୍ଲକ୍ ଗାଙ୍ଗପୁର ବିବେକାନନ୍ଦ ଶିଶୁ ଶିକ୍ଷା ପ୍ରତିଷ୍ଠାନରେ ଚଳିତ ବର୍ଷର ଜ୍ଞାନ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ସମ୍ପାଦକ ସୀମାଞ୍ଚଳ ପୃଷ୍ଟିଙ୍କ ସଂଯୋଜନାରେ ଅନୁଷ୍ଠିତ କାର୍ଯ୍ୟକ୍ରମକୁ ସୋରଡ଼ା ବିଧାୟକ ତଥା ଅନୁଷ୍ଠାନ ସଭାପତି ନୀଳମଣି ବିଷୋୟୀ ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଉଦ୍‌ଘାଟନ କରିଥିଲେ। ମୁଖ୍ୟବକ୍ତା ରୂପେ ବେଲଗୁଣ୍ଠା ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଅଧ୍ୟକ୍ଷ ମାନସ ରଞ୍ଜନ ଡାକୁଆ, ସମ୍ମାନିତ ଅତିଥି ରୂପେ ଗାଙ୍ଗପୁର ଶରତଚନ୍ଦ୍ର ପଣ୍ଡା ସ୍ମାରକୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁରେନ୍ଦ୍ର ସାହୁ ଯୋଗ ଦେଇଥିଲେ। ଜ୍ଞାନ




କାର୍ଯ୍ୟକ୍ରମରେ ଉପସ୍ଥିତ ଅତିଥି।

ବିଜ୍ଞାନ ମେଳା ଛାତ୍ରୀଛାତ୍ରଙ୍କ ଜିଜ୍ଞାସାକୁ ବୃଦ୍ଧି କରିବା ସହିତ ବାସ୍ତବ ଜ୍ଞାନ ପ୍ରଦାନ କରିଥାଏ ବୋଲି ମୁଖ୍ୟ ଅତିଥି ବିଧାୟକ ବିଷୋୟୀ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅନୁଷ୍ଠାନ ପରିଚାଳନା କମିଟି ସଦସ୍ୟ ସନ୍ତୋଷ ବିଷୋୟୀ, ପ୍ରକାଶ ଚନ୍ଦ୍ର ବିଷୋୟୀ, ନିତ୍ୟାନନ୍ଦ ବିଷୋୟୀ, ରତ୍ନାକର ନାୟକ, ଦିବାକର ବିଷୋୟୀ, ପଦ୍ମ ବିଷୋୟୀ, ଗୌରାଙ୍ଗ ରଣା, ରଙ୍କନିଧି ବିଷୋୟୀ ଉପସ୍ଥିତ ରହି ଛାତ୍ରୀଛାତ୍ରଙ୍କୁ ଉତ୍ସାହିତ କରିଥିଲେ। ଏଥିରେ ବରିଷ୍ଠ ବିଭାଗରେ ୨୩ଟି ଏବଂ କନିଷ୍ଠ ବିଭାଗରେ ୬୪ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ବରିଷ୍ଠ ବିଭାଗରେ ଛାତ୍ର ଶ୍ରେୟନ୍ ପାତ୍ର, ଆଦର୍ଶ ସାହୁ ଏବଂ ଓମ୍ ବିଷୋୟୀ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଏବଂ ତୃତୀୟ ସ୍ଥାନ ହାସଲ

■ବିବେକାନନ୍ଦ ଶିଶୁ ଶିକ୍ଷା ପ୍ରତିଷ୍ଠାନରେ ଜ୍ଞାନ ବିଜ୍ଞାନ ମେଳା

କରିଥିବା ବେଳେ କନିଷ୍ଠ ବିଭାଗରେ ଛାତ୍ରୀ ଅବନ୍ତିକା ସ୍ୱାଇଁ ପ୍ରଥମ, ଛାତ୍ର ଆଶୁତୋଷ କୁମାର ସ୍ୱାଇଁ ଦ୍ୱିତୀୟ ଏବଂ ଆଶିଷ୍ ପାଣିଗ୍ରାହୀ ତୃତୀୟ ସ୍ଥାନ ହାସଲ କରିଛନ୍ତି। ପ୍ରଧାନ ଆଚାର୍ଯ୍ୟା ସସ୍ମିତ ମାଝୀ ନେତୃତ୍ୱରେ ଗୁରୁଜୀ ଦେବାଶିଷ ବିଷୋୟୀ, ମିଥୁନ୍ ନାୟକ, ଗଣେଶ ସାହୁ, ପବିତ୍ର ମୋହନ ବିଷୋୟୀ, ବିଶ୍ୱ ରଞ୍ଜନ ସେଠୀ, ଶେଷଦେବ ପାଢୀ, ଗୁରୁମା ପ୍ରତିମା ବିଷୋୟୀ, ଜ୍ୟୋସ୍ନା ରାଣୀ ପ୍ରଧାନ, ସନ୍ତୋଷିନୀ ଗୌଡ, ସନ୍ତୋଷୀରାଣୀ ବିଷୋୟୀ, ସଞ୍ଜନା ଗୌଡ଼, ଓ ଅନ୍ୟମାନେ ସହଯୋଗ କରିଥିଲେ। ସମ୍ପାଦକ ସୀମାଞ୍ଚଳ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ଗଜପତି ଲୋକ ଅଦାଲତରେ ୨୫୧୨ ମାମଲା ଫଇସଲା

ପାରଳାଖେମୁଣ୍ଡି, ୧୩।୯ (ଗିରିଧାରୀ ପରିଚ୍ଛା)

ଗଜପତି ଜିଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ତୃତୀୟ ଜାତୀୟ ଲୋକ ଅଦାଲତ ଶନିବାର ଅନୁଷ୍ଠିତ ହୋଇଛି। ରାଷ୍ଟ୍ରୀୟ ଲୋକ ଅଦାଲତରେ ଜିଲା ତଥା ସେସନ ଜଜ୍ ଜଗଦୀଶ ପ୍ରସାଦ ମହାନ୍ତି ବିଭିନ୍ନ କୋର୍ଟ କାର୍ଯ୍ୟ ତଦାରଖ କରି ନିଜ କୋର୍ଟ କାର୍ଯ୍ୟ ସମ୍ପାଦନ କରିଥିଲେ। ପ୍ରାଧିକରଣ ସଚିବ ବିମଳ ରାଉଳ ସହଯୋଗ କରିଥିଲେ। ଏଥିରେ ମୋଟ ୩୪୭୬ଟି ମାମଲା ଗ୍ରହଣ କରାଯାଇଥିବା ବେଳେ ୨୫୧୨ଟି ମାମଲାର ତ୍ୱରିତ ଫଇସଲା କରାଯାଇଥିଲା। ବିଭିନ୍ନ ମାମଲାରୁ ୩୬ଲକ୍ଷ ୦୮ହଜାର ୮୫୯ ଟଙ୍କା ଜରିମାନା ଆଦାୟ କରାଯାଇଛି। ମୁଖ୍ୟ ନ୍ୟାୟିକ ମାଜିଷ୍ଟ୍ରେଟ ନରୋତ୍ତମ ସେଠୀ, ସିଭିଲ ଜଜ୍ ଜୀବନନ୍ଦ ପାଢ଼ୀ, ମହିଳା ଅଦାଲତ ସିଭିଲ ଜଜ୍ ରଶ୍ମିତା ସାହୁ, ସବ୍‌ଡିଭିଜନାଲ ଜୁଡିସିଆଲ ମାଜିଷ୍ଟ୍ରେଟ ବିଷ୍ଣୁପ୍ରିୟା ସାମନ୍ତରାୟ, ଜେଏମଏଫସି ସତ୍ୟଜିତ ପାଣି, ଆର୍. ଉଦୟଗିରିରେ ସିଭିଲ ଜଜ୍ -କମ- ସହାୟକ ସେସନ୍ସ ଜଜ୍ ସୌଦାମିନୀ ବିଶ୍ୱାଳ, ଜେଏମଏଫସି ତରୁଣ ସେଠୀ, ମୋହନା ଜେଏମଏଫସି ସତ୍ୟଜିତ ବେହେରା, କାଶୀନଗର ଜେଏମଏଫସି ମୋନାଲିସା ବେହେରା ଉପସ୍ଥିତ ରହି ନିଜ ନିଜ କୋର୍ଟ ସମ୍ପାଦନା କରିଥିଲେ। ଜିଲା କୋର୍ଟ ଓକିଲ ସଂଘ ସଭାପତି, ସମ୍ପାଦକଙ୍କ ସହ ସମସ୍ତ ବରିଷ୍ଠ ଆଇନଜୀବୀମାନେ ଉପସ୍ଥିତ ରହି ସହଯୋଗ କରିଥିଲେ।

## ଭାରତୀୟ ସଂସ୍କୃତି ଜ୍ଞାନ ପରୀକ୍ଷା

# ପୁରସ୍କାର ବିତରଣ ଉତ୍ସବ

ରମ୍ଭା,୧୩।୯(ବନବାସୀ ସେଠୀ)– ରମ୍ଭା ଗାୟତ୍ରୀ ଶକ୍ତିପୀଠ ଦ୍ୱାରା ଆୟୋଜିତ ଦେବ ସଂସ୍କୃତି ବିଶ୍ୱ ବିଦ୍ୟାଳୟର ଭାରତୀୟ ସଂସ୍କୃତି ଜ୍ଞାନ ପରୀକ୍ଷା ୨୦୨୪ ଫଳାଫଳ ପ୍ରକାଶ ପାଇବା ପରେ ଶନିବାର ରମ୍ଭା ଗାୟତ୍ରୀ ଶକ୍ତିପୀଠ ପରିସରରେ ଏକ ପୁରସ୍କାର ବିତରଣ ଉତ୍ସବ ଅନୁଷ୍ଠିତ ହୋଇଛି। ପ୍ରକୃତିବନ୍ଧୁ ପଞ୍ଚାନନ ଖଟୁଆ ସଂଯୋଜନା କରିଥିବା ବେଳେ ପ୍ରାକ୍ତନ ନଗରପାଳ ସୁବାସ ଚନ୍ଦ୍ର ପଣ୍ଡା ଅଧ୍ୟକ୍ଷତା କରିଥିଲେ। ଏଥିରେ ମୁଖ୍ୟ ଅତିଥି ଭାବେ ଭାରତୀୟ ସଂସ୍କୃତି ଜ୍ଞାନ ପରୀକ୍ଷା ରାଜ୍ୟ ସମ୍ପାଦକ ରାଜେନ୍ଦ୍ର ପ୍ରସାଦ ମହାପାତ୍ର, ମୁଖ୍ୟବକ୍ତା ରୂପେ ଗଞ୍ଜାମ ଜିଲା ସଂଯୋଜକ ପ୍ରଫୁଲ୍ଲ ଦାସ, ସମ୍ମାନିତ ଅତିଥି ରୂପେ ସଂସ୍କୃତି ଜ୍ଞାନ ଜିଲା ସଂଯୋଜକ ରଜନୀକାନ୍ତ ମହାପାତ୍ର ଯୋଗଦେଇ ସୁଦୀର୍ଘ ଭାରତୀୟ ସଂସ୍କୃତିର ମହାନତା ଉପରେ ଆଲୋକପାତ କରିଥିଲେ। ରମ୍ଭା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରର ଛାତ୍ର ବିଶ୍ୱଜିତ୍ ସ୍ୱାଇଁ ଏବଂ ଏକାଦଶ ଶ୍ରେଣୀରେ ତୃତୀୟ ସ୍ଥାନ ଅଧିକାର କରିଥିବା ସନ୍ତୋଷପୁର ସ୍ୱାମୀ ବିବେକାନନ୍ଦ ଶିଶୁ ବିଦ୍ୟାମନ୍ଦିରର ଶିକ୍ଷୟିତ୍ରୀ ଜ୍ୟୋତି ବେହେରାଙ୍କ ସମେତ ଉଭୟ ବିଦ୍ୟାଳୟର ପଞ୍ଚମରୁ ଏକାଦଶ ଶ୍ରେଣୀ ପର୍ଯ୍ୟନ୍ତ ସମସ୍ତ ପରୀକ୍ଷାର୍ଥୀଙ୍କୁ ପୁରସ୍କୃତ କରିଥିଲେ। ରଘୁନାଥପୁର ସ୍ୱାମୀ ବିବେକାନନ୍ଦ ବିଦ୍ୟାମନ୍ଦିରର ପ୍ରତିଷ୍ଠାତା ସମାଜିକ କର୍ମୀ ପୂର୍ଣ୍ଣଚନ୍ଦ୍ର ପଣ୍ଡା, ସାବୁଲିଆ ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷା କେନ୍ଦ୍ରର ପ୍ରତିଷ୍ଠାତା ଗୋପାଳ କୃଷ୍ଣ ସେନାପତି, ରମ୍ଭା ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରକୃତିବନ୍ଧୁ ଗୋପୀନାଥ ବେହେରା, ସନ୍ତୋଷପୁର ସ୍ୱାମୀ ବିବେକାନନ୍ଦ ବିଦ୍ୟାମନ୍ଦିର ପ୍ରଧାନାଚାର୍ଯ୍ୟ ବଟକୃଷ୍ଣ ତ୍ରିପାଠୀ, ଆଚାର୍ଯ୍ୟା ଅପରାଜିତା ତ୍ରିପାଠୀ, ପ୍ରଧାନାଚାର୍ଯ୍ୟ ଶ୍ରୀଧର ପ୍ରଧାନ, ଭିକାରୀ ବିଶ୍ୱାଳ, ପ୍ରକୃତିବନ୍ଧୁ ଶିକ୍ଷକ ଶେଷଦେବ ବେହେରା, ଗୁରୁମା ରୀନା ମାନସିଂହ, କିରଣମାଳ ସାହୁ, କେ.ଇନ୍ଦିରା ରେଡ୍ଡୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଉତ୍ସବରେ ରମ୍ଭା ଅଞ୍ଚଳର ଗଣମାଧ୍ୟମ ପ୍ରତିନିଧି ସୁଜିତ୍ ବେହେରା, ନୀଳାଚଳ ସେନାପତି, ବନବାସୀ ସେଠୀଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା।

# ମୌସୁମୀ ସିମାଲାଇଙ୍କୁ ସ୍ୱର୍ଣ୍ଣ ପଦକ

ପାରଳାଖେମୁଣ୍ଡି,୧୩।୯(ଗିରିଧାରୀ ପରିଚ୍ଛା) ପାରଳାଖେମୁଣ୍ଡିସ୍ଥିତ ସେଞ୍ଚୁରିଆନ୍ ପବ୍ଲିକ ସ୍କୁଲର ନବମ ଶ୍ରେଣୀ ଛାତ୍ରୀ ମୌସୁମୀ ସିମାଲାଇ ଜାତୀୟ କନିଷ୍ଠ ବର୍ଗ ରାଇଫଲ ଶୁଟିଂ ପ୍ରତିଯୋଗିତାରେ ଭାଗ ନେଇ ସ୍ୱର୍ଣ୍ଣପଦକ ଜିତି ଗଜପତି ଜିଲା ପାଇଁ ଗୌରବ ଆଣିଛନ୍ତି। ଦିଲ୍ଲୀରେ ହୋଇଥିବା ଏହି ପ୍ରତିଯୋଗିତାରେ ଦେଶର ୧୭ଟି ଏନ୍‌ସିସି ଗ୍ରୁପର ୧୫୪୬ ଜଣ ପ୍ରତିଯୋଗୀ ଏଥିରେ ଭାଗ ନେଇଥିଲେ। ଦିଲ୍ଲୀରେ ସର୍ବଭାରତୀୟ ଥାଲ ସୈନିକ କ୍ୟାମ୍ପ-୨୦୨୫ ଆନୁକୂଲ୍ୟରେ ଅନୁଷ୍ଠିତ ଏହି ପ୍ରତିଯୋଗିତାରେ ସମସ୍ତଙ୍କୁ ପଛରେ ପକାଇ ମୌସୁମୀ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଗଜପତି ଷ୍ଟାଡିୟମ ନିକଟରେ ମାଛ ବିକ୍ରି କରୁଥିବା ମାଣିକ ଓ ବଲାଇଚାନ୍ଦଙ୍କ ଝିଅ ହେଉଛନ୍ତି ମୌସୁମୀ। ତାଙ୍କର ଏହି ସଫଳତା ପାଇଁ ସେଞ୍ଚୁରିଆନ୍ ବିଶ୍ୱବିଦ୍ୟାଳୟ



ମୌସୁମୀ ସିମାଲାଇ।

ସଭାପତି ଡ. ମୁକ୍ତିକାନ୍ତ ମିଶ୍ର, ଉପସଭାପତି ପ୍ରଫେସର ଡି. ଏନ୍. ରାଓ, ନିର୍ଦ୍ଦେଶକ ଡ. ଦୁର୍ଗା ପ୍ରସାଦ ପାଢ଼ୀ, ରେଜିଷ୍ଟ୍ରାର ଡ. ଅନିତା ପାତ୍ର, ବିଶ୍ୱବିଦ୍ୟାଳୟର ଆଞ୍ଚଳିକ ନିର୍ଦ୍ଦେଶକ ସସ୍ମିତ ପାତ୍ର, ଡିନ୍ ଏସ୍.ପି. ନନ୍ଦ, ଶିକ୍ଷା ଅନୁଷ୍ଠାନର ଅଧ୍ୟକ୍ଷା ସୁନୀତା ପାଣିଗ୍ରାହୀ, ଉପାଧ୍ୟକ୍ଷ ଜେଧିକେ ନାୟକ ଏବଂ ଗାଇଡ ଅନୁମାତଙ୍ଗିନୀ ଗୁରୁ ତାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

## ଜାତୀୟ ଲୋକ ଅଦାଲତରେ ୧୮୬ ମାମଲା ଫଇସଲା

ଭଞ୍ଜନଗର,୧୩।୯(ବାବୁଲା ପ୍ରଧାନ) ଗଞ୍ଜାମ ଜିଲା ଭଞ୍ଜନଗର ସିଭିଲ୍ କୋର୍ଟ ପରିସରରେ ଶନିବାର ୩ୟ ଜାତୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଛି। ଏଥିରେ ୧୮୬ଟି ମାମଲା ଫଇସଲା ହୋଇ ୧ କୋଟି ୪୧ ଲକ୍ଷ ୯୮ ହଜାର ୬୫୭ ଟଙ୍କାର ସମ୍ପତ୍ତି ପକ୍ଷଗତଙ୍କୁ ଲାଭ ପହଞ୍ଚିଛି। ଲୋକ ଅଦାଲତରେ ଆପରାଧିକ ସମ୍ପୃକ୍ତ ସମାଧାନଶୀଳ ମାମଲା, ଚେକ୍ ବାଉନ୍ସ ମାମଲା ଓ ଅନ୍ୟାନ୍ୟ ସିଭିଲ ମାମଲାର ସମାଧାନ ହୋଇଥିଲା। ଭଞ୍ଜନଗର ତାଲୁକ ଆଇନ ସେବା କମିଟି ଅଧ୍ୟକ୍ଷ ଏବଂ ଅତିରିକ୍ତ ଜିଲା ଦୌରାଜଜ୍ ଶେଖ ମହମ୍ମଦ କଏସଙ୍କ ନେତୃତ୍ୱରେ ମାମଲାଗୁଡ଼ିକ ଫଇସଲା ହୋଇଥିଲା। ସିନିୟର ସିଭିଲ ଜଜ୍ ଦେବାଶିଷ ବିଶୋୟୀ, ଏସ୍‌ଡିଜେଏମ୍ ସୌମ୍ୟରଞ୍ଜନ ପୃଷ୍ଟି ଜେଏମ୍‌ଏଫ୍‌ସି ଭିଟେନା ନାୟକ ମଧ୍ୟ ବିଭିନ୍ନ ମାମଲାର ଫଇସଲା କରିଥିଲେ। ବେଞ୍ଚ ସଦସ୍ୟ ଡା. ପୂର୍ଣ୍ଣଚନ୍ଦ୍ର ତ୍ରିପାଠୀ, ରମେଶ ଚନ୍ଦ୍ର ପଣ୍ଡା, ବାର ଆସୋସିଏଶନ ସଭାପତି ଲକ୍ଷ୍ମୀକାନ୍ତ ମହାପାତ୍ର, ରାଜେନ୍ଦ୍ର ପ୍ରସାଦ ପ୍ରଧାନ, ଆଇନଜୀବୀ ଅଳକା ମଞ୍ଜରୀ ପଟ୍ଟନାୟକ ଓ ଅନ୍ୟମାନେ ଉପସ୍ଥିତ ରହି ସହଯୋଗ କରିଥିଲେ।

## ଲୋକ ଅଦାଲତରେ ୧୨୩ ମାମଲାର ଫଇସଲା

ଆସିକା ୧୩।୦୯ (ସୁରେନ୍ଦ୍ର ନାଥ ସାହୁ)

ଆସିକା ତାଲୁକା ଆଇନସେବା ପ୍ରାଧିକରଣ ପକ୍ଷରୁ ବିଚାର ବିଭାଗୀୟ ଅଦାଲତ ପରିସରରେ ଶନିବାର ତୃତୀୟ ରାଷ୍ଟ୍ରୀୟ ଲୋକ ଅଦାଲତ ଅନୁଷ୍ଠିତ ହୋଇଛି। ପ୍ରାଧିକରଣର ଅଧ୍ୟକ୍ଷ ତଥା ଅତିରିକ୍ତ ଜିଲା ଦୌରା ଜଜ୍ ମନୋଜ କୁମାରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଲୋକ ଅଦାଲତରେ ବରିଷ୍ଠ ଦେୱାନି ବିଚାରପତି ସୁକାନ୍ତ କିଶୋର ଜେନା, କନିଷ୍ଠ ଦେୱାନୀ ବିଚାରପତି ଝିଲିଲିନା ନାୟକ, ପ୍ରଥମ ଶ୍ରେଣୀ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ଏ.ଗିତାଞ୍ଜଳି ନାଇଡୁ, ତୃପ୍ତି ଦାସ, ଜେ. ମୋହିନୀ ପ୍ରାଧିକରଣର ସଦସ୍ୟ ବରିଷ୍ଠ ଆଇନଜୀବୀ ଅନନ୍ତଶୟମନ୍, ମହିଳା ପ୍ରତିନିଧି ରଶ୍ମିତା ସେନାପତି ମାମଲାର ବିଚାର କରିଥିଲେ। ଲୋକ ଅଦାଲତରେ ବିଚାର ଲାଗି ଦାଖଲ ହୋଇଥିବା ୧୩୭୮ଟି ମାମଲା ମଧ୍ୟରୁ ୧୨୩ଟି ମାମଲାର ବିଚାର କରାଯାଇ ୧କୋଟି ୨୪ଲକ୍ଷ ୯୧ ହଜାର ୫୮୯ ଟଙ୍କା ଆଦାୟ ହୋଇଥିବା ଜଣାପଡିଛି। ସେହିଭଳି ୮ଟି ବୈବାହିକ ସମ୍ବନ୍ଧ ମାମଲା ଓ ଅନ୍ୟ ୮୩ଟି ମାମଲାର ବିଚାର କରି ସମାଧାନ କରାଯାଇଛି। ସେହିଭଳି ଆସିକା ତାଲୁକା ଆଇନ ସେବା ପ୍ରାଧିକରଣ ପକ୍ଷରୁ ଶନିବାର ପୂର୍ବାହ୍ନରେ ସ୍ଥାନୀୟ ନିରଞ୍ଜନ ସରକାରୀ ମହିଳା ମହାବିଦ୍ୟାଳୟରେ ଏକ ଆଇନ ସଚେତନତା ଶିବିର ଅନୁଷ୍ଠିତ ହୋଇଥିଲା। ଏହି ଶିବିରରେ ଏସିଡ୍ ମାଡରେ ପିଡିତ ମହିଳାଙ୍କୁ ଅନୁକମ୍ପା ରାଶି ପ୍ରଦାନ ସମ୍ପର୍କରେ ରହିଥିବା ଆଇନଗତ ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରାଯାଇଥିଲା।

## ବିଶ୍ୱ ପ୍ରାଥମିକ ସହାୟତା ଦିବସ

ବେଲଗୁଣ୍ଠା,୧୩।୯(କୃଷ୍ଣ ଚନ୍ଦ୍ର ପଟ୍ଟନାୟକ) କ୍ଷେତ୍ରିୟବରପୁରସ୍ଥିତ ଆଞ୍ଚଳିକ ବିଜ୍ଞାନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଯୁବ ରେଡ଼କ୍ରସ ଶାଖା ପକ୍ଷରୁ ବିଶ୍ୱ ପ୍ରାଥମିକ ସହାୟତା ଦିବସ ପାଳିତ ହୋଇଛି। ମୁଖ୍ୟ ଅତିଥି ଅଧ୍ୟକ୍ଷ ବିଷ୍ଣୁ ପ୍ରସାଦ ପଟ୍ଟନାୟକ ଏହାକୁ ଉଦ୍‌ଘାଟନ କରି ସ୍ୱେଚ୍ଛାସେବୀମାନେ ପ୍ରାଥମିକ ସହାୟତା ଭଳି ମହତ କାର୍ଯ୍ୟରେ ନିୟୋଜିତ ହୋଇ ଆହତ ବ୍ୟକ୍ତିଙ୍କୁ ତ୍ୱରିତ ସେବା ଯୋଗାଇବାକୁ ପରାମର୍ଶ ଦେଇଥିଲେ। ଯୁବ ରେଡ଼କ୍ରସ ଉପଦେଷ୍ଟା ସୁଶାନ୍ତ ଲେଙ୍କା ସଂଯୋଜନା କରିଥିଲେ। ଅଧ୍ୟାପିକା ରୁକ୍ମିଣୀବାଳା ତ୍ରିପାଠୀ, ପ୍ରଶାସନିକ ଅଧୀକ୍ଷକ ଅଧ୍ୟାପକ ତ୍ରିନାଥ ବେହେରା, ସ୍ୱରୂପାରାଣୀ ବିଶ୍ୱାଳ ଏବଂ ସହ ଉପଦେଷ୍ଟା ସୌମେନ୍ଦୁ ପଣ୍ଡା ସମ୍ମାନିତ ଅତିଥିଭାବେ ଉପସ୍ଥିତ ପ୍ରାଥମିକ ସହାୟତା ଏବଂ ଜଳବାୟୁ ପରିବର୍ତ୍ତନ ସମ୍ପର୍କରେ ବହୁ ମୂଲ୍ୟବାନ ତଥ୍ୟ ଉପସ୍ଥାପନ କରିଥିଲେ।


**GOVERNMENT OF ODISHA**
**OFFICE OF THE SUPERINTENDING ENGINEER**
**RURAL WORKS DIVISION, CUTTACK**
E-Mail I.D. - rw_cuttack@yahoo.co.in, Ph. No. 0671-2440662
**Cancellation of Tender Call Notice No. Tender-Online-RWD Ctc-02/2024-25 dt.02.07.2025**

**No.O-760** : Due to unavoidable circumstances the Tender Call Notice No. Tender-Online-RWD Ctc-02/2025-26 date.02.07.2025 is here by cancelled.
All other terms & conditions remain unchanged.

Sd./- Superintending Engineer
Rural Works Division, Cuttack
OIPR-25053/11/0038/2526

**OFFICE OF THE DIRECTOR-CUM-MEDICAL SUPERINTENDENT**
**MENTAL HEALTH INSTITUTE, S.C.B. MEDICAL COLLEGE HOSPITAL, CUTTACK**
Telephone:0671-2414359, Email:mhi.cuttack@gmail.com
**TENDER CALL NOTICE**

**No.E-381:**Sealed tenders are invited from the reputed suppliers for supply of Instruments & Equipments to Mental Health Institute, SCB Medical College Hospital, Cuttack-753007. The tender will be opened on scheduled date and time in the office of the undersigned in presence of the bidders or their authorized representatives. The bidders may download the Tender Documents directly from the website https://mentalhealthinstitute-scb.odisha.gov.in. The cost of tender paper is Rs.1,000/- (Non-refundable) bank draft/demand draft in favour of **"Director-cum-Medical Superintendent, Mental Health Institute, SCB Medical College Hospital, Cuttack"** payable at Cuttack from any Nationalized Bank. Any tender received after the due date and time will be rejected and return to the sender un-opened. The tender will be received through Speed Post/Regd. Post only. The authority reserves the right to reject any / all the tenders without assigning any reasons thereof.

1. Date of sale of tender paper - 15/09/2025 to 06/10/2025
2. Last date of receipt of tender paper - 08/10/2025.
3. Date & Time of opening of technical bid - 09/10/2025 at 4.00 P.M.
4. Place of opening of tender -Office of the Director-cum-Medical Superintendent, Mental Health Institute, S.C.B, Medical College Hospital, Cuttack-753007.

Sd./- Director-cum-Medical Superintendent, Mental Health Institute, SCB MCH, Cuttack
OIPR-10051/11/0023/2526

**NOTICE INVITING BID (TENDER)**
No.704 / DSGAH, Bhubaneswar dt.12.09.2025
**TENDER FOR SUPPLY OF RAW DRUGS & CONTINGENT ARTICLES TO GOVERNMENT AYURVEDIC HOSPITAL PHARMACY, BHUBANESWAR, GOVERNMENT AYURVEDIC PHARMACY, BOLANGIR AND GOPABANDHU AYURVEDA MAHAVIDYALAYA PHARMACY, PURI, ODISHA.**

**No.E-380** : Scaled tenders are invited from reputed manufacturers/ authorized dealers for the supply of Raw drugs and Contingent articles to the Government Ayurvedic Hospital Pharmacy, Bhubaneswar, the Government Ayurvedic Pharmacy, Bolangir and the Gopabandhu Ayurveda Mahavidyalaya Pharmacy, Puri, for the preparation of Medicines out of the budgeted fund approved for the financial year 2025-26.

| | | |
|---|---|---|
| 1. | Value of Tender | Rs.1,00,05,000/- (One Crore five thousand) Only |
| 2. | Cost of Tender Book | Rs.1,050.00 (One Thousand and Fifty rupees only including GST) |
| 3. | Availability of tender book | In the office of the Deputy Superintendent, GAH, BBSR, only in shape of D.D./ Bankers Cheque in favour of the Deputy Superintendent, Government Ayurvedic Hospital, Old Town, Bhubaneswar |
| 4. | Mode of payment of cost of Tender Book | In the shape of a Demand Draft / Bankers Cheque in favor of the Deputy Superintendent of Government Ayurvedic Hospital, Bhubaneswar, Odisha, payable at Bhubaneswar. |
| 5. | Date of commencement of sale of Tender Book | Dt: 15.09.2025 at 11.00 A.M. to 08.10.2025 at 4.00 P.M. |
| 6. | Last date & time for submission of tender | Dt: 08.10.2025 at 4.00 P.M. |
| 7. | Date & time of Pre-bid meeting | Dt. 23.09.2025 at 11.30 A.M Place: Conference Hall , Directorate AYUSH, Odisha, Bhubaneswar. |
| 8. | Mode of submission of tender | This will be received through a sealed tender box kept in the office chamber of the Deputy Superintendent, GAH, BBSR, Odisha. |
| 9. | Mode of submission of sealed samples | To be received by the Deputy Superintendent, GAH, BBSR, Odisha, and in his absence A.M.O., I/c-Pharmacy, Govt. Ayurvedic Hospital, Bhubaneswar will receive the samples at the time of submission of tender paper within the scheduled date and time. |
| 10. | Date, Time & Place for opening of tenders | Technical bids will be opened on 09.10.2025 at 11.30 A.M. at the Government Ayurvedic Hospital Pharmacy, Bhubaneswar. The Financial Bids of the technically qualified bidders will be communicated later on. |

The tender inviting authority reserves the right to reject any or all the tenders without assigning any reason thereof. For details, please log on to www.ayushodisha.nic.in

Sd./- Deputy Superintendent
Govt. Ayurvedic Hospital, Bhubaneswar, Odisha
OIPR-10053/11/0008/2526

**GOVERNMENT OF ODISHA**
**e-Procurement Notice**
**OFFICE OF THE ADDITIONAL CHIEF ENGINEER**
**CENTRAL MINOR IRRIGATION CIRCLE, BHUBANESWAR**
Phone/Fax (0674) 2540559, cmic.bbsr@gmail.com
No.938, Dt.11.09.2025
No.A-614: **e-Procurement Notice**
**BID ID. NO. ACECMIC-01/2025-26**

| | | | |
|---|---|---|---|
| 1. | Name of the Work | : | As per Annexure to this bid notice |
| 2. | No. of Works | : | 04 (Four) Nos. |
| 3. | Estimated Cost | : | Approximate cost varies from Rs. 100.95 lakh to Rs.231.28 Lakh |
| 4. | Class of Contractor | : | 'B' & 'A' Class |
| 5. | Period of Completion | : | 11 (Eleven) Calendar Months |
| 6. | Date and Time of availability of Bid documents and Re-ceipt of Bid Cost on online payment mode in Portal | : | From 17.09.2025 (10.30 Hrs) to 03.10.2025 (upto 17.30 Hrs) in website (www.tendersodisha.gov.in) |
| 7. | Last Date/ Time for receipt of Bids in the Portal | : | 03.10.2025 (Upto 17.30 Hrs.) through online only |
| 8. | Date of Opening of Technical Bid | : | On 04.10.2025, 11.00 Hrs. onwards in the O/o. Additional Chief Engineer, Central M.I.Circle, Bhubaneswar |
| 9. | Name and Address of OIT | : | Additional Chief Engineer, Central M.I. Circle, Bhubaneswar, Plot No.- A-8/2, PO: Bhoinagar, Bhubaneswar, PIN: 751022, Dist: Khurda, Ph:0674-2540559 |

Further details can be seen from the e-Procurement market place **http.//tendersodisha.gov.in.**

Sd./- Additional Chief Engineer
OIPR-32047/11/0012/2526 Central M.I. Circle, Bhubaneswar

**NOTICE INVITING TENDER** No.CAD-1749
**Office of District Manager**
**Odisha State Civil Supplies Corporation Ltd. (OSCSC) Gajpati**
Name of Unit or Block : Nuagada Block
Tender No. 2801 Dated : 12.09.2025
**Cost of Tender Document : Rs.5900/- Inclusive of GST for each RRC to Unit (Block/ULB) combination of the district.**
Online Tenders are invited from eligible bidders for selection and appointment of level-II contractor for transporation of Custom Milled Rice (CMR) from Rice Receiving Centre (RRC) to Retail Centre (FPS).

| | | |
|---|---|---|
| 1 | Availability of tender documents | From Date 13-09-2025. Downloadable from website: www.oscsc.in, www.foododisha.in & www.tendersodisha.gov.in |
| 2 | Date, time and venue for pre-bid conference. | On dt 15-09-2025 at CSO Office Paralakhemundi, Collectorate Building, Dist-Gajapati |
| 3 | Last date and time for **online** submission of completed Tender Documents with enclosures | Through e-Procurement portal www.tendersodisha.gov.in Up to 22-09-2025, 5.30 PM |
| 4 | Date, time and venue for opening of Technical Bid by the Tender Committee | On dt 23-09-2025 11.00 AM at Civil Supplies Office, Collectorate Building,Paralakhemundi, Dist-Gajapati |
| 5 | Date, time and venue of submission of original documents in support of scanned copies uploaded in the portal for verification | On dt 23-09-2025 11.30 AM at Civil Supplies Office, Collectorate Building, Paralakhemundi, Dist-Gajapati |
| 6 | Date & time of Financial Bid opening by the Tender Committee (Only of Technically Qualified Bidders) | To be announced after technical bid evaluation. |
| 7 | Venue of the opening of Technical & Financial Bids | Civil Supplies Office, Collectorate Building, Paralakhemundi, Dist-Gajapati |
| 8 | Validity Period | Tenders are to remain open for acceptance for 180 days inclusive of date of opening of tender. |
| 9 | Language of the Tender | The tender should be prepared by the bidder in English language only. |
| 10 | Help Desk telephone no | (i) OSCSC Ltd.: District Manager :-9438200040 Accounts Head:-9437202126 (ii) State Procurement Cell:-0674-2530998 / 18003456765 |

N.B :
1. If the office happens to be closed on the date of opening of tenders, tenders will be opened on the next working day in the same time.
2. District Tender Committee reserves the right to cancel any/all of the tenders at any time without assigning any reason thereof.
3. Further details can be obtained in the website www.tendersodisha.gov.in.
4. The bidder must deposit Tender Document Fee and EMD at the time of submission of tender through online payment gate way service.
5. Any amendment/ cancellation/ re-tender/ corrigendum please refer to the website www.tendersodisha.gov.in, www.oscsc.in & www.foododisha.in.

Sd./- District Manager
OIPR-07087/11/0010/2526 OSCSC Ltd., Gajapati

ମୁଖ୍ୟ ନିର୍ମାଣ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ
ଗ୍ରାମ୍ୟ ନିର୍ମାଣ ମଣ୍ଡଳ, ବ୍ରହ୍ମପୁର
(ଗ୍ରାମ୍ୟ/ପୋଷ୍ଟ-ଆମ୍ବପୁଆ, ଆୟକର ଭବନ ନିକଟରେ, ବ୍ରହ୍ମପୁର-୭୬୦୦୧୧, ଗଞ୍ଜାମ, ଓଡ଼ିଶା)
**OFFICE OF THE CHIEF CONSTRUCTION ENGINEER**
**RURAL WORKS CIRCLE, BERHAMPUR**
(At/Po- Ambapua, Near Income Tax Office, Berhampur - 760011, Ganjam, Odisha)
(E-Mail:- serwbpr2004@yahoo.com, Tel.No.:- 0680-2404287)
**No.e-tender//3353//RWC//BAM//Dated 11.9.25**
**1st Corrigendum to Bid Identification No.Online Tender/24-2025-26/BPR**

**No.O-762:** 1) The partial modification of Road Works under MMSY-TRIP & Bridges Works under Setu Bandhana Yojana (SBY) vide above identification has been made as follows.

| | | | |
|---|---|---|---|
| 1 | Late Date of availability of tender | :: | 23.09.2025 upto 5.30 PM instead of 18.09.2025 upto 5.30 P.M. |
| 2 | Last Date & Time of seeking tender clarification | :: | 20.09.2025 at 5.30 PM instead of 16.09.2025 at 5.30 PM |
| 3 | Date of Opening of Technical Bid | :: | 24.09.2025 at 11.00 AM instead of 19.09.2025 at 11.00 AM |
| 4 | Date of Opening of Financial Bid | :: | **Will be intimated later on.** |

All other contents will remain unchanged.
OIPR-25071/11/0131/2526 Sd./- Chief Construction Engineer, R.W.Circle, Berhampur

**GOVT. OF ODISHA**
**OFFICE OF THE EXECUTIVE ENGINEER (AGRIL), AGRIL, ENGG.DIVISION, KEONJHAR**
AT/PO: MADHAPUR, DISTRICT:KEONJHAR-758001, Email ID: eeagril.kjr@gmail.com
**e-Procurement Notice: Dated 12.09.2025**
**Bid Identification No.EE(AGRIL) Keonjhar Division-01/2025-26**

**No.L-63:**The Executive Engineer (Agril.), Agril, Engg-Division, Keonjhar, Odisha on behalf of the Governor of Odisha, invites percentage rate bids in single cover system from the eligible class of contractors through e-Procurement in ONLINE MODE only in the website "www.tendersodisha.gov.in" for civil works/buildings in the district of Keonjhar as detailed below:

| Sl. No. | Nos. of the work/nature of work for which Tender invited | Approximate Estimated cost put to Tender (Excluding G.S.T.) (Rs. Lakh) | Cost of Bid Documents (in Rs.) | EMD in (Rs.) | Class of Contractor | Period of Completion |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| | Total 03 Nos. (Three Nos) Building Works/ Civil Construction works/ PH Sanitary & Electrical Works | Vary from Rs.11.87 Lakh to Rs.15.01 lakh | Rs.6000.00 | 1% of the Amount Put to Tender | C & D | 120 Days |

1. Date & Time of availability of bid document in the portal: 15.09.2025 at 10.00 AM to 22.09.2025, 5.30 PM.
2. Last date/time for receipt of bids in the portal: 22.09.2025 upto 5.30 PM
3. Date of Submission of original bid documents in Tender Box: 15.09.2025, 10.00 AM to 23.09.2025 upto 1.00 P.M.
4. Date & Time of opening of original Documents, Verification & Online bids- 24.09.2025 at 11.00 AM onwards.

The Bidders have to participate in ONLINE bidding only in the e-Procurement website: https://tendersodisha.gov.in. with matching class DSC. Any addendum/corrigendum/cancellation of tender/other details of the DTCN can also be seen in the said website. Authority reserve the right to reject/accept any or all of the tenders, increase/decrease the quantities of works without assigning any reason thereof.

OIPR-01460/11/0007/2526 Sd./- Executive Engineer (Agril.) Agril.Engg. Division, Keonjhar

Government of Odisha
Forest, Environment and Climate Change Department, Odisha
ବାଲେଶ୍ୱର ବନ୍ୟଜୀବ ବନଖଣ୍ଡ, ବାଲେଶ୍ୱର
**OFFICE OF THE DIVISIONAL FOREST OFFICER, BALASORE WILDLIFE DIVISION**
AT/PO: KURUDA, Dist:BALASORE, PIN:756056, ODISHA, Ph.No.:06782-256142, e-mail:dfo.balasorewl@odisha.gov.in
**TENDER CALL NOTICE FOR HIRING VEHICLE**

No.MM-191: Sealed tenders are invited from interested Reputed Travel Agencies / Tour Operators / Individuals for providing approximately 17 (Seventeen) Nos. of Vehicle (BS-VI emission compliant Diesel driven AC) vehicles with commercial registration in accordance with the Office Memorandum No. 15836/F Dated 27.05.2025 of the Finance Department, Govt. of Odisha, for official use (as detailed mentioned below) on hiring basis under the establishment of Balasore Wildlife Division, Balasore. The sealed Tenders shall reach in the O/o the Divisional Forest Officer, Balasore Wildlife Division, Balasore on or before **24th September, 2025** by **11.00 A.M.** through Registered / Speed Post / Courier Service and can also be dropped in the Tender Box placed in the Office of the Divisional Forest Officer, Balasore Wildlife Division, Balasore. The tenders will be opened in the same office on **24th September, 2025 at 12.00 P.M.** The Standard Bidding Document and Terms and Conditions can be downloaded from **https://balasore.odisha.gov.in/** ; **https://odishaforest.in/** and also can be obtained from the Office of the Divisional Forest Officer, Balasore Wildlife Division, Balasore from 12th September, 2025 to 23rd September, 2025 during office hours.

| Sl. No. | Name of Office | Safari /Scorpio N/ XUV 700 (equivalent or higher model) Maximum monthly Hiring charge in Rs.44,400/- | Scorpio/ Bolero Neo (equivalent or higher model) Maximum monthly Hiring charge in Rs. 37,200/- |
|---|---|---|---|
| 1 | Divisional Forest Office, Balasore Wildlife Division | 01 | - |
| | | - | 03 |
| 2 | Forest Range Office, Kuldiha WL Range | - | 4 |
| 3 | Forest Range Office, Jaleswar WL Range | - | 2 |
| 4 | Forest Range Office, Chandipur WL Range | - | 2 |
| 5 | Forest Range Office, Soro WL Range | - | 4 |
| 6 | Forest Range Office, Nilgiri WL Range | - | 1 |
| | TOTAL | 01 | 16 |

OIPR-08036/11/0014/2526 Sd./-Divisional Forest Officer, Balasore Wildlife Division, Balasore

**THE ODISHA AGRO INDUSTRIES CORPORATION LTD.**
(A Govt. of Odisha Undertaking)
95-Satya Nagar, Bhubaneswar-7
https://odishaagro.nic.in/
**Invitation for Bids**
**Bid Identification No. M.D. / OAIC - 60 (E & I)/2025-26**

**No.CAD-1747** : The Managing Director, Odisha Agro Industries Corporation Ltd., Bhubaneswar, on behalf of Governor of Odisha, invites **percentage rate** bids in **double cover** system in **ONLINE MODE** only, for the following works.

| Sl. No. | Name of the Work | Value of work (Excluding GST) | Bid Security (In ₹) | Cost of document | Period of completion | Class of Bidder |
|---|---|---|---|---|---|---|
| 1 | Construction of MPAG-cum-DTC building at CDAO Campus, Madhapur, Keonjhar | **Rs.66,38,650/-** | 1% i.e. **Rs.66,400/-** | **₹ 12,390/-** | **6 (Six)** Calendar Months | 'B' Class |

1. Bid documents such as DTCN / BOQ etc. can be seen / downloaded from the Govt. Website i.e. www.tendersorissa.gov.in, during the period **dt.10.09.2025 to 15:00 Hours of dt.03.10.2025**.
2. Online bids shall be received till **15:00 Hours of dt.03.10.2025**.
3. Bid Security amount & cost of bid document are to be remitted online through a process as mentioned in DTCN.
4. The technical bids will be opened at **16:00 Hours of dt.03.10.2025** in the office of the Managing Director, The Odisha Agro Industries Corporation Ltd., 95-Satyanagar, Bhubaneswar.
5. The bidder must possess compatible **Digital Signature Certificate (DSC)** of Class – II or Class – III.
6. The authority reserves the right to reject any or all bids without assigning any reason thereof.

Sd./- Managing Director
OIPR-01047/11/0055/2526 OAIC Ltd., Bhubaneswar

## ଜନ୍ମଦିନର ଶୁଭେଚ୍ଛା

ନାମ: ..........................
ବୟସ: ..........................
ଜନ୍ମ ତାରିଖ: ..........................


ବୁବୁଲୁ
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ପାକିସ୍ତାନ ବିପକ୍ଷରେ ଭାରତ ଫେଭରାଇଟ୍

**ଦୁବାଇ,୧୩।୯(ପି.ଟି.)**

ରବିବାର ଦୁବାଇ ଅନ୍ତର୍ଜାତୀୟ କ୍ରିକେଟ୍ ଷ୍ଟାଡିୟମରେ ଚଳିତ ଏସିଆ କପ୍ ଟି୨୦ ଟୁର୍ନାମେଣ୍ଟରେ ଦୁଇ ଚିରପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ପରସ୍ପରକୁ ଭେଟିବାକୁ ଯାଉଛନ୍ତି। ଏହି ହାଇଭୋଲଟେଜ ମ୍ୟାଚ୍‌କୁ ନେଇ ସର୍ବଦା କ୍ରିକେଟ୍ ପ୍ରଶଂସକଙ୍କ ମଧ୍ୟରେ ଉତ୍କଣ୍ଠା ରହିଥାଏ। ହେଲେ ଜମ୍ମୁ-କଶ୍ମୀରରେ ଆତଙ୍କବାଦୀ ଆକ୍ରମଣ ପରେ ଦୁଇ ଦେଶ ମଧ୍ୟରେ ଶତ୍ରୁତା ବୃଦ୍ଧି ପାଇଛି। ଏଥିଯୋଗୁ ପାକିସ୍ତାନ ବିପକ୍ଷ ମ୍ୟାଚ୍‌କୁ ସମ୍ପୂର୍ଣ୍ଣ ବର୍ଜନ କରିବାକୁ କିଛି ବର୍ଗ ଆହ୍ୱାନ ଦେଇଛନ୍ତି। ଅନ୍ୟପକ୍ଷରେ ବର୍ତ୍ତମାନ ପାକିସ୍ତାନଠାରୁ ଭାରତ ପାଖରେ ଅଧିକ ଶକ୍ତିଶାଳୀ ଦଳ ଥିବାରୁ ଏହି ମ୍ୟାଚ୍‌କୁ ନେଇ ପ୍ରଶଂସକଙ୍କ ମଧ୍ୟରେ ବିଶେଷ ଆଗ୍ରହ ନାହିଁ। ଏପରି କି ଦୁଇ ସପ୍ତାହ ପୂର୍ବେ ମ୍ୟାଚ୍ ଲାଗି ଟିକେଟ୍ ବିକ୍ରି ଆରମ୍ଭ ହେବା ସତ୍ତ୍ୱେ ହଜାର ହଜାର ସଂଖ୍ୟାରେ ଟିକେଟ୍ ବିକ୍ରି ହୋଇପାରି ନାହିଁ।

ଗତ ଥର ଚାମ୍ପିୟନ ଭାରତ ମ୍ୟାଚ୍ ଜିତିବା ପାଇଁ ଫେଭରାଇଟ୍ ରହିବ। ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱାଧୀନ ଭାରତୀୟ ଦଳ ତା'ର ପ୍ରଥମ ମ୍ୟାଚ୍‌ରେ ୟୁନାଇଟେଡ୍ ଆରବ ଏମିରେଟ୍ସ (ୟୁଏଇ)କୁ ସହଜରେ ହରାଇ ଅଭିଯାନ ଆରମ୍ଭ କରିଛି। ଦଳରେ ଶୁବମନ ଗିଲ, ଅଭିଷେକ ଶର୍ମା, ସଞ୍ଜୁ ସାମସନ, ଯଶପ୍ରୀତ ବୁମରା, କୁଲଦୀପ ଯାଦବ, ବରୁଣ ଚକ୍ରବର୍ତ୍ତୀଙ୍କ ଭଳି ତାରକା ରହିଛନ୍ତି। ଏଣୁ ଭାରତୀୟ ଦଳ ପ୍ରଭାବୀ ପ୍ରଦର୍ଶନ କରିବ ବୋଲି ଆଶା କରାଯାଉଛି। ଅନ୍ୟପକ୍ଷରେ ସଲମାନ ଅଲୀ ଅଘାଙ୍କ ନେତୃତ୍ୱାଧୀନ ଦଳରେ ସ୍ୟାମ ଆୟୁବ ଓ ହାସନ ନୱାଜଙ୍କ ଭଳି ଯୁବ ପ୍ରତିଭା ରହିଛନ୍ତି। ୟୁଏଇର କଣ୍ଡିଶନ ସହ ପାକିସ୍ତାନ ଅଧିକ ପରିଚିତ ଥିବାରୁ ଶାହୀନ ଶାହା ଆଫ୍ରିଦି ଭାରତର ବ୍ୟାଟିଂ ଲାଇନ ପାଇଁ ଚ୍ୟାଲେଞ୍ଜ ସାବ୍ୟସ୍ତ ହୋଇପାରନ୍ତି।

ଭାରତ ଓ ପାକିସ୍ତାନ ମଧ୍ୟରେ ଏପର୍ଯ୍ୟନ୍ତ ୧୩ଟି ଟି୨୦ ମ୍ୟାଚ୍ ଖେଳାଯାଇଛି। ସେଥିରୁ ଭାରତ ୧୦ଥର ଜିତିଥିବା ବେଳେ କେବଳ ୩ ମ୍ୟାଚ୍‌ରେ ପାକିସ୍ତାନ ବିଜୟ ସ୍ୱାଦ ଚାଖିଛି। ଅନ୍ତିମ ଥର ଦୁଇ ଦଳ ଗତ ବର୍ଷ ଜୁନ ୯ ତାରିଖରେ ନ୍ୟୁୟର୍କରେ ପରସ୍ପରକୁ ଭେଟିଥିଲେ। ଏହି ଲୋ ସ୍କୋରିଂ ମ୍ୟାଚ୍‌କୁ ଭାରତ ୬ ରନରେ ଜିତିଥିଲା। ଉଲ୍ଲେଖଯୋଗ, ୨୦୨୧ ଟି୨୦ ବିଶ୍ୱକପ୍‌ରେ ସମାନ ଭେନ୍ୟୁରେ ପାକିସ୍ତାନ ୧୦ ଉଇକେଟରେ ଭାରତକୁ ହରାଇଥିଲା, ଯାହାକି କ୍ରିକେଟ୍ ବିଶ୍ୱକପ୍ ଇତିହାସରେ ଭାରତ ବିପକ୍ଷରେ ପାକିସ୍ତାନ ପାଇଁ ପ୍ରଥମ ବିଜୟ ଥିଲା। ଏହାପରେ ଭାରତ ୨୦୨୨ ଓ ୨୦୨୪ ଟି୨୦ ବିଶ୍ୱକପ୍‌ରେ ପାକିସ୍ତାନକୁ ହରାଇଥିଲା। ଦୁଇ ଦଳ ମଧ୍ୟରେ ଖେଳାଯାଇଥିବା ଅନ୍ତିମ ୫ ମ୍ୟାଚ୍ ମଧ୍ୟରେ ଭାରତ ୩ଟି ଜିତିଛି।


ସୂର୍ଯ୍ୟକୁମାର ଯାଦବ


ସଲମାନ ଅଲୀ ଅଘା

**ଏସିଆ କପ୍ କ୍ରିକେଟ**

**(ଆଜିର ମ୍ୟାଚ୍)**

**ଭାରତ ବନାମ ପାକିସ୍ତାନ**

**ଭେନ୍ୟୁ: ଆବୁଧାବି,**
**ସମୟ: ରାତି ୮ଟା**

**ପ୍ରସାରଣ: ସୋନୀ ସ୍ପୋର୍ଟ୍ସ ନେଟୱର୍କ**

# ଶ୍ରୀଲଙ୍କାର ପ୍ରଭାବୀ ବୋଲିଂ

**ଆବୁଧାବି,୧୩।୯**

ଚଳିତ ଏସିଆ କପ୍‌ରେ ଶନିବାର ଖେଳାଯାଇଥିବା ପଞ୍ଚମ ମ୍ୟାଚ୍‌ରେ ବାଂଲାଦେଶ ଓ ଶ୍ରୀଲଙ୍କା ପରସ୍ପରକୁ ଭେଟିଛନ୍ତି। ଆମନ୍ତ୍ରଣ ପାଇ ପ୍ରଥମେ ବ୍ୟାଟିଂ କରିଥିବା ବାଂଲାଦେଶ ନିର୍ଦ୍ଧାରିତ ୨୦ ଓଭରରେ ୫ ଉଇକେଟ ହରାଇ ୧୩୯ ରନ କରିଛି। ଦୁଇ ଓପନର ତାଞ୍ଜିଦ ହାସନ ତମିମ ଓ ପରଭେଜ ହୋସେନ ଏମନ ଖାତା ଖୋଲିପାରିନଥିବା ବେଳେ ତୋହିଦ ହ୍ରିଦୟ ୮ ଓ ମେହେଦି ହାସନ ୯ ରନ କରିଥିଲେ। ଅଧିନାୟକ ଲିଟନ ଦାସ ୨୮ ରନ କରି ଆଉଟ୍ ହୋଇଥିବା ବେଳେ ଜାକର ଅଲୀ ୪୧ ଓ ଶମିମ ହୋସେନ ୪୨ ରନ କରି ଶେଷପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଶ୍ରୀଲଙ୍କ ପାଇଁ ୱାନିନ୍ଦୁ ହସରଙ୍ଗା ଦୁଇଟି ଉଇକେଟ ନେଇଥିବା ବେଳେ ନୁୱାନ ଥୁଶାରା ଓ ଦୁଶମନ୍ଥା ଚମିରା ଗୋଟିଏ ଲେଖାଏ ଉଇକେଟ ନେଇଛନ୍ତି।

**ସଂକ୍ଷିପ୍ତ ସ୍କୋର**

ବାଂଲାଦେଶ: ୨୦ ଓଭରରେ ୧୩୯/୫ (ଲିଟନ ଦାସ-୨୮, ଜାକର ଅଲୀ-୪୧*, ଶମିମ ହୋସେନ-୪୨*, ୱାନିନ୍ଦୁ ହସରଙ୍ଗା-୨/୨୫, ଦୁଶମନ୍ଥା ଚମିରା-୧/୧୭)।

# ଇଶାଙ୍କୁ ଏୟାର ପିସ୍ତଲରେ ସ୍ୱର୍ଣ୍ଣ

**ଆଇଏସ୍ଏସ୍ଏଫ୍ ବିଶ୍ୱକପ୍**



**ନିଙ୍ଗବୋ (ଚାଇନା), ୧୩।୯ (ପି.ଟି.)**

ଅଲିମ୍ପିଆନ ତଥା ବର୍ତ୍ତମାନର ମିକ୍ସଡ ଟିମ୍ ପିସ୍ତଲ ବିଶ୍ୱ ଚାମ୍ପିୟନ ଇଶା ସିଂ ଏଠାରେ ଚାଲିଥିବା ଆଇଏସ୍ଏସ୍ଏଫ୍ ବିଶ୍ୱକପ୍ ରାଇଫଲ/ପିସ୍ତଲ ଇଭେଣ୍ଟର ମହିଳା ୧୦ମିଟର ଏୟାର ରାଇଫଲରେ ଏକ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ଏଥିସହିତ ସେ ଭାରତର ପଦକ ଖାତା ଖୋଲିଛନ୍ତି। ନିଙ୍ଗବୋ ଅଲିମ୍ପିକ ସ୍ପୋର୍ଟ୍ସ ସେଣ୍ଟରଠାରେ ଏହି ୨୦ ବର୍ଷୀୟା ଶୁଟର ଏକ ସଂଘର୍ଷପୂର୍ଣ୍ଣ ଫାଇନାଲରେ ସ୍ଥାନୀୟ ଫେଭରାଇଟ୍ ୟାଓ ଜିଆନ୍‌ଜୁନ୍‌ଙ୍କୁ ୦.୧ ପଏଣ୍ଟରେ ହରାଇ ଦେଇଛନ୍ତି। ବର୍ତ୍ତମାନର ଅଲିମ୍ପିକ ଚାମ୍ପିୟନ ତଥା ଦକ୍ଷିଣ କୋରିଆର ଓହ୍ ୟେଜିନ୍ ବ୍ରୋଞ୍ଜ ପଦକ ଲାଭ କରିଛନ୍ତି। ଇଭେଣ୍ଟରେ ଇଶାଙ୍କର ଏହା ହେଉଛି ପ୍ରଥମ ବିଶ୍ୱକପ୍ ସ୍ୱର୍ଣ୍ଣ। ତାଙ୍କର ଏହି ପଦକ ବଳରେ ଭାରତକୁ ବର୍ତ୍ତମାନ ପଦକ ଟେବୁଲରେ ୫ମ ସ୍ଥାନ ମିଳିଛି। ଏଥିସହିତ ଭାରତ ଗୋଟିଏ ଲେଖାଏ ସ୍ୱର୍ଣ୍ଣ ପଦକ ଜିତିଥିବା ଅନ୍ୟ ୪ ଦେଶ ସହ ଯୋଗ ଦେଇଛି। ଆୟୋଜକ ଚାଇନା ଦୁଇ ସ୍ୱର୍ଣ୍ଣ, ୪ ରୌପ୍ୟ ଓ ଗୋଟିଏ ବ୍ରୋଞ୍ଜ ସହ ଷ୍ଟାଣ୍ଡିଂର ଶୀର୍ଷସ୍ଥାନରେ ରହିଛି। ଟୁର୍ନାମେଣ୍ଟର ପ୍ରତ୍ୟେକ ଇଭେଣ୍ଟ ଲାଗି ଭାରତ ଏହାର ୪ର୍ଥ ଓ ୬ଷ୍ଠ ର୍‍ୟାଙ୍କିଙ୍ଗପ୍ରାପ୍ତ ଶୁଟରଙ୍କୁ ପଠାଇଛି।

# ଭୁବନେଶ୍ୱରରେ ଏସିଆନ ଟିଟି ଅକ୍ଟୋବର ୧୧ରୁ

**ନୂଆଦିଲ୍ଲୀ, ୧୩।୯ (ପି.ଟି.)**

ସଂଯୁକ୍ତ ଆରବ ଏମିରେଟ୍ସ (ୟୁଏଇ) ଓହରିଯିବାରୁ ଭୁବନେଶ୍ୱରରେ ହେବାକୁଥିବା ୨୮ତମ ଆଇଟିଟିଏଫ୍-ଏଟିଟିୟୁ ଏସିଆନ ଟେବୁଲ ଟେନିସ ଟିମ୍ ଚାମ୍ପିୟନଶିପ୍‌ରେ ୨୨ଟି ଦେଶ ଭାଗ ନେବେ ବୋଲି ସ୍ପଷ୍ଟ ହୋଇଛି। ଓଡ଼ିଶାରେ ପ୍ରଥମ ଥର ଏସୀୟସ୍ତରର ଟେବୁଲ ଟେନିସ ଚାମ୍ପିୟନଶିପ୍ ଆୟୋଜନ ହେବାକୁ ଯାଉଛି। ଓଡ଼ିଶା ରାଜ୍ୟ ଟେବୁଲ ଟେନିସ ଆସୋସିଏଶନ ୫୦୦ ଅଂଶଗ୍ରହଣକାରୀଙ୍କୁ ସ୍ୱାଗତ କରିବ। ତନ୍ମଧ୍ୟରେ ୪୫୦ ଖେଳାଳି ଓ ସପୋର୍ଟ ଷ୍ଟାଫ୍ ରହିଛନ୍ତି। ଏହାଛଡ଼ା ୭୦ରୁ ୮୦ ଏସିଆନ ଟେବୁଲ ଟେନିସ ୟୁନିୟନ ଅଫିସିଆଲ ମଧ୍ୟ ଆସିବେ। ଏହି ଚାମ୍ପିୟନଶିପ୍ ୧୬ବର୍ଷ ପରେ ଭାରତକୁ ଫେରିଛି। ବିଶ୍ୱସ୍ତରରେ ଏହି ଖେଳରେ ଏସିଆର ଆଧିପତ୍ୟ ରହିଥିବାରୁ ଖେଳାଳିମାନଙ୍କଠାରୁ ଉଚ୍ଚ ମାନର କ୍ରୀଡ଼ା କୌଶଳ ଦେଖିବାକୁ ମିଳିବ। ହେଭିୱେଟ୍ ଚାଇନା, ଜାପାନ ଓ କୋରିଆ ଉଭୟ ପୁରୁଷ ଓ ମହିଳା ବିଭାଗରେ ୧୦ ଜଣିଆ ଦଳ ପଠାଇବେ, କାରଣ ସେମାନେ ଲଣ୍ଡନରେ ହେବାକୁଥିବା ୨୦୨୬ ବିଶ୍ୱ ଟିମ୍ ଚାମ୍ପିୟନଶିପ୍ ପାଇଁ ଏହାକୁ ପ୍ରସ୍ତୁତି ଇଭେଣ୍ଟ ଭାବେ ବିବେଚନା କରୁଛନ୍ତି।


**ଜନ୍ମଦିନ ଶୁଭେଚ୍ଛା**



**ଶୃତିଶ୍ରୀ ସିହ୍ନା (ବୁବୁଲୁ)**
ବୌଦ୍ଧ, ପୋଡ଼ାପୋଡ଼ା
ତୋର ୧୭ତମ ଜନ୍ମଦିନ ଅବସରରେ ଶୁଭେଚ୍ଛା ଓ ଶୁଭକାମନା । ପ୍ରଭୁଶ୍ରୀ ସାକ୍ଷୀଗୋପାଳ ଓ ଶ୍ରୀଜଗନ୍ନାଥ ତୋ ଚଲାପଥ କୁସୁମିତ କରନ୍ତୁ ।
ଶୁଭେଚ୍ଛା ସହ: ଆଈ, ଗୁଗୁଲ, ଡୁଡୁଲୁ
ଧ-୧୯୭୩


# ଲକ୍ଷ୍ୟ, ସାତ୍ତ୍ୱିକ-ଚିରାଗ ଫାଇନାଲରେ

**ହଂକଂ, ୧୩।୯ (ପି.ଟି.)**

ଭାରତର ଷ୍ଟାର ବ୍ୟାଡ୍‌ମିଣ୍ଟନ ଖେଳାଳି ଲକ୍ଷ୍ୟ ସେନ୍ ଏବଂ ପୁରୁଷ ଡବଲ୍ସ ଯୋଡ଼ି ସାତ୍ତ୍ୱିକସାଇରାଜ ରାଙ୍କିରେଡ୍ଡୀ ଓ ଚିରାଗ ଶେଟ୍ଟି ଏଠାରେ ଚାଲିଥିବା ହଂକଂ ଓପନ ସୁପର ୫୦୦ ବ୍ୟାଡ୍‌ମିଣ୍ଟନ ଟୁର୍ନାମେଣ୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ଆଲମୋରାର ୨୩ ବର୍ଷୀୟ ସେନ୍ ହେଉଛନ୍ତି ୨୦୨୧ ବିଶ୍ୱ ଚାମ୍ପିୟନଶିପ୍‌ର ବ୍ରୋଞ୍ଜ ବିଜେତା। ଦୀର୍ଘଦିନ ପରେ ଏକ ଟାଇଟଲ ସମ୍ଭାବନା ସୃଷ୍ଟି କରିଛନ୍ତି। ଶନିବାର ୫୬ ମିନିଟର ଏକ ସଂଘର୍ଷପୂର୍ଣ୍ଣ ସେମିଫାଇନାଲରେ ସେ ବିଶ୍ୱର ୯ ନମ୍ବର ତଥା ତୃତୀୟ ସିଡ୍ ଚାଇନିଜ ତାଇପେଇର ଚୋଉ ଟିନ୍ ଚେନ୍‌ଙ୍କୁ ୨୩-୨୧, ୨୨-୨୦ରେ ହରାଇ ଦେଇଛନ୍ତି। ଦୁଇ ବର୍ଷ ମଧ୍ୟରେ ଏକ ବଡ଼ ଟୁର୍ନାମେଣ୍ଟରେ ସେ ପ୍ରଥମ ଥର ଏକ ଫାଇନାଲ ଖେଳିବାକୁ ଯାଉଛନ୍ତି।

ଅନ୍ୟପକ୍ଷରେ ବିଶ୍ୱର ୯ ନମ୍ବର ଭାରତୀୟ ଯୋଡ଼ି ସାତ୍ତ୍ୱିକ ଓ ଚିରାଗ ସେମାନଙ୍କ ସେମିଫାଇନାଲରେ ଚାଇନିଜ ତାଇପେଇର ବିଙ୍ଗ୍‌ୱି ଲିନ୍ ଓ ଚେନ୍ ଚେଙ୍ଗ୍ କୁଆନଙ୍କୁ ୨୧-୧୭, ୨୧-୧୫ରେ ହରାଇ ଦେଇଛନ୍ତି। ଚଳିତ ସିଜନରେ ସେମାନେ ୬ଟି ଟୁର୍ନାମେଣ୍ଟରେ ସେମିଫାଇନାଲରେ ପରାଜିତ ହେବାପରେ ପ୍ରଥମ ଥର ଫାଇନାଲରେ ପ୍ରବେଶ କରିପାରିଛନ୍ତି। ୮ମ ସିଡ୍ ଭାରତୀୟ ଯୋଡ଼ି ଚାଇନାର ଲିଆଙ୍ଗ ୱି କେଙ୍ଗ୍ ଓ ୱାଙ୍ଗ୍ ଚାଙ୍ଗଙ୍କ ମଧ୍ୟରେ ଅନୁଷ୍ଠିତ ହେବାକୁଥିବା ଅନ୍ୟ ସେମିଫାଇନାଲର ବିଜେତାଙ୍କୁ ଭେଟିବେ। ବର୍ଷକ ପୂର୍ବେ ଏହି ଭାରତୀୟ ଯୋଡ଼ି ମାଲେସିଆର ଆରୋନ ଚିଆ ଓ ସୋହ ଉଇ ୟିକ୍‌ଙ୍କଠାରୁ ପରାଜିତ ହୋଇ ଏକ ଅଲିମ୍ପିକ ପଦକରୁ ବଞ୍ଚିତ ହୋଇଛନ୍ତି। ତେବେ ପରେ ବିଶ୍ୱ ଚାମ୍ପିୟନଶିପ୍ ଏକ ବ୍ରୋଞ୍ଜ ପଦକ ହାସଲ କରିବା ଦ୍ୱାରା ସେମାନଙ୍କୁ କିଛିଟା ସାନ୍ତ୍ୱନା ମିଳିଥିଲା। ସାଇନା ନେହ୍ୱାଲ ଓ ପି.ଭି ସିନ୍ଧୁଙ୍କ ପରେ ଏକ ଇଭେଣ୍ଟରେ ଏକାଧିକ ପଦକ ଜିତିବାରେ ସେମାନେ ତୃତୀୟ ଭାରତୀୟ ଯୋଡ଼ି ବିବେଚିତ ହୋଇଥିଲେ।


ଲକ୍ଷ୍ୟ ସେନ୍

**ଏସିଆ କପ୍ ମହିଳା ହକି**

# ଭାରତ-ଚାଇନା ଫାଇନାଲ

**ହାଙ୍ଗଝୋ (ଚାଇନା), ୧୩।୯ (ପି.ଟି.)**

ଏସିଆକପ୍ ମହିଳା ହକିର ଫାଇନାଲ ରବିବାର ଭାରତ ଓ ଚାଇନା ମଧ୍ୟରେ ଖେଳାଯିବ। ଟୁର୍ନାମେଣ୍ଟର ସୁପର-୪ ପର୍ଯ୍ୟାୟରେ ଶନିବାର ଭାରତ ଓ ଜାପାନ ମଧ୍ୟରେ ଅନୁଷ୍ଠିତ ପ୍ରଥମ ମ୍ୟାଚ ୧-୧ରେ ଡ୍ର ରହିଥିଲା। ଭାରତର ଫାଇନାଲରେ ପ୍ରବେଶ ଚାଇନା-କୋରିଆ ମ୍ୟାଚର ଫଳାଫଳ ଉପରେ ନିର୍ଭର କରୁଥିଲା। ସୌଭାଗ୍ୟ ବଶତଃ ଏହି ମ୍ୟାଚରେ ଚାଇନା ୧-୦ ଗୋଲ୍‌ରେ କୋରିଆକୁ ହରାଇ ଦେଇଥିଲା। ଜାପାନ ବିପକ୍ଷ ମ୍ୟାଚରେ ଭାରତର ଆରମ୍ଭ ଉତ୍ସାହଜନକ ଥିଲା। ୭ମ ମିନିଟରେ ବିୟୁଟି ଡୁଙ୍ଗ୍ ଡୁଙ୍ଗ୍ ପ୍ରଥମ ଗୋଲ ସ୍କୋର କରି ଦଳକୁ ଅଗ୍ରଣୀ କରାଇଥିଲେ। ତେବେ ଜାପାନ ବିଳମ୍ବରେ ପ୍ରତ୍ୟାବର୍ତ୍ତନ କରିଥିଲା। ଖେଳ ଶେଷ ହେବାକୁ ଆଉ ୨ ମିନିଟ ସମୟ ବାକିଥିବା ବେଳେ କୋବାୟାକାୟା ଶିହୋ ଏକ ଗୋଲ୍ ସ୍କୋର କରି ମ୍ୟାଚକୁ ୧-୧ ବରାବର ସ୍ଥିତିକୁ ନେଇ ଆସିଥିଲେ। ଟୁର୍ନାମେଣ୍ଟରେ ଦୁଇ ଦଳ ମଧ୍ୟରେ ଏହା ଦ୍ୱିତୀୟ ଡ୍ର'। ପୁଲ୍ ପର୍ଯ୍ୟାୟରେ ଦୁଇ ଦଳ ମଧ୍ୟରେ ଅନୁଷ୍ଠିତ ମ୍ୟାଚ ୨-୨ରେ ଅମୀମାଂସିତ ରହିଥିଲା। ଭାରତ ଯଦି ପୂର୍ବରୁ କୋରିଆ ବିପକ୍ଷରେ ବିଜୟ ହାସଲ କରିପାରିଥାନ୍ତା ତେବେ ଆୟୋଜକ ଚାଇନା ବିପକ୍ଷରେ ଫାଇନାଲ ଖେଳିବା ଲାଗି ସିଧାସଳଖ ଯୋଗ୍ୟତା ହାସଲ କରିପାରିଥାନ୍ତି।

# ବିସିସିଆଇ ଏଜିଏମ୍: ଗାଙ୍ଗୁଲି, ଭଜି ଭାଗନେବେ

**ମୁମ୍ବାଇ,୧୩।୯(ପି.ଟି.)**

ଭାରତର ପୂର୍ବତନ ଅଧିନାୟକ ସୌରଭ ଗାଙ୍ଗୁଲି, ପୂର୍ବତନ ସ୍ପିନର ହରଭଜନ ସିଂ (ଭଜି), ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ ଓ ଆଇପିଏଲ୍ ଚେୟାରମ୍ୟାନ ଅରୁଣ ସିଂ ଧୁମଲ ଆସନ୍ତା ୨୮ ତାରିଖରେ ହେବାକୁ ଥିବା ବିସିସିଆଇର ବର୍ଷିକ ସାଧାରଣ ବୈଠକ (ଏଜିଏମ୍)ରେ ନିଜ ରାଜ୍ୟ ଆସୋସିଏଶନ ଲାଗି ପ୍ରତିନିଧିତ୍ୱ କରିବେ। କ୍ରିକେଟ ଆସୋସିଏନ ଅଫ୍ ବେଙ୍ଗଲ (ସିଏବି) ପକ୍ଷରୁ ପ୍ରତିନିଧି ଭାବେ ବିସିସିଆଇର ପୂର୍ବତନ ସଭାପତି ଗାଙ୍ଗୁଲି ଓ ପଞ୍ଜାବ କ୍ରିକେଟ ଆସୋସିଏନ (ପିସିଏ) ପକ୍ଷରୁ ଭଜିଙ୍କ ନାମ ପଠାଯାଇଛି। ସାଇକିଆ ଓ ଧୁମଲ ଯଥାକ୍ରମେ ଆସାମ କ୍ରିକେଟ୍ ଆସୋସିଏଶନ ଓ ହିମାଚଳ ପ୍ରଦେଶ କ୍ରିକେଟ୍ ଆସୋସିଏଶନର ପ୍ରତିନିଧିତ୍ୱ କରିବେ। ସେହିଭଳି ବିସିସିଆଇ କୋଷାଧ୍ୟକ୍ଷ ପ୍ରଭତେଜ ସିଂ ଭାଟିଆ ଛତିଶଗଡ଼ ରାଜ୍ୟ କ୍ରିକେଟ୍ ସଂଘ ଓ ଉପ ସଭାପତି ରାଜୀବ ଶୁକ୍ଲା ଉତ୍ତର ପ୍ରଦେଶ କ୍ରିକେଟ୍ ଆସୋସିଏଶନର ପ୍ରତିନିଧିତ୍ୱ କରିବେ ବୋଲି ନିର୍ବାଚନ ଲାଗି ନିଯୁକ୍ତ ଇଲେକ୍ଟୋରାଲ ଅଫିସର ଏକେ ଜ୍ୟୋତି ଶନିବାର ଜାରି କରିଥିବା ତାଲିକାରେ ଦର୍ଶାଯାଇଛି।


# Classified Everyday 0674-2580101, 9692975378


**MATRIMONIAL**

**GROOM WANTED**

ବୟସ 29, College Librarian ଭାବେ କାର୍ଯ୍ୟ କରୁଥିବା ସୁନ୍ଦରୀ ସୁଶୀଳ ବ୍ରାହ୍ମଣ ଝିଅଙ୍କ ପାଇଁ ବରପାତ୍ର ଆବଶ୍ୟକ। 9827160964. D-1968

44 ବର୍ଷ, Govt. High School Teacher, ଉପଯୁକ୍ତ ବୟସର ବ୍ୟକ୍ତି ବିବାହ ପାଇଁ ଯୋଗାଯୋଗ କରନ୍ତୁ। ଘରଜ୍ୱାଇଁଆ ଗ୍ରହଣୀୟ। 8455853154. D-1969


**REAL ESTATE**
**SALE**

**Ready to move 1/2BHK flat for sale @18/24lakh at Gudiapokhari Bhubaneswar. Call- 9827439338.** D-1803

ଭୁବନେଶ୍ୱର AIIMS Medical ପାଖରେ B.D.A. Town Planning Road 30ft., Electricity, Yellowzone ଘରବାଡ଼ି ପାଚେରି ସହ ପ୍ଲଟ୍ ମିଳୁଅଛି। (No broker). 9 4 3 7 5 3 7 5 4 9 , 7735595306. D-1966

ଭୁବନେଶ୍ୱର ପଟିଆ ନିକଟବର୍ତ୍ତୀ **New ODM Global School-2** ଏବଂ **KIIT** କଲେଜରୁ ଅଳ୍ପ ଦୂରତାରେ ବାସୋପଯୋଗୀ ଏବଂ **investment** ପ୍ଲଟ୍ କିଣି ଗୃହ ନିର୍ମାଣ କରନ୍ତୁ। **9692276835, 7077632085.** D-1698

ପୁରୀ ଶ୍ରୀମନ୍ଦିରଠାରୁ ମାତ୍ର ୫କିଲୋମିଟର ଦୂର ମଙ୍ଗରାଜପୁର ଛକ ନିକଟରେ 200ଫୁଟ ରାସ୍ତା ପାଖରେ ଅତିଶୀଘ୍ର ଘର କରିବାଯୋଗ୍ୟ ପ୍ଲଟ୍ ବର୍ଗ ଫୁଟକୁ **2700** ଟଙ୍କା। **Genuine Buyer please Call- 9438109040/ 8144658008.** D-1921

ଭୁବନେଶ୍ୱର ନଖରାଛକରୁ 9 K.M. ଦୂରରେ ଘରବାରି ପ୍ଲଟ 8,40,000/- ରେ ମିଳୁଛି। 8093465134. D-1923

ଭୁବନେଶ୍ୱର ପିତାପଲ୍ଲିଛକ **NH side**ରେ **immediate** ଘରବାଲା ଭଳି ପ୍ଲଟ୍ **Boundary,** ଇଲେକ୍ଟ୍ରିସିଟି, ରାସ୍ତା ଥାଇ ବିକ୍ରିହେବ- **9337166296.** D-1941


**TOURS & TRAVELS**

ଆଣ୍ଡାମାନ ସ୍ପେଶାଲ- ସୀମିତ ମୂଲ୍ୟରେ ଆଣ୍ଡାମାନ ଗସ୍ତ 6 ରାତି 7 ଦିନ। ଡାଇନିଂ ଏସି ରୁମ୍/କାର୍/ଏସି କ୍ରୁଜ୍ ମୋଟ 17,777/-. 9641286599. D-1972




Newly open Jyoti SPA positively health benefits (expert therapist). 8458067955. D-1885

The massage felt totally professional! & comfortable at all times- 7978109255. D-76492

ନିଜର ପ୍ରିୟଜନମାନଙ୍କୁ ଜନ୍ମଦିନର ଓ ବିବାହ ଶୁଭେଚ୍ଛା ଜଣାନ୍ତୁ କେବଳ ଟ୨୧୦/-ରେ। ରଙ୍ଗୀନ ଟ୪୨୦/-ରେ। (ଫଟୋ ସହ) ବି.ଦ୍ର.: ଶୁଭେଚ୍ଛା ୬ସେମି. (H) X ୪ସେମି. (W) ହେବା ଆବଶ୍ୟକ।

**AFFIDAVIT**

By virtue of an affidavit sworn before (Executive Magistrate), Erasama, dated- 10.04.2025, I, Rabi Chandra Samal, Address: At- Kiada, P.O.- Ambiki, P.S.- Erasama, Dist.- Jagatsinghpur, PIN- 754139 declare that I have changed my name from RABINDRA SAMAL (Old name) to Rabi Chandra Samal (New name). Henceforth, I shall be known as Rabi Chandra Samal (New name) for all purposes.
Rabi Chandra Samal
D-1970

By virtue of an affidavit sworn before the Executive Magistrate, Titilagarh, No.- 527, date 06.09.25, I, Raghunath Tandi, S/o- Rushi Tandi, R/o. At/ P.O.- Goelbhadi, P.S.- Saintala, Dist.- Bolangir (Odisha), PIN-767033 declare that I have changed my daughter's name from Neha Tandi to Sneha Tandi. Henceforth, she shall be known as Sneha Tandi for all purposes.
Raghunath Tandi
D-1967

I, Gadadhara Pradhan, S/o- Late Magati Pradhan, resident of Village/Post- Ataranga, P.S.- Aska, Dist.- Ganjam, Odisha, India, PIN- 761116 declare this affidavit No.- 2179, dated 11.09.2025 that now onwards I shall be known as Gadadhar Pradhan for all future purpose.
ଗଦାଧର ପ୍ରଧାନ
ଧ-୧୯୭୧

By virtue of an affidavit sworn before Executive Magistrate, Patrapur, dated 10.07.2024, I, Bibek Badatya, S/o- Abhimanyu Badatya, At- B Nuagam Sasan, P.O.- B Nugam, P.S.- Jarada, Dist.- Ganjam, Odisha, 761006, declare that I have Changed my name from Ganesh Babdatya to Bibek Badatya. Henceforth, I shall be known as Bibek Badatya for all purposes. D-1974

**ପାଠକଙ୍କ ପାଇଁ ସୂଚନା**

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

By virtue of an affidavit sworn before Notary Public, Bhubaneswar that I, Prajnaparamita Rout, my father's correct name is Sudhansu Sekhar Rout in my Aadhaar Card. But in my HSC Certificate father name mentioned as Sudhanshu Sekhar Rout. So, I declare that above father's both name is same and one person. D-1976

**LEGAL NOTICE**

In the Court of Sub-Divisional Judicial Magistrate, Bargarh
1.C.C No. 59 of 2016
Byomakesh Kar ....Complainant
Versus
Ashok Kumar Bhoi ...Accused
Notice
To,
Ashok Kumar Bhoi, S/o- Jaldhar Bhoi, R/o- Rinbachana, P.S./Tahasil- Loisinga, Dist.- Bolangir
Take notice that, the above case is pending against you under section 138 of Negotiable Instrument Act in this Court and you are directed to appear on Dt.16.10.2025 at 10.30 A.M in this Court positively.
S.D.J.M, Bargarh
D-1975

# ପୁସ୍ତକପ୍ରେମୀଙ୍କ ସାଥୀ ଇ-ବୁକ୍

**ବହି ପଢ଼ିବା ଅନେକଙ୍କର କେବଳ ଏକ ରୁଚି ନୁହେଁ ନିଶା ମଧ୍ୟ । କାରଣ ଏଥିପାଇଁ ସେମାନେ କେବେ ବହି ଦୋକାନ ତ କେବେ ପୁସ୍ତକ ମେଳା ଆଉ ପୁଣି କେବେ ପହଞ୍ଚିଯାଆନ୍ତି ଲାଇବ୍ରେରିରେ। ଏମିତିକି ବିଭିନ୍ନ ଅନ୍‌ଲାଇନ୍ ଶପିଂ ସାଇଟ୍‌ରୁ ବି ମଗାଇଥାନ୍ତି ବହି । ହେଲେ ଯେବେ ପଢ଼ିବାକୁ ଇଚ୍ଛା ଥିବା କୌଣସି ବହି ସହଜରେ ନ ମିଳେ ଅବା ଦାମ୍ ଆକାଶଛୁଆଁ ହୋଇଥାଏ ସେତେବେଳେ ହୁଏ ମନ କଷ୍ଟ। ଏମିତିରେ ପୁସ୍ତକପ୍ରେମୀମାନଙ୍କ ସମସ୍ୟାର ବେଷ୍ଟ ସମାଧାନର ମାଧ୍ୟମ ପାଲଟିଛି ବିଭିନ୍ନ ଫ୍ରି ବୁକ୍ ରିଡିଂ ପ୍ଲାଟ୍‌ଫର୍ମ...**





ବିଭିନ୍ନ ପ୍ରକାରର ବହି ପଢ଼ିବାରେ ଅନେକେ ରୁଚି ରଖନ୍ତି । କିନ୍ତୁ କେବେ କେବେ ବହି ନ ମିଳିବା ଅବା ଅଧିକ ଟଙ୍କା ଯୋଗୁ ଇଚ୍ଛା ଥିଲେ ସୁଦ୍ଧା କେତେକ ବହି ପଢ଼ି ହେଉ ନ ଥିବାରୁ ଅନେକଙ୍କ ମନ କଷ୍ଟ ହୋଇଥାଏ । ହେଲେ ବର୍ତ୍ତମାନ ଇଣ୍ଟରନେଟ୍‌ରେ ଉପଲବ୍ଧ ବିଭିନ୍ନ ଫ୍ରି ରିଡିଙ୍ଗ୍ ପ୍ଲାଟ୍‌ଫର୍ମ ଏବେ ପୁସ୍ତକପ୍ରେମୀଙ୍କ ପାଇଁ ବିନା ଖର୍ଚ୍ଚରେ ନିଜ ପସନ୍ଦର ବହି ପଢ଼ିବାର ସୁଯୋଗ ଆଣି ଦେଇଛି । ଯେଉଁଥିରେ ପଢ଼ା ବହିଠୁ ଆରମ୍ଭ କରି ଗପ, କବିତା, ଉପନ୍ୟାସ, ଆତ୍ମଜୀବନୀ ଏବଂ ଅନେକ ପ୍ରକାରର ବହି ପଢ଼ିବା ସହିତ ଅଡିଓ ବୁକ୍‌ର ମଧ୍ୟ ସୁବିଧା ରହିଛି । ଜାଣନ୍ତୁ କେତୋଟି ଲୋକପ୍ରିୟ ଅନ୍‌ଲାଇନ୍ ବୁକ୍ ରିଡିଙ୍ଗ୍ ପ୍ଲାଟ୍‌ଫର୍ମ ସମ୍ପର୍କରେ...

**ପ୍ରୋଜେକ୍ଟ ଗୁଟେନ୍‌ବର୍ଗ:** ଫ୍ରି ଡିଜିଟାଲ୍ ପ୍ଲାଟ୍‌ଫର୍ମ ଭିତରେ ଏହା ସବୁଠୁ ପୁରୁଣା ତଥା ବିଶ୍ୱସନୀୟ । ଏଠାରେ ୭୫ ହଜାରରୁ ଊର୍ଦ୍ଧ୍ୱ ପବ୍ଲିକ୍ ଡୋମେନ୍ ପୁସ୍ତକ ଉପଲବ୍ଧ, ଯେଉଁଥିରେ ଜେନ୍ ଅଷ୍ଟେନ୍, ୱିଲିୟମ ସେକ୍ସପିଅର୍, ଚାର୍ଲ୍ସ ଡିକେନ୍ସ, ମାର୍କ ଟ୍ୱାଇନ୍‌ଙ୍କ ଭଳି ପ୍ରସିଦ୍ଧ ଲେଖକଙ୍କ ପୁସ୍ତକ ଉପଲବ୍ଧ । ଏହି ପୁସ୍ତକ ସବୁ ନର୍ମାଲ୍ ଟେକ୍ସଟ୍‌ରୁ ଆରମ୍ଭ କରି ଇ-ପବ୍, କିଣ୍ଡଲ୍, ପିଡିଏଫ୍ ଆଦି ଫର୍ମାଟ୍‌ରେ ରହିଛି, ଯାହାକୁ ବିନା ରେଜିଷ୍ଟ୍ରେଶନ୍ ଡିଭାଇସ୍‌ରେ ଡାଉନ୍‌ଲୋଡ୍ କରାଯାଇପାରିବ । କ୍ଲାସିକ୍ ସାହିତ୍ୟ ପଢ଼ିବା ପାଇଁ ଏହା ସବୁଠୁ ଭଲ ପ୍ଲାଟ୍‌ଫର୍ମ ।

**ଗୁଗୁଲ୍ ପ୍ଲେ ବୁକ୍ସ:** ଏହା ମଧ୍ୟ ମାଗଣା ବହିର ଏକ ବଡ ଉତ୍ସ । ଫ୍ରି ବୁକ୍ସ ସର୍ଚ୍ଚ କରି ଏଥିରେ ଫିକ୍ସନ୍, ନନ୍‌ଫିକ୍ସନ, ବାୟୋଗ୍ରାଫି, ବିଜ୍‌ନେସ୍, ଫାଣ୍ଟାସି, ମିଷ୍ଟରୀ, ସାଇନ୍ସ ଫିକ୍ସନ୍, ଟେକ୍ସଟ୍ ବୁକ୍ ଆଦି ଉପଲବ୍ଧ । ଏହାକୁ ଆପଣ ଡାଉନ୍‌ଲୋଡ୍ ମଧ୍ୟ କରିପାରିବେ ।

**ଓପନ୍ ଲାଇବ୍ରେରି:** ଇଣ୍ଟରନେଟ୍ ଆର୍କାଇଭ୍‌ର ଏହା ଏକ ଅଂଶ । ଏହି ବିଶାଳ ଡିଜିଟାଲ୍ ଲାଇବ୍ରେରି ପ୍ରତ୍ୟେକ ପ୍ରକାଶିତ ବହି ପାଇଁ ଏକ ୱେବ୍ ପେଜ୍ ଆରମ୍ଭ କରିବା ଲାଗି କାର୍ଯ୍ୟ କରୁଛି । ଏଥିରେ ଲକ୍ଷ ଲକ୍ଷ ସଂଖ୍ୟାରେ ପୁସ୍ତକ ରହିଛି ଯେଉଁଥିରେ ବିଭିନ୍ନ ଫିକ୍ସନ୍, ନନ୍‌ଫିକ୍ସନ ବହି ସହ ପିଲାଙ୍କ ପାଇଁ ମଧ୍ୟ ବହି ଏବଂ ପଢ଼ା ବହି ବି ସାମିଲ ଅଛି । ଯେଉଁଥିରୁ କେତେକ ବହି ସିଧାସଳଖ ବ୍ରାଉଜରରେ ପଢ଼ି ହେଉଥିବା ବେଳେ ଆଉ କେତେକକୁ ଫ୍ରି ଆକାଉଣ୍ଟ ଜରିଆରେ ଉଧାର ବି ଆଣିହେବାର ସୁବିଧା ରହିଛି ।



**ୱିକି ବୁକ୍ସ:** ବିଜ୍ଞାନ, ଗଣିତ, ସାହିତ୍ୟ, ପ୍ରୋଗ୍ରାମିଙ୍ଗ୍ ଏବଂ ଭାଷା ଶିଖିବା ଆଦି ମାଗଣା ପୁସ୍ତକ ଓ ରେଫରେନ୍ସ ସାମଗ୍ରୀ ପ୍ରଦାନ କରିଥାଏ । ଛାତ୍ରୀଛାତ୍ରଙ୍କ ପାଇଁ ଏହି ସାଇଟ୍ ବିଶେଷ ଭାବେ ଉପଯୋଗୀ ।

**ମେନିବୁକ୍ସ:** ଏଥିରେ ମଧ୍ୟ ବହୁ ସଂଖ୍ୟାରେ ଫ୍ରି ବୁକ୍ସ ଉପଲବ୍ଧ, ଯାହାକି ବିଶେଷ କରି ବିଭିନ୍ନ ଶାସ୍ତ୍ରରୁ ସଂଗ୍ରହ କରାଯାଇଛି । ଏହା ବ୍ୟତୀତ ସାଇନ୍ସ ଫିକ୍ସନଠୁ ଆରମ୍ଭ କରି ବିଜ୍‌ନେସ୍ ଗାଇଡ୍ ପର୍ଯ୍ୟନ୍ତ ସବୁ ବହି ସହଜରେ ମିଳିଥାଏ । ଏହାର ରେକମେଣ୍ଡେଶନ୍ ଇଞ୍ଜିନ୍ ଏବଂ ୟୁଜର୍ ରିଭ୍ୟୁ ସିଷ୍ଟମ୍ ଭଲ ଭଲ ବହି ବାଛିବାରେ ସାହାଯ୍ୟ କରିଥାଏ । ଏଥିରେ ଅନେକ ଭାଷା ବହି ଉପଲବ୍ଧ ଥିବାରୁ ଭାଷା ଜ୍ଞାନ ବୃଦ୍ଧି କରିବାରେ ଏହା ବେଶ୍ ସାହାଯ୍ୟ କରିଥାଏ ।

ଏହି ସବୁ ସାଇଟ୍ ବ୍ୟତୀତ ବୁକ୍ ବୁନ୍, ଷ୍ଟାଣ୍ଡାର୍ଡ ଇ-ବୁକ୍ସ, ସ୍ମାସ୍ ୱାର୍ଡ୍ସ, ପିଡିଏଫ୍ ବୁକ୍ସୱାର୍ଲ୍ଡ, ଲାଇବ୍ରେରି ଜେନେସିସ୍, ଇ-ବୁକ୍ସ ଡାଇରେକ୍ଟୋରି ଆଦି ମଧ୍ୟ ଫ୍ରି ବୁକ୍ ରିଡିଙ୍ଗ୍ ପାଇଁ ବେଶ୍ ଭଲ ।





## କ’ଣ କୁହନ୍ତି ଏମାନେ...



**ଶ୍ରୀସିକ୍ତା ଶୁଭଦର୍ଶିନୀ**( ଛାତ୍ରୀ, ଭୁବନେଶ୍ୱର)- ଇଣ୍ଟରନେଟରେ ଉପଲବ୍ଧ ବହି ସବୁ ପଢ଼ିପାରିବା ଅର୍ଥନୈତିକ ଦୃଷ୍ଟିକୋଣରୁ ଖୁବ୍ ଭଲ । ଅନେକ ସମୟରେ ବଜାରରେ ସହଜରେ ଉପଲବ୍ଧ ହେଉ ନ ଥିବା ତଥା ପ୍ରକାଶନ ବନ୍ଦ ହୋଇଯାଇଥିବା ବହି ସବୁ ୱେବସାଇଟରେ ମିଳିଯିବା ପାଠକ ପାଇଁ ଅଭିନନ୍ଦନୀୟ । ସ୍ନାତକୋତ୍ତର ସମୟରେ ଲିବ୍ ଜେନ ସାଇଟରୁ ମୁଁ ମୋ ପାଠ୍ୟକ୍ରମ ଅନେକ ବହି ପଢ଼ିବାରେ ସମର୍ଥ ହୋଇଛି । ଓଡ଼ିଆ ବିଭବରେ ବହି ସହଜରେ ଉପଲବ୍ଧ । ଅତଏବ ବହି ପଢା ଜାରି ରହୁ, ମାଧ୍ୟମ କେବେ ପ୍ରତିବନ୍ଧକ ନୁହେଁ ।



**ଲୋହିତ ନାରାୟଣ ମହାପାତ୍ର** (ଗୋଡିପଡ଼ା, ଜଙ୍କିଆ ଖୋର୍ଦ୍ଧା)- ମୋର କବିତା, ସାହିତ୍ୟ ଲେଖିବା ପ୍ରତି ବିଶେଷ ରୁଚି ରହିଛି । ଅବସର ସମୟ ମିଳିଲେ ଲେଖାଲେଖି କରେ ଓ ଅଧିକ ପଢିବା ଲାଗି ସୋସିଆଲ ମିଡିଆରେ ପେନ୍ ଇନ୍ ବୁକ୍‌ସ, ଲିଟେରାରୀ ଫେଷ୍ଟ, ଫେସ୍‌ବୁକ ଆକାଉଣ୍ଟ, ବିଭିନ୍ନ ସାହିତ୍ୟ ସୃଜନୀ ଫଲୋ କରେ । ଅନ୍‌ଲାଇନରେ ସୃଷ୍ଟି ଓ ସ୍ରଷ୍ଟା, ଓଡ଼ିଆ ସାହିତ୍ୟ, କବିତା ଆସର ପ୍ରଭୃତି ସୋସିଆଲ ପୃଷ୍ଠା ସହିତ ଗୁଗଲ୍ ପ୍ଲେ ବୁକ୍ସ, ଓପନ୍ ଲାଇବ୍ରେରି, ମେନିବୁକ୍ସ ଆଦି ସାଇଟ୍‌ରୁ ପଢ଼ାପଢ଼ି କରେ ।

## ଜାଣନ୍ତୁ ଦୁନିଆ

# ଏୟାର୍ ଇଣ୍ଡିଆ

**ଆକାଶ ପରିବହନ କ୍ଷେତ୍ରରେ ଭାରତୀୟ ବିମାନ ସେବା ସମଗ୍ର ପୃଥିବୀରେ ଏକ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଛି। ଜାଣନ୍ତୁ ଏହା ସମ୍ପର୍କରେ କିଛି ତଥ୍ୟ...**

★ଏୟାର ଇଣ୍ଡିଆର ସର୍ବପ୍ରଥମ ଫ୍ଲାଇଟ୍ ୧୯୩୨ ମସିହା ଅକ୍ଟୋବର ୧୫ ତାରିଖରେ ମୁମ୍ବାଇରୁ କରାଚି ପର୍ଯ୍ୟନ୍ତ ଉଡାଣ କରିଥିଲା । ସେତେବେଳେ ଏୟାର ଇଣ୍ଡିଆ ଜେ.ଆର୍.ଡି. ଟାଟାଙ୍କ ଅଧୀନରେ ଥିଲା ଏବଂ ପରେ ଏହା ଭାରତ ସରକାରଙ୍କ ଦ୍ୱାରା ପରିଚାଳିତ ହେଲା । ଜାଣିଲେ ଆଶ୍ଚର୍ଯ୍ୟ ହେବେ ଯେ, ଜେ.ଆର୍.ଡି. ଟାଟା ହେଉଛନ୍ତି ଭାରତର ପ୍ରଥମ ଲାଇସେନ୍ସପ୍ରାପ୍ତ ପାଇଲଟ୍ । ସେ ହିଁ ଏୟାର ଇଣ୍ଡିଆର ପ୍ରଥମ ଲୋଗୋ ଚୟନ କରିଥିଲେ । ପୂର୍ବତନ ପ୍ରଧାନମନ୍ତ୍ରୀ ରାଜୀବ ଗାନ୍ଧୀ ମଧ୍ୟ ରାଜନୀତିରେ ଯୋଗ ଦେବା ପୂର୍ବରୁ ଏୟାର ଇଣ୍ଡିଆରେ ପାଇଲଟ୍ ଥିଲେ ।

★ପୃଥିବୀର ସବୁଠାରୁ ଅଧିକ ଦୂର ବା ଲମ୍ବା କମର୍ସିଆଲ୍ ଏୟାର୍‌ଲାଇନ୍ ହେଉଛି ଦିଲ୍ଲୀରୁ ସାନ୍‌ଫ୍ରାନ୍ସିସ୍କୋ, ଯାହାର ଦୂରତା ୯୫୦୦ ମାଇଲ୍ ।




ତେବେ ଏହି ଦୂରତା ଅତିକ୍ରମ କରିବା ଲାଗି ଫ୍ଲାଇଟ୍‌କୁ ପ୍ରାୟ ୧୪ଘଣ୍ଟା ସମୟ ଲାଗିଥାଏ ।

★୧୯୬୦ ମସିହାରେ ଏୟାର ଇଣ୍ଡିଆ ପକ୍ଷରୁ ଏସିଆର ପ୍ରଥମ ଜେଟ୍ ବିମାନ ନିର୍ମାଣ କରାଯାଇଥିଲା । ସେହିପରି ୧୯୭୧ ମସିହାରେ ଭାରତର ପ୍ରଥମ ଲକ୍‌ଜୁରି ଏୟାର ଟ୍ରାଭେଲ୍ (ବୋଇଂ ୭୪୭-୨୦୦ବି) ଆରମ୍ଭ କରାଯାଇଥିଲା ।

★ଏୟାର ଇଣ୍ଡିଆର ପ୍ରଥମ ଇଣ୍ଟରନ୍ୟାଶନାଲ୍ ଫ୍ଲାଇଟ୍ ୧୯୪୮ ମସିହା ଜୁନ୍ ୮ ତାରିଖରେ ମୁମ୍ବାଇରୁ ଲଣ୍ଡନ ପର୍ଯ୍ୟନ୍ତ ଉଡାଣ କରିଥିଲା, ଯେଉଁଥିରେ ୩୫ଜଣ ଯାତ୍ରୀ ଥିଲେ ।

★୨୦୧୪ରେ ଏୟାର ଇଣ୍ଡିଆ ପୃଥିବୀର ବୃହତ୍ତମ ଗ୍ଲୋବାଲ୍ ଏୟାରଲାଇନ୍ ଆଲିଆନ୍ସର ମେମ୍ବର ହୋଇପାରିଥିଲା ।

★ଦିଲ୍ଲୀରେ ଥିବା ଇନ୍ଦିରା ଗାନ୍ଧୀ ଏୟାରପୋର୍ଟ ପୃଥିବୀର ସବୁଠୁ ବ୍ୟସ୍ତବହୁଳ ଏୟାରପୋର୍ଟଗୁଡ଼ିକ ମଧ୍ୟରେ ଅନ୍ୟତମ । କାରଣ ଏହା କାର୍ବନ୍ ନ୍ୟୁଟ୍ରାଲ୍ ଏୟାରପୋର୍ଟର ମାନ୍ୟତା ପାଇଛି । ଏହା ବ୍ୟତୀତ ମାତ୍ର ଅଳ୍ପ କେତୋଟି ଏୟାପୋର୍ଟକୁ ଏହି ମାନ୍ୟତା ପ୍ରାପ୍ତ ହୋଇଛି ।




## ଏ ସପ୍ତାହର ପ୍ରଶ୍ନ ?

୧- ଦି ଟାଇଫୁନ୍ ମିଶାଇଲ୍ ସିଷ୍ଟମ୍ .......... ଦେଶ ପ୍ରସ୍ତୁତ କରିଛି ?
୨- ଶ୍ରୀବିଲିପୁଥର୍-ମେଘମଲାଇ ଟାଇଗର ରିଜର୍ଭ .......... ରାଜ୍ୟରେ ଅବସ୍ଥିତ ?
୩- ଛତିଶଗଡ଼-ତେଲଙ୍ଗାନା ସୀମାରେ ଥିବା କେରାଗୁଟା ହିଲ୍‌ରେ ଚାଲିଥିବା ସବୁଠୁ ବଡ଼ ଆଣ୍ଟି ନକ୍ସଲ୍ ଅପରେଶନ୍‌ର ନାମ ............ ?
୪- ଅଙ୍ଗୀକାର ୨୦୨୫ କ୍ୟାମ୍ପେନ୍ ପ୍ରଧାନମନ୍ତ୍ରୀ ଆବାସ ଯୋଜନା ............ ସ୍କିମ୍‌ରେ ଅନ୍ତର୍ଭୁକ୍ତ ?
୫- ଲଣ୍ଡନ୍ ମୁସଲିମ୍ ଲିଗ୍ ୧୯୦୮ ....... ପ୍ରତିଷ୍ଠା କରିଥିଲେ ?

## ଗତ ଥରର ଉତ୍ତର

୧ ହରିୟାଣା
୨ ଶ୍ରୀଲଙ୍କା
୩ ୧୯୨୧
୪ ଏନ୍‌ଏଚ୍- ୧୩୦ ସି
୫ ରାଜସ୍ଥାନ

## ଉତ୍ତର ଦାତା



ଶେଖ୍ ୟାକୁବ୍
ଗୋପ



ଶକ୍ତିପ୍ରସାଦ ସିଂ
ଭୁବନେଶ୍ୱର



ଛବିଲାଲ୍ ଭାଟି,
କଳାହାଣ୍ଡି

## ଟପ୍ ଟେନ୍ ୧୦

### ସବୁଠୁ ଲୋକପ୍ରିୟ ସ୍ମାର୍ଟୱାଚ୍ ବ୍ରାଣ୍ଡ- ୨୦୨୫

୧........................................ ଆପ୍‌ଲ୍
୨........................................ ସାମ୍‌ସଙ୍ଗ୍
୩........................................ ଗୁଗଲ୍(ପିକ୍ସେଲ୍ ୱାଚ୍)
୪........................................ ଗାର୍ମିନ୍
୫........................................ ଫିଟ୍‌ବିଟ୍
୬........................................ ହୁଆୱି
୭........................................ ଜାଓମି
୮........................................ ଆମାଜ୍‌ଫିଟ୍
୯........................................ ୱାନ୍‌ପ୍ଲସ୍
୧୦........................................ ଫସିଲ୍




ୟୁଥ୍ ଆଲର୍ଟ

# ହେବ ନାହିଁ କ୍ୟାନ୍‌ସର

**ପୃଥିବୀର ପ୍ରତିଟି ସ୍ଥାନରେ ବର୍ତ୍ତମାନ କ୍ୟାନ୍ସର ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି । ଯେଉଁଥିପାଇଁ ପ୍ରତିବର୍ଷ ଲକ୍ଷ ଲକ୍ଷ ଲୋକଙ୍କର ମୃତ୍ୟୁ ବି ହେଉଛି । ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ରିପୋର୍ଟ ମୁତାବକ ବର୍ତ୍ତମାନ ୩୦ ବର୍ଷରୁ କମ୍ ବୟସ୍କଙ୍କଠାରେ ମଧ୍ୟ କ୍ୟାନ୍ସର ରୋଗ ଅଧିକ ଦେଖିବାକୁ ମିଳୁଛି। ଭାରତରେ ବଢ଼ୁଥିବା କ୍ୟାନ୍ସର ରୋଗୀଙ୍କ ସଂଖ୍ୟା ଦେଖି, ମୁଖ୍ୟତଃ ୮ଟି ଦିଗପ୍ରତି ସତର୍କ ରହିଲେ ଯୁବପିଢ଼ି ଏହି ରୋଗଠାରୁ ଦୂରେଇ ରହିପାରିବେ। ସେନେଇ ଏସ୍ପର ବିଶେଷଜ୍ଞ ମତ ପ୍ରକାଶ କରିଛନ୍ତି। ଜାଣନ୍ତୁ ସେ ସମ୍ପର୍କରେ...**

❖ସର୍ବପ୍ରଥମେ ସନ୍ତୁଳିତ ଖାଦ୍ୟପେୟ ପ୍ରତି ଧ୍ୟାନ ଦେବା ଆବଶ୍ୟକ । କାରଣ ବର୍ତ୍ତମାନର ଜଙ୍କ୍ ଫୁଡ୍, କମ୍ ଫାଇବର୍‌ଯୁକ୍ତ ଖାଦ୍ୟ ଆଦିର ଅଧିକ ସେବନ ମଧ୍ୟ କ୍ୟାନ୍ସରର ପ୍ରମୁଖ କାରଣ । ତେଣୁ ଅଳ୍ପ ବୟସରୁ ହିଁ ଏଭଳି ଖାଦ୍ୟାଭ୍ୟାସଠାରୁ ଦୂରେଇ ରହିବା ସହ ଅଧିକ ଫାଇବରଯୁକ୍ତ ଖାଦ୍ୟ ଖାଇବା ଦ୍ୱାରା କ୍ୟାନ୍ସର ଆଶଙ୍କା କମିଥାଏ ।



❖ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ରିପୋର୍ଟ ମୁତାବକ ଯେଉଁମାନେ ପ୍ରତିଦିନ ୫୦ଗ୍ରାମ୍ ପ୍ରୋସେସ୍ଡ ମିଟ୍ ଖାଉଛନ୍ତି ସେମାନଙ୍କଠାରେ ମଧ୍ୟ କୋଲେରେକ୍ଟାଲ୍ କ୍ୟାନ୍ସର ଆଶଙ୍କା ୧୮ ପ୍ରତିଶତ ଅଧିକ । ସେହିପରି ଅଧିକ ରେଡ୍ ମିଟ୍ ଖାଇବା ବି କ୍ଷତିକାରକ ।

❖ଆଜିକାଲି ଅନେକ ଯୁବପିଢ଼ି ବାହାରେ ଛଣାଛଣି ବା ଅଧିକ ତେଲଯୁକ୍ତ ଖାଦ୍ୟ ଖାଇବାକୁ ଆଗ୍ରହୀ ହେଉଛନ୍ତି । ହେଲେ ସେହିସବୁ ଖାଦ୍ୟ ପ୍ରସ୍ତୁତ ହେବା ଲାଗି ଅନେକ ଦୋକାନୀ ଭଲ ତେଲ ବ୍ୟବହାର କରି ନ ଥାନ୍ତି, ଯାହାକି କ୍ୟାନ୍ସରର ଆଉ ଏକ ବଡ଼ କାରଣ । ତେଣୁ ସବୁବେଳେ ଭଲ ତେଲ ବିଶେଷ କରି ଅଲିଭ୍ ଅଏଲ୍‌ରେ ପ୍ରସ୍ତୁତ ଖାଦ୍ୟ ଖାଇବା ଦ୍ୱାରା କ୍ୟାନ୍ସର ଆଶଙ୍କା ପ୍ରାୟ ୩୦ ପ୍ରତିଶତ କମ୍ ହୋଇଥାଏ ।

❖ ଆଲ୍‌କହଲ୍ ଅଧିକ ପିଇବା ଦ୍ୱାରା କିମ୍ବା ଗୁଟ୍‌ଖା, ତମାଖୁ ସେବନ ଓ ସିଗାରେଟ୍ ଆଦି ଧୂମ ପାନୀୟ କ୍ୟାନ୍ସରର ଆଉ ଏକ ବଡ଼ କାରଣ । ତେଣୁ ଏସବୁଠାରୁ ସମ୍ପୂର୍ଣ୍ଣ ଦୂରେଇ ରହିଲେ ସୁସ୍ଥ ରହିପାରିବେ ।

❖ଗବେଷଣା ରିପୋର୍ଟ ମୁତାବକ ମେଦବହୁଳତା ଯୋଗୁ ମଧ୍ୟ ବର୍ତ୍ତମାନ ୧୩ ପ୍ରକାରର କ୍ୟାନ୍ସର ଆଶଙ୍କା ବୃଦ୍ଧି ପାଉଛି । ଆମେରିକାରେ ହେଉଥିବା କ୍ୟାନ୍ସର ଜନିତ ମୃତ୍ୟୁ ମଧ୍ୟରୁ ୪୦ ଭାଗ କେବଳ ଏହି କାରଣରୁ ହେଉଥିବା ଜଣାପଡ଼ିଛି । ତେଣୁ ଓଜନ ନିୟନ୍ତ୍ରଣରେ ରଖିବା ଅତ୍ୟନ୍ତ ଜରୁରୀ ।

❖ରାଷ୍ଟ୍ରୀୟ କ୍ୟାନ୍ସର ସଂସ୍ଥାନର ଆକଳନ ଅନୁଯାୟୀ ନିୟମିତ ବ୍ୟାୟାମ କଲେ କ୍ୟାନ୍ସରର ଆଶଙ୍କା ମଧ୍ୟ କମିଥାଏ । ବିଶେଷକରି ଏହାଦ୍ୱାରା ବ୍ରେଷ୍ଟ, କୋଲନ୍, ଏଣ୍ଡିମେଟ୍ରିଆଲ୍ କ୍ୟାନ୍ସର ଭୟ ପ୍ରାୟ ୨୦-୪୦ ପ୍ରତିଶତ କମିଯାଏ ।

❖ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ପ୍ରତିଦିନ ପର୍ଯ୍ୟାପ୍ତ ମାତ୍ରାରେ ଶୋଇବା । କାରଣ କ୍ରନିକ୍ ଷ୍ଟ୍ରେସ୍ ଓ ନିଦ୍ରାହୀନତା ଯୋଗୁ ଯଡ୍ୟମର ଶୀଘ୍ର ଶୀଘ୍ର ବଢି କ୍ୟାନ୍ସର ହୋଇପାରେ । ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ମତରେ ଦିନରେ ୬ ଘଣ୍ଟାରୁ କମ୍ ଶୋଇବା ଦ୍ୱାରା କ୍ୟାନ୍ସର ଜନିତ ମୃତ୍ୟୁ ଆଶଙ୍କା ୨୪ ପ୍ରତିଶତ ବୃଦ୍ଧି ପାଇଥାଏ ।

# ଲିଗ୍ ପର୍ଯ୍ୟାୟ ଶେଷ, ନକଆଉଟ୍‌ରେ ୧୬ ଦଳ

## ତୃତୀୟ ସର୍ବଭାରତୀୟ ଟି-୧୦ ଟେନିସ ବଲ କ୍ରିକେଟ

ପୁରୀ, ୧୩।୯
(ଅଜିତ୍ କୁମାର ମହାନ୍ତି)



ଟି୧୦ ଟେନିସ୍ ବଲ କ୍ରିକେଟ ଆସୋସିଏଶନ ଅଫ୍ ଇଣ୍ଡିଆ (ଟିବିସିଏଆଇ) ଆନୁକୂଲ୍ୟରେ ଓଡ଼ିଶା ଟି୧୦ ଟେନିସ କ୍ରିକେଟ୍ ଆସୋସିଏଶନ ଏବଂ ଶ୍ରୀଜଗନ୍ନାଥ ଦର୍ଶନ ଚାରିଟେବୁଲ ଟ୍ରଷ୍ଟ ସହଯୋଗରେ ପେଣ୍ଠକଟା ସ୍ଥିତ ଶ୍ରୀଜଗନ୍ନାଥ କ୍ରିକେଟ୍ ଷ୍ଟାଡିୟମରେ ଚାଲିଥିବା ତୃତୀୟ ସର୍ବଭାରତୀୟ ଟି-୧୦ ଟେନିସ ବଲ କ୍ରିକେଟ ଚାମ୍ପିୟନଶିପ୍‌ରେ ତୃତୀୟ ଦିନରେ ପୁରୁଷ ବିଭାଗର ସମସ୍ତ ଲିଗ୍ ପର୍ଯ୍ୟାୟ ମ୍ୟାଚ୍ ଶେଷ ହୋଇଛି ଏବଂ ୧୬ ଦଳ ନକଆଉଟ୍‌ରେ ପ୍ରବେଶ କରିଛନ୍ତି।

ତୃତୀୟ ଦିନରେ ୧୫ଟି ଲିଗ୍ ଓ ୮ଟି ନକ୍‌ଆଉଟ୍ ମ୍ୟାଚ୍ ଖେଳାଯାଇଛି। ପ୍ରଥମ ମ୍ୟାଚ୍‌ରେ ଉତ୍ତର ପ୍ରଦେଶ ୪୭ ରନରେ ତେଲଙ୍ଗାନାକୁ ପରାସ୍ତ କରିଥିବା ବେଳେ ଦ୍ୱିତୀୟ ମ୍ୟାଚ୍‌ରେ କର୍ନାଟକ ୭୯ ରନରେ ମହାରାଷ୍ଟ୍ରକୁ ପରାସ୍ତ କରିଥିଲା। ସେହିଭଳି ଅନ୍ୟ ମ୍ୟାଚ୍‌ଗୁଡ଼ିକରେ ଝାଡ଼ଖଣ୍ଡ ୯ ଉଇକେଟରେ ଉତ୍ତରାଖଣ୍ଡକୁ, ମେଘାଳୟ ୪୦ ରନ୍‌ରେ ଆନ୍ଧ୍ରପ୍ରଦେଶକୁ, ଗୋଆ ୮ ଉଇକେଟ୍‌ରେ ରାଜସ୍ଥାନକୁ, ହିମାଞ୍ଚଳ ପ୍ରଦେଶ ୨୦ ରନ୍‌ରେ ମେଘାଳୟକୁ, ଦିଲ୍ଲୀ ୭ ଉଇକେଟ୍‌ରେ ହରିୟାଣାକୁ, ପଶ୍ଚିମବଙ୍ଗ ୫୫ ରନ୍‌ରେ ତେଲେଙ୍ଗାନାକୁ, ତ୍ରିପୁରା ୭ ଉଇକେଟ୍‌ରେ ଆନ୍ଧ୍ର ପ୍ରଦେଶକୁ, ଓଡ଼ିଶା ହୋଷ୍ଟ ୪୦ରନ୍‌ରେ ଉତ୍ତରାଖଣ୍ଡକୁ, ପୂର୍ବାଞ୍ଚଳ ୭ ୱକେଟ୍‌ରେ ସିକିମକୁ, ମଧ୍ୟପ୍ରଦେଶ ୨୮ ରନରେ ମହାରାଷ୍ଟ୍ରକୁ, ଆସାମ ୮ ଉଇକେଟ୍‌ରେ ରାଜସ୍ଥାନକୁ ହରାଇଥିଲା। ତେବେ ଲିଗ ପର୍ଯ୍ୟାୟରୁ ଏଆଇଆଇଡି, ଛତିଶଗଡ, ମଧ୍ୟପ୍ରଦେଶ, ଦିଲ୍ଲୀ, ପଶ୍ଚିମବଙ୍ଗ, ଉତ୍ତର ପ୍ରଦେଶ, ମଧ୍ୟ ଭାରତ, ଓଡ଼ିଶା, ପୂର୍ବାଞ୍ଚଳ, ଝାଡଖଣ୍ଡ, ଓଡିଶା ହୋଷ୍ଟ, ଗୋଆ, ଆସାମ, ହିମାଚଳ ପ୍ରଦେଶ, ତ୍ରିପୁରା, କର୍ନାଟକ ଆଦି ୧୬ ଦଳ ନକ୍‌ଆଉଟ୍ ରାଉଣ୍ଡରେ ପ୍ରବେଶ କରିଛନ୍ତି। ସେହିପରି ୧୪ ତାରିଖରେ ମହିଳା ବିଭାଗର ସମସ୍ତ ନକ୍‌ଆଉଟ ମ୍ୟାଚ ଖେଳାଯିବ। ଉଭୟ ପୁରୁଷ ଏବଂ ମହିଳା ବିଭାଗର କ୍ୱାର୍ଟର ଓ ସେମିଫାଇନାଲ ମ୍ୟାଚ୍ ଅନୁଷ୍ଠିତ ହେବ। ସନ୍ଧ୍ୟାରେ ଉଭୟ ପୁରୁଷ ଓ ମହିଳା ଫାଇନାଲ ମ୍ୟାଚ୍ ଖେଳାଯିବ।

## ଗଗନେନ୍ଦୁ ପୂର୍ବାଞ୍ଚଳ ଜିଟିସିସି ସଦସ୍ୟ

**ଭୁବନେଶ୍ୱର, ୧୩।୯ (ବିଜୟ ରଣା):** ନଭେମ୍ବରରେ ଜୟପୁରଠାରେ ହେବାକୁଥିବା ଖେଲୋ ଇଣ୍ଡିଆ ୟୁନିଭର୍ସିଟି ଗେମ୍ସ ପାଇଁ କିଟ୍ ୟୁନିଭର୍ସିଟି କ୍ରୀଡ଼ା ଓ ଯୋଗ ବିଭାଗ ଡାଇରେକ୍ଟର ଜେନେରାଲ ଡ. ଗଗନେନ୍ଦୁ ଦାଶ ପୂର୍ବାଞ୍ଚଳର ଜିଟିସିସି(ଗେମ୍ସ ଟେକ୍‌ନିକାଲ କଣ୍ଡକ୍ଟ କମିଟି)ସଦସ୍ୟ ଭାବେ ମନୋନୀତ ହୋଇଛନ୍ତି।




## ମୀନାକ୍ଷୀ, ଯସ୍ମିନ, ନୂପୁର ଫାଇନାଲରେ

### ବିଶ୍ୱ ବକ୍ସିଂ ଚାମ୍ପିୟନଶିପ୍

**ଲିଭରପୁଲ୍, ୧୩।୯ (ପି.ଟି.):** ଭାରତର ୩ ମହିଳା ବକ୍ସର ମୀନାକ୍ଷୀ ହୁଡା, ଯସ୍ମିନ ଲାମ୍ବୋରିଆ ଓ ନୂପୁର ଶେଓରାନ ଚଳିତ ବିଶ୍ୱ ବକ୍ସିଂ ଚାମ୍ପିୟନଶିପ୍‌ର ଫାଇନାଲରେ ପ୍ରବେଶ କରିଛନ୍ତି। ଏଥିସହିତ ସେମାନେ ଭାରତ ପାଇଁ ଅତିକମ୍‌ରେ ରୌପ୍ୟ ପଦକ ପକ୍କା କରିଛନ୍ତି। ମୀନାକ୍ଷୀ ହେଉଛନ୍ତି ଜଣେ ପୂର୍ବତନ ଏସିଆନ ଚାମ୍ପିୟନଶିପ୍ ଓ ବିଶ୍ୱକପ୍ ରୌପ୍ୟ ବିଜେତା। ୪୮କେଜି ସେମିଫାଇନାଲରେ ସେ ଆଧିପତ୍ୟ ବିସ୍ତାରକୁ ୨୦୧୩ ବିଶ୍ୱ ଚାମ୍ପିୟନଶିପ୍ ରୌପ୍ୟ ବିଜେତା ମଙ୍ଗୋଲିଆ ଲୁତ୍‌ସେଖାନି ଅଲତାନସେତେସେଗ୍‌ଙ୍କୁ ୫-୦ରେ ହରାଇ ଦେଇଛନ୍ତି।







4-Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ- ତଥାଗତ ସତପଥୀ